# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

VOLUME- 43 ◆ISSUE-112 ◆SATURDAY ◆18 OCTOBER 2025 ◆PAGE-16 ◆₹ 6.00 | JEYPORE | ◆ବର୍ଷ-୪୩ ◆ସଂଖ୍ୟା-୧୧୨ ◆ଶନିବାର ◆୧୮ ଅକ୍ଟୋବର ୨୦୨୫ ◆ପୃଷ୍ଠା-୧୬ ◆ଟ.୬.୦୦




'ପଏଜନ୍ ବେବି' ପାଇଁ ୨ କୋଟି

▸ପୃଷ୍ଠା 9 ଦେଖନ୍ତୁ...




## ଆଜିର ରାଶିଫଳ

**ମେଷ:** କର୍ମଚଞ୍ଚଳ ରହିବେ। ମନ ଖୁସି ରହିବ। ସ୍ୱାସ୍ଥ୍ୟ ସମସ୍ୟା ଦେଖା ଦେଇପାରେ। ପ୍ରେମିକ ପ୍ରେମିକାଙ୍କ ଲାଗି ଦିନଟି ଉତ୍ତମ। ବ୍ୟବସାୟରୁ ଲାଭ ମିଳିବ। ଛାତ୍ରଛାତ୍ରୀ ଖେଳକୁଦରେ ସମୟ ଅତିବାହିତ କରିବେ।

**ବୃଷ:** କଳା, ମନୋରଞ୍ଜନ ପ୍ରତି ଆଗ୍ରହ ବଢ଼ିବ। ପରିବାର ସହ କୌଣସି ଦୂର ସ୍ଥାନକୁ ଯାତ୍ରା କରିବେ। ପ୍ରେମ ମାମଲାରେ କିଛି ନୂଆ ନିଷ୍ପତ୍ତି ନେବେ। ପ୍ରିୟଜନଙ୍କଠାରୁ ଉପହାର ପାଇବେ।

**ମିଥୁନ:** ବ୍ୟବସାୟ ଓ ଧାର୍ମିକ କାର୍ଯ୍ୟ ପାଇଁ ଅନୁକୂଳ ସମୟ। ବ୍ୟାୟାମ, ଯୋଗ, ଉଚ୍ଚଶିକ୍ଷା, ଧ୍ୟାନ ଆଦି ପ୍ରତି ରୁଚି ବଢ଼ିବ। ଜମି ବିବାଦ ମାମଲା ସମାଧାନ ହେବ। ସାମାଜିକ କାର୍ଯ୍ୟରେ ସାମିଲ ହେବେ।

**କର୍କଟ:** କାର୍ଯ୍ୟ ସ୍ଥିତିରେ ସୁଧାର ଆସିଲେ ମଧ୍ୟ ସ୍ୱାସ୍ଥ୍ୟ ଭଲ ରହିବ ନାହିଁ। ଦାମ୍ପତ୍ୟ ଜୀବନ ଚିନ୍ତାଜନକ ହେବ। କୌଣସି ସ୍ଥାନକୁ ବୁଲିବାକୁ ଯାଆନ୍ତୁ। ଶତ୍ରୁଙ୍କଠାରୁ ଦୂରତ୍ୱ ରକ୍ଷା କରିବେ।

**ସିଂହ:** କିଛି କ୍ଷେତ୍ରରେ ଅସଫଳ ରହିବେ। କାଳୀ ମା'ଙ୍କ ପୂଜା କରନ୍ତୁ। ନୂଆ ଯୋଜନା ପାଇଁ ଉପଯୁକ୍ତ ସମୟ। ସ୍ୱାସ୍ଥ୍ୟ ପ୍ରତି ସଚେତନ ହେବେ। ଯୋଗ, ଏକ୍ସରସାଇଜ୍ ପ୍ରତି ଆଗ୍ରହ ପ୍ରକାଶ କରିବେ।

**କନ୍ୟା:** ସ୍ୱାସ୍ଥ୍ୟକୁ ନେଇ ଚିନ୍ତାରେ ରହିବେ। ବିରୋଧୀଙ୍କଠାରୁ ଦୂରେଇ ରହିବେ। ପ୍ରେମିକ ପ୍ରେମିକାଙ୍କ ମଧ୍ୟରେ ଥିବା ଭୁଲ ବୁଝାମଣା ଦୂର ହେବ। ଛାତ୍ରଛାତ୍ରୀ ପ୍ରବେଶିକା ପରୀକ୍ଷାରେ ସଫଳ ହେବେ।

**ତୁଳା:** ବ୍ୟବସାୟରୁ ଲାଭ ମିଳିବ। ପରିବାର ସଦସ୍ୟଙ୍କ ସହ ମତାନ୍ତର ଦୂର ହେବ। ଚାକିରିରେ ପଦୋନ୍ନତି ସମ୍ଭାବନା ଅଛି। ଋଣ ସମସ୍ୟା ଦୂର ହେବ। ଧାର୍ମିକ ଯାତ୍ରା କରିପାରନ୍ତି।

**ବିଛା:** ପୈତୃକ ସମ୍ପତ୍ତିକୁ ନେଇ ବିବାଦ ଦେଖା ଦେବ। କୋର୍ଟକଚେରୀ ମାମଲା ବିଜୟ ଲାଭ କରିବେ। ପ୍ରତିଯୋଗୀ ପରୀକ୍ଷାରେ କୃତକାର୍ଯ୍ୟ ହେବେ। ସନ୍ତାନଙ୍କ ସ୍ୱାସ୍ଥ୍ୟରେ ଉନ୍ନତି ଆସିବ।

**ଧନୁ:** ପିଲାଙ୍କ ଶିକ୍ଷା ଓ ସ୍ୱାସ୍ଥ୍ୟ ଉପରେ ଅଧିକ ଖର୍ଚ୍ଚ କରିବାକୁ ପଡ଼ିପାରେ। ମନୋରଞ୍ଜନ କାର୍ଯ୍ୟରେ ନିଜକୁ ସାମିଲ କରିବେ। ଅଫିସ୍‌ରେ ନୂଆ ଦାୟିତ୍ୱ ତୁଲାଇବେ।

**ମକର:** ଦିନଟିରେ କର୍ମଚଞ୍ଚଳ ରହିବେ। ଧନ ବୃଦ୍ଧି ସହ ଅର୍ଥ ସଞ୍ଚୟ କରିବେ। ବ୍ୟବହାରରେ ପରିବର୍ତ୍ତନ ଆଣିବାକୁ ଚେଷ୍ଟା କରିବେ। ଦାମ୍ପତ୍ୟ ଜୀବନ ହସଖୁସିରେ କଟିବ। ନିବେଶ ପାଇଁ ଅନୁକୂଳ ସମୟ।

**କୁମ୍ଭ:** ବ୍ୟବସାୟକୁ ମଜଭୁତ କରିବା ପାଇଁ ଅଧିକ ପ୍ରୟାସ କରିବାକୁ ହେବ। ସ୍ୱାସ୍ଥ୍ୟ ଭଲ ରହିବ। ଛାତ୍ରଛାତ୍ର ଦିନଚର୍ଯ୍ୟାରେ ପରିବର୍ତ୍ତନ ଆଣିବେ। ଅଫିସ୍ କାମରେ ବିଦେଶ ଯାତ୍ରା ଯୋଗ ରହିବ।

**ମୀନ:** କାର୍ଯ୍ୟ ଆରମ୍ଭ ପାଇଁ ଅନୁକୂଳ ସମୟ। ମାନସିକ ସ୍ୱାସ୍ଥ୍ୟରେ ସୁଧାର ଆସିବ। ପରୀକ୍ଷାର୍ଥୀ ପରୀକ୍ଷାରେ ଭଲ ପ୍ରଦର୍ଶନ କରିବେ। ଅଫିସ୍‌ରେ ନୂଆ କାମ ଆରମ୍ଭ କରିବେ। ବିବାହ ପ୍ରସ୍ତାବ ଆସିବ।

## ଆଜିର ଇତିହାସ

- ୧୯୨୨- ବ୍ରିଟିଶ ବ୍ରଡ୍‌କାଷ୍ଟିଂ କର୍ପୋରେସନ୍(ବିବିସି) ର ସ୍ଥାପନା ହେଲା।
- ୧୯୪୪- ରୁଷ୍ ସେନା ଚେକୋସ୍ଲୋଭାକିଆ ଉପରେ ଆକ୍ରମଣ କଲା।
- ୨୦୦୪-କୁଖ୍ୟାତ ଚନ୍ଦନ ତସ୍କର ବୀରାପ୍ପାନଙ୍କୁ ହତ୍ୟା କରାଗଲା।
- ୨୦୦୭- ଆଠବର୍ଷ ପରେ ବେନଜୀର ଭୁଟ୍ଟୋ ପାକିସ୍ତାନକୁ ଫେରିଲେ।



## ଧନ୍ୱନ୍ତରୀ ଜୟନ୍ତୀ

ଦୀପାବଳି ହେଉଛି ଏକ ପାଞ୍ଚ ଦିନିଆ ପର୍ବ, ଯାହା ଧନତେରସ୍ ଦିନରୁ ଆରମ୍ଭ ହୋଇଥାଏ । କାର୍ତ୍ତିକ ମାସର କୃଷ୍ଣ ପକ୍ଷ ତ୍ରୟୋଦଶୀ ତିଥିରେ ଧନତେରସ୍ ପର୍ବ ପାଳନ କରାଯାଏ । ଧନତେରସ୍‌କୁ ଧନ ତ୍ରୟୋଦଶୀ ମଧ୍ୟ କୁହାଯାଏ । ଏହିଦିନ ମାତା ଲକ୍ଷ୍ମୀ ଓ ଭଗବାନ ଗଣେଶଙ୍କୁ ପୂଜା କରିବା ସହ ଦେବବୈଦ୍ୟ ଶ୍ରୀଧନ୍ୱନ୍ତରୀଙ୍କର ପୂଜା କରିବା ବିଧି ମଧ୍ୟ ଚଳିଆସୁଛି । ଶାସ୍ତ୍ର ଅନୁଯାୟୀ, ଧନ୍ୱନ୍ତରୀ ସମୁଦ୍ର ମନ୍ଥନ ସମୟରେ ଉତ୍ପନ୍ନ ହୋଇଥିଲେ । ଧନ୍ୱନ୍ତରୀଙ୍କୁ ଆରୋଗ୍ୟତା ପ୍ରଦାନ କରୁଥିବା ଦେବତା ଭାବରେ ବିବେଚନା କରାଯାଏ । ସେ ଆୟୁର୍ବେଦର ମୁଖ୍ୟ ତଥା ଚିକିତ୍ସା କ୍ଷେତ୍ରରେ ଦେବତାମାନଙ୍କର ଚିକିତ୍ସକ ଭାବରେ ଜଣାଶୁଣା । ଅମୃତ କଳସ ପାଇଁ ଦେବତା ଏବଂ ରାକ୍ଷସମାନଙ୍କ ମଧ୍ୟରେ ସମୁଦ୍ର ମନ୍ଥନ ହୋଇଥିଲା । ସମୁଦ୍ର ମନ୍ଥନରୁ ଗୋଟିଏ ପରେ ଗୋଟିଏ ୧୪ ଟି ରତ୍ନ ବାହାରିଥିଲା, ସେଥିମଧ୍ୟରୁ ଶେଷଟି ଅମୃତ କଳସ ଥିଲା ଯେଉଁଥିରେ ଧନ୍ୱନ୍ତରୀ ଉତ୍ପନ୍ନ ହୋଇଥିଲେ । ଯେଉଁ ଦିନ ଧନ୍ୱନ୍ତରୀ ଅମୃତ କଳସ ସହିତ ଉତ୍ପନ୍ନ ହେଲେ ସେହି ଦିନ କାର୍ତ୍ତିକ କୃଷ୍ଣ ପକ୍ଷ ତ୍ରୟୋଦଶୀ ଥିଲା ଏବଂ ପରେ ଏହି ଦିନ ଧନତେରସ୍ ପାଳିତ ହେଲା । ତେଣୁ ଧନତେରସ୍ ଦିନ ଧନ୍ୱନ୍ତରୀଙ୍କୁ ପୂଜା କରାଯାଏ । ଏହି ଦିନ ଘରକୁ ପରିଷ୍କାର କରିବା ସହ କିଛି ନୂଆ ଜିନିଷ କିଣାଯାଏ । ଗୃହର ମୁଖ୍ୟ ଦ୍ୱାରକୁ ସୁସଜ୍ଜିତ କରି ମାତା ଲକ୍ଷ୍ମୀଙ୍କୁ ସ୍ୱାଗତ କରାଯାଏ । ଏଥି ସହିତ ବିଶ୍ୱାସ ଅନୁଯାୟୀ, ଏହି ଦିନରେ ସୁନା ଅଳଙ୍କାର କିଣିଲେ ମା' ଲକ୍ଷ୍ମୀ ସନ୍ତୁଷ୍ଟ ହୋଇ ଆଶୀର୍ବାଦ କରିଥାନ୍ତି । ଏହି ଦିନ ଲୋକମାନେ ସୁନା ଗହଣା ସହିତ ମାଆ ଲକ୍ଷ୍ମୀଙ୍କ ପ୍ରତିମା ଥିବା ରୁପା ଏବଂ ସୁନା କଏନ୍ କିଣିଥାନ୍ତି । ପିତ୍ତଳ ଭଗବାନ ଧନ୍ୱନ୍ତରୀଙ୍କ ପ୍ରିୟ ଧାତୁ ବୋଲି ବିବେଚନା କରାଯାଏ । ଏହି କାରଣରୁ ଅଧିକାଂଶ ଲୋକେ ଧନତେରସ୍ ଦିନ ପିତ୍ତଳ ବାସନ କିଣି ଥାଆନ୍ତି । କେବଳ ପିତ୍ତଳ ନୁହେଁ ଏହି ଦିନ ବିଭିନ୍ନ ଧାତୁରେ ତିଆରି ବାସନ କିଣିଲେ ଶୁଭ ହୋଇଥାଏ ବୋଲି ବିଶ୍ୱାସ ରହିଛି ।

## ୨ଲକ୍ଷର ସାବୁନ

ସାଧାରଣତଃ ଲୋକେ ଗାଧୋଇବା ସମୟରେ ଶରୀରକୁ ସଫା କରିବା ପାଇଁ ସାବୁନ ଲଗାଇଥାନ୍ତି। ବଜାରରେ ମଧ୍ୟ ବିଭିନ୍ନ ବ୍ରାଣ୍ଡର ସାବୁନ ମିଳିଥାଏ। ସାବୁନଗୁଡ଼ିକର ଦାମ୍ ୧୦ ଟଙ୍କାରୁ ଆରମ୍ଭ ହୋଇ ୫୦ ଟଙ୍କା ପର୍ଯ୍ୟନ୍ତ ହୋଇଥାଏ। ଅବଶ୍ୟ ନାମୀ ଦାମୀ ବ୍ରାଣ୍ଡର ସାବୁନଗୁଡ଼ିକ ଟିକେ ଅଧିକ ଦାମ୍‌ର ହୋଇଥାଏ। ହେଲେ ଏମିତି ଏକ ସାବୁନ ଅଛି ଯାହା ଲକ୍ଷାଧିକ ଟଙ୍କାରେ ବିକ୍ରି ହୋଇଥାଏ। ଉତ୍ତର ଲେବାନନ୍‌ର ତ୍ରିପୋଲୀ ସହରରେ ବିଶ୍ୱର ସବୁଠୁ ଦାମୀ ସାବୁନ ପ୍ରସ୍ତୁତ କରାଯାଏ। ଏହାର ଦାମ୍ ୨, ୦୭, ୮୦୦ ଟଙ୍କା। 'ଖାନ୍ ଅଲ ସବୌନ ସାବୁନ' ନାମରେ ପରିଚିତ ଏହି ସାବୁନକୁ 'ବସର ହସନ୍ ଆଣ୍ଡ ସନ୍‌ସ' କମ୍ପାନି ନିର୍ମାଣ କରୁଛି। ଏହି କମ୍ପାନି ବେଶ୍ ଦାମୀ ସାବୁନ୍ ଓ ଅନ୍ୟ ବ୍ୟୁଟି ପ୍ରଡକ୍ଟ ସବୁ ତିଆରି କରିଥାଏ। ଉକ୍ତ କମ୍ପାନି ତାର ଉତ୍ପାଦଗୁଡ଼ିକରେ ପ୍ରାକୃତିକ ତୈଳ ଓ ସୁଗନ୍ଧଗୁଡ଼ିକର ବ୍ୟବହାର କରିଥାଏ। ହାତରେ ପ୍ରସ୍ତୁତ କରାଯାଉଥିବା ଏହି ସାବୁନ୍ ସଂଯୁକ୍ତ ଆରବ ରାଷ୍ଟ୍ରର କ୍ୱଚିତ୍ ଦୋକାନରେ ମିଳିଥାଏ। ଏହା କିଛି ନିର୍ଦ୍ଦିଷ୍ଟ ନାମୀ ଦାମୀ ଗ୍ରାହକଙ୍କ ଉଦ୍ଦେଶ୍ୟରେ ପ୍ରସ୍ତୁତ କରାଯାଇଥାଏ ବୋଲି କମ୍ପାନି ପକ୍ଷରୁ କୁହାଯାଇଛି। ୨୦୧୩ ମସିହାରେ ଏହାକୁ କତାରର ରାଷ୍ଟ୍ରପତିଙ୍କ ପତ୍ନୀଙ୍କୁ ଉପହାରରେ ଦିଆଯିବା ପରେ ଏହା ସାରା ବିଶ୍ୱର ଆକର୍ଷଣ ସାଜିଥିଲା। ତେବେ ଏହି ସାବୁନ ଏତେ ଦାମ୍ ହେବାର କାରଣ ହେଉଛି, ଏଥିରେ ସୁନା ଓ ହୀରା ଗୁଣ୍ଡ ମିଶାଯାଏ। ୧୭ ଗ୍ରାମ୍‌ର ଏହି ସାବୁନରେ ସୁନା ଓ ହୀରାର ଗୁଣ୍ଡ, ମହୁ, ଅଲିଭ୍ ତେଲ ଓ ଅଗରୁ ବ୍ୟବହାର କରାଯାଏ। ଏହା ପ୍ରଥମେ ଯେତେବେଳେ ପ୍ରସ୍ତୁତ କରାଗଲା, ଚିଜ୍ ଭଳି ଦେଖାଯାଉଥିଲା। ପରେ ଏହାର ଡିଜାଇନ୍‌ରେ ପରିବର୍ତ୍ତନ କରାଯାଇଥିଲା।





## 'ପଏଜନ୍ ବେବି' ଗୀତ ପାଇଁ ମଲାଇକା ନେଇଛନ୍ତି ୨ କୋଟି

ଦୀପାବଳି ଅବସରରେ ଆୟୁଷ୍ମାନ୍ ଖୁରାନା ଓ ରଶ୍ମିକା ମନ୍ଦାନାଙ୍କ ଫିଲ୍ମ 'ଥାମା' ଆସିବ। ଏବେ ଏହି ଫିଲ୍ମର 'ପଏଜନ୍ ବେବି' ଗୀତ ସାମାଜିକ ଗଣମାଧ୍ୟମରେ ବେଶ୍ ଭାଇରାଲ ହୋଇଛି। ଏଥିରେ ଆୟୁଷ୍ମାନ୍, ରଶ୍ମିକାଙ୍କ ସହ ମଲାଇକା ନଜର ଆସିଛନ୍ତି। ଏବେ ଫିଲ୍ମଗୁଡ଼ିକରେ ଆଇଟମ୍ ନମ୍ବର ରଖିବା ଟ୍ରେଣ୍ଡ ଚାଲିଛି। 'ସ୍ତ୍ରୀ ୨'ରେ ତମନ୍ନା ଭାଟିଆଙ୍କ 'ଆଜ୍ କି ରାତ୍' ଗୀତ ବେଶ୍ ଲୋକପ୍ରିୟ ହୋଇଥିଲା। ପୁଣି ଥରେ ମ୍ୟାଡକକ୍ ଫିଲ୍ମ 'ପଏଜନ୍ ବେବି' ଗୀତ ମାଧ୍ୟମରେ ସେମିତି କିଛି ଆଶା ରଖିଛି। ଏହି ଗୀତରେ ମଲାଇକାଙ୍କ କାଚ ଗିଲାସ ସହ ଜବରଦସ୍ତ ନୃତ୍ୟ ଦେଖିବାକୁ ମିଳିଛି। ତେବେ ତିନି ମିନିଟ୍‌ର ଏହି ଗୀତ ପାଇଁ ମଲାଇକା ୨ କୋଟି ନେଇଥିବା କୁହାଯାଉଛି। ଯାହାକି ବେଶ୍ ଅଧିକ ବୋଲି କୁହାଯାଉଛି। ତମନ୍ନା 'ଆଜ୍ କି ରାତ୍' ଗୀତ ପାଇଁ କୋଟିଏ ଟଙ୍କା ନେଇଥିଲେ। ଏହାବାଦ୍ ଅନେକ ତାରକା ଫିଲ୍ମ ପାଇଁ କୋଟିଏ ଟଙ୍କା ନେଉଛନ୍ତି। ଏହି ଗୀତରେ ମଲାଇକା ଓ ରଶ୍ମିକାଙ୍କ ମଧ୍ୟରେ ନୃତ୍ୟ ଟକ୍କର ହେଉଥିବାର ଦେଖାଯାଇଛି। ଏହାର ନିର୍ଦ୍ଦେଶନା ଆଦିତ୍ୟ ସରପୋତଦାର ଦେଇଛନ୍ତି।



## ବିଶ୍ୱ ରଜୋନିବୃତ୍ତି ଦିବସ



ପ୍ରତିବର୍ଷ ଅକ୍ଟୋବର ମାସ ୧୮ ତାରିଖକୁ 'ବିଶ୍ୱ ରଜୋନିବୃତ୍ତି (ମେନୋପଜ୍) ଦିବସ' ଭାବେ ପାଳନ କରାଯାଏ। ୨୦୦୯ ମସିହାରୁ, ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ ସହଯୋଗରେ ଅନ୍ତର୍ଜାତୀୟ ମେନୋପୋଜ୍ କମିଟି ପକ୍ଷରୁ ଅକ୍ଟୋବରକୁ ବିଶ୍ୱ ମେନୋପୋଜ୍ ସଚେତନତା ମାସ ଭାବରେ ଏବଂ ଅକ୍ଟୋବର ୧୮ କୁ ଏହି ଦିବସ ପାଳନ ପାଇଁ ମନୋନୀତ କରାଯାଇଥିଲା । ମେନୋପଜ୍ ମହିଳାଙ୍କଠାରେ ଦେଖାଦେଉଥିବା ଏକ ସ୍ୱାଭାବିକ ସ୍ଥିତି। ଯାହାଦ୍ୱାରା ପ୍ରାକୃତିକ ଭାବେ ମାସିକ ଋତୁସ୍ରାବ ବନ୍ଦ ହୋଇଥାଏ। ସାଧାରଣତଃ ୪୫-୫୫ ବର୍ଷ ବୟସରେ ମହିଳାମାନେ ମେନୋପଜ୍ ସମସ୍ୟାକୁ ସାମ୍ନା କରିଥାନ୍ତି। ଏହା ସହ ଗର୍ଭଧାରଣ କ୍ଷମତା ହରାଇଥାନ୍ତି। ବିଭିନ୍ନ ମହିଳାଙ୍କଠାରେ ଏହାର ଲକ୍ଷଣ ଭିନ୍ନ ଭିନ୍ନ ହୋଇଥାଏ। ଏହି ସମୟରେ ହରମୋନ୍‌ରେ ପରିବର୍ତ୍ତନ ଆସୁଥିବାରୁ, ତାହା ସେମାନଙ୍କ ଶାରୀରିକ ଓ ମାନସିକ ସ୍ଥିତିକୁ ପ୍ରଭାବିତ କରିଥାଏ। ଅନ୍ୟପଟେ ଏହି ସମସ୍ୟାକୁ କେତେକ ମହିଳା ସାମ୍ନା କରି ନ ପାରି ଅନେକ ସମୟରେ ଅବସାଦର ଶିକାର ମଧ୍ୟ ହୁଅନ୍ତି। ଶାରୀରିକ ତଥା ଅନ୍ୟାନ୍ୟ ସମସ୍ୟା ଯୋଗୁଁ କମ୍ ବୟସରେ ବି ମହିଳା ଏହାକୁ ସାମ୍ନା କରିଥାନ୍ତି। ମେନୋପଜ୍‌ର ଲକ୍ଷଣ ଅନୁସାରେ ସ୍ତ୍ରୀ ଓ ପ୍ରସୂତି ବିଶେଷଜ୍ଞଙ୍କ ପରାମର୍ଶ ନେବା ଜରୁରି। ଯେଉଁ ମହିଳାମାନେ ଏହି ସମୟରେ ଅବସାଦ ଦେଇ ଗତି କରୁଛନ୍ତି ମନସ୍ତତ୍ତ୍ୱବିତ୍‌ଙ୍କ ପରାମର୍ଶ ନେବା ଉଚିତ।

## ବାଣଫୁଟା ସାବଧାନ



ଅଧ୍ୟାପକ ମଳୟ କୁମାର ମଲ୍ଲିକ

କାଳିପୂଜା ଛୁଟି ପାଇ ସନାତନ
ହଷ୍ଟେଲୁ ଆସିଛି ସିଏ,
ପଯ୍ୟାଶ୍ରାଦ୍ଧ ପୁଣି ବାଣଫୁଟା ଖୁସି
ଜେଜେ ପାଖେ କହୁଥାଏ ।।
ଏଇବର୍ଷ ଜେଜେ ମହାଧୁମ୍ ଧାମେ
କାଳିପୂଜା କଟାଇବା,
ରକେଟ୍, ହାବେଳି ନଡ଼ିଆ,ସିଙ୍ଗଡ଼ା
ନାନା ବାଣ ଫୁଟାଇବା ।।
ସନା କଥା ଶୁଣି ଉଠିପଡ଼ି ଜେଜେ
ବୁଝାଇ ତାକୁ କହିଲେ,
ଦୀପାବଳି ବୋଲି ମନ ଇଚ୍ଛାବାଣ
ଫୁଟାଇବ ନାହିଁ ପିଲେ ।।
ବାରୁଦରେ ଭିଡ଼ା ବାଣ ତ ହୋଇଛି
ଦଅଡ଼ ପଦାକୁ ଥାଏ,
ଦଅଡ଼ରେ ନିଆଁ ଲଗାଇବା ମାତ୍ରେ
ବାଣ ଯେ' ଫୁଟିଣ ଥାଏ ।।
ନିଆଁ ଲଗାଇବା ବିସ୍ଫୋରଣ ହେବା
ସମୟର ବ୍ୟବଧାନେ,
ଫେରି ନ ଆସିଲେ ଭିନ୍ନକ୍ଷମ ହେବ
ଫୁଟାଇବ ସାବଧାନେ ।।
ଚାଳ ଘରେ ଯଦି ବାଣଫୁଟି ପଡ଼େ
ଜଳିଯିବ ଘରଦ୍ୱାର,
ସତର୍କ ନ ହୋଇ ବାଣ ଫୁଟାଇଲେ
ହୋଇଯିବ ଛାରଖାର ।।
ଦୀପାବଳି ବୋଲି ଲଗାଇବ ଦୀପ
ଜଳାଇବ ଫୁଲଝରି,
ତେଲୁଗୁଣି ବାଣ ତଳେ ଲଗାଇବ
ଆଖିଠାରୁ ଦୂରକରି ।।■

ବ୍ୟାସନଗର, ଯାଜପୁର
ମୋ- ୯୪୩୯୪୪୧୩୫୫



## ପ୍ରହେଳିକା

- ଆଲୋକର ପର୍ବ ଅଟଇ ସିଏ
  କାଳୀଙ୍କର ପୂଜା ଯେଦିନ ହୁଏ
  ଅମାବାସ୍ୟା ରାତି ଅଟଇ ସିନା
  ଆଲୋକିତ ହୁଏ ଜହ୍ନର ବିନା
  ଘରେ ଘରେ ସବୁ ଦୀପ ଜାଳନ୍ତି
  ବଡ଼ବଡୁଆଙ୍କୁ ମନେ ଭାଳନ୍ତି
  ଭାରି ମନଲୋଭା ପରବଟିଏ
  ନାମଟି ତାହାର କହିବ କିଏ ?

  ଉ-ଦୀପାବଳି

- ଏମିତି ଅଟଇ ଦରବଟିଏ
  ଦୀପାବଳି ଦିନ ତା' ଲୋଡ଼ା ହୁଏ
  ବଡ଼ବଡୁଆ ହୋ ଡାକିଲା ବେଳେ
  ଜାଳୁଥାନ୍ତି ତାକୁ ଦାଣ୍ଡ ଦୁଆରେ
  ରସି, ଜାଳ, ତେଲ ସବୁ ସେ ଦିଏ
  ନାମଟି ତାହାର କହିବ କିଏ ?

  ଉ-ନଳିତା

- ଏମିତି ପବିତ୍ର ଅଟଇ ସିଏ
  ଦେବାଦେବୀ ପାଖେ ସେ ଜଳୁଥାଏ
  ଭକତି ଭାବରେ ଯିଏ ଜାଳଇ
  ଈଶ୍ୱରଙ୍କ କୃପା ତାକୁ ମିଳଇ
  ଗୋଟାଏ ସଳିତା ଟିକିଏ ଘିଅ
  ଜାଣିଥିଲେ ତାର ନାମଟି କୁହ ?

  ଉ-ଦୀପ

ପ୍ରଶାନ୍ତ କୁମାର ନାଥ
ସୁନ୍ଦରପୁର, ,ଯାଜପୁର
ମୋ-୮୩୧୦୩୨୮୩୪୫

## ଆଲୋକର ପର୍ବ ଦୀପାବଳି ଆମ



ସୁଜିତ କୁମାର ମିଶ୍ର

ଆଲୋକର ପର୍ବ ଦୀପାବଳି ଆମ
ପାଳିବା ସଭିଏଁ ମିଶି,
ଦୀପଟେ ଜାଳିବା ପ୍ରତି ଅଗଣାରେ
ପ୍ରେମ ଜ୍ୟୋତି ପରକାଶି ।
ରଙ୍ଗ ବେରଙ୍ଗର ମୁରୁଜରେ ଆମେ
ସଜେଇବା ଘର ଦ୍ୱାର,
ପରସ୍ପର ସ୍ନେହ ଶରଧାରେ ପରା
ବିରାଜିବ ସ୍ୱର୍ଗପୁର ।
ଉଚ୍ଚ ଶବ୍ଦ ଯୁକ୍ତ ବାଣ ଫୋଟକାକୁ
ଆମେ ଫୁଟେଇବା ନାହିଁ,
ଲାଗିଯାଇ ନିଆଁ କୋମଳ ଦେହରେ
ପ୍ରାଣ ନେବ ପୀଡ଼ା ଦେଇ ।
ନିମନ୍ତ୍ରଣ କରି ବନ୍ଧୁ ବାନ୍ଧବଙ୍କୁ
ହୋଇବା ଏକାଠି ପରା,
ମିଠା କ୍ଷୀରି ପୁରୀ ଖୁଆଇ ସଭିଙ୍କୁ
ଦେଖାଇବା ଭାଇଚାରା ।
ଦୁଃଖୀଙ୍କୁ ଭେଟିବା ଲୁହପୋଛି ଦେବା
ଶ୍ରଦ୍ଧାରେ ଜିଣିବା ମନ,
ହୃଦ ତଳେ ତାଙ୍କ ଦୀପଟେ ଜାଳିବା
ପୁଣ୍ୟ ଦୀପାବଳି ଦିନ ।
ଦୀପାବଳି ଆମ ମାଟିର ସଂସ୍କୃତି
ସୁଖ ସମୃଦ୍ଧିର ଭାବ,
ସଭିଙ୍କ ସହିତ ସଭିଏଁ ପାଳିବା
ଭୁଲି ଯେତେ ଭେଦଭାବ ।■

ଜନାର୍ଦ୍ଦନପୁର ଶାସନ, କେନ୍ଦୁଝର
ମୋ-୭୬୮୩୮୬୭୭୪୨

## ସୁମନ

## କୃପଣଙ୍କ କୃଷ୍ଣଦର୍ଶନ






ଡ. କାଳିକିଙ୍କର

ଗୋଟିଏ ରାଜ୍ୟରେ ଜଣେ କୃପଣ ବ୍ୟକ୍ତି ରହୁଥିଲେ। ସେ ବହୁତ ଧନବାନ ଥିଲେ ଓ ସୁସ୍ୱାଦୁ ଭୋଜନ ଖାଇବାକୁ ପସନ୍ଦ କରୁଥିଲେ । ସେ କିନ୍ତୁ କୃଷ୍ଣ ଭକ୍ତ ଥିଲେ । ଏକଦା ସେ ତାଙ୍କ ପତ୍ନୀଙ୍କୁ କହିଲେ, ତୁମେ କାହାକୁ କିଛି ଦାନ ଦେବା ଦରକାର ନାହିଁ । କେବଳ ଭଲ ଭଲ ସୁସ୍ୱାଦୁ ଭୋଜନ ପ୍ରସ୍ତୁତ କର ଆମେ ଖାଇବୁ । ପତ୍ନୀ କହିଲେ, କିଛି ଦାନ ଧର୍ମ କଲେ ପୁଣ୍ୟ ମିଳିବ । ଭଗବାନ ଶ୍ରୀକୃଷ୍ଣ ଖୁସି ହେବେ । କୃପଣ ବ୍ୟକ୍ତି ହସିଲେ ଓ କହିଲେ - ଆରେ ମୁଁ କ'ଣ ବୋକା ! ସେଥିପାଇଁ ତ ସବୁଦିନ ଭଲ ଭଲ ସୁସ୍ୱାଦୁ ଖାଦ୍ୟ ମୁଁ କୃଷ୍ଣଙ୍କୁ ଖୁଆଏ ଓ ତାପରେ ଆମେ ଖାଉଛେ । ଏହାଠାରୁ ପୁଣ୍ୟ ଆଉ କ'ଣ ଅଛି! ଏହାପରେ ଦୀର୍ଘଶ୍ୱାସ ଛାଡ଼ି ପତ୍ନୀ କହିଲେ ହେଉ, ପ୍ରଭୁ କୃଷ୍ଣ ଯଦି ଦର୍ଶନ ଦିଅନ୍ତେ ତେବେ ଆମେ ଜାଣିବା କିଛି ପୁଣ୍ୟ ଅର୍ଜନ କରୁଛୁ । କୃପଣ ବ୍ୟକ୍ତି କହିଲେ- ସେଇଟା ମଧ୍ୟ ଆମର ପୂରଣ ହେବ । ଆମକୁ କୃଷ୍ଣଙ୍କ ଦର୍ଶନ ମିଳିବ । ଏମିତି ବହୁତ ବର୍ଷ ବିତିଗଲା । କୃପଣ ବ୍ୟକ୍ତି ନା ଭିକାରୀକୁ ଭିକ ଦିଅନ୍ତି ନା ବୁଭୁକ୍ଷୁଙ୍କୁ ଭୋଜନ ଦିଅନ୍ତି । ସେ ଭାବନ୍ତି ଯେ, କୃଷ୍ଣଙ୍କୁ ପ୍ରସାଦ ଲଗେଇ ଆମେ ଖାଉଛୁ ତାହାହିଁ ଯଥେଷ୍ଟ । ତେବେ ପତ୍ନୀ ଆଉ ଅପେକ୍ଷା କଲେ ନାହିଁ କି ସ୍ୱାମୀଙ୍କ କଥା ମାନିଲେ ନାହିଁ । ସେ ସବୁଦିନ ଅଧିକ ସୁସ୍ୱାଦୁ ଭୋଜନ ପ୍ରସ୍ତୁତ କରି ସ୍ୱାମୀଙ୍କୁ ଦେଲେ, ନିଜେ ଖାଇଲେ ଓ ବାହାରେ ବୁଲୁଥିବା କୁକୁର, ବିଲେଇ, ଗାଈ ଗୋରୁ, ଛେଳି, ମେଣ୍ଢା, ଚଢେଇ ଆଦିଙ୍କୁ ଦେଲେ । ଧୀରେ ଧୀରେ ସେ ବାଟ ଦେଇ ଯାଉଥିବା ଭିକାରୀ ଓ ଭୋକିଲା ଲୋକଙ୍କୁ ଖାଦ୍ୟ ଦେଲେ । ପିଲାମାନଙ୍କୁ ଓ ପଶୁପକ୍ଷୀମାନଙ୍କୁ ଖାଦ୍ୟ ଦେବାରେ ସେ ଆନନ୍ଦ ପାଇଲେ । ଦିନେ ମନଦୁଃଖ କରି କୃପଣ ବ୍ୟକ୍ତି ତାଙ୍କ ପତ୍ନୀଙ୍କୁ କହିଲେ- ଲାଗୁଛି, ଏ ଜନ୍ମରେ କୃଷ୍ଣ ଦର୍ଶନ ହୋଇପାରିବ ନାହିଁ । ତୁମକୁ ଦେଇଥିବା କଥା ମୁଁ ରଖିପାରିଲି ନାହିଁ । ପ୍ରଭୁ କୃଷ୍ଣଙ୍କୁ ମୁଁ ଏତେ ଶ୍ରଦ୍ଧାରେ ସବୁଦିନ ସୁସ୍ୱାଦୁ ଭୋଜନର ପ୍ରସାଦ ଲଗାଏ କିନ୍ତୁ ସେ ମୋ ପ୍ରତି ସାମାନ୍ୟ ଦୟା ଦେଖାଇଲେ ନାହିଁ । ପତ୍ନୀ ହସିଲେ ଓ କହିଲେ -ମୁଁ କିନ୍ତୁ କୃଷ୍ଣ ଦର୍ଶନ ପ୍ରାୟ ସବୁଦିନ ଏବେ କରୁଛି । ତେଣୁ ତୁମେ ବ୍ୟସ୍ତ ହୁଅନାହିଁ । ବରଂ ତୁମେ ଚାହିଁଲେ ମଧ୍ୟ କୃଷ୍ଣ ଦର୍ଶନ କରିପାରିବ । କୃପଣ ଲୋକଟି ଆଶ୍ଚର୍ଯ୍ୟ ହୋଇ ପଚାରିଲା- ତୁମେ ଏମିତି କ'ଣ କରୁଛ ଯେ, ତୁମକୁ କୃଷ୍ଣ ଦର୍ଶନ ମିଳୁଛି ଆଉ ମୋତେ ମିଳୁନାହିଁ। କୃପଣଙ୍କର ପତ୍ନୀ କହିଲେ- କାଲି ତୁମେ ବାହାରେ ଯାଇ କୃଷ୍ଣ ଦର୍ଶନ କରିପାରିବ । ତେବେ ମନେରଖ ଯେ, ତୁମେ ସେଥିରେ ପ୍ରସନ୍ନ ବା ଖୁସି ରହିବ । ପ୍ରସନ୍ନ ବା ଖୁସିହେଲେ କୃଷ୍ଣ ଦର୍ଶନ ପାଇବ ନହେଲେ ନାହିଁ । ପରଦିନ କୃପଣ ଲୋକର ପତ୍ନୀ ସୁସ୍ୱାଦୁ ଭୋଜନ ରାନ୍ଧି ପ୍ରଭୁଙ୍କୁ ଲଗାଇଲେ ଓ ବାହାରକୁ ଗଲେ । ବାହାରେ ଅନେକ ପଶୁ, ପକ୍ଷୀ, ଗରିବ ଅସହାୟ ଲୋକେ ଆନନ୍ଦରେ ସେ ରାନ୍ଧିଥିବା ଖାଦ୍ୟଗୁଡ଼ିକୁ ଖାଉଥାନ୍ତି । ପଶୁ, ପକ୍ଷୀ, ମଣିଷ ସମସ୍ତେ ଆନନ୍ଦରେ ଖାଉଥାନ୍ତି । ସେହି ଲୋକମାନେ ଆନନ୍ଦରେ ଜୟ କୃଷ୍ଣ, ଜୟକୃଷ୍ଣ କହୁଥାନ୍ତି । କୃପଣର ଭଣ୍ଡାର ଘରୁ ଦ୍ରବ୍ୟମାନ ବୁହାଯାଉଥାଏ ଓ ରନ୍ଧାଯାଇ ଲୋକଙ୍କୁ ଓ ପଶୁପକ୍ଷୀଙ୍କୁ ଦିଆ ଯାଉଥାଏ । କୃପଣ ସେମାନଙ୍କୁ ଦେଖି ଆନନ୍ଦ ଲାଭ କଲେ ଓ ଲାଗିଲା ଯେମିତି ସେ କୃଷ୍ଣ ଦର୍ଶନ କରୁଛନ୍ତି ସମସ୍ତଙ୍କ ଭିତରେ । ସେ ପତ୍ନୀଙ୍କୁ କହିଲେ ବୁଝିଲ, ମୋ ଭଳି କୃପଣଙ୍କର କୃଷ୍ଣ ଦର୍ଶନ ତୁମେ କରେଇ ପାରିଲ । ପତ୍ନୀ କହିଲେ- ଯେଉଁଠି ଦୟା ଓ ଭଲପାଇବା ସେଇଠି କୃଷ୍ଣ । ମୁଁ ଏକଥା ବୁଝିଲା ଦିନରୁ ପ୍ରଭୁ କୃଷ୍ଣଙ୍କୁ ଦର୍ଶନ କରିଚାଲିଛି । ପ୍ରଭୁ କୃପାରୁ କୃପଣଙ୍କର ମଧ୍ୟ କୃଷ୍ଣ ଦର୍ଶନ ହେଲା ଓ ବ୍ୟକ୍ତି ଜଣକ ସେଇଦିନୁ ଦୟାବାନ ହେଲେ ଓ ଦାନଧର୍ମ କଲେ ।■

ସୌଭାଗିନୀ ନିବାସ, ରଟିଲୋ, ପୁରୀ
ମୋ-୮୨୪୯୨୧୬୦୬୭






ମାନସ ରଞ୍ଜନ ଆଚାର୍ଯ୍ୟ
ପଞ୍ଚମ ଶ୍ରେଣୀ
ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିର
ପୋଖରୀପୁଟ, ଭୁବନେଶ୍ୱର





ଆର୍ଯ୍ୟା ଯାଦବ
ତୃତୀୟ ଶ୍ରେଣୀ
ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର
ନିମାପଡ଼ା





ମୁସ୍କାନ ପ୍ରଧାନ
ସପ୍ତମ ଶ୍ରେଣୀ
ସେଣ୍ଟ ଜାଭିଅର ହାଇସ୍କୁଲ
ଭୁବନେଶ୍ୱର





ସୁଭାଷିନୀ ହାଁସଦା
ସପ୍ତମ ଶ୍ରେଣୀ
ସରକାରୀ ଏସ୍‌ଏସ୍‌ଡି
ଉଚ୍ଚ ବାଳିକା ବିଦ୍ୟାଳୟ
ବହୁବନ୍ଧ, ମୟୂରଭଞ୍ଜ





ଆୟାଂଶୀ ଆରାଲିନ୍
ତୃତୀୟ ଶ୍ରେଣୀ
ମାଉଣ୍ଟ ଲିଟେରା ଜି ସ୍କୁଲ
ବେଙ୍ଗାଲୁରୁ



ପଦକ ନିଶ୍ଚିତ କଲେ ତନ୍ଭୀ

▶ପୃଷ୍ଠା ୧୬ ଦେଖନ୍ତୁ...


RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

•VOLUME- 43 •ISSUE-112 •SATURDAY •18 OCTOBER 2025 •PAGE-16 •₹ 6.00

•ବର୍ଷ-୪୩ •ସଂଖ୍ୟା-୧୧୨ •ଶନିବାର •୧୮ ଅକ୍ଟୋବର ୨୦୨୫ •ପୃଷ୍ଠା-୧୬ •ଟ.୬.୦୦


ଭିତର ପୃଷ୍ଠାରେ ଦୁର୍ଘଟଣାରେ ଗୋଟିଏ ପରିବାରର ୪ ମୃତ

# ଏସ୍‌ସିବି ଏମ୍‌ସ ପ୍ଲସ୍‌କୁ ଧକ୍କା



## କଟକ ବଡ଼ ଡାକ୍ତରଖାନାରେ ୮୯ ମେସିନ୍ ଅଚଳ

■ **କଟକ, ୧୭।୧୦ (ସମିସ):** ୨୦୧୯ ନଭେମ୍ବର ମାସରେ କଟକସ୍ଥିତ ଏସ୍‌ସିବି ମେଡ଼ିକାଲ କଲେଜ ଓ ହସ୍‌ପିଟାଲକୁ ଏମ୍ସ ପ୍ଲସ ପ୍ରତିଷ୍ଠାନରେ ପରିଣତ କରିବାକୁ ନିଷ୍ପତ୍ତି ନେଇ ତତ୍‌କାଳୀନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ମଞ୍ଜୁର କରିଥିଲେ ୧ ହଜାର କୋଟି ଟଙ୍କା। ମାତ୍ର ପରବର୍ତ୍ତୀ ସମୟରେ ଏହାର ପରିସର ବୃଦ୍ଧି କରାଯାଇଥିଲା। ୨୦୨୧ ଜାନୁଆରୀ ୧ ତାରିଖରେ ଏସ୍‌ସିବି କାର୍ଯ୍ୟ ସମୀକ୍ଷା ସମୟରେ ଏବାବଦ ବ୍ୟୟ ଅଟକଳକୁ ନବୀନ ପଟ୍ଟନାୟକ ୩୫୦୦ କୋଟିକୁ ବୃଦ୍ଧି କରିଥିଲେ। ୧୭୫ ଏକର ଜମିରେ ୩୫୦୦ କୋଟି ଟଙ୍କା ବ୍ୟୟରେ କଟକ ବଡ଼ ଡ଼ାକ୍ତରଖାନାକୁ ୨୦୨୪ ଶେଷ ସୁଦ୍ଧା ଏମ୍‌ସ ପ୍ଲସ ପ୍ରତିଷ୍ଠାନରେ ରୂପାନ୍ତରଣ ନିମନ୍ତେ ନିର୍ଦ୍ଦେଶ ଦେଇଥିଲେ। ବିଭିନ୍ନ ବିଭାଗର ଆଧୁନିକୀକରଣ ସହ ୨୨୦୦ ଛାତ୍ରଛାତ୍ରୀଙ୍କ ପାଇଁ ସବୁ ସୁବିଧା ଥିବା ହଷ୍ଟେଲ, ଡ଼ାକ୍ତର ଓ ସ୍ୱାସ୍ଥ୍ୟକର୍ମୀଙ୍କ ପାଇଁ ୧୨୮୦ କ୍ୱାର୍ଟର ନିର୍ମାଣ ଲକ୍ଷ୍ୟ ରଖାଯାଇଥିଲା। ମାତ୍ର ସରକାର ପରିବର୍ତ୍ତନ ପରେ ଏସ୍‌ସିବିର ଏମ୍‌ସ ପ୍ଲସ୍ ରୂପାନ୍ତରଣ ଯେମିତି ଅଧାରେ ଅଟକି ଯାଇଛି। ନିର୍ମାଣ କାର୍ଯ୍ୟ ଅଧାପନ୍ତରିଆ ହୋଇ ପଡ଼ି ରହିଛି ଓ ରୋଗୀ ସେବା ମଧ୍ୟ ପ୍ରଭାବିତ ହୋଇଛି। ବିଡ଼ମ୍ବନା ହେଉଛି ଏବେ ବିଭିନ୍ନ ପରୀକ୍ଷାନିରୀକ୍ଷା ପାଇଁ ଏସ୍‌ସିବିରେ ମେସିନ୍ ଉପଲବ୍ଧ ନାହିଁ। ଏପରିକି ବିଭିନ୍ନ ବିଭାଗରେ ୮୯ଟି ଗୁରୁତ୍ୱପୂର୍ଣ୍ଣ ମେସିନ୍ ▶ପୃଷ୍ଠା-୯

ପୁଲିସ ଚାକିରି ବେପାର

## ଦିଲ୍ଲୀରୁ ସିଣ୍ଡିକେଟ୍ ଚଳାଉଥିଲା ଶଙ୍କର


- ଗିରଫ ହେଲେଣି ୧୨୩ ଅଭିଯୁକ୍ତ
- ମୁନାକୁ ରିମାଣ୍ଡରେ ଆଣିବ କ୍ରାଇମବ୍ରାଞ୍ଚ
- ଜବତ ୧୧୦ରୁ ଅଧିକ ମୋବାଇଲର ଫୋରେନସିକ୍ ଯାଞ୍ଚ ହେବ
- ବିଜୟନଗରମ ସହିତ ଦୀଘାକୁ ମଧ୍ୟ ଯାଇଥା'ନ୍ତେ ୧୧୦ରୁ ଅଧିକ ଛାତ୍ରଛାତ୍ରୀ
- ପ୍ରମାଣ ନଷ୍ଟ ପାଇଁ ପ୍ରାର୍ଥୀଙ୍କୁ ପ୍ରମାଣପତ୍ର ଫେରସ୍ତ କରିଥିବା ମହିଳା ଗିରଫ

■ **କଟକ, ୧୭।୧୦ (ସମିସ):** ଓଡ଼ିଶା ପୁଲିସ ନିଯୁକ୍ତି ବୋର୍ଡ(ଓପିଆରବି) ଦ୍ୱାରା ପରିଚାଳିତ କମ୍ବାଇନ୍‌ଡ ପୁଲିସ୍ ସର୍ଭିସ ପରୀକ୍ଷା(ସିପିଏସଇ) ୨୦୨୪ ନିଯୁକ୍ତି ପାଇଁ ପ୍ରଶ୍ନପତ୍ର ଲିକ୍ ଓ ଚାକିରି ବେପାର ଘଟଣାର ମାଷ୍ଟରମାଇଣ୍ଡ ଶଙ୍କର ପୃଷ୍ଟି ଏବେ ବି ଫେରାର୍ ରହିଛି। ଏହି ଘଟଣାରେ ଆଜି ସୁଦ୍ଧା ମୋଟ ୧୨୩ଜଣଙ୍କୁ ଗିରଫ କରାଯାଇଥିବା କହିଛନ୍ତି କ୍ରାଇମବ୍ରାଞ୍ଚ ଡିଜି ବିନୟତୋଷ ମିଶ୍ର। କ୍ରାଇମବ୍ରାଞ୍ଚ ମୁଖ୍ୟ କାର୍ଯ୍ୟାଳୟଠାରେ ଅନୁଷ୍ଠିତ ଏକ ସାମ୍ବାଦିକ ସମ୍ମିଳନୀରେ ଶ୍ରୀ ମିଶ୍ର ଏହା କହିବା ସହ ଖୁବଶୀଘ୍ର ଶଙ୍କରକୁ ଗିରଫ କରାଯିବ ବୋଲି ଆଶ୍ୱାସନା ଦେଇଛନ୍ତି। ଏହି ଘଟଣାରେ ଗତକାଲି କଟକ ଜିଲ୍ଲାର ବୈଦେଶ୍ୱର ଥାନା ଅନ୍ତର୍ଗତ କଳାପଥରର ବାସିନ୍ଦା ମୁନା ମହାନ୍ତି (୩୨) ଓରଫ୍ ସଦାନନ୍ଦଙ୍କ ସମେତ ତାଙ୍କର ସହଯୋଗୀ ଶ୍ରୀକାନ୍ତ ମହାରଣା, ଟି. ଅଭିମନ୍ୟୁ ଦୋରା ଓ ପ୍ରିୟଦର୍ଶିନୀ ସାମଲଙ୍କୁ କ୍ରାଇମବ୍ରାଞ୍ଚ ଗିରଫ କରିଛି। ଅଭିଯୁକ୍ତ ମୁନାର ୨ଟି ଟିପର୍, ଗୋଟିଏ ସ୍କର୍ପିଓ, ଗୋଟିଏ ମହିନ୍ଦ୍ରା ଥାର୍, ନଗଦ ୧ ଲକ୍ଷ ୨୦ ▶ପୃଷ୍ଠା-୯

## ରିପୋର୍ଟ ମାଗିଲେ ଏସ୍‌ଆଇଟି

■ **ଭୁବନେଶ୍ୱର, ୧୭।୧୦ (ସମିସ):** କଳାଧନ ତଦନ୍ତ ପାଇଁ ଗଠିତ ଏସ୍‌ଆଇଟି ରାଜ୍ୟରେ ହୋଇଥିବା ପୁଲିସ ଏସ୍‌ଆଇ ଚାକିରି ଅନିୟମିତତା ସଂପର୍କରେ ଖୋଳତାଡ଼ କରିବେ। ଜଷ୍ଟିସ ଅରିଜିତ ପଶାୟତଙ୍କ ଅଧ୍ୟକ୍ଷତାରେ ଆସନ୍ତା ନଭେମ୍ବର ୭ ତାରିଖରେ କଟକରେ ଏ ସଂପର୍କିତ ଏକ ବୈଠକ ହେବ। ପୁଲିସ ଏସ୍‌ଆଇ ଚାକିରି ଅନିୟମିତତା ଅଭିଯୋଗ ଉପରେ ରାଜ୍ୟ ସରକାର ଏଯାଏଁ କ'ଣ ପଦକ୍ଷେପ ନେଇଛନ୍ତି ଏବଂ ତଦନ୍ତ କେତେଦୂର ଅଗ୍ରଗତି କରିଛି, ସେ ସଂପର୍କରେ ଏସ୍‌ଆଇଟି ରିପୋର୍ଟ ମାଗିଛନ୍ତି। ଏଥିସହିତ ରାଜ୍ୟରେ ଗୁଣିଗାରେଡ଼ି ହତ୍ୟା ସଂପର୍କରେ ସବିଶେଷ ତଥ୍ୟ ଦାଖଲ କରିବା ପାଇଁ ମଧ୍ୟ ଏସ୍‌ଆଇଟି କ୍ରାଇମବ୍ରାଞ୍ଚଙ୍କୁ ନିର୍ଦ୍ଦେଶ ଦେଇଥିବା ଜଣାପଡ଼ିଛି। କଟକ ବୈଠକରେ କଳାଧନ, ପୁଲିସ ଚାକିରି କେଳେଙ୍କାରୀ ଏବଂ ଗୁଣିଗାରେଡ଼ି ହତ୍ୟା ▶ପୃଷ୍ଠା-୯

**ନଭେମ୍ବର ୭ ରେ କଟକରେ ବୈଠକ**







# ଦୁର୍ଘଟଣାରେ ପରିବାରର ୪ ମୃତ

କାମାକ୍ଷାନଗର, ୧୭ ।୧୦(ସମିସ): ଝିଅର 'ସୁଜନ୍ୟା' ଟଙ୍କା ବ୍ୟାଙ୍କରେ ଜମା କରିବା ସାଙ୍ଗକୁ ଦୀପାବଳି ପାଇଁ ବଜାରରୁ କିଣାକିଣି କରିଥା'ନ୍ତେ। ଗାଡ଼ି ନେଇ ବାହାରିବାକୁ ବେଳକୁ ଅଟୋ' ତେଣୁ ଦୁହିଁଙ୍କୁ ବାଇକରେ ବସାଇ ବଜାରକୁ ଖୁସି ମନରେ ଆସୁଥିଲେ ଦମ୍ପତି। କିନ୍ତୁ, ନିମିଷକ ଭିତରେ ସବୁ ଓଲଟପାଲଟ ହୋଇଗଲା। କେହି କିଛି ବୁଝିବା ଆଗରୁ ଚାରିଟାଚାରିଟି ଜୀବନ ଅକାଳରେ ଚାଲିଗଲା। ୫୩ ନମ୍ବର ଜାତୀୟ ରାଜପଥର କାମାକ୍ଷାନଗର ଥାନା ଅନ୍ତର୍ଗତ ମାଳପୁରା ଓଭରବ୍ରିଜ୍ ନିକଟରେ ଆଜି ଏକ ମର୍ମନ୍ତୁଦ ଦୁର୍ଘଟଣାରେ ଗୋଟିଏ ପରିବାରର ୪ଜଣଙ୍କ ମୃତ୍ୟୁ ହୋଇଛି। ମୃତକଙ୍କ ମଧ୍ୟରେ ୨ଶିଶୁକନ୍ୟା ରହିଛନ୍ତି। ମୃତକମାନେ ହେଲେ, କେନ୍ଦୁଝର ଜିଲ୍ଲା ଆନନ୍ଦପୁର ଅଞ୍ଚଳ ଭାବଗ୍ରାହୀ କାରୁଆଁ, ତାଙ୍କ ସ୍ତ୍ରୀ ଜାନକୀ କାରୁଆଁ, ଝିଅ ଗୀତାଞ୍ଜଳି କାରୁଆଁ (୬) ଓ ଝିଆରୀ (ଶୋଭାଙ୍କ ଝିଅ) ନାଣ୍ଟି (୮)। ସୂଚନାନୁଯାୟୀ, ଭାବଗ୍ରାହୀ ଯାଜପୁର ଜିଲ୍ଲା କାଳିଆପାଣିସ୍ଥିତ ଇମ୍ଫା କାରଖାନାରେ କାମ କରନ୍ତି। ଆଜି ପୂର୍ବାହ୍ନରେ ସେ ନିଜ ପତ୍ନୀ, ଝିଅ ଓ ଝିଆରୀଙ୍କୁ ସାଙ୍ଗରେ ନେଇ ବଜାରକୁ ଆସୁଥିଲେ। ମାଳପୁରା ଓଭରବ୍ରିଜ୍ ନିକଟରେ ଏକ ଟ୍ରକ୍ ସେମାନଙ୍କ ବାଇକକୁ ଧକ୍କା ଦେବାରୁ ଘଟଣାସ୍ଥଳରେ ଭାବଗ୍ରାହୀ, ତାଙ୍କ ଝିଅ ଗୀତାଞ୍ଜଳି ଓ ଝିଆରୀ ନାଣ୍ଟିଙ୍କ ମୃତ୍ୟୁ ହୋଇଯାଇଥିଲା। ଜାନକୀଙ୍କୁ ଗୁରୁତର ଅବସ୍ଥାରେ ପ୍ରଥମେ କାମାକ୍ଷାନଗର




ମେଡିକାଲରେ ଭର୍ତ୍ତି କରାଯାଇଥିଲା। କିନ୍ତୁ, ସେଠାରେ ଅବସ୍ଥା ସଂକଟାପନ୍ନ ହେବାରୁ ତାଙ୍କୁ ଢେଙ୍କାନାଳ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ସ୍ଥାନାନ୍ତର କରାଯାଇଥିଲା। ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ତାଙ୍କର ମୃତ୍ୟୁ ହୋଇଛି। ପରିବାରଲୋକେ ମେଡିକାଲରେ ପହଞ୍ଚିବା ପରେ ଏକ ଶୋକାକୁଳ ପରିବେଶ ସୃଷ୍ଟି ହୋଇଥିଲା। ପୁଲିସ ମେଡିକାଲରେ ପହଞ୍ଚି ମୃତଦେହ ଜବତ କରି ବ୍ୟବଚ୍ଛେଦ କରାଇବା ସହ ତଦନ୍ତ ଆରମ୍ଭ କରିଛି।

ଭୁଶୁଡ଼ିଲା ମାଓ ସଂଗଠନ

# ଏକାଥରକେ ଆତ୍ମସମର୍ପଣ କଲେ ୧୫୦ ମାଓବାଦୀ




ମାଲକାନଗିରି, ୧୭ ।୧୦(ସମିସ): ମାଲକାନଗିରି ଜିଲ୍ଲା ସୀମାନ୍ତ ଛତିଶଗଡ଼ର ଜଗଦଲପୁରରେ ଦିନକରେ ୧୫୦ରୁ ଅଧିକ ମାଓବାଦୀ ଅସ୍ତ୍ର ଛାଡ଼ି ବିଜାପୁର ପୁଲିସ ନିକଟରେ ଆତ୍ମସମର୍ପଣ କରିଛନ୍ତି। ସେମାନେ ଜଗଦଲପୁରଠାରେ ଛତିଶଗଡ଼ ମୁଖ୍ୟମନ୍ତ୍ରୀ ବିଷ୍ଣୁଦେଓ ସାଏଙ୍କ ଉପସ୍ଥିତିରେ ଶାନ୍ତିପଥକୁ ଆପଣାଇଛନ୍ତି। ଏହା ଏକ ଐତିହାସିକ ପଦକ୍ଷେପ ବୋଲି କୁହାଯାଉଛି। ଅପରପକ୍ଷେ, କେନ୍ଦ୍ରୀୟ କମିଟି ସଦସ୍ୟ ରୂପେଶଙ୍କ ନେତୃତ୍ୱରେ ଇନ୍ଦ୍ରାବତୀ ଏବଂ ମାଡ଼ ଡିଭିଜନର ୧୫୦ରୁ ଅଧିକ ନକ୍ସଲଙ୍କ ଆତ୍ମସମର୍ପଣ ପରେ ମାଓ ସଂଗଠନ ଏକପ୍ରକାର ଭୁଶୁଡ଼ି ପଡ଼ିଛି। ଆତ୍ମସମର୍ପଣ କରିଥିବା ମାଓନେତା ରୂପେଶଙ୍କ ନାମରେ ସରକାର ୫୦ଲକ୍ଷରୁ ଅଧିକ ଟଙ୍କାର ପୁରସ୍କାର ରାଶି ଘୋଷଣା କରିଥିଲେ। ମାଡ଼ ମାଓ ଡିଭିଜନ୍‌ର ମୁଖ୍ୟ ରୂପେଶଙ୍କ ସହ ଶତାଧିକ ନକ୍ସଲ ପ୍ରଥମେ ଇନ୍ଦ୍ରାବତୀ ନଦୀକୂଳରେ ଏକାଠି ହୋଇଥିବା ବେଳେ ସମସ୍ତଙ୍କୁ ବସ୍ ଯୋଗେ ଜଗଦଲପୁର ନିଆଯାଇଥିଲା। ଏହି ମାଓବାଦୀଙ୍କ ଆତ୍ମସମର୍ପଣ ଖବର ପାଇବା ପରେ ସେମାନଙ୍କ ସୁରକ୍ଷା ପାଇଁ ଯବାନଙ୍କ ପକ୍ଷରୁ କଡ଼ା ସୁରକ୍ଷା ବ୍ୟବସ୍ଥା ଗ୍ରହଣ କରାଯାଇଥିଲା। ସମସ୍ତେ ମୁଖ୍ୟମନ୍ତ୍ରୀଙ୍କ ଉପସ୍ଥିତିରେ ଆତ୍ମସମର୍ପଣ କରିଥିବା ଜଣାପଡ଼ିଛି।

ବାହାର ରାଜ୍ୟରେ ବଢ଼ୁଛି ଓଡ଼ିଆ ମହିଳାଙ୍କ ପ୍ରତି ବିପଦ

# ୩ ବର୍ଷରେ ୨୩ ଦୁଷ୍କର୍ମ

ଭୁବନେଶ୍ୱର,୧୭।୧୦(ସମିସ): ଓଡ଼ିଶାରୁ ଅନେକ ଯୁବତୀ, ମହିଳା ରାଜ୍ୟ ବାହାରକୁ ଶିକ୍ଷା ଏବଂ ଚାକିରି ଅନ୍ୱେଷଣରେ ଯାଉଛନ୍ତି। ହେଲେ ସେଠାରେ ସେମାନେ ଗଣଦୁଷ୍କର୍ମ ଏବଂ ହତ୍ୟାର ଶିକାର ହେଉଛନ୍ତି। ଅନ୍ୟ ରାଜ୍ୟ ପୁଲିସ ଯେଉଁଭଳି ଭାବେ ତତ୍ପର ଦେଖାଇବା ତାହା ଦେଖାଉନାହାନ୍ତି। ଯାହାର ଉଦାହରଣ ପଶ୍ଚିମବଙ୍ଗରେ ବାଲେଶ୍ୱର ଡାକ୍ତରୀ ଛାତ୍ରୀ ଗଣ ଦୁଷ୍କର୍ମ ମାମଲାରେ ଦେଖିବାକୁ ମିଳିଛି। ପଶ୍ଚିମବଙ୍ଗ ପୁଲିସ ଏବଂ ସେଠାର ମହିଳା କମିଶନ ସହଯୋଗ କରୁନାହାନ୍ତି। କିନ୍ତୁ ଓଡ଼ିଶା ସରକାର ସେଠାର ପୁଲିସ ଏବଂ ପ୍ରଶାସନ ସହ କଥା ହେବା ପରେ ତତ୍ପରତା ଦେଖାଉଛନ୍ତି। ଏହି ଗୋଟିଏ ଘଟଣା ନୁହେଁ ଗତ ୩ ବର୍ଷରେ ୨୩ ଜଣ ମହିଳା ରାଜ୍ୟ ବାହାରେ ଦୁଷ୍କର୍ମ ଓ ୯ ଜଣ ହତ୍ୟା ଶିକାର ହୋଇଛନ୍ତି।

ନିକଟରେ ପଶ୍ଚିମବଙ୍ଗ ବର୍ଦ୍ଧମାନ ଦୁର୍ଗାପୁରରେ ଓଡ଼ିଶାର ଜଣେ ଡାକ୍ତରୀ ଛାତ୍ରୀ ଦୁଷ୍କର୍ମର ଶିକାର ହୋଇଛନ୍ତି। କଲେଜ କ୍ୟାମ୍ପସ ବାହାରକୁ ଜଣେ ପୁରୁଷ ବନ୍ଧୁଙ୍କ ସହ ଯାଇଥିବା ସମୟରେ କିଛି ଦୁର୍ବୃତ୍ତ ତାଙ୍କୁ ପିଛାକରିବା ସହ ନିଛାଟିଆ ଜାଗାକୁ ଟାଣିନେଇଥିଲେ। ଜଙ୍ଗଲିଆ ଜାଗାରେ ଛାତ୍ରୀଙ୍କୁ ଗଣଦୁଷ୍କର୍ମ ଶିକାର ହୋଇଥିବା ଅଭିଯୋଗ ହୋଇଛି। ଏହି ଘଟଣାରେ ଏଯାଏ ୫ ଜଣ ଗିରଫ ହୋଇଛନ୍ତି ଓ ପଶ୍ଚିମବଙ୍ଗରେ ଏହାକୁ ନେଇ ରାଜନୀତି ତୀବ୍ର ହୋଇଛି।

ସେହିପରି ହାଇଦ୍ରାବାଦରେ ଜଣେ ଓଡ଼ିଆ ଶିକ୍ଷୟିତ୍ରୀଙ୍କୁ ଦୁଷ୍କର୍ମ ପରେ ହତ୍ୟା କରାଯାଇଥିବା ଅଭିଯୋଗ ହୋଇଛି। ହାଇଦ୍ରାବାଦ ପେଟବଶିରାବାଦ ଅଞ୍ଚଳରେ ମହିଳାଙ୍କ ସ୍ୱାମୀଙ୍କ ଅନୁପସ୍ଥିତିରେ ଏହି ଘଟଣା ଘଟିଛି। ଭରତପୁର ଅଞ୍ଚଳରେ ରହୁଥିବା ଏହି ମହିଳା ଖୋର୍ଦ୍ଧା ବାଣପୁର ଥାନା ଅଞ୍ଚଳର ଗୌତମ ଚରଣ ଘଡ଼ାଇଙ୍କୁ ବିବାହ କରିଥିଲେ। ତାଙ୍କର ୪ ବର୍ଷର ପୁଅଟିଏ ରହିଛି। ସ୍ୱାମୀ ଏକ କମ୍ପାନୀରେ ଇଲେକ୍ଟ୍ରୋନିକ ରକ୍ଷଣାବେକ୍ଷଣ ବିଭାଗରେ କାମ କରୁଥିବାବେଳେ କମ୍ପ୍ୟୁନିଟି ସେଣ୍ଟରରେ ପିଲାଙ୍କୁ ପାଠ ପଢ଼ାନ୍ତି ଅନିନ୍ଦିତା। କମ୍ପାନୀ ପରିସରରେ ଥିବା କ୍ୱାର୍ଟରରେ ସେ ରହୁଥିଲେ। ପାସପୋର୍ଟରେ ନାମ ସଂଶୋଧନ ପାଇଁ ତାଙ୍କ ସ୍ୱାମୀ ଭୁବନେଶ୍ୱର ଆସିଥିବାବେଳେ ସମ୍ପୃକ୍ତ ମହିଳାଙ୍କୁ ଦୁଷ୍କର୍ମ କରି ହତ୍ୟା କରାଯାଇଥିଲା।

ଗତ ଫେବୃଆରୀରେ ତ୍ରିପୁରାରେ ଜଣେ ଓଡ଼ିଆ ମହିଳାଙ୍କୁ ଛୁରୀ ଦେଖାଇ ଗଣ ଦୁଷ୍କର୍ମ କରାଯାଇଥିଲା। ମହିଳା ଏବଂ ତାଙ୍କ ସ୍ୱାମୀ କାମ ଖୋଜିବାକୁ ତ୍ରିପୁରା ଯାଇଥିବା ବେଳେ ଅଭିଯୁକ୍ତମାନେ ତାଙ୍କୁ ଚାକିରି ଦେବାକୁ ପ୍ରତିଶ୍ରୁତି ଦେଇ ମହିଳାଙ୍କୁ ଏକ ଘରକୁ ନେଇ ଗଣ ଦୁଷ୍କର୍ମ କରିଥିଲେ। ୨୦୨୪ ସେପ୍ଟେମ୍ବର ମାସରେ କର୍ଣ୍ଣାଟକରେ ଜଣେ ୧୯ ବର୍ଷୀୟ ଯୁବତୀଙ୍କୁ ଗଣ ଦୁଷ୍କର୍ମ ପରେ ହତ୍ୟା କରାଯାଇଥିଲା। ଯୁବତୀ ଜଣଙ୍କ କାମ କରିବା ପାଇଁ କର୍ଣ୍ଣାଟକ ଯାଇଥିଲେ। ସେଠାରେ ସେ ପହଞ୍ଚିବା ପରେ ମୁଖ୍ୟ ଅଭିଯୁକ୍ତ ସହ ଅନ୍ୟମାନେ ଏକ କାରରେ ଆସି ତାଙ୍କୁ ନେଇଥିଲେ। ଯୁବତୀଙ୍କୁ ଏକ ନିରୋଳା ସ୍ଥାନକୁ ନେଇ ଗଣ ଦୁଷ୍କର୍ମ ପରେ ହତ୍ୟା କରିଥିଲେ। ୨୦୨୪ ନଭେମ୍ବର ୫ରେ ଜଣେ ୩୪ ବର୍ଷୀୟ ମହିଳାଙ୍କୁ ଦିଲ୍ଲୀରେ ଗଣ ଦୁଷ୍କର୍ମ କରାଯାଇଥିଲା। ମହିଳା ଜଣଙ୍କ ପରିବାର ଲୋକଙ୍କ ଉପରେ ରାଗି ଦିଲ୍ଲୀ ଯାଇଥିଲେ ଓ ସେଠାରେ ସରାଇକାଲେ ଖାନ୍ ଅଞ୍ଚଳରେ ଜଣେ ଅଟୋ ଡ୍ରାଇଭର ସମେତ ୩ଜଣ ତାଙ୍କୁ ଗଣଦୁଷ୍କର୍ମ କରି ଦକ୍ଷିଣ-ପୂର୍ବ ଦିଲ୍ଲୀ ରାସ୍ତା କଡ଼ରେ ଫିଙ୍ଗି ଦେଇଥିଲେ।

# ଜିରୋ ଏଫ୍‌ଆଇଆର୍ ରୁଜୁ କଲା ଭରତପୁର ଥାନା ପୁଲିସ

ଭୁବନେଶ୍ୱର, ୧୭ ।୧୦(ସମିସ): ହାଇଦ୍ରାବାଦରେ ଓଡ଼ିଆ ଶିକ୍ଷୟିତ୍ରୀଙ୍କ ଦୁଷ୍କର୍ମ ପରେ ହତ୍ୟା ଘଟଣାକୁ ଦୁଇ ଦିନ ବିତିଛି। ଶିକ୍ଷୟିତ୍ରୀଙ୍କ ମାଆ ଆଜି ଭରତପୁର ଥାନାରେ ଲିଖିତ ଅଭିଯୋଗ କରିବା ପରେ ପୁଲିସ ଜିରୋ ଏଫ୍‌ଆଇଆର୍ ରୁଜୁ କରିଛି। ସେପଟେ ମହିଳାଙ୍କ ମୃତଦେହ ଧରି ସ୍ୱାମୀ ଭୁବନେଶ୍ୱର ଆସୁଛନ୍ତି।



ଅଭିଯୋଗ ଅନୁଯାୟୀ, ଭରତପୁର ଅଞ୍ଚଳର ମହିଳାଜଣଙ୍କ ସ୍ୱାମୀ ଓ ୪ବର୍ଷର ପୁଅ ସହ ତେଲେଙ୍ଗାନାର ପେଟବଶିରାବାଦ ଥାନା ଅନ୍ତର୍ଗତ କୋମପାଲିରେ ରହୁଥିଲେ। ସ୍ୱାମୀ କନଷ୍ଟ୍ରକ୍ସନ

ହାଇଦ୍ରାବାଦରେ ଶିକ୍ଷୟିତ୍ରୀଙ୍କୁ ଦୁଷ୍କର୍ମ ପରେ ହତ୍ୟା ଘଟଣା

କମ୍ପାନୀରେ ବିଦ୍ୟୁତ୍ ବିଭାଗରେ କାମ କରୁଥିବା ବେଳେ ପତ୍ନୀ ଶ୍ରମିକଙ୍କ ପିଲାମାନଙ୍କୁ ପଢ଼ାଉଥିଲେ। ପାସପୋର୍ଟରେ ନାମ ସଂଶୋଧନ କରିବା ପାଇଁ ସ୍ୱାମୀ ଓ ପୁଅ ଗତ ଶନିବାର ଭୁବନେଶ୍ୱର ଆସିଥିବା ବେଳେ ପତ୍ନୀ କମ୍ପାନୀ ପରିସରରେ ଥିବା କ୍ୱାର୍ଟରରେ ଥିଲେ। ବୁଧବାର ରାତିରେ ପତ୍ନୀ ଅସୁସ୍ଥ ହୋଇପଡ଼ିଥିବା କମ୍ପାନୀ କର୍ମଚାରୀଙ୍କଠାରୁ ସ୍ୱାମୀ ଖବର ପାଇଥିଲେ। ଗୁରୁବାର ସେଠାରେ ପହଞ୍ଚିବା ବେଳକୁ ପତ୍ନୀଙ୍କ ମୃତ୍ୟୁ ହୋଇସାରିଥିଲା।

କମ୍ପାନୀର ଇନଚାର୍ଜ ପତ୍ନୀଙ୍କୁ ଦୁଷ୍କର୍ମ ପରେ ହତ୍ୟା କରିଥିବା ସ୍ୱାମୀ ଜାଣିବାକୁ ପାଇଥିଲେ। ଏ ସଂପର୍କରେ ସେ ଅଭିଯୋଗ କରିଥିଲେ ମଧ୍ୟ ପୁଲିସ ଓ କମ୍ପାନୀ କର୍ମଚାରୀମାନେ ଘଟଣାକୁ ଚାପି ଦେଇଥିଲେ। ଏପଟେ, ଝିଅକୁ ଦୁଷ୍କର୍ମ କରିବା ପରେ ହତ୍ୟା କରାଯାଇଥିବା ନେଇ ମୃତା ମହିଳାଙ୍କ ମାଆ ଭରତପୁର ଥାନାରେ ଅଭିଯୋଗ କରିଛନ୍ତି। ତାଙ୍କ ଅଭିଯୋଗ ଆଧାରରେ ଭରତପୁର ପୁଲିସ ଜିରୋ ଏଫ୍‌ଆଇଆର୍ ରୁଜୁ କରିଛି। ଦଫା ୧୦୩(୧), ୬୪(୧) ଓ ୩୩୩(୩)ରେ ଜିରୋ ଏଫ୍‌ଆଇଆର୍ କରି ପେଟବଶିରାବାଦ ଥାନାକୁ ପଠାଇ ଦେଇଛି। ପେଟବଶିରାବାଦ ଥାନା ପୁଲିସ ଏକ ଅପମୃତ୍ୟୁ ମାମଲା ରୁଜୁ କରି ମହିଳାଙ୍କ ମୃତଦେହ ବ୍ୟବଚ୍ଛେଦ କରାଇଛି। ମହିଳାଙ୍କ ମୃତଶରୀରକୁ ନେଇ ସ୍ୱାମୀ ଭୁବନେଶ୍ୱର ଅଭିମୁଖେ ଆସୁଛନ୍ତି। ଆସନ୍ତାକାଲି ସକାଳୁ ମୃତଦେହ ଭୁବନେଶ୍ୱରରେ ପହଞ୍ଚିବ ବୋଲି ପରିବାରଲୋକେ କହିଛନ୍ତି।

# ଓଡ଼ିଶା ଫେରିବେ ଜାମ୍ମୁ-କାଶ୍ମୀରରେ ପ୍ରାଣ ହରାଇଥିବା ୩ ଓଡ଼ିଆ ଶ୍ରଦ୍ଧାଳୁ

ଭୁବନେଶ୍ୱର, ୧୭।୧୦ (ସମିସ): ଜାମ୍ମୁ-କାଶ୍ମୀରସ୍ଥିତ ମା' ବୈଷ୍ଣୋଦେବୀଙ୍କ ଦର୍ଶନ ସାରି ଫେରୁଥିବା ବେଳେ ସେଠାରେ ଏକ ସଡ଼କ ଦୁର୍ଘଟଣାରେ ପ୍ରାଣ ହରାଇଥିବା ୩ଓଡ଼ିଆ ଶ୍ରଦ୍ଧାଳୁଙ୍କ ମୃତଦେହ ଓଡ଼ିଶା ଫେରିବ। ଓଡ଼ିଶା ସରକାରଙ୍କ ନୂଆଦିଲ୍ଲୀସ୍ଥିତ ମୁଖ୍ୟ ଆବାସିକ ଆୟୁକ୍ତଙ୍କ କାର୍ଯ୍ୟାଳୟ, ଓଡ଼ିଶା ପରିବାର ନିର୍ଦ୍ଦେଶାଳୟ ଓ ସୁବର୍ଣ୍ଣପୁର ଜିଲ୍ଲା ପ୍ରଶାସନ ମିଳିତ ସହଯୋଗରେ ସେମାନଙ୍କ ଶବକୁ ରାଜ୍ୟକୁ ଫେରାଇ ଆଣିବାକୁ ପଦକ୍ଷେପ ଗ୍ରହଣ କରାଯାଇଛି। ମୃତକମାନେ ହେଲେ, ସୁବର୍ଣ୍ଣପୁର ଜିଲ୍ଲା ତରଭାର ବିଚିତ୍ର କୁମାର, ଯୋଗୀନ୍ଦ୍ର ମଟାରୀ ଏବଂ କବିତା ସାହୁ। ଏହାସହ, ଏହି ଦୁର୍ଘଟଣାରେ ଆହତ ହୋଇଥିବା ସ୍ନେହଲତା ମଟାରୀଙ୍କୁ

ଓଡ଼ିଶା ପରିବାର ନିର୍ଦ୍ଦେଶାଳୟ ପକ୍ଷରୁ ପଦକ୍ଷେପ

ସେଠାରେ ସମସ୍ତ ପ୍ରକାର ସହଯୋଗ ପ୍ରଦାନ କରାଯାଉଛି ବୋଲି ଓଡ଼ିଶା ପରିବାର ନିର୍ଦ୍ଦେଶାଳୟ ପକ୍ଷରୁ ସୂଚନା ଦିଆଯାଇଛି। ସୂଚନାନୁସାରେ, ସୁବର୍ଣ୍ଣପୁର ଜିଲ୍ଲାର ୪ଜଣ ଓଡ଼ିଆ ତୀର୍ଥଯାତ୍ରୀ ଜାମ୍ମୁର କାଟରାଠାରେ ସଡ଼କ ଦୁର୍ଘଟଣାର ଶିକାର ହୋଇଥିଲେ। ସେମାନଙ୍କ ମଧ୍ୟରୁ ୩ଜଣଙ୍କ ମୃତ୍ୟୁ ହୋଇଥିବା ବେଳେ ଜଣେ ଗୁରୁତର ହୋଇଥିଲେ।

# ନାଳରେ ବୁଡ଼ି ୨ ଛାତ୍ର ମୃତ

ରାଉରକେଲା, ୧୭।୧୦(ସମିସ): ସ୍ଥାନୀୟ ବ୍ରାହ୍ମଣୀତରଙ୍ଗ ଥାନା ଅଧୀନ ବିରକେରା ଗାଁରେ ଥିବା ଘାଗରାଇ ନାଳରେ ବୁଡ଼ି ୨ଜଣ ଛାତ୍ରଙ୍କ ମୃତ୍ୟୁ ଘଟିଛି। ମୃତ ଛାତ୍ରଦ୍ୱୟ ହେଲେ, ସେକ୍ଟର -୧୫ ଅଞ୍ଚଳର ଓମ୍ ସୁମା ଓ ସେକ୍ଟର -୧ ଅଞ୍ଚଳର ଅନୁରାଗ ଦାସ। ଶୁକ୍ରବାର ସକାଳ ପ୍ରାୟ ୧୧ଟା ବେଳେ ବିଦ୍ୟାଳୟର ୬ଜଣ ଛାତ୍ର ଘରେ ମିଛ କହି ବିରକେରା ଗାଁରେ ଥିବା ଘାଗରାଇ ନାଳକୁ ବୁଲିବାକୁ ଯାଇଥିଲେ। ସମସ୍ତେ ପାଣିରେ ପଶି ଗାଧୋଇବା ସହ ସେଲଫି ନେଉଥିଲେ। ଏହି ସମୟରେ ଓମ୍ ସୁମା ଓ ଅନୁରାଗ ଦାସ ଗଭୀର ପାଣି ଭିତରକୁ ଚାଲି ଯାଇଥିଲେ। ହଠାତ୍ ସମସ୍ତେ ପାଣିରେ ବୁଡ଼ିବାକୁ ଲାଗିବାରୁ ଚିତ୍କାର କରିଥିଲେ। ଚିତ୍କାର ଶୁଣି ସ୍ଥାନୀୟ ଗ୍ରାମବାସୀ ଉଦ୍ଧାର କାର୍ଯ୍ୟ ଆରମ୍ଭ କରିବା ସହ ଅଗ୍ନିଶମ ବିଭାଗକୁ ଖବର ଦେଇଥିଲେ। ବିଭାଗୀୟ କର୍ମଚାରୀ ଘଟଣାସ୍ଥଳରେ ପହଞ୍ଚି ଅଭିଜିତ ହୋତା, ସୁମିତ ସେଠ୍, ଅଭିଷେକ ସାହୁ ଓ ପ୍ରିତମ ହାଂସଦାଙ୍କୁ ଉଦ୍ଧାର କରିବାରେ ସକ୍ଷମ ହୋଇଥିଲେ। ଏହାର କିଛି ଘଣ୍ଟା ପରେ ଓମ୍ ଓ ଅନୁରାଗଙ୍କୁ ଉଦ୍ଧାର କରାଯାଇଥିଲା। ସମସ୍ତଙ୍କୁ ଚିକିତ୍ସା ପାଇଁ ଡାକ୍ତରଖାନାକୁ ନିଆଯାଇଥିଲା। ମାତ୍ର ସେଠାରେ ଡାକ୍ତର ଓମ୍ ଓ ଅନୁରାଗଙ୍କୁ ମୃତ ଘୋଷଣା କରିଥିଲେ। ଅନୁରାଗ କଳ୍ୟାଣୀଗାଇ ମହାବିଦ୍ୟାଳୟର ଅଧ୍ୟକ୍ଷ କମଳାକାନ୍ତ ଦାସଙ୍କ ପୁଅ ଏବଂ ଓମ୍ ବାବୁଲି ସୁମାଙ୍କ ପୁଅ ବୋଲି ସୂଚନା ମିଳିଛି। ଅଧିକନ୍ତୁ ଶବ ବ୍ୟବଚ୍ଛେଦ ହେବ ବୋଲି ଏସଡିପିଓ ଶୁଭ୍ରାଂଶୁ ମହାପାତ୍ର କହିଛନ୍ତି।

# ସାପ କାମୁଡ଼ାରେ ଅଜା-ନାତି ମୃତ

ଶେରଗଡ଼, ୧୭ ।୧୦ (ସମିସ): ସାପକାମୁଡ଼ାରେ ଅଜା-ନାତି ମୃତ। ଗଞ୍ଜାମ ଜିଲ୍ଲା ଶେରଗଡ଼ ଥାନା କରଡ଼ାକଣ୍ଠା ପଞ୍ଚାୟତ ଶବରପଲ୍ଲୀ ଗ୍ରାମରେ ଗୁରୁବାର ରାତିରେ ଏହି ଅଘଟଣ ଘଟିଛି। ମୃତକ ହେଲେ, ଗ୍ରାମର ପଞ୍ଚାନନ ନାଇକ (୫୫) ଓ ତାଙ୍କ ନାତି ରୋଶନ ନାଇକ (୧୦)। ଗୁରୁବାର ରାତିରେ ପଞ୍ଚାନନଙ୍କ ପରିବାର ସଦସ୍ୟ ଖାଇ ପିଇ ଶୋଇଥିଲେ। ରାତି ପ୍ରାୟସାଢ଼େ ୧୦ଟାରେ ଏକ ସାପ ପଞ୍ଚାନନ ଏବଂ ରୋଶନଙ୍କୁ କାମୁଡ଼ି ଦେଇଥିଲା। ଉଭୟଙ୍କ ଚିତ୍କାର ଶୁଣି ପରିବାରଲୋକ ସେମାନଙ୍କୁ ଶେରଗଡ଼ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେଠାରେ ଅବସ୍ଥା ସଂକଟାପନ୍ନ ହେବାରୁ ତାଙ୍କୁ ବ୍ରହ୍ମପୁର ସ୍ଥାନାନ୍ତର କରାଯାଇଥିଲା। ସେଠାରେ ଡାକ୍ତର ଦୁହିଁଙ୍କୁ ମୃତ ଘୋଷଣା କରିଥିଲେ।

ନୂଆପଡ଼ା ଉପନିର୍ବାଚନ

# ଅପରାଧିକ ତଥ୍ୟ ପରିପ୍ରକାଶ ପାଇଁ ପ୍ରାର୍ଥୀଙ୍କୁ ନିର୍ଦ୍ଦେଶ

ଭୁବନେଶ୍ୱର, ୧୭।୧୦ (ସମିସ): ନୂଆପଡ଼ା ଉପନିର୍ବାଚନ ପାଇଁ ପ୍ରାର୍ଥୀମାନଙ୍କୁ ସମସ୍ତ ପୂର୍ବବର୍ତ୍ତୀ ଅପରାଧିକ ତଥ୍ୟ ପରିପ୍ରକାଶ ପାଇଁ ନିର୍ଦ୍ଦେଶ ଦିଆଯାଇଛି। କେନ୍ଦ୍ରୀୟ ନିର୍ବାଚନ ଆୟୋଗଙ୍କ ପକ୍ଷରୁ ଏହି ନିର୍ଦ୍ଦେଶନାମା ଜାରି ହୋଇଛି। ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶକ୍ରମେ ଏହି ନିର୍ଦ୍ଦେଶାବଳୀଗୁଡ଼ିକର ଅନୁପାଳନ ବାଧ୍ୟତାମୂଳକ ବୋଲି କୁହାଯାଇଛି। ତେଣୁ ରାଜନୈତିକ ଦଳମାନେ ପ୍ରାର୍ଥୀ ଚୟନର ୪୮ଘଣ୍ଟା ମଧ୍ୟରେ ମୁଦ୍ରିତ ଗଣମାଧ୍ୟମ, ସ୍ୱକୀୟ ଅଫିସିଆଲ ସୋସିଆଲ ମିଡିଆ ଓ ୱେବସାଇଟ୍ ମାଧ୍ୟମରେ ଫର୍ମ-ସି ୭ର ସୁସ୍ପଷ୍ଟ ପରିପ୍ରକାଶ କରିବେ। ରାଜନୈତିକ ଦଳମାନେ ପ୍ରାର୍ଥୀ ଚୟନର ୭୨ଘଣ୍ଟା ମଧ୍ୟରେ ଫର୍ମ-୮ସି ଓ ଫର୍ମ-ସି ୭ର ନକଲ ସ୍ୱଳନ୍ତ କରି ଭାରତ ନିର୍ବାଚନ ଆୟୋଗଙ୍କ ପାଖକୁ ପ୍ରେରଣ କରିବେ। ନୂଆପଡ଼ା ଉପନିର୍ବାଚନ ପାଇଁ ନାମାଙ୍କନର ଶେଷ ତାରିଖ ୨୦ ଅକ୍ଟୋବର ୨୦୨୫କୁ ଧାର୍ଯ୍ୟ କରାଯାଇଛି। ଫର୍ମାଟ୍-ସି(ଏ)କୁ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ ଜରିଆରେ ଭାରତ ନିର୍ବାଚନ ଆୟୋଗଙ୍କ ନିକଟରେ ଦାଖଲ କରାଯିବ। ନାମାଙ୍କନ ପ୍ରତ୍ୟାହାରର ଶେଷ ତାରିଖ ଅକ୍ଟୋବର ୨୪ ରହିଥିବା ବେଳେ ନିର୍ବାଚନ ଆୟୋଗଙ୍କ ନିକଟରେ ଫର୍ମ ୭ ଏକ୍ସ ନିର୍ବାଚନ ଆୟୋଗଙ୍କ ନିକଟରେ ଦାଖଲ କରାଯିବ ବୋଲି ଏଥିରେ ଦର୍ଶାଯାଇଛି। ଉପରୋକ୍ତ ସମସ୍ତ ଦସ୍ତାବିଜ୍ ଇ-ମେଲ୍ ଜରିଆରେ ନିର୍ବାଚନ ଆୟୋଗ ନିକଟରେ ଦାଖଲ ହେବ। ଉପରୋକ୍ତ ନିର୍ଦ୍ଦେଶାବଳୀକୁ ପାଳନ ନକଲେ, ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶର ଅବମାନନା ଭାବରେ ବିବେଚିତ କରାଯିବ ବୋଲି ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟରୁ କୁହାଯାଇଛି।

ଓଡ଼ିଶା ଫେରିବେ ଜାମ୍ମୁ-କାଶ୍ମୀରରେ ପ୍ରାଣ ହରାଇଥିବା ୩ ଓଡ଼ିଆ ଶ୍ରଦ୍ଧାଳୁ

ଭୁବନେଶ୍ୱର, ୧୭।୧୦ (ସମିସ): ଜାମ୍ମୁକାଶ୍ମୀରସ୍ଥିତ ମା' ବୈଷ୍ଣୋଦେବୀଙ୍କ ଦର୍ଶନ ସାରି ଫେରୁଥିବା ବେଳେ ସେଠାରେ ଏକ ସଡ଼କ ଦୁର୍ଘଟଣାରେ ପ୍ରାଣ ହରାଇଥିବା ୩ ଓଡ଼ିଆ ଶ୍ରଦ୍ଧାଳୁଙ୍କ ମୃତଦେହ ଓଡ଼ିଶା ଫେରିବ। ଓଡ଼ିଶା ସରକାରଙ୍କ ନୂଆଦିଲ୍ଲୀସ୍ଥିତ ମୁଖ୍ୟ ଆବାସିକ ଆୟୁକ୍ତଙ୍କ କାର୍ଯ୍ୟାଳୟ, ଓଡ଼ିଶା ପରିବାର ନିର୍ଦ୍ଦେଶାଳୟ ଓ ସୁବର୍ଣ୍ଣପୁର ଜିଲ୍ଲା ପ୍ରଶାସନ ମିଳିତ ସହଯୋଗରେ ସେମାନଙ୍କ ଶବକୁ ରାଜ୍ୟକୁ ଫେରାଇଆଣିବାକୁ ପଦକ୍ଷେପ ଗ୍ରହଣ କରାଯାଇଛି। ମୃତକମାନେ ହେଲେ ସୁବର୍ଣ୍ଣପୁର ଜିଲ୍ଲା ତରଭାର ବିଚିତ୍ର କୁମାର, ଯୋଗୀନ୍ଦ୍ର ମଟାରୀ ଏବଂ କବିତା ସାହୁ। ଏହାସହ, ଏହି ଦୁର୍ଘଟଣାରେ ଆହତ ହୋଇଥିବା ସ୍ନେହଲତା ମଟାରୀଙ୍କୁ ସେଠାରେ ସମସ୍ତ ପ୍ରକାର ସହଯୋଗ ପ୍ରଦାନ କରାଯାଉଛି ବୋଲି ଓଡ଼ିଶା ପରିବାର ନିର୍ଦ୍ଦେଶାଳୟ ପକ୍ଷରୁ ସୂଚନା ଦିଆଯାଇଛି। ସୂଚନାନୁସାରେ, ସୁବର୍ଣ୍ଣପୁର ଜିଲ୍ଲାର ୪ଜଣ ଓଡ଼ିଆ ତୀର୍ଥଯାତ୍ରୀ ଜାମ୍ମୁର କାଟରାଠାରେ ସଡ଼କ ଦୁର୍ଘଟଣାର ଶିକାର ହୋଇଥିଲେ। ସେମାନଙ୍କ ମଧ୍ୟରୁ ୩ ଜଣଙ୍କ ମୃତ୍ୟୁ ହୋଇଥିବା ବେଳେ ଜଣେ ଗୁରୁତର ହୋଇଥିଲେ।

ଓଡ଼ିଶା ପରିବାର ନିର୍ଦ୍ଦେଶାଳୟ ପକ୍ଷରୁ ପଦକ୍ଷେପ

କାଳ ହେଲା ଷ୍ଟଣ୍ଟ କରିବା

# ପେଟ୍ରୋଲ ନିଆଁରେ ପୋଡ଼ି ନବମ ଛାତ୍ର ଗୁରୁତର

ବ୍ରହ୍ମଗିରି, ୧୭।୧୦ (ସମିସ): ପାଟିରୁ ନିଆଁହୁଳା ବାହାର କରିଥା'ନ୍ତେ। ତେଣୁ ଜଣେ ପାଟିରେ ପେଟ୍ରୋଲ ପୂରାଉଥିବା ବେଳେ ଅନ୍ୟ ଜଣେ ମୁହଁ ଆଗରେ ଦିଆସିଲି ଲଗାଉଥିଲା। ବିଚ୍ଛାମନ୍ତ୍ର ନ ଜାଣି ସାପ ଗାତରେ ହାତ ପୂରାଇବା ଭଳି ଏଭଳି ବିପଜ୍ଜନକ ଷ୍ଟଣ୍ଟ ଆଜି ଜଣେ ନବମ ଶ୍ରେଣୀ ଛାତ୍ରଙ୍କୁ ମହଙ୍ଗା ପଡ଼ିଛି। ପେଟ୍ରୋଲ ନିଆଁରେ ପୋଡ଼ି ହୋଇ ସେ ଗୁରୁତର ଆହତ ହୋଇଛନ୍ତି। ପୁରୀ ଜିଲ୍ଲା ବ୍ରହ୍ମଗିରି ବ୍ଲକ୍ ଖଲ୍ଲରିଆ ବାଲୁକେଶ୍ୱର ନୋଡାଲ ବିଦ୍ୟାପୀଠରେ ଆଜି ଏହି ଅଘଟଣ ଘଟିଛି। ଗୁରୁତର ଛାତ୍ରଜଣଙ୍କ ହେଲେ, ଧର୍ମକାର୍ତ୍ତି ଗ୍ରାମର ଓମ୍ ସତ୍ୟପ୍ରକାଶ ସାହୁ (୧୪)। ତାଙ୍କୁ ପ୍ରଥମେ ରେବଣା

ଗୁରୁତର ଅବସ୍ଥାରେ ଏମ୍ସକୁ ଭର୍ତ୍ତି

ସ୍କୁଲ ପରିସରକୁ ପେଟ୍ରୋଲ ଆସିଲା କିପରି ?



ନୂଆଗାଁ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା। କିନ୍ତୁ ଅବସ୍ଥା ସଂକଟାପନ୍ନ ହେବାରୁ ଭୁବନେଶ୍ୱର ଏମ୍ସକୁ ସ୍ଥାନାନ୍ତର କରାଯାଇଛି। ସ୍କୁଲ ପ୍ରଧାନଶିକ୍ଷକ ଶିବରାମ ମହାପାତ୍ରଙ୍କ ସୂଚନା ଅନୁଯାୟୀ, ଆଜି ବିଦ୍ୟାଳୟରେ ମଧ୍ୟାହ୍ନଭୋଜନ ବେଳେ ଏହି ଅଘଟଣ ଘଟିଥିଲା। ସତ୍ୟପ୍ରକାଶ ଓ ତା'ର ଜଣେ ସାଙ୍ଗ ଏକ ପେଟ୍ରୋଲ ବୋତଲ ନେଇ ସ୍କୁଲକୁ ଆସିଥିଲେ। ଓମ୍ ପାଟିରେ ପେଟ୍ରୋଲ ପୂରାଉଥିବା ବେଳେ ସିପୁନ ଦିଆସିଲି ମାରି ତା' ମୁହଁ ଆଗରେ ଦେଖାଉଥିଲା। ତେବେ ଏ ସଂପର୍କରେ ଆହୁରି ତଦନ୍ତ ଚାଲିଛି ବୋଲି ସେ କହିଛନ୍ତି।

ଉଲ୍ଲେଖଯୋଗ୍ୟ, ପ୍ଲାଷ୍ଟିକ୍ ବୋତଲରେ ପେଟ୍ରୋଲ ନେବା ଏବଂ କୌଣସି ଦୋକାନରେ ଖୋଲାରେ ପେଟ୍ରୋଲ ବିକ୍ରି ପାଇଁ ରାଜ୍ୟ ସରକାର କଟକଣା ଜାରି କରିଥିବା ବେଳେ ସ୍କୁଲ ପରିସରକୁ କିଭଳି ପେଟ୍ରୋଲ ଆସିଲା, ତାହାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ସେହିପରି, ସ୍କୁଲର ଦୁଇ ଛାତ୍ର ଏପରି ଦୁଃସାହସିକ କାର୍ଯ୍ୟ କରୁଥିବା ସ୍କୁଲ ଶିକ୍ଷକ/ଶିକ୍ଷୟିତ୍ରୀମାନେ କ'ଣ କରୁଥିଲେ ବୋଲି ଅଞ୍ଚଳବାସୀ ପ୍ରଶ୍ନ କରିଛନ୍ତି।

ପୀତବାସ ହତ୍ୟାକାଣ୍ଡକୁ ୧୨ ଦିନ ବିତିଲା

# ରହସ୍ୟ ଭେଦିପାରୁନି ପୁଲିସ

ବ୍ରହ୍ମପୁର, ୧୭।୧୦ (ସମିସ): ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ଘଟଣାକୁ ୧୨ ଦିନ ବିତିଛି। ତଦନ୍ତରେ ଯଦିଓ ଅଗ୍ରଗତି ଘଟିଛି ଏବଂ ପୁଲିସକୁ କିଛି ସଫଳତା ମିଳିଛି, ତଥାପି ଏପର୍ଯ୍ୟନ୍ତ ହତ୍ୟାକାଣ୍ଡର ରହସ୍ୟ ଭେଦ କରିପାରିନି ପୁଲିସ। ବର୍ତ୍ତମାନ ସୁଦ୍ଧା ରାଜ୍ୟ ତଥା ରାଜ୍ୟ ବାହାରୁ ମୋଟ ୮ ଜଣଙ୍କୁ ଅଟକ ରଖି ଜେରା କରାଯାଉଛି। ଅଟକଙ୍କ ମଧ୍ୟରେ ବିହାରର ୨ଜଣ, ପଶ୍ଚିମବଙ୍ଗରୁ ଜଣେ, ଦିଲ୍ଲୀରୁ ଜଣେ, ଅନ୍ଧ୍ରପ୍ରଦେଶରୁ ଜଣେ ଏବଂ ବ୍ରହ୍ମପୁରର ୩ଜଣ ସାମିଲ ଥିବା ଜଣାପଡ଼ିଛି। ପଶ୍ଚିମବଙ୍ଗରୁ କାବୁ କରାଯାଇଥିବା ଯୁବକଜଣଙ୍କ ଗଞ୍ଜାମ ଜିଲ୍ଲା ଏରେଣ୍ଡା ଅଞ୍ଚଳର ବୋଲି ସୂଚନା ମିଳିଛି। ସେହିଭଳି ବ୍ରହ୍ମପୁରର ଜଣେ ପୂର୍ବତନ ଛାତ୍ରନେତାଙ୍କୁ ଦିଲ୍ଲୀରୁ ପୁଲିସ ଉଠାଇ ଆଣିଥିବା ବେଳେ ସେ ଗଜପତିନଗର ନିବାସୀ ବୋଲି କୁହାଯାଉଛି। ଅନ୍ୟପଟେ ବ୍ରହ୍ମପୁର ସହରର ଜଣେ ଜଣାଶୁଣା ମଦ ବ୍ୟବସାୟୀଙ୍କ ସମେତ ଜଣେ କର୍ପୋରେଟରଙ୍କୁ ମଧ୍ୟ ପୁଲିସ ଅଟକ ରଖି ଜେରା କରୁଛି। ଅଟକ କର୍ପୋରେଟରଙ୍କୁ ୩ ଦିନ ଧରି ଜେରା କରାଯାଉଥିବା ବେଳେ ଦିଲ୍ଲୀରୁ କାବୁ ହୋଇଥିବା ପୂର୍ବତନ ଛାତ୍ରନେତାଙ୍କ



କର୍ପୋରେଟର, ମଦ ବ୍ୟବସାୟୀ ଓ ପୂର୍ବତନ ଛାତ୍ରନେତାଙ୍କ ସମେତ ୮ ଅଟକ

ମେଳ ଖାଉଛି କାହ୍ନୁ ପତିଙ୍କ 'ଅନ୍ଧ୍ର ବନ୍ଧୁକ ଓ ବିହାରୀ କିଲର' ବୟାନ

ହତ୍ୟାର କାରଣ ଓ ସୁପାରି ପରିମାଣର ଖୋଳତାଡ଼ କରୁଛି ପୁଲିସ

ମୋବାଇଲ ଓ ସିମ୍‌କୁ ପୁଲିସ ଜବତ କରିଛି। ସୁପାରି କିଲରଙ୍କୁ ସହଯୋଗ କରିଥିବା ତଥା ରେକି ଟିମ୍‌ରେ ସାମିଲ ଥିବା ଜଣେ ଯୁବକଙ୍କୁ ଅନ୍ଧ୍ରପ୍ରଦେଶର ବିଶାଖାପାଟଣାରୁ କାବୁ କରାଯାଇ ଜେରା କରାଯାଉଛି।

ଅନ୍ୟପକ୍ଷରେ, ଅନଲାଇନ୍ ଟ୍ରାଞ୍ଜାକ୍ସନ ଯୋଗୁ ପୁଲିସ ସୁପାରି କିଲରଙ୍କ ନିକଟରେ ପହଞ୍ଚିବାରେ ସକ୍ଷମ ହୋଇଥିଲା। ବ୍ରହ୍ମପୁରରେ ଅବସ୍ଥାନ ସମୟରେ ଜଣେ ବିହାରୀ ସୁପାରି କିଲର ନିଜର ସମ୍ପର୍କୀୟ ଭାଇଙ୍କ ଆକାଉଣ୍ଟକୁ କିଛି ଟଙ୍କା ପଠାଇଥିଲା। ନିଜ ନିକଟରେ ଥିବା ନଗଦ ଟଙ୍କାକୁ ପଠାଇବାରେ ସମସ୍ୟା ହେବାରୁ ସେ ସ୍ଥାନୀୟ ଗୋଲେଇସ୍ଥିତ ଏକ ରିଚାର୍ଜ ଦୋକାନକୁ ଯାଇ ସମ୍ପୃକ୍ତ ଦୋକାନୀଙ୍କୁ ନଗଦ ଟଙ୍କା ଦେଇ ଅନଲାଇନରେ ସମ୍ପର୍କୀୟ ଭାଇଙ୍କ ବ୍ୟାଙ୍କ ଆକାଉଣ୍ଟକୁ ଟଙ୍କା ପଠାଇଥିଲେ। ସେମାନଙ୍କ ନିକଟରେ ପହଞ୍ଚିବାରେ ପୁଲିସ ପାଇଁ ଏହା ସହାୟକ ହୋଇଥିଲା। ସୁପାରି କିଲର୍ ବିହାରୀ ହୋଇଥିଲେ ହେଁ ହତ୍ୟାକାଣ୍ଡରେ ଅନ୍ଧ୍ର ବନ୍ଧୁକ ବ୍ୟବହାର ହୋଇଥିବା ନେଇ ସନ୍ଦେହ ଘନୀଭୂତ ହୋଇଛି। ଫଳରେ ପୀତବାସଙ୍କ ହତ୍ୟାକୁ ନେଇ ପୂର୍ବତନ ଜିଲ୍ଲା ବିଜେପି ସଭାପତି କାହ୍ନୁ ପତିଙ୍କ ବୟାନ ଓ ତଦନ୍ତ ଦିଗରେ ଅନେକ ସାମଞ୍ଜସ୍ୟ ରହୁଥିବା ଦେଖିବାକୁ ମିଳିଛି।

ପୂର୍ବରୁ ଯଦିଓ କାହ୍ନୁ ପତିଙ୍କ ମନ୍ତବ୍ୟକୁ ନେଇ ଅନେକେ ଅସନ୍ତୋଷବ୍ୟକ୍ତ କରିଥିଲେ, କିନ୍ତୁ ସେଥିରେ ଅନେକାଂଶରେ ସତ୍ୟତା ଥିବା କୁହାଯାଉଛି। କାହ୍ନୁ କୌଣସି ସୂତ୍ରରୁ ଖବର ପାଇବା ପରେ ହିଁ ଗଣମାଧ୍ୟମକୁ ଏଭଳି ମନ୍ତବ୍ୟ ଦେଇଥିଲେ। ଏପରିକି, ସୁପାରି କିଲରମାନେ ସେପ୍ଟେମ୍ବର ୨୬ରୁ ପୀତବାସଙ୍କୁ ପିଛା କରୁଥିବା ନେଇ କାହ୍ନୁ ବୟାନ ଦେଇଥିବା ବେଳେ ଉଭୟ ସୁପାରିକିଲର୍ ସେପ୍ଟେମ୍ବର ୧୨ରୁ ବ୍ରହ୍ମପୁରକୁ ଆସିଥିବା ବିଭିନ୍ନ ସିସିଟିଭି ଫୁଟେଜ ଯାଞ୍ଚ ବେଳେ ସ୍ପଷ୍ଟ ଜଣାପଡ଼ିଛି। ରାଜ୍ୟ ବାହାରୁ ଆମଦାନୀ ହୋଇଥିବା ସୁପାରି କିଲରଙ୍କ ପୀତବାସଙ୍କ ହତ୍ୟା ପାଇଁ କେତେ ଟଙ୍କାର ଡିଲ୍ ହୋଇଥିଲା ଏବଂ କେଉଁ କାରଣରୁ ତାଙ୍କୁ ହତ୍ୟା କରାଯାଇଥିଲା, ସେନେଇ ଅଟକ ବ୍ୟକ୍ତିଙ୍କଠାରୁ ତଥ୍ୟ ଓଗାଳିବାକୁ ଚେଷ୍ଟା କରୁଛି ପୁଲିସ। ସେହିଭଳି ଚିହ୍ନଟ ଦୁଇ ସୁପାରି କିଲରଙ୍କ ମଧ୍ୟରୁ ଜଣଙ୍କୁ ଅଟକ ରଖାଯାଇଥିବା ବେଳେ ଅନ୍ୟ ଜଣେ ଫେରାର ରହିଛି। ଫଳରେ ଫେରାର ସୁପାରି କିଲରର ଭାଇକୁ ପୁଲିସ ଉଠାଇ ଆଣିଛି। ଆସନ୍ତାକାଲି ରିଜର୍ଭ ପୁଲିସ ବାରାକ୍‌ରେ ଅଟକ ସମସ୍ତ ୮ ଜଣଙ୍କୁ ଜେରା କରୁଛି। ହତ୍ୟାକାଣ୍ଡ ପଛରେ କୋଟି ଟାଲାର ଲିଙ୍କ୍ ଏହା ପ୍ରମୁଖ କାରଣ ବୋଲି ସାଧାରଣରେ ଆଲୋଚନା ହେଉଛି।

କେନ୍ଦ୍ରୀୟ ବିଶ୍ୱବିଦ୍ୟାଳୟ ଅଧ୍ୟାପକଙ୍କ ବିରୋଧରେ ମନ୍ତବ୍ୟ

# ୫ ବିଦ୍ୟାର୍ଥୀ ବହିଷ୍କୃତ

କୋରାପୁଟ, ୧୭।୧୦ (ସମିସ): ବିଭାଗୀୟ ମୁଖ୍ୟଙ୍କ ସମେତ ଅନ୍ୟ ଅଧ୍ୟାପକମାନଙ୍କ ସମ୍ପର୍କରେ ହ୍ୱାଟ୍‌ସଆପ୍ ଗ୍ରୁପରେ ଅଶ୍ଳୀଳ ଭାଷାରେ ଟିକାଟିପ୍ପଣୀ ପୋଷ୍ଟ କରିବା ଅଭିଯୋଗରେ କେନ୍ଦ୍ରୀୟ ବିଶ୍ୱବିଦ୍ୟାଳୟରୁ ଜଣେ ଛାତ୍ରୀଙ୍କ ସହ ୫ଜଣଙ୍କୁ ବହିଷ୍କାର କରାଯାଇଛି। ଏହି ଘଟଣାକୁ ନେଇ ଅଭିଭାବକ ମହଲରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଉଛି। ବିଶ୍ୱବିଦ୍ୟାଳୟ କର୍ତ୍ତୃପକ୍ଷ ସଂପୃକ୍ତ ଛାତ୍ରଛାତ୍ରୀ କିମ୍ବା ସେମାନଙ୍କ ଅଭିଭାବକଙ୍କ ସହ ଆଲୋଚନା ନକରି, ଚରମବାଦୀ ଭାବେ ୫ଜଣ ବିଦ୍ୟାର୍ଥୀଙ୍କୁ ଅନୁଶାସନ ବଧ୍ୟତାମୂଳକ ଭାବେ ବାହାର କରିଦେବା ଘଟଣାକୁ ବିଭିନ୍ନ ମହଲରେ ନାପସନ୍ଦ କରାଯାଉଛି। କେନ୍ଦ୍ରୀୟ ବିଶ୍ୱ ବିଦ୍ୟାଳୟ କୋରାପୁଟଠାରେ କୃଷିବିଜ୍ଞାନ ବିଭାଗରେ ଅଧ୍ୟୟନ କରୁଥିବା ଛାତ୍ରଛାତ୍ରୀ ଏକ ବ୍ୟକ୍ତିଗତ ହ୍ୱାଟ୍‌ସଆପ୍ ଗ୍ରୁପ୍ କରି ବିଭିନ୍ନ ବିଷୟରେ ଗ୍ରୁପରେ ପୋଷ୍ଟ କରିଥାନ୍ତି। କିଛି ଛାତ୍ର ଗତ ମାସରେ ଉକ୍ତ ଗ୍ରୁପରେ ବିଭାଗର ମୁଖ୍ୟ ଅଧ୍ୟାପିକା ଓ ଅନ୍ୟ ସହକର୍ମୀଙ୍କ ବିଷୟରେ ଅଶ୍ଳୀଳ ଟିପ୍ପଣୀ ସବୁ ପୋଷ୍ଟ କରିଥିଲେ। ଗ୍ରୁପରେ ସେସବୁ ସ୍କ୍ରିନସଟଗୁଡ଼ିକ ବିଭାଗୀୟ ମୁଖ୍ୟ ଅଧ୍ୟାପିକାଙ୍କୁ ପଠାଇଥିଲେ।

# ୨୦ ତାରିଖରେ ଦୀପାବଳି ଛୁଟି!

ଭୁବନେଶ୍ୱର, ୧୭।୧୦(ସମିସ): ଆସନ୍ତା ୨୦ ତାରିଖ ଅର୍ଥାତ ସୋମବାର ଦିନ ଦୀପାବଳି ପାଇଁ ସରକାରୀ ଛୁଟି ରହିବ। ରାଜସ୍ୱ ବିଭାଗ ପକ୍ଷରୁ ୨୦ ତାରିଖକୁ ଛୁଟି ଘୋଷଣା କରିବାକୁ ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟକୁ ପ୍ରସ୍ତାବ ଦିଆଯାଇଥିଲା। ଏହାପରେ ସୋମବାରକୁ ଛୁଟି ଘୋଷଣା କରାଯାଇଥିବା ନେଇ ନିଷ୍ପତ୍ତି ହୋଇଥିବା ଜଣାପଡ଼ିଛି। କାରଣ ପୂର୍ବରୁ ସରକାରୀ କ୍ୟାଲେଣ୍ଡରରେ ରାଜ୍ୟ ସରକାର ୨୧ ତାରିଖକୁ ଦୀପାବଳି ଛୁଟି ଭାବେ ଘୋଷଣା କରିଥିଲେ। ହେଲେ ଦୀପାବଳି ପାଳନ ନେଇ ଅନେକ ସ୍ଥାନରେ ଦ୍ୱନ୍ଦ୍ୱ ଉପୁଜିବା ପରେ ମୁକ୍ତିମଣ୍ଡପ ପଣ୍ଡିତ ସଭା ପର୍ଯ୍ୟନ୍ତ କଥା ଯାଇଥିଲା। ପରେ ମୁକ୍ତିମଣ୍ଡପ ପଣ୍ଡିତ ସଭା ପକ୍ଷରୁ ବୈଠକ ହୋଇ ରାଜ୍ୟରେ ୨୦ରେ ଦୀପାବଳି ଏବଂ ପର୍ଯ୍ୟାଶ୍ରାଦ୍ଧ ପାଳନ କରିବାକୁ ପରାମର୍ଶ ଦିଆଯାଇଥିଲା। ଏହାପରେ ବିଭିନ୍ନ ସରକାରୀ ଓ ବେସରକାରୀ କାର୍ଯ୍ୟାଳୟଗୁଡ଼ିକରେ ଛୁଟିକୁ ନେଇ ଦ୍ୱନ୍ଦ୍ୱ ଦେଖାଦେଇଥିଲା। ଏହାରି ମଧ୍ୟରେ ସରକାର ୨୦ ତାରିଖକୁ ଆପାତତଃ ଛୁଟି ଘୋଷଣା କରିଥିବା ବିଶ୍ୱସ୍ତ ସୂତ୍ରରୁ ଖବର ମିଳିଛି।

**ନୂଆପଡ଼ା ସମର**

# ବିଜେଡିର ୪୦ ବ୍ରିଗେଡ୍

ଭୁବନେଶ୍ୱର, ୧୭।୧୦ (ସମିସ): ନୂଆପଡ଼ା ଉପନିର୍ବାଚନ ପାଇଁ ବିଜେଡି ନିଜର ଷ୍ଟାର କ୍ୟାମ୍ପେନର (ତାରକା ପ୍ରଚାରକ) ତାଲିକା ଜାରି କରିଛି। ଦଳ ପକ୍ଷରୁ ଜାରି ହୋଇଥିବା ୪୦ ଜଣିଆ ତାରକା ପ୍ରଚାରକ ତାଲିକାରେ ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିଜେଡି ସଭାପତି ନବୀନ ପଟ୍ଟନାୟକ ଶୀର୍ଷରେ ରହିଛନ୍ତି। ଏହାସହିତ ଦଳ ଷ୍ଟାର ପ୍ରଚାରକ ଭାବେ ବହୁ ବରିଷ୍ଠ ନେତାଙ୍କ ସମେତ ଯୁବ ନେତୃତ୍ୱ ବିଧାୟକ ଓ ସାଂସଦମାନଙ୍କୁ ମଧ୍ୟ ଏଥିରେ ସାମିଲ କରିଛି।

**୪୦ ତାରକା ପ୍ରଚାରକଙ୍କ ତାଲିକା ଜାରି**

୪୦ ଜଣିଆ ତାଲିକାରେ ବିଜେଡି ସଭାପତି ନବୀନ ପଟ୍ଟନାୟକ, ବିରୋଧୀ ଦଳ ଉପନେତା ପ୍ରସନ୍ନ ଆଚାର୍ଯ୍ୟ, ବରିଷ୍ଠ ଉପସଭାପତି ଦେବୀପ୍ରସାଦ ମିଶ୍ର, ବିଧାୟକ ରଣେନ୍ଦ୍ର ପ୍ରତାପ ସ୍ୱାଇଁ, ନିରଂଜନ ପୂଜାରୀ, ଡଃ ଅରୁଣ କୁମାର ସାହୁ, ପ୍ରତାପ ଦେବ, ପ୍ରଣବ ପ୍ରକାଶ ଦାସ, ଅତନୁ ସବ୍ୟସାଚୀ ନାୟକ, ପ୍ରତାପ ଜେନା, ସଂଜୟ କୁମାର ଦାସବର୍ମା, ଦିବ୍ୟଶଙ୍କର ମିଶ୍ର, କଳିକେଶ ନାରାୟଣ ସିଂହଦେଓ, ସାରଦା ନାୟକ, ପୁଷ୍ପେନ୍ଦ୍ର ସିଂହଦେଓ, ପ୍ରୀତିରଂଜନ ଘଡାଇ, ଟୁକୁନି ସାହୁ, ସୁଲତା ଦେଓ, ଲେଖାଶ୍ରୀ ସାମନ୍ତସିଂହାର, ସୁଦାମ ମାର୍ଣ୍ଡି, ଦେବେଶ ଆଚାର୍ଯ୍ୟ, ପ୍ରଦୀପ କୁମାର ଦିଶାରୀ, ସରୋଜ କୁମାର ମେହେର, ରୋହିତ ପୂଜାରୀ, ମୁନ୍ନା ଖାଁ, ବିକ୍ରମ ପଣ୍ଡା, ଭୃଗୁ ବକ୍ସିପାତ୍ର, ଯୋଗେଶ ସିଂହ, ନିରଂଜନ ବିଶି, ମନୋହର ରନ୍ଧାରୀ, ରମେଶ ମାଝୀ, ପ୍ରଦୀପ ମାଝୀ, ଅଧିରାଜ ପାଣିଗ୍ରାହୀ, ରୋମାଞ୍ଚ ରଂଜନ ବିଶ୍ୱାଳ, ସୁବାସିନୀ ଜେନା, ବର୍ଷା ସିଂହ ବରିହା, ଦୀପାଳି ଦାସ,



ମନୋରମା ମହାନ୍ତି, ଚିନ୍ମୟ ସାହୁ ଓ ଇପ୍ସିତା ସାହୁ ପ୍ରମୁଖ ଟିମ୍‌ରେ ସାମିଲ ଅଛନ୍ତି।


ଏହା ପୂର୍ବରୁ ଗୁରୁବାର ନୂଆପଡ଼ାରେ ପ୍ରଚାର କାର୍ଯ୍ୟକ୍ରମକୁ କିପରି ସଂଗଠିତ, ଯୋଜନାବଦ୍ଧ ତଥା ସଫଳ ଭାବେ ତୁଲାଇ ହେବ ସେନେଇ ବିଜେଡି ଏକ ୫୨ ଜଣିଆ ଟିମ୍ ଗଠନ କରିଛି। ନିଜେ ବିଜେଡି ସଭାପତି ଏହି ଟିମ୍ ଘୋଷଣା କରିବା ସହିତ ବ୍ଲକ୍‌ୱାରୀ ନେତାଙ୍କୁ ମାନଙ୍କୁ ଏହି ଦାୟିତ୍ୱ ପ୍ରଦାନ କରିଛନ୍ତି। ନୂଆପଡ଼ା ଓ କୋମନା ବ୍ଲକରେ ପ୍ରଚାର କାର୍ଯ୍ୟକ୍ରମ ତଦାରଖ ପାଇଁ ମୋଟ ୧୮ ଜଣ ଲେଖାଏଁ ୨ ଟି ଟିମ୍ ଓ ଖରିଆର୍ ରୋଡ ଏନଏସି ଏବଂ ନୂଆପଡ଼ା ଏନଏସି ପାଇଁ ୮ ଜଣ ଲେଖାଏଁ ୧୬ ଜଣ ନେତାଙ୍କୁ ନବୀନ ଦାୟିତ୍ୱ ପ୍ରଦାନ କରିଛନ୍ତି।

**କଠୋର ହେଲା ପରିବହନ ବିଭାଗ**

# ଅଭ୍ୟାସଗତ ଉଲ୍ଲଙ୍ଘନକାରୀଙ୍କ 'ଆର୍‌ସି' ରଦ୍ଦ ହେବ

କଟକ, ୧୭।୧୦(ସମିସ): ଏଣିକି ଅଭ୍ୟାସଗତ ଭାବେ ମୋଟରଯାନ ଆଇନ ନିୟମ ଉଲ୍ଲଙ୍ଘନକାରୀଙ୍କ ଗାଡ଼ିଗୁଡ଼ିକର ପଞ୍ଜୀକରଣ ପ୍ରମାଣପତ୍ର (ଆରସି) ରଦ୍ଦ କରାଯିବ। ପରିବହନ କମିସନରଙ୍କ ପକ୍ଷରୁ ଏ ସଂକ୍ରାନ୍ତରେ ସମସ୍ତ ଆଞ୍ଚଳିକ ପରିବହନ ଅଧିକାରୀ (ଆରଟିଓ)ମାନଙ୍କୁ ନିର୍ଦ୍ଦେଶ ଦିଆଯାଇଛି। ରାଜ୍ୟ ପରିବହନ ପ୍ରାଧିକରଣ (ଏସ୍‌ଟିଏ) କାର୍ଯ୍ୟାଳୟରେ ପରିବହନ ଆୟୁକ୍ତ ଅମିତାଭ ଠାକୁରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ଉପରୋକ୍ତ ନିଷ୍ପତ୍ତି ସହ ଅନେକ ଗୁରୁତ୍ୱପୂର୍ଣ୍ଣ ବିଷୟରେ ଆଲୋଚନା କରାଯାଇଛି। ସମସ୍ତ ଆଞ୍ଚଳିକ ପରିବହନ କାର୍ଯ୍ୟାଳୟ(ଆର୍‌ଟିଓ) ପକ୍ଷରୁ ଏହି ଉଲ୍ଲଙ୍ଘନକାରୀମାନଙ୍କ ତାଲିକା ପ୍ରସ୍ତୁତ କରାଯିବା ସହ ସେମାନଙ୍କୁ ଚାଲାଣ ପୈଠ କରିବାକୁ ପଞ୍ଜିକୃତ ନମ୍ବରରେ ସୂଚନା ପ୍ରଦାନ କରାଯିବ। ଏହାପରେ ବି ନିୟମ ଉଲ୍ଲଙ୍ଘନକାରୀ ବକେୟା ଚାଲାଣ ପୈଠ ନ କଲେ, ମୋଟରଯାନ ଆଇନ ଅନୁଯାୟୀ ଆରଟିଓମାନେ ନୋଟିସ୍ ପଠାଇବେ। ରାସ୍ତାରେ ଅନ୍ୟମାନଙ୍କ ପାଇଁ ବିପଦ ସାଜୁଥିବା ଏଭଳି ନିୟମ ଉଲ୍ଲଙ୍ଘନକାରୀଙ୍କ ବିରୋଧରେ ପଦକ୍ଷେପ ନେବାକୁ ସମସ୍ତ ଆଞ୍ଚଳିକ ପରିବହନ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଛନ୍ତି ପରିବହନ ଆୟୁକ୍ତ।

ବୈଠକରେ ପରିବହନ ପ୍ରାଧିକରଣର ବରିଷ୍ଠ ଅଧିକାରୀଙ୍କ ସହ ସମସ୍ତ ଉପ-ପରିବହନ ଆୟୁକ୍ତ, ଆର୍‌ଟିଓ, ଅତିରିକ୍ତ ଆର୍‌ଟିଓ ପ୍ରମୁଖ ଆଭାସୀରେ ଯୋଗ ଦେଇଥିଲେ। ବୈଠକର ନିଷ୍ପତ୍ତି ଅନୁଯାୟୀ, ଅଧିକ ସଂଖ୍ୟାରେ ଚାଲାଣ ବକେୟା ଥିବା ଗାଡ଼ିର ତାଲିକା ପ୍ରସ୍ତୁତ କରାଯିବ।



# ଫେବୃଆରୀ ତୃତୀୟ ସପ୍ତାହରୁ +୨ ପରୀକ୍ଷା

ଭୁବନେଶ୍ୱର, ୧୭।୧୦(ସମିସ): ଯୁକ୍ତ ଦୁଇ ପରୀକ୍ଷା ପାଇଁ ପ୍ରସ୍ତୁତି ଆରମ୍ଭ କରିଛି ଉଚ୍ଚ ମାଧ୍ୟମିକ ଶିକ୍ଷା ପରିଷଦ ବା ସିଏଚ୍‌ଏସ୍‌ଇ। ଏକ୍ସ ରେଗୁଲାର୍ ଛାତ୍ରଛାତ୍ରୀଙ୍କ ପାଇଁ ଫର୍ମ ପୂରଣ ଆରମ୍ଭ ହୋଇଥିବାବେଳେ ଆସନ୍ତା ୨୦ ତାରିଖରୁ ରେଗୁଲାର୍ ପିଲାଙ୍କ ଫର୍ମ ପୂରଣ ହେବ। ସେହିପରି ଡିସେମ୍ବର ୨୨ତାରିଖରୁ ଇଣ୍ଟରନାଲ୍ ପରୀକ୍ଷା କରିବା ପାଇଁ ବିଦ୍ଧିବଦ୍ଧ ବିଜ୍ଞପ୍ତି ପ୍ରକାଶ ପାଇ ସାରିଛି। ଏହାପରେ ଫେବୃଆରୀ ତୃତୀୟ ସପ୍ତାହରୁ ବାର୍ଷିକ ପରୀକ୍ଷା ଆରମ୍ଭ ହେବ। ଚଳିତ ବର୍ଷ ନୂତନ ଭାବେ ୮୯ ପରୀକ୍ଷା କେନ୍ଦ୍ର ଖୋଲିବ। ସମୁଦାୟ ୧୩୪୯ ପରୀକ୍ଷା କେନ୍ଦ୍ରରେ ଛାତ୍ରଛାତ୍ରୀମାନେ ପରୀକ୍ଷା ଦେବେ ବୋଲି ସିଏଚ୍‌ଏସ୍‌ଇ ପରୀକ୍ଷା ନିୟନ୍ତ୍ରକ ଡ. ପ୍ରଶାନ୍ତ କୁମାର ପରିଡ଼ା ସୂଚନା ଦେଇଛନ୍ତି।

ବାର୍ଷିକ ପରୀକ୍ଷା ପାଇଁ ଫେବୃଆରୀ ୧୪ ତାରିଖ ସୁଦ୍ଧା ପିଲାଙ୍କୁ ଆଡମିଟ୍ କାର୍ଡ ପ୍ରଦାନ କରାଯିବ। ୧୫ ରୁ ୨୫ ତାରିଖ ମଧ୍ୟରେ ପରୀକ୍ଷା ଆରମ୍ଭ ହେବ। ଏହା ପୂର୍ବରୁ ତ୍ରୁଟିଶୂନ୍ୟ ପରୀକ୍ଷା ପରିଚାଳନା ପାଇଁ ସିଏଚ୍‌ଏସ୍‌ଇ ବ୍ୟାପକ ପ୍ରସ୍ତୁତି ଜାରି ରଖିଛି। ଏକ୍ସ-ରେଗୁଲାର ପିଲାଙ୍କ ଫର୍ମ ପୂରଣ ଜାରି ରହିଥିବାବେଳେ ଆସନ୍ତା ୨୨ ତାରିଖ ଯାଏଁ ଚାଲିବ। ସେହିପରି ରେଗୁଲାର୍ ଛାତ୍ରଛାତ୍ରୀମାନେ ଆସନ୍ତା ୨୦ରୁ ନଭେମ୍ବର ୬ ତାରିଖ ମଧ୍ୟରେ ବିନା କୌଣସି ଫାଇନ୍‌ରେ ଫର୍ମ ପୂରଣ କରିପାରିବେ। ଏହି ଅବଧି ମଧ୍ୟରେ ଫର୍ମ ପୂରଣ କରିପାରି ନ

**ନୂତନ ଭାବେ ଖୋଲିବ ୮୯ ପରୀକ୍ଷା କେନ୍ଦ୍ର**

ଥିବା ଉଭୟ ରେଗୁଲାର୍ ଓ ଏକ୍ସ-ରେଗୁଲାର୍ ଛାତ୍ରଛାତ୍ରୀମାନେ ନଭେମ୍ବର୧୦ରୁ ୧୪ ତାରିଖ ମଧ୍ୟରେ ୨୦୦ଟଙ୍କା ଫାଇନ୍ ଏବଂ ନଭେମ୍ବର ୧୭ରୁ ୧୯ତାରିଖ ମଧ୍ୟରେ ୬୦୦ ଟଙ୍କା ଫାଇନ୍ ଦେଇ ଫର୍ମ ପୂରଣ କରିପାରିବେ। ଡିସେମ୍ବର ୨୨ ତାରିଖରୁ ଯୁକ୍ତ ଦୁଇ ଇଣ୍ଟରନାଲ ପରୀକ୍ଷା ଆରମ୍ଭ ହେବ। ଦୁଇଟି ସ୍ଲଟରେ ଜାନୁଆରୀ ୧୫ ତାରିଖ ଯାଏଁ ଛାତ୍ରଛାତ୍ରୀମାନେ ପରୀକ୍ଷା ଦେବେ। ପ୍ରଥମ ସ୍ଲଟରେ ଡିସେମ୍ବର ୨୨ରୁ ୩୧ ତାରିଖ ପର୍ଯ୍ୟନ୍ତ ଇଣ୍ଟରନାଲ ଆସେସମେଣ୍ଟ, ପ୍ରୋଜେକ୍ଟ ମୂଲ୍ୟାଙ୍କନ ଓ ମୌଖିକ ପରୀକ୍ଷା ସରିବ। ଏହାପରେ ଦ୍ୱିତୀୟ ସ୍ଲଟରେ ଜାନୁଆରୀ ୨ରୁ ପ୍ରାକ୍ଟିକାଲ ପରୀକ୍ଷା ଆରମ୍ଭ ହୋଇ ୧୫ ତାରିଖରେ ସରିବ। ଏହି ସମୟରେ ପରୀକ୍ଷା ଦେଇପାରି ନଥିବା ଛାତ୍ରଛାତ୍ରୀଙ୍କୁ ଜାନୁଆରୀ ୧୦ ରୁ ୧୫ ତାରିଖ ମଧ୍ୟରେ ପରୀକ୍ଷା ଦେବାକୁ ଆଉ ଏକ ସୁଯୋଗ ମିଳିବ।

ପରୀକ୍ଷାରେ ସ୍ୱଚ୍ଛତା ପାଇଁ ଷ୍ଟ୍ରଙ୍ଗ ରୁମ୍ ସମେତ ପରୀକ୍ଷା ହଲ୍, ଲାବୋରାଟୋରୀ ଓ ବିଭିନ୍ନ ସମ୍ବେଦନଶୀଳ ସ୍ଥାନରେ ସିସିଟିଭି ଲଗାଇବାକୁ ସିଏଚ୍‌ଏସ୍‌ଇ ଗୁରୁତ୍ୱ ଦେଇଛି। ବିଶେଷ କରି ପ୍ରଥମଥର ପାଇଁ ସେଣ୍ଟର ହେଉଥିବା ଶିକ୍ଷାନୁଷ୍ଠାନରେ ସିସିଟିଭି ସୁନିଶ୍ଚିତ କରିବାକୁ କୁହାଯାଇଛି। ପ୍ରଶ୍ନପତ୍ର ପହଞ୍ଚିବା ପୂର୍ବରୁ କ୍ୟାମେରାକୁ ଯାଞ୍ଚ କରି ତାରିଖ ଓ ସମୟ ଠିକ୍ କରିବାକୁ ନିର୍ଦ୍ଦେଶ ଦିଆଯାଇଛି। ସେଗୁଡ଼ିକର ଆଇଡି ଓ ପାସ୍‌ୱାର୍ଡ ମଧ୍ୟ ନଭେମ୍ବର ୨୯ ତାରିଖ ସୁଦ୍ଧା ସିଏଚ୍‌ଏସ୍‌ଇକୁ ପ୍ରଦାନ କରିବେ। ଫଳରେ କୃତ୍ରିମ ବୁଦ୍ଧିମତା (ଏଆଇ) ଉପଯୋଗ କରି ପରୀକ୍ଷା ସମୟର ସିଧାପ୍ରସାରଣ ଦେଖିବା ସହ ସିଏଚ୍‌ଏସ୍‌ଇ କାର୍ଯ୍ୟାଳୟରୁ ନିୟନ୍ତ୍ରଣ କରାଯାଇ ପାରିବ। କୌଣସି ଅସଙ୍ଗତି ପରିଲକ୍ଷିତ ହେଲେ ସିଧାସଳଖ କାର୍ଯ୍ୟାନୁଷ୍ଠାନ ମଧ୍ୟ ଗ୍ରହଣ କରାଯିବ।

# ୬ ବର୍ଷର ଶିଶୁକୁ ନିର୍ମମ ହତ୍ୟା


ପାପଡ଼ାହାଣ୍ଡି, ୧୭।୧୦(ସମିସ): ନବରଙ୍ଗପୁର ଜିଲ୍ଲା ପାପଡ଼ାହାଣ୍ଡି ଥାନା ଅନ୍ତର୍ଗତ କୃଷ୍ଣଗୁଡ଼ା ଗ୍ରାମରେ ୬ ବର୍ଷର ଏକ ଶିଶୁକୁ ନିର୍ମମ ହତ୍ୟା କରାଯାଇଛି। ମୃତ ଶିଶୁଜଣଙ୍କ ହେଲା, ଗ୍ରାମର ଶିବ ମହୁରିଆଙ୍କ ପୁଅ ମଜେଶ ମହୁରିଆ(୬)। ମଜେଶ ଆଜି ସକାଳେ ଘର ବାହାରେ ଖେଳୁଥିବା ବେଳେ ହଠାତ୍ ଅନ୍ତର୍ଦ୍ଧାନ ହୋଇଯାଇଥିଲା। ପରିବାରଲୋକ ବହୁ ଖୋଜାଖୋଜି କରି ମଧ୍ୟ ନିରାଶ ହୋଇଥିଲେ। ତେବେ ଦିନ ପ୍ରାୟ ସାଢ଼େ ୧ଟାରେ ଏକ ପରିତ୍ୟକ୍ତ ଘରୁ ତା' ଶବ ଉଦ୍ଧାର ହୋଇଥିଲା। ଶିବଙ୍କ ଅଭିଯୋଗ ଆଧାରରେ ପୁଲିସ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ଏହି ଘଟଣାରେ ପୁଲିସ ୧୪ବର୍ଷୀୟ ଜଣେ ନାବାଳକକୁ ଅଟକ ରଖି ପଚରାଉଚରା କରୁଛି। ତେବେ ପ୍ରକୃତରେ କିଏ ହତ୍ୟା କରିଛି, ତାହା ଏପର୍ଯ୍ୟନ୍ତ ସ୍ପଷ୍ଟ ହୋଇନାହିଁ। ପୁଲିସ୍ ସମସ୍ତ ଦିଗକୁ ତଦନ୍ତ କଲା ପରେ ହିଁ ସ୍ପଷ୍ଟ ହେବ ବୋଲି ପାପଡ଼ାହାଣ୍ଡି ଏସ୍‌ଡିପିଓ ସତ୍ୟଜିତ କଣ୍ଡେଲକର ଓ ଆଇଆଇସି ଦୀପକ କୁମାର ଜେନା କହିଛନ୍ତି। ଅପରପକ୍ଷେ, ପୁଲିସ ଓ ସାଇଣ୍ଟିଫିକ୍ ଟିମ୍ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରିବା ସହ ଶବକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇଛି।



**୧୪ ବର୍ଷୀୟ ନାବାଳକ ଅଟକ**

# ନଭେମ୍ବର ୧୫ରୁ ଇକୋ-ରିଟ୍ରିଟ୍

ଭୁବନେଶ୍ୱର, ୧୭।୧୦ (ସମିସ): ଆସନ୍ତା ନଭେମ୍ବର ୧୫ ତାରିଖରୁ ଆରମ୍ଭ ହେବ 'ଇକୋ ରିଟ୍ରିଟ୍'। ଚଳିତବର୍ଷ ୭ଟି ଜାଗାରେ ଇକୋ-ରିଟ୍ରିଟ୍ ଆୟୋଜିତ ହେବାକୁ ଥିବା ବେଳେ କୋରାପୁଟ, କୋଣାର୍କ, ସାତକୋଶିଆ, ଭିତରକନିକା, ଦାରିଙ୍ଗବାଡ଼ି, ହୀରାକୁଦ ଓ ପତି ସୋନାପୁର ବେଳାଭୂମିରେ ନିଆରା ଅନୁଭୂତି ସାଉଁଟିବେ ପର୍ଯ୍ୟଟକ। ପ୍ରଥମ ପର୍ଯ୍ୟାୟରେ ହୀରାକୁଦ, ଦାରିଙ୍ଗବାଡି, କୋରାପୁଟ(ପୁଟସିଲ୍) ଓ ସାତକୋଶିଆ, ସୋନାପୁର ଓ ଭିତରକନିକାରେ ଉଦଘାଟନ ହେବାର କାର୍ଯ୍ୟକ୍ରମ ରହିଛି। ପରେ ଡିସେମ୍ବର ୧୩ ତାରିଖରେ, ଦ୍ୱିତୀୟ ପର୍ଯ୍ୟାୟରେ କୋଣାର୍କ ଇକୋ-ରିଟ୍ରିଟ୍ ଆରମ୍ଭ ହେବ ବୋଲି ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି। ୩ ମାସ ଧରି ଅନୁଷ୍ଠିତ ହେବାକୁ ଥିବା ଇକୋ-ରିଟ୍ରିଟ୍‌ରେ ପର୍ଯ୍ୟଟକଙ୍କ ସୁରକ୍ଷାକୁ ଗୁରୁତ୍ୱ ଦିଆଯିବ। ଏଥିପାଇଁ ରାଜ୍ୟ ପର୍ଯ୍ୟଟନ ବିଭାଗ ପକ୍ଷରୁ ଇକୋ ରିଟ୍ରିଟ୍ ୱେବସାଇଟ୍(ବୁକ୍ ଓଡ଼ିଶା ଡଟ୍ କମ୍ ଏବଂ ଓଡ଼ିଶା ଇକୋ ରିଟ୍ରିଟସ୍ ଡଟ୍ କମ୍) ରେ ଖୁବଶୀଘ୍ର ବୁକିଂ ଆରମ୍ଭ ହେବ। ପ୍ରକୃତି କୋଳରେ ରହି ପ୍ରାକୃତିକ ସୌନ୍ଦର୍ଯ୍ୟ ସାଙ୍ଗକୁ ଦୁଃସାହସିକ ଜଳ କ୍ରୀଡ଼ାକୁ ଉପଭୋଗ କରିବେ ଦେଶ ବିଦେଶର ପର୍ଯ୍ୟଟକ। ସୁଦୀର୍ଘ ସମୁଦ୍ରର ବାଲୁକା ରାଶିରେ ଅତ୍ୟାଧୁନିକ କ୍ୟାମ୍ପ୍ ସହ ଷ୍ଟାର୍ ହୋଟେଲ ଖାଦ୍ୟର ସୁବିଧା ରହିବ। ପ୍ରତିବର୍ଷ ଏଥିପାଇଁ ଯୁବପିଢ଼ିଙ୍କ ମଧ୍ୟରେ ବେଶ୍ ଆଗ୍ରହ ସୃଷ୍ଟି ହୋଇଥିବା ବେଳେ ଇକୋ ରିଟ୍ରିଟ୍ ୱେବସାଇଟ୍‌କୁ ଯାଇ ଯେକୌଣସି ବ୍ୟକ୍ତି ବୁକିଂ କରିପାରିବେ। ସୂଚନା ଅନୁସାରେ, କୋଣାର୍କଠାରେ ବିଳମ୍ବରେ ଇକୋ ରିଟ୍ରିଟ ଆରମ୍ଭ ହେବ। ଡିସେମ୍ବର ପ୍ରଥମ ସପ୍ତାହ ସୁଦ୍ଧା ଭିତ୍ତିଭୂମି ପ୍ରସ୍ତୁତ ପାଇଁ ସର୍କିଟ ହାଉସଠାରେ ଆୟୋଜିତ ପ୍ରସ୍ତୁତି ବୈଠକରେ ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ା ନିର୍ଦ୍ଦେଶ ଦେଇଛନ୍ତି।




# ୩ ଚୋରି ଅଭିଯୁକ୍ତଙ୍କୁ ୨ ବର୍ଷ କାରାଦଣ୍ଡ

ରାୟଗଡ଼ା,୧୭ ।୧୦(ସମିସ): ରାୟଗଡ଼ା ବ୍ଲକ ଅନ୍ତର୍ଗତ ଜେକେପୁରସ୍ଥିତ ବି.ସି.ରୋଡସ୍ଥିତ ଏକ ଔଷଧ ଦୋକାନରୁ ୧୫ ହଜାର ଟଙ୍କା ସହ ମୋବାଇଲ ଫୋନ ଚୋରି କରିଥିବା ୩ ଅଭିଯୁକ୍ତଙ୍କୁ ଆଜି ରାୟଗଡ଼ା ଏସଡିଜେଏମ ବର୍ଷା ଦାସ ୨ ବର୍ଷ ଲେଖାଏଁ କାରାଦଣ୍ଡାଦେଶ ଶୁଣାଇଛନ୍ତି । ମିଳିଥିବା ସୂଚନା ମୁତାବକ, ଗତ ୨୦୨୪ ମସିହା ଅକ୍ଟୋବର ୧୭ ତାରିଖ ରାତିରେ ଚାନ୍ଦିଲି ଥାନା ଅନ୍ତର୍ଗତ ବି.ସି.ରୋଡସ୍ଥିତ ବାଲାଜୀ ମେଡିକାଲ ଷ୍ଟୋରର ସଟର ଭାଙ୍ଗି ଦୋକାନରେ ଥିବା ୧୫ ହଜାର ଟଙ୍କା ସହ ଗୋଟିଏ ମୋବାଇଲ ଫୋନ ଚୋରି କରି ନେଇଥିଲେ ଦୁର୍ବୃତ୍ତ । ଏ ନେଇ ଦୋକାନୀ ମାଲିକ ଚାନ୍ଦିଲି ଥାନାରେ ଏତଲା ଦେଇଥିଲେ । ଏ ନେଇ ପୁଲିସ ଏକ ମାମଲା ରୁଜୁ କରି ଏହାର ଅନୁସନ୍ଧାନ କରି ଅଭିଯୁକ୍ତ ହେମନ୍ତ କୁମାର ରାଓ, ଏସ.କେ.ବସା, ଭି.ଭେଙ୍କେଟେସଙ୍କୁ ଗିରଫ କରି ଅଦାଲତ ଚାଲାଣ କରିଥିଲା । ଏହି ମାମଲାରେ କୋର୍ଟ ୯ ଜଣଙ୍କ ସାକ୍ଷ୍ୟ ପ୍ରମାଣକୁ ଭିତ୍ତି କରି ୩ ଅଭିଯୁକ୍ତଙ୍କୁ ୨ ବର୍ଷ କାରାଦଣ୍ଡାଦେଶ ସହ ୧୦ ହଜାର ଟଙ୍କାର ଜୋରିମାନା ନିର୍ଦ୍ଦେଶ ଦେଇଥିଲେ । ଜୋରିମାନା ଅନାଦେୟରେ ଅଧିକ ୬ ମାସ ଜେଲ ଦଣ୍ଡାଦେଶ ଶୁଣାଇଛନ୍ତି ରାୟଗଡ଼ା ଏସଡିଜେଏମ ବର୍ଷା ଦାସ । ସରକାରୀ ଆଇନଜୀବୀ ସଚିଦାନନ୍ଦ ଖାଡଙ୍ଗା ଏହି ମାମଲା ପରିଚାଳନା କରୁଥିଲେ ।

# କେବେ ହେବ ଆରପିଡିଏସି ବୈଠକ ?

ଲକ୍ଷ୍ମୀପୁର, ୧୭।୧୦(ସମସ):

ଦୀର୍ଘ ୨୦ ବର୍ଷ ପରେ ରାୟଗଡ଼ା ଓ କୋରାପୁଟ ଜିଲ୍ଲା ଲକ୍ଷ୍ମୀପୁର ଏବଂ କାଶିପୁର ବ୍ଲକର ୨୧ ଶହ ଏକର ଜମିରେ ହିଣ୍ଡାଲକୋର ଆଦିତ୍ୟ ବିର୍ଲା କାରଖାନା କାର୍ଯ୍ୟ ଆରମ୍ଭ ହୋଇ ଆଜକୁ ୧୦ ମାସ ବିତିଲାଣି କିନ୍ତୁ ଆରପିଡିଏସି ବୈଠକ ହୋଇପାରିଲା ନାହିଁ । ଏହା କ୍ଷତିଗ୍ରସ୍ତ ପ୍ରଭାବିତ ଅଞ୍ଚଳବାସୀଙ୍କ ପାଇଁ ବହୁତ ଜରୁରୀ ଅଟେ । କାରଣ ଉକ୍ତ ବୈଠକ ହେଲେ ବିସ୍ଥାପିତ, ପ୍ରଭାବିତ ଓ କ୍ଷତିଗ୍ରସ୍ତ ଲୋକଙ୍କ ସମସ୍ୟା ଗୁଡ଼ିକ ଉପସ୍ଥାପନ ହେବ ଏବଂ ଲିପିବଦ୍ଧ ହୋଇ ସେହି ଅନୁସାରେ କାରଖାନା ତାର କାର୍ଯ୍ୟପନ୍ଥା ପ୍ରସ୍ତୁତ କରି ସେମାନଙ୍କୁ ସୁବିଧା ସୁଯୋଗ ଯୋଗାଇ ଦେବ । ଏବେ ତାହା ପୁରୁଣା ନିୟମକୁ ଆଧାର କରି କମ୍ପାନୀ ତାର କାର୍ଯ୍ୟ ଆରମ୍ଭ କରିଛି । ଏହା ଦ୍ୱାରା ଲୋକଙ୍କ କ୍ଷତି ହେଉଛି ବୋଲି ଅଞ୍ଚଳବାସୀ ଏବେ ଚିନ୍ତାରେ ପଡ଼ିଛନ୍ତି । ସେଥି ପାଇଁ ବାରମ୍ବାର ଆରଡିସି ପାଖକୁ ଯାଇ ବୈଠକ ଡାକିବାକୁ ଅନୁରୋଧର କରିବା ସହ ଲିଖିତ ଆକାରରେ ଜଣାଇଛନ୍ତି । ରାଜ୍ୟ ସରକାରଙ୍କୁ ମଧ ଭେଟି ଅବଗତ କରାଯାଇଛ । ଆରପିଡିଏସ ବୈଠକ ଅନୁଷ୍ଠିତ ହେବାକୁ ପ୍ରତିଶ୍ରୁତି ମିଳୁଛି କିନ୍ତୁ ଆୟୋଜନ କରାଯାଉ ନାହିଁ । ଏହା କଣ ପାଇଁ କରାଯାଉ ନାହିଁ ତାହା ଏବେ ଅଞ୍ଚଳବାସୀ ଚିନ୍ତାରେ ପଡ଼ିଛନ୍ତି । ଲୋକଙ୍କ କ୍ଷତିପୂରଣ ପାଇବାର ଅଛି ସୋସିଆଲ ଇମ୍ପାକ ଷ୍ଟୋଡ଼ି ହେବାର ଅଛି ଅଭଳି ଅନେକ ସମସ୍ୟା ଲୋକଙ୍କର ରହିଛି ଯାହା ବୈଠକ ଆୟୋଜନ ହେଲେ ସମାଧାନର ବାଟ ବାହାରିବ । ଏପରି ଗୁରୁତ୍ୱପୂର୍ଣ୍ଣ ବିଷୟକୁ କଣ ପାଇଁ ଅବହେଳା କରାଯାଉଛି ତାହା ଆଶ୍ଚର୍ଯ୍ୟ ର ବିଷୟ ଅଟେ । ଏ ସରକାର ଲୋକଙ୍କ ସରକାର ବୋଲି ଡିନ୍ଦିମ ପିଟୁ ଥିବା ବେଳେ ଆଜି ଲୋକ ପଡ଼ି ରହି ଥିବା ନିଜର ସମସ୍ତଙ୍କୁ ଗୃହିତ କରିବା ପାଇଁ ଚାହୁଁଛନ୍ତି କିନ୍ତୁ କେହି କର୍ଣ୍ଣପାତ କରୁନାହାନ୍ତି ତାହା ଦୁଃଖର ବିଷୟ । କମ୍ପାନୀ ୨୧ ଶହ ଏକର ଜମି ଆବଶ୍ୟକ ହେଉ ଥିବା ବେଳେ ୧୩୮୫ ଏକର କୁ ୨୦୧୩ ମସିହା ପୂର୍ବରୁ ଅଧିଗ୍ରଣ ହୋଇଛି ଏବଂ ୫ ଶହ ଏକର ଏବେ ଅଧିଗ୍ରଣ ହୋଇଛି । ହେଲେ ଯେଉଁ ଜମି ଅଧିଗ୍ରହଣ ହୋଇଛି ଏଲ୍ଏଆରଆର୨୦୧୩ ଏବଂ ଏହା ପୂର୍ବରୁ ଥିବା ଆରଆର ପଲିସି ୨୦୦୬ ଏହା କେଉଁ ନିୟମାବଳୀ ରେ ଅନ୍ତର୍ଭୁକ୍ତ ହେବ ତାହା ଅଜ୍ଞ । ବିଗତ ଦିନରେ ହୋଇ ଥିବା ଲ୍ୟାଣ୍ଡ ଇକ୍ୱେଶନ ଦୁଇ ଶହ ଜଣଙ୍କର ଟଙ୍କା ଦିଆ ଯାଇ ନାହିଁ । କ୍ଷତିଗ୍ରସ୍ତ ଲୋକଙ୍କୁ ଆଜି ପର୍ଯ୍ୟନ୍ତ ଏକ୍ସଗ୍ରେସିଆ ପ୍ରାପ୍ୟ ୩ ଲକ୍ଷରୁ ୬ଲକ୍ଷ ଟଙ୍କା ମିଳିବା କଥା । ଆଜି ପର୍ଯ୍ୟନ୍ତ ଦିଆଯାଇ ନାହିଁ । ସେଥି ପାଇଁ ରାୟଗଡ଼ା ଓ କୋରାପୁଟ ଜିଲ୍ଲା ଗସ୍ତରେ ରହି ଥିବା ଆରଡିସି ସଂଗ୍ରାମ କେଶରୀ ମହାପାତ୍ର ଙ୍କୁ ଅଞ୍ଚଳବାସୀ ସତନ୍ତ୍ର ବାଭେ ସାକ୍ଷାତ କରି ଯଥାଶୀଘ୍ର ଆରପିଡିଏସି ବୈଠକ ଡାକିବାକୁ ଲିଖିତ ଅଭିଯୋଗ ଦେଇଛନ୍ତି । ଶ୍ରୀ ମହାପାତ୍ର ଏହା ଗ୍ରହଣ କରି ତୁରନ୍ତ ବୈଠକ ଆୟୋଜନ କରିବାକୁ ନିର୍ଦ୍ଦେଶ ଦେବେ ବୋଲି ପ୍ରତିଶ୍ରୁତି ଦେଇଛନ୍ତି ।

# ଦୁର୍ବୃତ୍ତଙ୍କ କବଜାରେ ଚିତ୍ରକୋଣ୍ଡା ବାଲିମେଳା ମୁଖ୍ୟରାସ୍ତା

ଚିତ୍ରକୋଣ୍ଡା , ୧୭ ।୧୦(ସମିସ): ଦୁର୍ବୃତ୍ତଙ୍କ କବଜାରେ ମାଲକାନଗିରି ଜିଲ୍ଲାର ଚିତ୍ରକୋଣ୍ଡା-ବାଲିମେଳା ମୁଖ୍ୟରାସ୍ତା । ଆଜି ଦିନ ୩ଟା ସମୟରେ ଚିତ୍ରକୋଣ୍ଡା ବାଲିମେଳା ମୁଖ୍ୟରାସ୍ତା ଭଲ୍ଭ ହାଉସ୍ ଛକ ନିକଟରେ ଚୋରି ହୋଇଛି । ମିଳିଥିବା ସୂଚନା ଅନୁସାରେ ୩ ଦୁର୍ବୃତ୍ତ ଭଲ୍ଭ ହାଉସ ଛକ ନିକଟରେ ଲୁଚି ରହିଥିଲେ ଏହି ସମୟରେ ମାଲକାନଗିରି ଶିବା ଚପଲ ଦୋକାନର ଗୁମାସ୍ତା ବାପୁନ୍ ମିସ୍ତ୍ରୀ ଚିତ୍ରକୋଣ୍ଡା ଅଞ୍ଚଳରୁ ସାପ୍ତାହିକ କଲେକ୍ସନ କରି ମାଲକାନଗିରି ଫେରୁଥିବା ବେଳେ ଦିନ ୩ ଟା ସମୟରେ ଏହି ୩ ଦୁର୍ବୃତ୍ତ ତାଙ୍କୁ ଅଟକାଇ ଟଙ୍କା ବ୍ୟାଗ୍ ଓ ମୋଟର ସାଇକେଲର ଚାବି ଛଡାଇ ନେଇଯାଇଥିଲେ । ଏହି ସମୟରେ ଜୟପୁର ଅଭିମୁଖେ ଯାଉଥିବା ଗୋଟିଏ କାର ପହଞ୍ଚିବା ଯୋଗୁ ଘଟଣା ସ୍ଥଳରେ ବାପୁନ୍‌କୁ ଛାଡି ୩ ଦୁର୍ବୃତ୍ତ ଦୁଇଟ ମୋଟର ସାଇକେଲ ଗ୍ଲାମର୍ ଓ ୟୁନିକର୍ନ ଯୋଗେ ଟନେଲ୍ କ୍ୟାମ୍ପ ଆଡେ ଚାଲି ଯାଇଥିଲେ । ସୌଭାଗ୍ୟ ବଶତଃ କାରଟି ପହଞ୍ଚି ଯିବାରୁ ଗାଡ଼ି ଓ ବାପୁନ୍‌ର କୌଣସି କ୍ଷତି ହୋଇନାହିଁ । ପୂର୍ବରୁ ମଧ ରାତି ସମୟରେ ଚିତ୍ରକୋଣ୍ଡା ଘାଟିରେ କିଛି ଦୁର୍ବୃତ୍ତ ଲୁଚି ରହି ଲୁଟ ତରାଜ୍ କରୁଥିବା ସୂଚନା ମିଳିଛି । ଦିନ ଦ୍ୱିପ୍ରହରରେ ବାଲିମେଳା ଚିତ୍ରକୋଣ୍ଡା ରାସ୍ତାରେ ଚୋରି ହୋଇଥିବାରୁ ଏହି ରାସ୍ତାରେ ଯିବା ଆସିବା କରିବା ପାଇଁ ଅସୁରକ୍ଷିତ ମଣୁଛନ୍ତି ଯାତ୍ରୀ । ଏହି ଦୁର୍ବୃତ୍ତ ଉପରେ ପୁଲିସ କେବେ କାବୁ କରିବ ତାହା ସବୁଠୁ ବଡ଼ ପ୍ରଶ୍ନବାଚୀ ।

# ଗୁଣି ଗାରେଡି, ଅନ୍ଧବିଶ୍ୱାସ ନେଇ ସଚେତନତା

 କୋରାପୁଟ,୧୭।୧୦(ସମିସ): ସ୍ଥାନୀୟ ସଦର ଥାନା ଠାରେ ଗୁଣି ଗାରେଡି ଓ ଅନ୍ଧ ବିଶ୍ୱାସ ଠାରୁ ଦୁରେଇ ରହିବା ସହ କୌଣସି ଅପ୍ରୀତିକର ପରିସ୍ଥିତି ସୃଷ୍ଟି ନକରିବା ନେଇ ଏକ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ଗୁଣି ଗାରେଡ଼ିରେ ହତ୍ୟାକାଣ୍ଡକୁ ଘଟୁଥିବାକୁ ନେଇ କୋରାପୁଟ ବ୍ଲକର ମହାଦେଇ ପୁଟ ଓ ମସ୍ତିପୁଟ ଅଞ୍ଚଳରେ ଭୟରେ ବାତାବରଣ ସୃଷ୍ଟି ହୋଇଥିଲା । ଫଳରେ ଗ୍ରାମବାସୀ ମାନେ ରାତିରେ ଠେଙ୍ଗା ବାଡି ଧରି ଗ୍ରାମରେ ପହରା ଦେବା ସହ ଅଚିହ୍ନା ବ୍ୟକ୍ତିଙ୍କୁ ମାରାପିଟା କରିବା ପାଇଁ ପ୍ରସ୍ତୁତ ହେଉଥିବାରୁ ଏହାକୁ ରୋକିବା ପାଇଁ ପୁଲିସ ପକ୍ଷରୁ ପଦକ୍ଷେପ ନିଆଯାଇଥିଲା । ଆଜି ଏସଡିପିଓ ସଞ୍ଜୟ ମଣ୍ଡଳଙ୍କ ଅଧକ୍ଷତାରେ ୨ ଟି ପଞ୍ଚାୟତ ର ସରପଞ୍ଚ , ସମିତି ସଭ୍ୟ ଓ ଗ୍ରାମବାସୀ ମାନଙ୍କୁ ନେଇ ବୁଝାସୁଝା କରାଯିବା ସହିତ ସଚେତନ କରାଯାଇଛି । ଗୁଣି ଗାରେଡି ଠାରୁ ଦୁରେଇ ରହିବା , ସନ୍ଦେହ ହେଲେ କୌଣସି



ବ୍ୟକ୍ତିଙ୍କୁ ମାରାପିଟା ନ କରି ଆଇନ କୁ ହାତକୁ ନ ନବା ପାଇଁ ବୁଝାଉବା ସହ ଥାନାକୁ ଜଣାଇବା ପାଇଁ ଏସଡିପିଓ ଶ୍ରୀ ମଣ୍ଡଳ ପରାମର୍ଶ ଦେଇଥିଲେ । ସଦର ଥାନା ଆଇଆଇସି ରୁନୁ ମାଝୀ ଉପସ୍ଥିତ ଥିଲେ । ସୂଚନା ଯୋଗ୍ୟ ଯେ ଗତ ରବିବାର ରାତ୍ରୀରେ ନନ୍ଦପୁର ଥାନା ଅଧୀନ ସୁବାଇ ଗ୍ରାମରୁ କଟା ଯାଇଥିବା ବର ଓ ଓସ୍ତ ଗଛକୁ ଏକ ଟ୍ରାକ୍ଟର ଯୋଗେ ନଦୀରେ ଭସାଇବାକୁ ନିଆଯାଉଥିବା ବେଳେ କିଛି ଲୋକ ଶବ ନିଆ ଯାଉଥିବା ଓ ଯେ କୌଣସି ନଦୀ ଘାଟରେ ଭସା ଯିବ କିମ୍ବା ଗାଁ ରେ ପୋତା ଯିବ ସେହି ଗାଁର ଲୋକେ ମରିଯିବେ ବୋଲି ଗୁଜବ କରିବାରେ ରାତି ତମାମ କୋରାପୁଟ ଜିଲ୍ଲାର ୫ ଥାନା ଅଞ୍ଚଳରେ ଉତ୍ତେଜନା ସୃଷ୍ଟି ହୋଇଥିଲା । ଲୋକେ ନିଜ ନିଜ ଗାଁ ମୁଣ୍ଡରେ ଠେଙ୍ଗା ବାଡି ଧରି ଜଗିବା ସହ ଟ୍ରାକ୍ଟରରେ ଥିବା ଦୁଇଜଣଙ୍କୁ ମାଡ ମାରି ଆହତ କରିଥିଲେ । ଗତ କାଲି କୋରାପୁଟ ସଦର ଥାନା ଅଞ୍ଚଳରେ ଗାଁ ଗାଁରେ ରାସ୍ତା ଉପରେ କିଛି ଲୋକେ ଠେଙ୍ଗା ବାଡ଼ି ଧରି କାଳେ ପୋଲିସ ଗଛ ଆଣି ଏପଟେ ପକାଇଦେବ ଭାବି ପହରା ଦେଉଥିଲେ । ସଦର ଥାନା ପୁଲିସ ଖବର ପାଇଁ ପୁରା ଟିମ ସହ ଯାଇ ଲୋକଙ୍କୁ ବୁଝାଇଥିଲେ ବି ଲୋକେ ବୁଝି ନ ଥିଲେ । ବାଧ ହୋଇ ୧୪ଜଣଙ୍କୁ ରାତିରେ ଉଠାଇ ଆଣିଥିଲା ପୁଲିସ ।

# ମଦ ଜବତ, ମହିଳା ଗିରଫ

କୋଷାଗୁମୁଡା,୧୭।୧୦(ସମିସ): ନବରରଙ୍ଗପୁର ଜିଲ୍ଲା ଅବକାରୀ ଅଧିକ୍ଷକଙ୍କ ନିର୍ଦ୍ଦେଶ କ୍ରମେ କୋଷାଗୁମୁଡା ବ୍ଲକ କୋଡ଼ିଙ୍ଗା ଅବକାରୀ ବିଭାଗର ତତ୍ପରତାରେ ୧୦ ଲିଟର ଦେଶୀ ମଦ ଜବତ ଓ ଜଣେ ମହିଳା ଗିରଫ ହୋଇଛି । ଏହି ଚଢ଼ଉରେ କୋଡ଼ିଙ୍ଗା ଅବକାରୀ ଅଧିକାରୀ ଦେଶୀରାଜ ସୁନା ଏବଂ ତାଙ୍କ ଟିମ ସାମିଲ ଥିଲେ । ଅଭିଯୁକ୍ତ ମହିଳା କୋଡ଼ିଙ୍ଗା ଥାନା ଅନ୍ତର୍ଗତ ଜୋବାଗୁଡା ଗ୍ରାମର ବୋଲି କୋଡ଼ିଙ୍ଗା ଅବକାରୀ ଅଧିକାରୀ ଦେଶୀରାଜ ସୁନା ସୂଚନା ଦେଇଛନ୍ତି ।

# ଦୁଷ୍କର୍ମ ଅଭିଯୁକ୍ତ ନିର୍ଦ୍ଦୋଷରେ ଖଲାସ

ନବରଙ୍ଗପୁର,୧୭।୧୦(ସମିସ): ନବରଙ୍ଗପୁର ଜିଲ୍ଲା ଓ ଦୌରା ଜଜ୍ ସୁବ୍ରତ ମହାନ୍ତି ଏକ ଦୁଷ୍କର୍ମ ଘଟଣାର ବିଚାରଣା କରି ଉପଯୁକ୍ତ ସାକ୍ଷ୍ୟ ପ୍ରମାଣ ଅଭାବରୁ ଅଭିଯୁକ୍ତ ଚୈତନ ଗୌଡ଼ଙ୍କୁ ନିର୍ଦ୍ଦୋଷରେ ଖଲାସ କରିଛନ୍ତି । ସୂଚନା ଅନୁଯାୟୀ , ପାପଡାହାଣ୍ଡି ଥାନା ଅନ୍ତର୍ଗତ ବାଙ୍କ ସରଗି ଗ୍ରାମର ପୀଡ଼ିତା ଗତ ୨୫/୨୫/୧୦୨୫ ଦିନ ପାପଡାହାଣ୍ଡି ଥାନାରେ କେସ ନମ୍ବର ୧୦୪/୨୫ ପ୍ରକାରେ ଏକ ଲିଖିତ ଅଭିଯୋଗ କରିଥିଲେ ଯେ ତାଙ୍କୁ ବିବାହର ପ୍ରଲୋଭନ ଦେଖାଇ ଦୀର୍ଘ ୬ ବର୍ଷ ଧରି ନାନା ପ୍ରକାର ପ୍ରଲୋଭିତ କରି ତାଙ୍କ ଗ୍ରାମର ଚୈତନ ଗୌଡ଼ ତାଙ୍କୁ ପ୍ରେମ କରିବା ସହ ତାଙ୍କ ସହ ଶାରୀରିକ ସମ୍ପର୍କ ରଖି ତାଙ୍କୁ ଗର୍ଭବତୀ କରିଥିଲେ । ପୋଲିସ ଘଟଣାର ତଦନ୍ତ କରି ଅଭିଯୁକ୍ତ ଚୈତନ ଗୌଡ଼ଙ୍କୁ କୋର୍ଟ ଚାଲାଣ କରିବା ସହ ତାଙ୍କ ନାମରେ ଭାରତୀୟ ନାଗରୀକ ନ୍ୟାୟ ସଂହିତାର ଧାରା ୬୯ ପ୍ରକାରେ ମାମଲା ରୁଜୁ କରିଥିଲେ । ଯାହାର କୋର୍ଟ କେସ ନମ୍ବର ଥିଲା ସିଟି -୩୭/୨୫ । ଏହି ଘଟଣାର ସମସ୍ତ ୧୧ ଜଣ ସାକ୍ଷ୍ୟ ପ୍ରମାଣକୁ ଭିତ୍ତି କରି ଜିଲ୍ଲା ଓ ଦୌରା ଜଜ ସୁବ୍ରତ ମହାନ୍ତି ଅଭିଯୁକ୍ତ ଚୈତନ ଗୌଡ଼ଙ୍କୁ ନିର୍ଦ୍ଦୋଷରେ ଖଲାସ କରିଛନ୍ତି । ଅଭିଯୁକ୍ତଙ୍କ ପକ୍ଷରୁ ମାମଲାକୁ ବରିଷ୍ଠ ଆଇନଜୀବୀ ନରସିଂହ ତ୍ରିପାଠୀ ପରିଚାଳନା କରିଥିଲେ । ତାଙ୍କ ସହଯୋଗୀ ମାନେ ମାମଲାକୁ ପରିଚାଳନା ସହଯୋଗ କରିଥିବା ଆଇନଜୀବୀ ଶ୍ରୀକାନ୍ତ ପଣ୍ଡା ସୂଚନା ଦେଇଛନ୍ତି ।

■ ଚିନାବାଦାମ ଟଙ୍କା ହଡ଼ପ ଘଟଣା

# ସମବାୟ ବିଭାଗର ତଦନ୍ତ

ଜୟପୁର,୧୭ ।୧୦(ସମିସ):

କୋରାପୁଟ ଜିଲ୍ଲା ବୈପାରୀଗୁଡା ବ୍ଲକରେ ଚାଷୀଙ୍କ ଉତ୍ପାଦିତ ଚିନାବାଦାମ ଫସଲକୁ ଗତ ଜୁଲାଇ ୨୨ ତାରିଖ ଠାରୁ ୧୫ ତାରିଖ ପର୍ଯ୍ୟନ୍ତ ଲ୍ୟାମ୍ପସ ମଣ୍ଡିରେ ବିକ୍ରୟ କରିଥିଲେ । କିନ୍ତୁ ଜୟପୁର ମାର୍କଫେଡର ଜୈନିକ କର୍ମଚାରୀ ମାନଙ୍କ ଚିନାବାଦମ କ୍ରୟ କରାଯିବା ବୋଲି ଚାଷୀଙ୍କ ଡାକିଥିଲେ । ଚାଷୀଙ୍କ ଠାରୁ ଚିନାବାଦାମ କ୍ରୟ କରିଥିଲେ ସୁଦ୍ଧା ଏହାକୁ ସମ୍ପୃକ୍ତ ଚାଷୀଙ୍କ ବଦଳରେ ଜଣେ କର୍ମଚାରୀ ତାଙ୍କ ପରିବାରଙ୍କ ନାମରେ ବିକ୍ରି କରିବା ସହ ଟଙ୍କା ହଡ଼ପ କରିଥିବା ନେଇ ଗତ ସୋମବାର ଚାଷୀ ଭିଜିଲାନ୍ସ ବିଭାଗ ନିକଟରେ ଅଭିଯୋଗ ସହ ତଦନ୍ତ କରିବାକୁ ଦାବି କରିଥିଲେ । ଏହି ମାମଲାରେ ଆଜି ସମବାୟ ବିଭାଗର ଏଆରସିଏସ ରଞ୍ଜନ କୁମାର ସାହୁ ବୈପାରୀଗୁଡା ଲ୍ୟାମ୍ପସରେ ପହଞ୍ଚି ତଦନ୍ତ କରିଛନ୍ତି । ଏହିପରି ସମୁଦାୟ ୨୪୦ ଜଣ ଚିନାବାଦମ ଚାଷୀ ପଞ୍ଜିକୃତ କରିଥିବା ବେଳେ ୧୬୭ଜଣ ଚାଷୀ ବିକ୍ରି କରିଥିଲେ । ବଳକା ୭୩ ଜଣ ଚାଷୀ ସେମାନଙ୍କ ଚିନାବାଦାମ ବିକ୍ରି କରିନାହାଁନ୍ତି । ଏହିପରି ତତ୍କାଳୀନ ଲ୍ୟାମ୍ପସ ଡିଇଓ ମନୋଜ କୁମାର ନାୟକଙ୍କ ଜରିଆରେ ଜୟପୁର ମାର୍କଫେଡର ଜୈନେକ କର୍ମଚାରୀଙ୍କ ଜରୀୟାରେ ୧୬୭ ଜଣ କ୍ରେତାଙ୍କୁ ବିକ୍ରି ପାଇଁ ୧୪୪ ଜଣ ଚାଷୀଙ୍କୁ ଚିନାବାଦାମ ବିକ୍ରି ପାଇଁ ଡିଇଓ ଶ୍ରୀ ନାୟକ ରସିଦ ପ୍ରଦାନ କରିଛନ୍ତି । କିନ୍ତୁ ବର୍ତ୍ତମାନ ଚାଷୀଙ୍କ ଠାରୁ ଗ୍ରହଣ ହୋଇଥିବା ଚିନାବାଦାମକୁ ନିଲାମ ମାଧ୍ୟମରେ ବିକ୍ରି କରିବା ସହ ଚାଷୀଙ୍କ ଟଙ୍କା ପ୍ରଦାନ ନେଇ ପୂର୍ବରୁ ଏକ ସଂସ୍ଥାକୁ ଦାୟିତ୍ୱ ପ୍ରଦାନ କରାଯାଇଛି । କିନ୍ତୁ ବର୍ତ୍ତମାନ ସୁଦ୍ଧା ଚାଷୀଙ୍କ ଟଙ୍କା ମିଳିନଥିବା ନେଇ ଚାଷୀ ମାନେ ଭିଜିଲାନ୍ସ ବିଭାଗ ନିକଟରେ ଅଭିଯୋଗ ପରେ ସମବାୟ ବିଭାଗ ପକ୍ଷରୁ ତତ୍ପରତା ପ୍ରକାଶ ପାଇଛି । କିନ୍ତୁ ଏହି ତଦନ୍ତ ରେ ଚାଷୀ ମାନଙ୍କ ବିକ୍ରିବାବଦକୁ ସରକାରୀ ଧାର୍ଯ୍ୟ ଅନୁଯାୟୀ ପ୍ରାପ୍ୟ ଟଙ୍କା ମିଳିବା ନେଇ କୌଣସି ଉଲ୍ଲେଖ ନଥିବା ବେଳେ ଚାଷୀଙ୍କ ମଧ୍ୟରେ ସନ୍ଦେହ ସୃଷ୍ଟି ହୋଇଛି ।

# ରାଷ୍ଟ୍ରୀୟ ପୋଷଣ ମାସ ପାଳନ



ସୁନାବେଡା ,୧୭।୧୦ (ସମିସ) : ସୁନାବେଡ଼ା ମହିଳା ସ୍ନାତକ ମହାବିଦ୍ୟାଳୟଠାରେ ରାଷ୍ଟ୍ରୀୟ ପୋଷଣ ମାସ ପାଳିତ କରାଯାଇଛି । ମୁଖ୍ୟ ଅତିଥି ରୂପେ ଡଃ ନୀଳମାଧବ ଶତପଥୀ, ଏଡିଏମ ସହିଦ ଲକ୍ଷ୍ମଣ ନାୟକ ମେଡିକାଲ କଲେଜ୍ କୋରାପୁଟ ଯୋଗ ଦେଇ ପୁଷ୍ଟିକର ଖାଦ୍ୟର ଆବଶ୍ୟକତା ଉପରେ ଆଲୋଚନା କରିଥିଲେ । ଅଧକ୍ଷା ଉଷାରାଣୀ ଦାସ ମୁଖ୍ୟ ବକ୍ତା ଭାବେ ଯୋଗଦେଇ ଛାତ୍ରୀ ମାନଙ୍କୁ ଏକ ସୁନ୍ଦର ଏବଂ ସୁସ୍ଥ ଜୀବନ ବଞ୍ଚିବାର ଶୈଳୀ ଯଥା ଯୋଗ , ପ୍ରାଣାୟାମ , ସୁସ୍ଥ ଖାଦ୍ୟ, ସଠିକ୍ ଖାଦ୍ୟ ସମୟ , ମୋଟାପଣ, ରକ୍ତହୀନତା ଉପରେ ଆଲୋକ ପାତ କରିଥିଲେ । ଓଡ଼ିଆ ଅଧ୍ୟାପିକା ସୁଶ୍ରୀ ବିନୁ ପ୍ରଧାନ, ଇତିହାସ ବିଭାଗର ଅଧ୍ୟାପିକା ସୁଶ୍ରୀ ରୁକସାନା ବେଗମ୍ ଶିକ୍ଷା ବିଭାଗର ଅଧ୍ୟାପିକା ସୁଶ୍ରୀ ସୁଜ୍ଞାନ ମଞ୍ଜରୀ ଦାସ , ରାଜନୀତି ବିଜ୍ଞାନ ବିଭାଗର ଅଧ୍ୟାପକ ଆଲୋକ କୁମାର ଥାନାପତି ଶିକ୍ଷା ବିଭାଗର ଡମନଷ୍ଟେଟର ଲକ୍ଷ୍ମୀ ପ୍ରିୟା ଚୌଧୁରୀ ଆଲୋଚ୍ୟ ବିଷୟ ଉପରେ ବିଭିନ୍ନ ଉପାଦେୟ ପୂର୍ଣ୍ଣ ପରାମର୍ଶ ଦେଇଥିଲେ । ଏନ୍ ଏସ ଏସ ଅଧିକାରୀ ସରିତା ପରିଡ଼ା ସ୍ୱାଗତ ଅଭିଭାଷଣ ପ୍ରଦାନ କରିଥିଲେ । ୱାଇଆର୍‌ସି କାଉନସିଲର ସୁଶ୍ରୀ ଶୁଭଶ୍ରୀ ପରିଡ଼ା ଧନ୍ୟବାଦ ଅର୍ପଣ କରିଥିଲେ ।

# କ୍ଲଷ୍ଟରସ୍ତରୀୟ ସୁରଭି କାର୍ଯ୍ୟକ୍ରମ

ପାପଡାହାଣ୍ଡି,୧୭।୧୦(ସମିସ): ନବରଙ୍ଗପୁର ଜିଲ୍ଲା ପାପଡାହାଣ୍ଡି ବ୍ଲକ ସିରିଶି ଗ୍ରାମ ପଞ୍ଚାୟତର କ୍ଲଷ୍ଟର ସ୍ତରୀୟ ସୁରଭି କାର୍ଯ୍ୟକ୍ରମ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ, ଏକରୀ ବିଦ୍ୟାଳୟ ଠାରେ ଅନୁଷ୍ଠିତ ହୋଇଥିଲା । ଆଞ୍ଚଳିକ ସାଧନ କେନ୍ଦ୍ର ସଂଯୋଜକ ଜଗଦୀଶ ସାସମଲଙ୍କ ଅଧକ୍ଷତାରେ ମୁଖ୍ୟ ଅତିଥି ରୂପେ ବିଧାୟକ ପ୍ରତିନିଧି ରଜନୀକାନ୍ତ ଶାସମଲ, ସରପଞ୍ଚ ସୁମତି ଭତରା, ପୋଣ୍ଡିକୋଟ ପୂର୍ବତନ ସରପଞ୍ଚ ଶିବ ପ୍ରସାଦ ଅଗ୍ରୱାଲ, ପୂର୍ବତନ ସିରିସୀ ସରପଞ୍ଚ ତୁଳାରାମ ଭତରା, ଏବିଓ ପୁର୍ଣଚନ୍ଦ୍ର ପୂଜାରୀ, ଏବିଓ ବାଳକଦାସ ରନ୍ଧାରୀ ପ୍ରମୁଖ ମଞ୍ଚାସୀନ ହୋଇଥିଲେ । ସିରସୀ କ୍ଲଷ୍ଟର ସ୍ତରୀୟ ସୁରଭି କାର୍ଯ୍ୟକ୍ରମରେ ୧୦ ଗୋଟି ବିଦ୍ୟାଳୟରୁ ପ୍ରାୟ ୨୫୦ ଛାତ୍ରଛାତ୍ରୀ ଉକ୍ତ କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ । ପିଲାଙ୍କ ଶୈକ୍ଷିକ ଶିକ୍ଷକ ସହ ଅନ୍ତର୍ନିହିତ ସହ ଶୈକ୍ଷିକ ଗୁଣାବଳୀ ଗୁଡିକୁ ରାଜ୍ୟସ୍ତରୀୟ ପର୍ଯ୍ୟନ୍ତ ପ୍ରଦର୍ଶିତ କରିବା ଏହି କାର୍ଯ୍ୟକ୍ରମର ମୁଖ୍ୟ ଲକ୍ଷ୍ୟ । କୃତି ଛାତ୍ରଛାତ୍ରୀ ବ୍ଲକ ସ୍ତରୀୟ ସୁରଭି କାର୍ଯ୍ୟକ୍ରମ ରେ ଅଂଶଗ୍ରହଣ କରିବେ ସୂଚନା ମିଳିଛି । ଶେଷରେ ଏକରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନ ଶିକ୍ଷକ ଶ୍ରୀ ଦେବରାଜ ନାୟକ ଧନ୍ୟବାଦ ଅର୍ପଣ କରିଥିଲେ ।

# କ୍ଲଷ୍ଟରସ୍ତରୀୟ ସୁରଭି କାର୍ଯ୍ୟକ୍ରମ

କୁନ୍ଦୁରା,୧୭।୧୦(ସମିସ): କୁନ୍ଦୁରା ବ୍ଲକ ଅନ୍ତର୍ଗତ ଫୁପୁଗାଁ ଗ୍ରାମ ପଞ୍ଚାୟତ ସଦର ମହକୁମା ସ୍ଥିତ ଉଚ୍ଚ ପ୍ରାଥମିକ ବିଦ୍ୟାଳୟଠାରେ କ୍ଲଷ୍ଟର ସ୍ତରୀୟ ସୁରଭି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ସରପଞ୍ଚ ମୁକୁନ୍ଦ ସମରଥ ଯୋଗ ଦେଇଥିଲେ । ମୁଖ୍ୟ ବକ୍ତା ଭାବେ ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ ପପେୟା ବେହେରା ଯୋଗ ଦେଇଥିବା ବେଳେ ସମ୍ମାନିତ ଅତିଥିଭାବେ ସମିତି ସଭ୍ୟା ଚନ୍ଦ୍ରିକା କାନ୍ଧୁଲିଆ, କୁନ୍ଦୁରା ବ୍ଲକ ଶିକ୍ଷକ ସଂଘ ସଭାପତି ତ୍ରିନାଥ ପଣ୍ଡା, କ୍ଲଷ୍ଟର ସଂଯୋଜକ ସଞ୍ଜୟ ସାନ୍ତ୍ରା,ପ୍ରଧାନ ଶିକ୍ଷକ ବିଜୟ ଖଟୁଆ ଯୋଗ ଦେଇଥିଲେ । ଏହି କ୍ଲଷ୍ଟର ସ୍ତରୀୟ ସୁରଭି କାର୍ଯ୍ୟକ୍ରମ ରେ ୧୫ ଟି ବିଦ୍ୟାଳୟର ଛାତ୍ରୀ ଛାତ୍ର ଅଂଶଗ୍ରହଣ କରିଥିଲେ । କାର୍ଯ୍ୟକ୍ରମରେ କେ କମଳାପତି ପାତ୍ର, ଦିଲ୍ଲୀପ ଦାସ, ଦୀପକ ଶତପଥୀ, ଜିତେନ୍ଦ୍ର ଭଟ୍ଟ, ସନ୍ତୋଷ ପାଢ଼ୀ, ମିଥୁନ ମଜୁମ ଦାର, ରଶ୍ମିତା ପଣ୍ଡା, ସରିତା କୁମାରୀ ହୋତା, ସଂଘମିତ୍ରା ଶାନ୍ତା, ରାମୁ ନାୟକ, ସୁଜିତ କୁମାର ନାଗ , ସିଦ୍ଧାନ୍ତ ବିଜୟ କୁମାର ଏବଂ ମହେନ୍ଦ୍ର କୁଣ୍ଡ ଉପସ୍ଥିତ ରହି କାର୍ଯ୍ୟକ୍ରମ ତଦାରଖ କରିଥିଲେ ।

# ରାଷ୍ଟ୍ରୀୟ ପୋଷଣ ମାସ -୨୦୨୫ କାର୍ଯ୍ୟକ୍ରମ

ଚନ୍ଦାହାଣ୍ଡି,୧୭।୧୦(ସମିସ): ନବରଙ୍ଗପୁର ଜିଲ୍ଲା ଚନ୍ଦାହାଣ୍ଡି ସ୍ଥିତ ପାନାବେଡା ଡିଗ୍ରୀ ମହାବିଦ୍ୟାଳୟସଭାଗୃହ ଠାରେ ସରକାରଙ୍କ ଦ୍ୱାରା ଜାରି କରାଯାଇଥିବା ନିୟମାବଳୀ ଅନୁଯାଇ ରାଷ୍ଟ୍ରୀୟ ପୋଷଣ ମାସ -୨୦୨୫,କାର୍ଯ୍ୟକ୍ରମ ମହାବିଦ୍ୟାଳୟର ଅଧକ୍ଷ ଦ୍ୱାରିକା ନାଥ ବାଘଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛ । ଚନ୍ଦାହାଣ୍ଡି ଗୋଷ୍ଠି ସ୍ୱାସ୍ଥ୍ୟ କେନ୍ଦ୍ରର ଡ. ବସନ୍ତ କୁମାର ଷଡ଼ଙ୍ଗୀ ମୁଖ୍ୟ ଅତିଥିଭାବେ ଯୋଗଦେଇ ଏ ସମ୍ପର୍କରେ ବୁଝାଇଥିଲେ । ଏହି କାର୍ଯ୍ୟକ୍ରମ ମାର୍ଚ୍ଚ ୨୦୧୮ ରୁ କେନ୍ଦ୍ର ସରକାରଙ୍କ ଦ୍ୱାରା ପରିଚାଳିତ ହୋଇଥିଲା । ଅନୁଷ୍ଠାନର ବରିଷ୍ଠ ରାଜନୀତି ଅଧ୍ୟାପକ ଡ଼କ୍ଟର.ଦିଲୀପ କୁମାର ଲେଙ୍କା ସମ୍ମାନିତ ଅତିଥିଭାବେ ଯୋଗ ଦେଇଥିଲେ । ଅନ୍ୟତମ ଅତିଥିଭାବେ ବରିଷ୍ଠ ଇଂରାଜୀ ଅଧ୍ୟାପକ ଚର୍ତ୍ତୁଭୂଜ ମେହେର ଛାତ୍ରଛାତ୍ରୀମାନେ ନିଜ ନିଜର ବୌଦ୍ଧିକ ବିକାଶ ନିମନ୍ତେ ପ୍ରତିଦିନ ଯୋଗ ପ୍ରାଣାୟାମ କରି ସ୍ୱାସ୍ଥ୍ୟବାନ ହେବାକୁ ପରାମର୍ଶ ଦେଇଥିଲେ । ଓଡ଼ିଆ ଅଧ୍ୟାପିକା ଦୁର୍ମିଳା ବାଘ ଧନ୍ୟବାଦ ଅର୍ପଣ କରିଥିଲେ ।

# ରାସ୍ତାରେ ଅଟକାଇ ଦୁର୍ବୃତ୍ତଙ୍କ ଆତଙ୍କରାଜ

ପୋଡ଼ାଗଡ଼,୧୭।୧୦(ସମିସ): କୋରାପୁଟ ଦଶମନ୍ତପୁର ବିଭିନ୍ନ ଅଞ୍ଚଳରେ ଲୋକ ମାନେ ଅନ୍ଧ ବିଶ୍ୱାସର ଶିକାରର ପଡ଼ି ରାତି ତମାମ ଗାଁ ଗହଳି ରାସ୍ତାରେ ହାତ ହତିଆର ଧରି ଗାଡ଼ି ଅଟକାଇ ଯାତ୍ରୀ ଓ ଚାଳକମାନଙ୍କୁ ଦୁର୍ବ୍ୟବହାର କରିବା ସହ ହଇରାଣ କରିଥିବା ଦେଖା ଦେଇଛି । ସେହିପରି ହାତରେ ଅସ୍ତ୍ର ଶସ୍ତ୍ର ଧରି ରାତିରେ ମଝି ରାସ୍ତାରେ ଜଗି ଟଙ୍କା ପଇସା ଓ ମୋବାଇଲ ଛଡ଼ାଇ ନେଉଥିବା ଘଟଣାକୁ ନେଇ ଅଞ୍ଚଳରେ ଚାଞ୍ଚଲ୍ୟ ସୃଷ୍ଟି କରିଛି । ଏଭଳି ଘଟଣା ଘଟିଛି କୋରାପୁଟ ଜିଲ୍ଲା ଦଶମନ୍ତପୁର ବ୍ଲକ ଅନ୍ତର୍ଗତ ପି.ବେଡ଼ାପଦର ପଞ୍ଚାୟତ ସ୍ଥିତ ତୋଟାଗୁଡ଼ା ଗାଁ ନିକଟରେ । ସୂଚନା ମୁତାବକ କୋରାପୁଟ ସଦରଥାନା ଅନ୍ତର୍ଗତ ମାଛରା ଗାଁର କୁନା ଜାନି (୨୫) ଓଡି୩୦ବି୮୦୪୧ ବୋଲେର ରେ କୋରାପୁଟ ମେଡିକାଲ୍‌ରୁ ରୋଗୀକୁ ନେଇ ଦଶମନ୍ତପୁର ବ୍ଲକ ଅନ୍ତର୍ଗତ ଗୀର୍ଲିଗୁମ୍ମାରେ ଛାଡି ଏକୁଟିଆ ଫେରୁଥିବା ବେଳେ ପରଜା ବେଡ଼ାପଦର ଅଧୀନସ୍ଥ ତୋଟାଗୁଡ଼ା ଗାଁ ଆଗରେ ବିଭିନ୍ନ ପ୍ରକାରର ଅସ୍ତ୍ର ଶସ୍ତ୍ର ଧରି ୧୫/୨୦ ଜଣ ଦୁର୍ବୃତ୍ତ ରାସ୍ତା ଅବରୋଧ କରି ଗାଡ଼ି ଅଟକାଇ ଗାଡ଼ିକୁ ଚେକ୍ କରି ଚାଳକ କୁନାଙ୍କ ଓପୋ ମୋବାଇଲ ଓ ଭଡ଼ା ବାବଦକୁ ମିଳିଥିବା ୩୩୦୦ ଟଙ୍କା ଛଡ଼ାଇ ନେଇଥିଲେ । ଏ ନେଇ କୁନା ଜାନି ଡ୍ରାଇଭର୍ ମହାସଂଘକୁ ଜଣାଇବା ପରେ ମହାସଂଘ ର କର୍ମକର୍ତ୍ତା ଓ ଚାଳକ ମିଶି ଦଶମନ୍ତପୁର ଥାନାକୁ ଯାଇ ଏକ ଲିଖିତ ଅଭିଯୋଗ କରିଥିବା ଜଣାପଡିଛି । ତେବେ ଦଶମନ୍ତପୁର ବ୍ଲକର ଡ୍ରାଇଭର୍ ମହାସଂଘର କୌଣସି ଚାଳକ କିମ୍ବା କର୍ମକର୍ତ୍ତା ଦେଖା ମିଳିନଥିବା ବେଳେ ଓଡ଼ିଶା ମଟର ଚାଳକ ଦଶମନ୍ତପୁର ଶାଖା ର ସଭାପତି ଓ ଚାଳକ ମାନେ ସେମାନଙ୍କୁ ସାହାଯ୍ୟ ର ହାତ ବଢ଼ାଇଥିଲେ । ଡ୍ରାଇଭର୍ ମାନେ ସର୍ବଦା ଯାତ୍ରୀ ମାନଙ୍କ ସୁବିଧା ପାଇଁ ଦିନ ରାତି ଏକ କରି ଜୀବନକୁ ବାଜି ଲଗାଇ ଯାତାୟତର ସୁଗମ ବ୍ୟବସ୍ଥା କରୁଥିବା ବେଳେ ଏଭଳି ଆକ୍ରୋଶର ଶିକାର ହେଉଥିବା କୁ ନେଇ ଚାଳକଙ୍କ ମନରେ ଅସନ୍ତୋଷ ଦେଖା ଦେଇଛି ।

# ଅଷ୍ଟମ ରାଷ୍ଟ୍ରୀୟ ପୋଷଣ ମାସ ପାଳିତ

କୋରାପୁଟ,୧୭।୧୦(ସମିସ): ସରକାରୀ ଡିଏଭି ମହାବିଦ୍ୟାଳୟରେ ଅଷ୍ଟମ ରାଷ୍ଟ୍ରୀୟ ପୋଷଣ ମାସ ପାଳିତ ହେଇଯାଇଛି । ଏହି କାର୍ଯ୍ୟକ୍ରମର ଅନ୍ତର୍ଗତ ୧୫ ତାରିଖରେ ଲାଣ୍ଡିଗୁଡା ଗ୍ରାମର ଅଙ୍ଗନବାଡ଼ି କେନ୍ଦ୍ରରେ ଛୋଟ ଛୋଟ ପିଲାମାନଙ୍କୁ ନିରୋଗ ରହିବା ନିମନ୍ତେ ଯୋଗ ପ୍ରଶିକ୍ଷଣ ଶିବିରର ଆୟୋଜନ କରାଯାଇଥିଲା । କାର୍ଯ୍ୟକ୍ରମରେ ମହାବିଦ୍ୟାଳୟର ଅଧକ୍ଷ ଦୀପକ କୁମାର ପଟ୍ଟନାୟକ, ସହକାରୀ ପ୍ରଫେସର ଶୁଭଦର୍ଶନୀ ପ୍ରଧାନ,ଡଃ.କାଞ୍ଚନ ତାଣ୍ଡି ଏବଂ ଛାତ୍ର ଛାତ୍ରୀ ଉପସ୍ଥିତ ରହି ଯୋଗ ଶିକ୍ଷା ଦେଇଥିଲେ । ପରେ ରକ୍ତହୀନତା ନିରାକରଣ ନିମନ୍ତେ ଏକ ସଚେତନତା କାର୍ଯ୍ୟକ୍ରମ ଆୟୋଜିତ ହେଇଥିଲା ।ଏହାକୁ ଡ.ପ୍ରୀତିଧାରା ସାମଲ ପରିଚାଳନା କରିଥିବା ବେଳେ ଡ.ଦିଲରାଜ ପୁଭାଲା ଓ ସୈରିନ୍ଧ୍ରୀ ମହାରଣା ଏ ସଂପର୍କରେ ଛାତ୍ରୀମାନଙ୍କୁ ସଚେତନ କରିଥିଲେ ।୧୬ ଅକ୍ଟୋବରରେ ମହାବିଦ୍ୟାଳୟର ସମ୍ମିଳନୀ କକ୍ଷ ଠାରେ ସୁସ୍ଥ ଜୀବନଯାପନ ନିମନ୍ତେ ସୁସ୍ଥ ଖାଦ୍ୟ ଅଭ୍ୟାସ ଓ ବ୍ୟାୟାମ ସଂପର୍କରେ ଏକ କର୍ମଶାଳାରେ ମୁଖ୍ୟ ଅତିଥି ଭାବେ ଅଧକ୍ଷ ଦୀପକ କୁମାର ପଟ୍ଟନାୟକ ଯୋଗ ଦେଇଥିଲେ । ବ୍ରାହ୍ମ ମୁହୂର୍ତ୍ତରେ ଉଠିବା ଓ ଶୀଘ୍ର ଶୋଇବାର ଉପକାରିତା ସହ କିଭଳି ଜୀବନକୁ ଶୃଙ୍ଖଳିତ ଏବଂ ନିରୋଗ ରଖିବା ସଂପର୍କରେ ଆଲୋଚନା କରିଥିଲେ । ସୁଷମ ଖାଦ୍ୟ ଓ ସୁସ୍ଥ ଜୀବନ ସମ୍ପର୍କରେ ମୁଖ୍ୟବକ୍ତା ଡ ଲହରୀ ବେହେରା ଅଭିଭାଷଣ ରଖିଥିଲେ । ଡ ପ୍ରୀତିଧାରା ସାମଲ ସୁସ୍ଥ ଜୀବନ ପ୍ରଣାଳୀ ଉପରେ କହିଥିଲେ । କାର୍ଯ୍ୟକ୍ରମ ଶେଷରେ ଡ ଶୁଭଦର୍ଶନୀ ପ୍ରଧାନ ଧନ୍ୟବାଦ ଜ୍ଞାପନ କରିଥିଲେ । କାର୍ଯ୍ୟକ୍ରମରେ ଡଃ.ସୁଶୀଳ ଗଡ଼ନାୟକ, ଡ ବ୍ରହ୍ମଚାରୀ ଖମାରୀ ଓ ସୁଶ୍ରୀ ଜାହ୍ନବୀ ଦୋରା ପ୍ରମୁଖ ଉପସ୍ଥିତ ଥିଲେ ।

# କଲ୍ୟାଣ ମଣ୍ଡପ ନିର୍ମାଣ ସ୍ଥଗିତ ରଖିବାକୁ ନିର୍ଦ୍ଦେଶ

ଜୟପୁର,୧୭ ।୧୦(ସମିସ): କୋରାପୁଟ ଜିଲ୍ଲା ଜୟପୁର ଲିଙ୍ଗରାଜ ନଗର ସ୍ଥିତ ଇଣ୍ଡୋର ଷ୍ଟାଡିୟମ ପରିସରରେ କଲ୍ୟାଣ ମଣ୍ଡପ ନିର୍ମାଣକୁ ଜିଲ୍ଲାପାଳଙ୍କ ନିକଟରେ କିଛି ଖେଳାଳି ଏବଂ ସମାଜସେବୀ ଯୁବକଙ୍କ ଅଭିଯୋଗ କ୍ରମେ ଆଜି ଜିଲ୍ଲାପ୍ରଶାସନର ନିର୍ଦ୍ଦେଶ କ୍ରମେ ଜିଲ୍ଲା କ୍ରୀଡା ଅଧିକାର ତୁରନ୍ତ ନିର୍ମାଣ କାର୍ଯ୍ୟ ବନ୍ଦ କରିବାକୁ ତହିସିଲ, ପୌରସଂସ୍ଥାକୁ ନିର୍ଦ୍ଦେଶ ଦେଇଥିବା ବେଳେ ଉକ୍ତ ଇଣ୍ଡୋର ଷ୍ଟାଡିୟମକୁ ଜିଲ୍ଲା କ୍ରୀଡା ବିଭାଗକୁ ହସ୍ତାନ୍ତର କରିବା ନେଇ ପତ୍ର ମାଧ୍ୟମରେ ନିର୍ମାଣ କରିଥିବା ସମନ୍ୱିତ ଆଦିବାସୀ ଉନୟନ୍ନ ସଂସ୍ଥାକୁ ଜଣାଇଛନ୍ତି । ଅନ୍ୟପକ୍ଷରେ ଲିଙ୍ଗରାଜ ନଗର ଉନ୍ନୟନ କମିଟି ପକ୍ଷରୁ ଏହି ଅଞ୍ଚଳକୁ ଏକ କଲ୍ୟାଣ ମଣ୍ଡପର ଆବଶ୍ୟକତା ରହିଥିବା ଯୋଗୁଁ ଏହାର ନିର୍ମାଣ କରିବାକୁ ଦାବି କରିଛନ୍ତି । ଏହିପରି ଉକ୍ତ ଇଣ୍ଡୋର ଷ୍ଟାଡିୟମ ପରିସର ମଦ୍ୟପ ଏବଂ ଅସାମାଜିକ ଲୋକଙ୍କ ଆ‡ା ସ୍ଥଳୀ ପାଲଟିଥିବା ଯୋଗୁଁ ଏହାର ନିର୍ମାଣ ହେଲେ ଏମାନଙ୍କ ପାର୍ଦୁଭାବ ଶେଷ ହେବ ବୋଲି ପାଲଟା ଯୁକ୍ତି କରିବା ସହ ପୌର ନିର୍ବାହୀ ଅଧିକାରୀଙ୍କୁ ଏକ ଦାବିପତ୍ର ପ୍ରଦାନ କରିଛନ୍ତି । ଇଣ୍ଡୋର ଷ୍ଟାଡିୟମ ରାଜସ୍ୱ ବିଭାଗର ଜମି ହୋଇଥିବା ବେଳେ ସ୍ଥାନୀୟ ଆଦିବାସୀ ଖେଳାଳି ମାନଙ୍କୁ ପ୍ରତ୍ସାହନ ଦେବା ନେଇ ଏହାର ନିର୍ମାଣ କରାଯାଇଥିବା ବେଳେ ରକ୍ଷଣାବେକ୍ଷଣ ପୌରସଂସ୍ଥାକୁ ପ୍ରଦାନ କରାଯାଇଥିଲା । କିନ୍ତୁ ଷ୍ଟାଡିୟମ ପରିସର ରାଜସ୍ୱ ବିଭାଗ ଜମି ହୋଇଥିବା ବେଳେ ପୌରସଂସ୍ଥା ପକ୍ଷରୁ ନିମାଣ ନେଇ ନିର୍ମାଣକାରୀ ବିଭାଗ ଗ୍ରାମ୍ୟ ଉନ୍ନୟନକୁ ଏନଓ଼. ପ୍ରଦାନକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି । ଏଥିନେଇ ଜିଲ୍ଲା କ୍ରୀଡା ଅଧିକାରୀ ଜ୍ଞାନଜିତ୍ ତ୍ରିପାଠୀ କହିଛନ୍ତି ଯେ, ଜିଲ୍ଲାପାଳଙ୍କ ନିର୍ଦ୍ଦେଶକ୍ରମେ ଇଣ୍ଡୋର ଷ୍ଟାଡିୟମକୁ ଜିଲ୍ଲା କ୍ରୀଡା ବିଭାଗ ଏବଂ ନିର୍ମାଣ କାର୍ଯ୍ୟ ତୁରନ୍ତ ବନ୍ଦ କରିବା ପାଇଁ ତହସିଲଦାରଙ୍କୁ ନିର୍ଦ୍ଦେଶ ଦିଆଯାଇଛି । ଏଥିନେଇ ବିସ୍ତୃତ ରୋପୋର୍ଟ ପ୍ରଦାନ ନେଇ ମଧ ନିର୍ଦ୍ଦେଶ ଦିଆଯାଇଛି ।

# କୌଶଳ ବିକାଶ କାର୍ଯ୍ୟକ୍ରମ

ନବରଙ୍ଗପୁର,୧୭।୧୦(ସମିସ):

ଆଇସେକ୍ଟ ଓଡ଼ିଶା ଶାଖା ପକ୍ଷରୁ ନବରଙ୍ଗପୁର ଏକଲବ୍ୟ ଆଦର୍ଶ ଆବାସିକ ବିଦ୍ୟାଳୟ ଠାରେ ଆଇସେ ର ମିଳିତ ଉଦ୍ୟମରେ କୌଶଳ ବିକାଶ ଯାତ୍ରା ଏବଂ ଏ ଆଇ ସାକ୍ଷରତା ମିଶନ କାର୍ଯ୍ୟକ୍ରମ ଆୟୋଜିତ ହେଇଯାଇଛି । ଯାତ୍ରା ସମୟରେ ମାଗଣା ଏ ଆଇ ସେମିନାର, କର୍ମଶାଳା, କ୍ୟାରିଅର ପରାମର୍ଶ ଅଧିବେଶନ ଏବଂ ବୈଷୟିକ ପ୍ରଦର୍ଶନ ଆୟୋଜନ କରାଯାଇଥିଲା । ଆଇସେକ୍ଟ ମୁଖପାତ୍ର ସନ୍ତୋଷ ଚୋବେ କହିଛନ୍ତି, ଦକ୍ଷତା ବିକାଶ ଯାତ୍ରା ୨୦୨୫ କେବଳ ଏକ ଶିକ୍ଷାଗତ ଅଭିଯାନ ନୁହେଁ, ବରଂ ଯୁବପିଢ଼ିଙ୍କୁ ଭବିଷ୍ୟତର ପ୍ରଯୁକ୍ତିବିଦ୍ୟା ସହିତ ସଂଯୋଗ କରିବା,



ନିଯୁକ୍ତି-ମୁଖୀ ଶିକ୍ଷା ପ୍ରଦାନ କରିବା ଏବଂ ଭାରତକୁ ଏକ ବିକଶିତ ରାଷ୍ଟ୍ର କରିବା ପାଇଁ ଏକ ପଦକ୍ଷେପ । ଆୟୋଜିତ କାର୍ଯ୍ୟକ୍ରମରେ ଏକଲବ୍ୟ ଆଦର୍ଶ ଆବାସିକ ବିଦ୍ୟାଳୟର ଅଧକ୍ଷା ଶୁଭାଶିନୀ ସାହୁ, ଏବଂ ଆଇସେକ୍ଟ ନବରଙ୍ଗପୁର ଜିଲ୍ଲାର ପୂର୍ଣଚନ୍ଦ୍ର ମହାପାତ୍ର ଉପସ୍ଥିତ ଥିଲେ । ଆଇସେକ୍ଟ ଓଡ଼ିଶା ପ୍ରକଳ୍ପ ପରିଚାଳକ ନୀଳାଦ୍ରି ମହାରଣା, ସୁଧାଂଶୁ ନାୟକ ଏବଂ ଅଭିଷେକ ପ୍ରଧାନଙ୍କ ଏପରି ପ୍ରୟାସ କୁ ପ୍ରଶଂସା କରିଥିଲେ । କାର୍ଯ୍ୟକ୍ରମରେ ବିଦ୍ୟାଳୟର ଶିକ୍ଷକ ଗୋପାଳକୃଷ୍ଣ ମହାପାତ୍ର, ଭୂଷଣ ଲାଲ୍ ସାହୁ, ଗୋବର୍ଦ୍ଧନ ସାହୁ ,ସତୀଶ କୁମାର, ଆନନ୍ଦ ସାହା, ଗୁଲାମ ଜାଫର, ମୋହନ ମହାଙ୍କୁଡ଼ ଓ ଶିକ୍ଷୟିତ୍ରୀ ତୃପ୍ତିମୟୀ ପ୍ରଧାନ, ଦୀପ୍ତିମୟୀ ସାହୁ, ମାଳିକମାଳା ଆଚାର୍ଯ୍ୟ ପ୍ରମୁଖ ସହଯୋଗ କରିଥିଲେ ।

## ଟ୍ରକ୍ ଧକ୍କାରେ ଅଜଣା ବାଇକ୍ ଆରୋହୀଙ୍କ ମୃତ୍ୟୁ

■ ଦୁଇ ଆହତ ବାଇକ୍ ନେଇ ଚମ୍ପଟ

ବିଷମ କଟକ,୧୭।୧୦(ସମିସ): ରାୟଗଡା ଜିଲ୍ଲା ବିଷମ କଟକ ସଦର ଥାନାରେ ଏକ ଅଜଣା ଗାଡି ଧକ୍କାରେ ଜଣେ ବାଇକ ଆରୋହୀଙ୍କର ମୃତ୍ୟୁ ଘଟିଛି । ବାଇକ୍‌ରେ ଦୁଇ ଜଣ ଯୁବକ ଆହତ ହୋଇଥିଲେ । ହେଲେ ଦୁଇ ଆହତ ଶବକୁ ଛାଡି ଦୁର୍ଘଟଣା ସ୍ଥଳରୁ ବାଇକ୍ ନେଇ ଚମ୍ପଟ ମାରିଛନ୍ତି । ଦୁର୍ଘଟଣା ଘଟିବାର ୧୫ ଘଣ୍ଟା ବିତିଯାଇଥିଲେ ସୁଦ୍ଧା ଏପର୍ଯ୍ୟନ୍ତ ନା ମୃତ ବ୍ୟକ୍ତିର ପରିଚୟ ମିଳିପାରିଲା, ନା' ବାଇକ୍ ନେଇ ଚମ୍ପଟ ମାରିଥିବା ଆହତଙ୍କ କୌଣସି ଖବର ମିଳିଲାଣି । ଘଟଣାରୁ ପ୍ରକାଶ ଯେ, ଆଜି ଭୋର ୪ ସମୟରେ ବିଷମ କଟକ ସହରର ସ୍ଥାନୀୟ ମାଁ ମାର୍କମା ମହାବିଦ୍ୟାଳୟ ନିକଟରେ ଟ୍ରକ୍ ସହ ବାଇକ୍ ଦୁର୍ଘଟଣା ଗ୍ରସ୍ତ ହୋଇ ଜଣେ ଯୁବକଙ୍କର ମୃତ୍ୟୁ ଘଟିଥିବା ଖବର ବିଷମ କଟକ ପୋଲିସ ପାଇବା ପରେ ତୁରନ୍ତ ଘଟଣା ସ୍ଥଳରେ ପହଞ୍ଚି ଶବକୁ ଉଦ୍ଧାର କରିବା ସହ ପାରିପାର୍ଶ୍ୱିକ ସ୍ଥିତିରୁ କୌଣସି ଏକ ଟ୍ରକ୍ ଧକ୍କାରେ ଯୁବକର ମୃତ୍ୟୁ ହୋଇଥିବା ପୁଲିସ ସ୍ପଷ୍ଟ କରିଛି । ହେଲେ ଯୁବକର କୌଣସି ପରିଚୟ ମିଳି ପାରିନାହିଁ । ଇତିମଧ୍ୟରେ ଦୁର୍ଘଟଣା ଘଟିବା ପରେ କେହି ଜଣେ ପଥଚାରୀ ମୃତ ଯୁବକ ଏବଂ ଆହତ ଯୁବକ ମାନଙ୍କ ଭିଡିଓ ଉତ୍ତୋଳନ କରି ପୁଲିସ୍ ପାଖକୁ ପଠାଇଥିଲେ । ଏହି ଭିଡିଓରୁ ଭୋର ସମୟରେ ତିନିଜଣ ଯୁବକ ମଟର ସାଇକଲରେ କୌଣସି ଏକ ଗାଡିକୁ ଧକ୍କା ଦେଇଥିବା ବେଳେ ଯୁବକର ମୃତ୍ୟୁ ହୋଇଥିବା ସ୍ପଷ୍ଟ ହୋଇଛି । କିନ୍ତୁ ଭିଡିଓରେ ରହିଥିବା ଦୁଇ ଆହତ ଶବକୁ ଛାଡି ଘଟଣା ସ୍ଥଳରୁ ଫେରାର ହୋଇଯାଇଛନ୍ତି । ଆହତ ମାନଙ୍କୁ ଠାବ କରିବାର ପ୍ରୟାସ ଜାରି ରହିଥିବା ବିଷମ କଟକ ଥାନା ଅଧିକାରୀ ସୂର୍ଯ୍ୟଚନ୍ଦ୍ର ପାଢ଼ୀ ସୂଚନା ଦେଇଛନ୍ତି । ବିଷମ କଟକ ପୋଲିସ ଶବ ଜବତ କରି ମୃତ ଯୁବକଙ୍କ ପରିଚୟ ମିଳିବା ପର୍ଯ୍ୟନ୍ତ ମୃତଦେହକୁ ଶବ ସଂରକ୍ଷଣ ଗୃହରେ ୭୨ ଘଣ୍ଟା ପର୍ଯ୍ୟନ୍ତ ରଖିବା ବ୍ୟବସ୍ଥା କରିଛି ।

## ଶିଶୁ ମହୋତ୍ସବ ସୁରଭି ୨୦୨୫

କଲ୍ୟାଣସିଂହପୁର,୧୭।୧୦(ସମିସ): ରାୟଗଡ଼ା ଜିଲ୍ଲା କଲ୍ୟାଣସିଂହପୁର ବ୍ଲକ ପୂଜାରୀଗୁଡା ପଞ୍ଚାୟତରେ ଥିବା ସରକାରୀ ଉଚ୍ଚ ବିଦ୍ୟାଳୟ ବା କସ୍ତୁରୀ ବା ଗାନ୍ଧୀ ବାଳିକା ବିଦ୍ୟାଳୟ ଜଗନ୍ନାଥପୁର ଠାରେ ଆଞ୍ଚଳିକ ସାଧନ ସ୍ତରୀୟ ଶିଶୁ ମହୋତ୍ସବ ସୁରଭି ୨୦୨୫ ଅନୁଷ୍ଠିତ ହୋଇଛି । ପୂଜାରୀଗୁଡା ଉଚ୍ଚ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ଏସ ନାଗଭୂଷଣ ରାଓଙ୍କ ଅଧ୍ୟକ୍ଷତା ଓ ସିଆରସିସି ଦିଲ୍ଲୀପ କୁମାର ପ୍ରଧାନଙ୍କ ତତ୍ୱାବଧାନରେ ଶାନ୍ତି ଶୃଙ୍ଖଳା ସହ ଆୟୋଜିତ ହୋଇଯାଇଛି । ଏଥିରେ ମୁଖ୍ୟ ଅତିଥି ଭାବେ ଅତିରିକ୍ତ ଗୋଷ୍ଠୀ ଶିକ୍ଷାଧିକାରୀ ମୋହନରାଓ କଣ୍ଡାଗରୀ ରହିଥିବା ବେଳେ ସମ୍ମାନିତ ଅତିଥିଭାବେ ବିନିଶପୁର ସେବଶ୍ରମର ପ୍ରଧାନଶିକ୍ଷକ ଅଭିମନ୍ୟୁ କନ୍ଧପାଣି ରହିଥିଲେ । ଆଞ୍ଚଳିକ ସାଧନା କେନ୍ଦ୍ର ପୂଜାରୀଗୁଡାର ସମସ୍ତ ବିଦ୍ୟାଳୟର ଉଭୟ ବରିଷ୍ଠ ଓ କନିଷ୍ଠ ବିଭାଗର ଛାତ୍ର ଛାତ୍ରୀ ମାନେ ମୋଟ ୧୦୦ରୁ ଅଧିକ ସୁରଭି କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ । ବିଭିନ୍ନ ପ୍ରତିଯୋଗିତାରେ କୃତିତ୍ୱ ଅର୍ଜନ କରିଥିବା ସମସ୍ତ ବିଭାଗର ପ୍ରତିଯୋଗୀ ମାନଙ୍କୁ ପୁରସ୍କୃତ କରିବା ସହ ପ୍ରଥମ ସ୍ଥାନ ଅଧିକାର କରିଥିବା ସମସ୍ତ ପ୍ରତିଯୋଗୀ ମାନେ ବ୍ଲକ ସ୍ତରୀୟ ସୁରଭିରେ ଭାଗ ନେବେ ବୋଲି ଜଣାପଡିଛି । ମଞ୍ଚ ପରିଚାଳନା କରିଥିଲେ ବିଦ୍ୟାଳୟର କ୍ରୀଡା ଶିକ୍ଷକ ଶିଶିର କୁମାର ରାଉତ ଧନ୍ୟବାଦ ଅର୍ପଣ କରିଥିଲେ ସିଆର ସିସି ଦିଲୀପ କୁମାର ପ୍ରଧାନ । ବିଦ୍ୟାଳୟର ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ ଅନୁସୂୟା ସାମଲ, ଉତ୍ତମ ପାତ୍ର, ପ୍ରଶାନ୍ତ ମହାପାତ୍ର, ସାବିତ୍ରୀ ପଣ୍ଡା, ଅନିଲ କୁମାର ପଣ୍ଡା, ଶ୍ରୀକାନ୍ତ ପଣ୍ଡା, ସୁଶ୍ରୀ ଅନିତା ସାହୁ, ମଞ୍ଜୁଳା ସେମିଲି, ଆର୍ଜୁ ୱାଡକା ଉପସ୍ଥିତ ସହ ଆଞ୍ଚଳିକ ସାଧନାକେନ୍ଦ୍ର ଅଧୀନରେ ଥିବା ସମସ୍ତ ବିଦ୍ୟାଳୟର ଶିକ୍ଷକ ଶିକ୍ଷୟିତ୍ରୀ ଯୋଗ ଦେଇଥିଲେ । ଦୁଇ ଦିନ ଧରି ଉକ୍ତ ବ୍ଲକରେ ଥିବା ୧୪ ପଞ୍ଚାୟତରେ ସୁରଭି କାର୍ଯ୍ୟକ୍ରମ କରାଯାଉଛି । ଆଜି ଶିକରପାଇ, ପୂଜାରୀଗୁଡା,କରପା, କଲ୍ୟାଣସିଂହପୁର କରାଯାଇଥିବା ବେଳେ ଗତ କାଲି ସିଙ୍ଗାରି, ଧାମୁଣିପାଙ୍ଗା, ନାରାୟଣପୁର, ମାଝୀଗୁଡା, ସୁନାଖଣ୍ଡି, କନ୍ଧକାତିପାଡୁ, ସେରିଗୁମ୍ମା,ବୁଡାଗୁଡା,ପୋଲମା, ପାର୍ଶାଲି ଆଞ୍ଚଳିକ ସାଧନା ସ୍ତରୀୟ ସୁରଭି କାର୍ଯ୍ୟକ୍ରମ କରାଯାଇଥିଲା ।

## ଟ୍ରଲର ଧକ୍କାରେ ଭାଙ୍ଗିଲା ରେଳ ବ୍ରିଜ୍ ହାଇଟ୍ ବ୍ୟାରିକେଟ୍

# ୫ ଘଣ୍ଟା ଏନ୍‌ଏଚ୍ ବନ୍ଦ, ଲୋକେ ହନ୍ତସନ୍ତ



କୋରାପୁଟ,୧୭।୧୦ (ସମିସ): କୋରାପୁଟ ସଦର ଥାନା ନିକଟ ରେଲୱେ ଓଭର ବ୍ରିଜ୍ ତଳେ ଥିବା ହାଇଟ୍ ବେରୀକେଟ୍‌କୁ ଏକ ଟ୍ରଲର ଧକ୍କା ଦେବାରୁ ଲୁହା ସେଫଟି ଗାର୍ଡ ପଡ଼ି କୋରାପୁଟ-ସୁନାବେଡା ୨୬ ନଂ ଜାତୀୟ ରାଜପଥରେ ପ୍ରାୟ ୫ ଘଣ୍ଟା ଯାତାୟାତ ବନ୍ଦ ରହିଥିଲା । ଶୁକ୍ରବାର ଭୋର ୪ ଟା ସମୟରେ ଓଭର ଲୋଡ୍ ଟ୍ରଲର ଧକ୍କାରେ ଖସି ପଡିଥିଲା ଲୁହା ସେଫ୍ଟି ଗାର୍ଡ । ଫଳରେ ଦୀର୍ଘ ୫ ଘଣ୍ଟା ଜାତୀୟ ରାଜପଥରେ ଗାଡି ଚଳାଚଳ ସମ୍ପୂର୍ଣ୍ଣ ଠପ ହୋଇ ପଡିଥିଲା । ଉଭୟ ପାର୍ଶ୍ୱରେ ଶତାଧିକ ନାଇଟ ଏକ୍ସପ୍ରେସ ବସ ସହିତ ଭାରୀ ଯାନ ଅଟକି ରହିଥିଲା । ବସରେ ଥିବା ଯାତ୍ରୀ ନାହିଁ ନଥିବା ଅସୁବିଧାର ସମ୍ମୁଖିନ ହୋଇଥିଲେ । ଘଣ୍ଟା ଘଣ୍ଟା ଅପେକ୍ଷା କରିବା ପରେ ରାସ୍ତା ସ୍ୱାଭାବିକ ନ ହେବାରୁ ଚାଲି ଚାଲି ଦୁଇ ଦିନ କିଲୋମିଟର କୋରାପୁଟ ପହଞ୍ଚି ବିକଳ୍ପ ବ୍ୟବସ୍ଥା କରିଥିଲେ । ବିଶେଷ କରି ମେଡିକାଲରୁ ଫେରୁଥିବା ରୋଗୀ ଏବଂ ସମ୍ପର୍କୀୟ ନିରୁପାୟ ହୋଇ ୫ ଘଣ୍ଟା ଅପେକ୍ଷା କରୁଥିବା ବୈପାରିଗୁଡାର ମକର ମାଳି ଓ କୋଟପାଡ଼ ଅଞ୍ଚଳର ବି ରାଜୁ କହିଥିଲେ । ଗୋଟେ କ୍ରେନ ଓ ଆଉ ଏକ ଜେସିବି ସାହାଯ୍ୟରେ ବ୍ରିଜ୍ ଲୁହା ସେଫ୍ଟି ଗାର୍ଡକୁ ରାସ୍ତାରୁ ହଟାଯିବା ପରେ ଗାଡି ଚଳାଚଳ ସ୍ୱାଭାବିକ ହୋଇଥିଲା । ଜିଲ୍ଲା ପୁଲିସ, ଆରପିଏଫ ଏବଂ ଜିଆରପି, ଅଗ୍ନିଶମ ବିଭାଗ ଘଟଣା ସ୍ଥଳରେ ଉଦ୍ଧାର କାର୍ଯ୍ୟରେ ସହଯୋଗ କରିଥିଲେ । କୋରାପୁଟ ଏସଡିପିଓ ସଞ୍ଜୟ ମଣ୍ଡଳ ଓ ମୁନସିପାଲଟି ଚେୟାରମ୍ୟାନ୍ ଲଲାଟ ରଞ୍ଜନ ସେଠୀ ଘଟଣା ସ୍ଥଳରେ ରହି ଉଦ୍ଧାର କାର୍ଯ୍ୟ ତ୍ୱରାନ୍ୱିତ କରିବା ସହ ଟ୍ରାଫିକ ନିୟନ୍ତ୍ରଣ କରିଥିଲେ । ଅନ୍ୟପଟେ ୨୬ ନଂ ଜାତୀୟ ରାଜପଥ ସ୍ୱାଭାବିକ ନହେବା ପର୍ଯ୍ୟନ୍ତ ବଡ଼ ଗାଡ଼ିକୁ ୩୨୬ ନଂ ଜାତୀୟ ରାଜପଥ କୋରାପୁଟ- ରାୟଗଡା ରାସ୍ତାକୁ ଡାଇଭର୍ସନ କରିଥିବା ଟାଉନ୍ ଥାନା ଅଧିକାରୀ ସତ୍ୟାନନ୍ଦ ପାତ୍ର ସୂଚନା ଦେଇଥିଲେ । ଦୀର୍ଘ ୫ ଘଣ୍ଟା ପରେ ସକାଳ ୯ ଘଣ୍ଟା ସମୟରେ ୨୬ ନଂ ଜାତୀୟ ରାଜପଥ ଉପରେ ଗାଡ଼ି ଚଳାଚଳ ସ୍ୱାଭାବିକ ହୋଇଥିବା ଶ୍ରୀ ପାତ୍ର ସୂଚନା ଦେଇଛନ୍ତି ।

## ଦୀପାବଳୀ ପାଇଁ ଜୟପୁର ବଜାର ଚଳଚଞ୍ଚଳ



ଜୟପୁର,୧୭ । ୧୦(ସମିସ): ଆସନ୍ତା ଦୀପାବଳୀ ପର୍ବ ପାଳନ ନେଇ ଜୟପୁର ସହର ଚଳଚଞ୍ଚଳ ହୋଇଯାଇଛି । ୪ଦିନ ପୂର୍ବରୁ ଜୟପୁର ସହରରେ ବଜାର ଚଳଚଞ୍ଚଳ ହୋଇଯାଇଛି । ଶନିବାର ଏବଂ ରବିବାର ଧନତେରସ ଉତ୍ସବ ପାଳନ କରାଯିବ ଏବଂ ସୋମବାର ଦୀପାବଳୀ ପବିତ୍ର ପର୍ବ ପାଳନ କରାଯିବ । ତେଣୁ ଧନତେରସ ପାଳନ ଅବସରରେ ସହରର ସୁନାଦୋକାନ ଓ ବାସନକୁଶନ ଦୋକାନରେ ପ୍ରବଳ ଭୀଡ ସମ୍ଭାବନା ରହିଛି । ଆଧୁନିକ ଯୁଗରେ ମଧ୍ୟ ପାରମ୍ପରିକ ମାଟିଦୀପ, ଆଖୁ, କଦଳୀ, କାଉଁରି ବାଡି. ଚୂଡା ଏବଂ ଫୁଲ ପସରା ଦୋକାନ ସ୍ଥାନୀୟ ଆଦିବାସୀ ଏବଂ ଅନ୍ୟାନ୍ୟ ବ୍ୟବସାୟୀ ମାନେ ବିକ୍ରି ଆରମ୍ଭ ଏକ ସପ୍ତାହ ହେଲାଣି ହୋଇଯାଇଛି । ଫଳରେ ଜୟପୁର ମୁଖ୍ୟରାସ୍ତା, ଏମ.ଜି. ରୋଡ, ବିଦ୍ୟାଧର ସିଂ ଦେଓ ଦୈନିକ ବଜାରରେ ଭୀଡ ବୃଦ୍ଧି ପାଉଛି । ଗ୍ରାହକ ମାନେ ପରମ୍ପରା ଓ ରୀତିନୀତିରେ ପାଳନ ନିମନ୍ତେ ସମସ୍ତ ଆବଶ୍ୟକ ପୂଜା ସାମଗ୍ରୀ କ୍ରୟ କରିବେ । ମାଟି ଦୀପ ବିକ୍ରି ଜୟପୁର ବ୍ଲକର ଆଖପାଖ କୁମ୍ଭକାର ପରିବାର ଏବଂ ନବରଙ୍ଗପୁର ଜିଲ୍ଲା ପାପଡାହାଣ୍ଡି ବ୍ଲକର ତଣ୍ଡାଗୁଡା ଗ୍ରାମର କୁମ୍ଭକାର ମାନେ ଜୟପୁର ସହରର ପୁରୁଣା ଏସଡିପିଓ କାର୍ଯ୍ୟାଳୟ ଠାରୁ ୱେଲକମ ଛକ ପର୍ଯ୍ୟନ୍ତ ରାସ୍ତାରେ ମାଟି ଦୀପ ବିକ୍ରି ପାଇଁ ପସରା ଖୋଲିଛନ୍ତି । ପ୍ରାୟ ୨୦ଟି ଦୀପାଳୀ ବିକ୍ରି ନିମନ୍ତେ ଉଠାଦୋକାନରେ ବିକ୍ରିବଟା ଗତକାଲି ଠାରୁ ଆରମ୍ଭ ହୋଇଯାଇଛି । ପିତ୍ତଳ, ତମ୍ବା, ଷ୍ଟିଲ, କାଂସ୍ୟ ବାସନ ପସରା ଦୋକାନ ରାସ୍ତା କଡରେ ଦେଖିବାକୁ ମିଳିଛି । ପାଗ ଶୁଖିଲା ରହିଥିବା ଯୋଗୁଁ ଲୋକମାନେ ଦୀପାବଳୀ ପାଇଁ ବିକ୍ରି ବଟା ଶୁଭାରମ୍ଭ କରିଛନ୍ତି । ସେହିପରି ଖୁଚୁରା ବାଣ ଦୋକାନ ପାଇଁ ଶୁକ୍ରବାର ରାତିରେ ଲାଇସେନ୍ସ ପ୍ରାପ୍ତ ପରେ ଶନିବାର ଠାରୁ ସ୍ଥାନୀୟ ଦଶହରା ପଡିଆ ଠାରେ ବାଣ ବିକ୍ରି ଆରମ୍ଭ ହେବ । ଜୟପୁର ସହରରେ ୪୫ଟି ଖୁଚୁରା ଦୋକାନୀ ଲାଇସେନ୍ସ ପାଇଁ ଆବେଦନ କରିଥିବା ବେଳେ ୩ ଟି ହୋଲସେଲ ଦୋକାନୀଙ୍କୁ ପୂର୍ବରୁ ଲାଇସେନ୍ସ ପ୍ରାପ୍ତ କରିଛନ୍ତି ।

## ପାଣି ବାଲ୍‌ଟିରେ ମୁହଁମାଡ଼ି ପଡ଼ି ବୃଦ୍ଧ ମୃତ

ପାପଡାହାଣ୍ଡି, ୧୭।୧୦(ସମିସ): ନବରଙ୍ଗପୁର ଜିଲ୍ଲା ପାପଡାହାଣ୍ଡି ବ୍ଲକ ଚେରଚେଟା ଗ୍ରାମପଞ୍ଚାୟତ ଅନ୍ତର୍ଗତ ବରଦେଇ ଗ୍ରାମରେ ପାଣି ବାଲ୍ଟିରେ ମୁହଁମାଡି ପଡିଯାଇ ବୃଦ୍ଧଙ୍କ ମୃତ ଘଟିଛି । ସୂଚନା ଅନୁଯାୟୀ, ବୋରଦେଇ ଗ୍ରାମର ବୋଲି ଭତରା (୭୦) ଘରେ ରହିଥିବା ପାଣି ଶାଳକୁ ଯାଇଥିଲେ । ଏହି ସମୟରେ ପାଣି ବାଲ୍ଟିରେ ମୁହଁମାଡି ବୃଦ୍ଧ ରହିଯାଇଥିଲେ । କିଛି ସମୟ ପରେ ଗ୍ରାମବାସୀ ଏହା ଦେଖିବା ପରେ ଘର ଲୋକଙ୍କୁ ଖବର ଦେବା ପରେ ବୃଦ୍ଧକୁ ଉଦ୍ଧାର କରିଥିଲେ । କିନ୍ତୁ ସେତେବେଳକୁ ତାଙ୍କର ମୃତ୍ୟୁ ଘଟିଥିଲା । ଏନେଇ ପୁତୁରା ଉଦୟ ଭତରା ପାପଡାହାଣ୍ଡି ଥାନାରେ ଲିଖିତ ଅଭିଯୋଗ କରିଛନ୍ତି । ବ୍ୟବଚ୍ଛେଦ ପରେ ପରିବାର ଲୋକଙ୍କୁ ହସ୍ତାନ୍ତର କରାଯାଇଥିବା ତଦନ୍ତ ଅଧିକାରୀ ଶରତ ଚନ୍ଦ୍ର କୁଟ୍ଟରିକା ସୂଚନା ଦେଇଛନ୍ତି ।

## ଟ୍ରେନ୍‌ରୁ ଗଞ୍ଜେଇ ଜବତ,୨ ଗିରଫ

କୋରାପୁଟ,୧୭।୧୦(ସମିସ): କିରୋଣ୍ଡୁଲ ବିଶାଖାପାଟଣା ପାସେଞ୍ଜର ଟ୍ରେନରୁ କୋରାପୁଟ ଜିଆରପି ଦ୍ୱାରା ୪ କିଲୋ ଗଞ୍ଜେଇ ଜବତ କରା ଯାଇଥିବାବେଳେ ଘଟଣାରେ ଦୁଇଜଣ ଯୁବକଙ୍କୁ ଗିରଫ କରା ଯାଇଥିବା କୋରାପୁଟ ଜିଆରପି ଥାନା ଭାରପ୍ରାପ୍ତ ଅଧିକାରୀ ସନ୍ତୋଶୀ ମହନ୍ତ ସୂଚନା ଦେଇଛନ୍ତି । ଗିରଫ ଦୁଇ ଅଭିଯୁକ୍ତ ପଣ୍ଡିଚେରୀର ଏ ପ୍ରଭାକରନ (୧୯) ଓ ଅଜୟ (୧୯) ବୋଲି ଜଣାପଡ଼ିଛି । ଉଭୟେ ବିଶାଖାପାଟଣା ଯିବା ପାଇଁ କିରୋଣ୍ଡୁଲ ବିଶାଖାପାଟଣା ପାସେଞ୍ଜର ଟ୍ରେନରେ ଜୟପୁର ଷ୍ଟେସନରେ ଚଢିଥିଲେ । ଟ୍ରେନରେ ପେଟ୍ରୋଲିଂ କରୁଥିବା କୋରାପୁଟ ଜିଆରପି ଏବଂ ଆରପିଏଫ୍ ଟିମ୍ ଦୁଇଜଣଙ୍କ ହାବଭାବ ଦେଖି ସନ୍ଦେହ କରି ସେମାନଙ୍କ ବ୍ୟାଗ୍ ଯାଞ୍ଚ କରିଥିଲେ । ଯାଞ୍ଚ ବେଳେ ବ୍ୟାଗରେ ଥିବା ପ୍ୟାଣ୍ଟ ସାର୍ଟ ଭିତରେ ଗଞ୍ଜେଇ ଲୁଚାଇ ରଖିଥିବା ଜଣା ପଡ଼ିଥିଲା । ଜିଆରପି ପୁଲିସ ସେମାନଙ୍କୁ କୋରାପୁଟ ଥାନାକୁ ନେଇ ପଚରା ଉଚୁରା କରିବା ପରେ ସେମାନେ ଜୟପୁର ଠାରୁ ଗଞ୍ଜେଇ ନେଇ ପଣ୍ଡିଚେରୀ ଯାଉଥିବା ସ୍ୱୀକାର କରିଥିଲେ । ଓଜନ ପରେ ଉକ୍ତ ବ୍ୟାଗରେ ଗଞ୍ଜେଇ ଥିବା ଜଣା ପଡିଥିଲା । ଜିଆରପି ଥାନାରେ ଏକ ମାମଲା ରୁଜୁ କରି ତଦନ୍ତ କରୁଥିବା ଓଆଇସି ଶ୍ରୀମତି ମହନ୍ତ ସୂଚନା ଦେବା ସହ ଏମାନଙ୍କୁ ଗଞ୍ଜେଇ ଯୋଗାଇଥିବା ଅଭିଯୁକ୍ତକୁ ଟ୍ରାକ କରାଯାଉଛି । ତାକୁ ମଧ୍ୟ ଖୁବ ଶୀଘ୍ର ଗିରଫ କରା ଯିବ ବୋଲି କହିଛନ୍ତି ।

## ମୁନିଗୁଡ଼ାରେ ଶିଶୁ ମହୋତ୍ସବ 'ସୁରଭି'

ମୁନିଗୁଡ଼ା,୧୭ ।୧୦(ସମିସ): ରାୟଗଡ଼ା ଜିଲ୍ଲା ମୁନିଗୁଡ଼ା ସରକାରୀ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ପରିସରରେ ଶିଶୁ ପ୍ରତିଭା ଅନ୍ୱେଷଣ କାର୍ଯ୍ୟକ୍ରମ ବ୍ଲକସ୍ତରୀୟ ସୁରଭି ଅନୁଷ୍ଠିତ ହୋଇଯାଇଛି । ଗୋଷ୍ଠୀ ଶିକ୍ଷା ଅଧିକାରୀ ଗଣେଶ ଶବରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସୁରଭି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ମୁନିଗୁଡ଼ା ପ୍ରେସ କ୍ଲବ ସଭାପତି ରାଜୀବ ଦାସ ଯୋଗ ଦେଇ ଛାତ୍ରଛାତ୍ରୀ ମାନଙ୍କୁ ଉତ୍ସାହିତ କରିଥିଲେ । ମୁଖବକ୍ତା ଭାବେ ମୁନିଗୁଡ଼ା ସରକାରୀ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ଅଧକ୍ଷ ଦୁଷ୍ମନ୍ତ ମାଝି ଯୋଗଦେଇ ସୁରଭି ଶିଶୁ ମହୋତ୍ସବ ପିଲାମାନଙ୍କ ଉନ୍ନତି ପାଇଁ ବିଭାଗର ଏକ ସଫଳ ପ୍ରୟାସ କହିଲେ ଅତୁକ୍ତି ହେବ ନାହିଁ ବୋଲି ବକ୍ତବ୍ୟ ପ୍ରଦାନ କରିଥଲେ । ସମ୍ମାନିତ ଅତିଥି ଭାବେ ମୁନିଗୁଡ଼ା ଓଡ଼ିଶା ଆଦର୍ଶ ବିଦ୍ୟାଳୟର ଅଧକ୍ଷା ମିଲି ଷଣ୍ଢ, ମୁନିଗୁଡ଼ା ଅତିରିକ୍ତ ଗୋଷ୍ଠୀ ଶକ୍ଷା ଅଧିକାରୀ ସୁବାଷ ଚନ୍ଦ୍ର ସିଂ ପ୍ରମୁଖ ଉପସ୍ଥିତ ଥିଲେ । ମଞ୍ଚାସିନ ସମସ୍ତ ଅତିଥି ମାନଙ୍କୁ ପୁଷ୍ପଗୁଚ୍ଛ ସହ ଉତ୍ତରୀୟ ଦେଇ ସମ୍ମାନିତ କରାଯାଇଥିଲା । ଏହି ଅବସରରେ ବ୍ଲକର ୧୬ଟି କ୍ଲଷ୍ଟର ବିଭିନ୍ନ ବିଦ୍ୟାଳୟରୁ ଛାତ୍ରଛାତ୍ରୀ ଶିକ୍ଷକ ଶିକ୍ଷୟିତ୍ରୀ ଓ ଆଞ୍ଚଳିକ ସାଧନକେନ୍ଦ୍ର ସଂଯୋଜକ ମାନେ ଉପସ୍ଥିତ ଥିଲେ । ବ୍ଲକସ୍ତରୀୟ ସୁରଭି କାର୍ଯ୍ୟକ୍ରମରେ ବିଭିନ୍ନ ପ୍ରତିଯୋଗୀତା ଗୁଡ଼ିକରେ ଉତ୍ତୀର୍ଣ୍ଣ ଛାତ୍ରଛାତ୍ରୀ ମାନଙ୍କୁ ଅତିଥିମାନେ ପ୍ରମାଣ ପତ୍ର ସହ ପୁରସ୍କାର ପ୍ରଦାନ କରିଥିଲେ । ବ୍ଲକସ୍ତରୀୟ ପ୍ରତିଯୋଗୀତାରେ ପ୍ରଥମସ୍ଥାନ ଅଧିକାର କରିଥିବା ଛାତ୍ରଛାତ୍ରୀ ମାନେ ଜିଲ୍ଲା ସ୍ତରୀୟ ସୁରଭୀ କାର୍ଯ୍ୟକ୍ରମରେ ଭାଗନେବେ ବୋଲି ବିଭାଗୀୟ ଅଧିକାରୀ ମାନେ ସୂଚନା ଦେଇଥିଲେ । କାର୍ଯ୍ୟକ୍ରମରେ ବରିଷ୍ଠ ଶିକ୍ଷକ ଅକ୍ଷୟ କୁମାର ରଥ ଓ ଶିକ୍ଷକ ସୁବାଷ ଖୋରା ମଞ୍ଚ ପରିଚାଳନା କରିଥିଲେ । ସେହିପରି କାର୍ଯ୍ୟକ୍ରମରେ ମୁନିଗୁଡ଼ା ସରକାରୀ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ ସହଯୋଗ କରିଥିବା ବେଳେ ସିଆରସିସି ସନ୍ତୋଷ କୁମାର ପାଠି ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ ।




## ଶଶୁର ଘରେ ଜ୍ୱାଇଁର ଆତ୍ମହତ୍ୟା

ପାପଡାହାଣ୍ଡି, ୧୭।୧୦(ସମିସ): ନବରଙ୍ଗପୁର ଜିଲ୍ଲା ପାପଡାହାଣ୍ଡି ଥାନା ଅନ୍ତର୍ଗତ ଚିକିଲି ଗ୍ରାମରେ ଶଶୁରର ଘର ଗାଁରେ ବେକରେ ଟାବାଳ ଦେଇ ଜ୍ୱାଇଁର ଆତ୍ମହତ୍ୟା କରିଛନ୍ତି । ଆତ୍ମହତ୍ୟା କରିଥିବା ବ୍ୟକ୍ତି କମଳଚନ ପୂଜାରୀ ବୋଲି ଜଣାପଡିଛି । ସୂଚନା ଅନୁଯାୟୀ ପାପଡାହାଣ୍ଡି ବ୍ଲକ ନାକଟିଗୁଡା ଗ୍ରାମର କମଳଚନ ପୂଜାରୀ ଚିକିଲି ଗ୍ରାମରେ ବିବାହ କରିଥିଲେ । ଦୀର୍ଘ ୩ ବର୍ଷ ହେବ ସେ ଶଶୁର ଘରେ ରହୁଥିଲେ । ପରିବାର କଳହକୁ ନେଇ କମଳଚନ ଆଜି ସକାଳେ ଶଶୁର ଘର ବାରିକାନି ରହିଥିବା କରଞ୍ଜି ଗଛରେ ବେକରେ ଫାଶି ଦେଇ ଆତ୍ମହତ୍ୟା କରିଥିଲେ । ଗ୍ରାମବାସୀ ଏହା ଦେଖିବା ପରେ ପରିବାର ସଦସ୍ୟଙ୍କୁ ଖବର ଦେଇଥିଲେ । ପରିବାର ଲୋକେ ପାପଡାହାଣ୍ଡି ଥାନାରେ ଲିଖିତ ଅଭିଯୋଗ କରିଥିଲେ । ଏନେଇ ପାପଡାହାଣ୍ଡି ଥାନା କେଶ ନ ୦୭/୨୫ ରୁଜୁ କରି ଶବ ଜବତ କରିବା ସହ ବ୍ୟବଚ୍ଛେଦ ପରେ ପରିବାର ଲୋକଙ୍କୁ ହସ୍ତାନ୍ତର କରିଥିବା ତଦନ୍ତ ଅଧିକାରୀ ରାମଚନ୍ଦ୍ର ନାୟକ ସୂଚନା ଦେଇଛନ୍ତି ।



ସକାଳ THE SAKALA

# ସମ୍ପାଦକୀୟ



ବିଧ୍ୱଂସକାରୀ ଅସ୍ତ୍ର ନିର୍ମାଣରେ ଆଣବିକ ଶକ୍ତି ବିନିଯୋଗ ହେବା ଅନୁଶୋଚନୀୟ।
-ଲାଲ ବାହାଦୂର ଶାସ୍ତ୍ରୀ

## ଚାଉଳ ବୋଝ

ସଂଗ୍ରହ ପ୍ରକ୍ରିୟାକୁ ସଂପ୍ରସାରିତ ଓ ଶୃଙ୍ଖଳିତ କରି ଅଧିକରୁ ଅଧିକ ପରିମାଣର ଧାନ ସଂଗ୍ରହ ସକାଶେ ସରକାରଙ୍କ ଉପରେ ଚାଷୀ ସମୁଦାୟ, ଚାପ ପ୍ରୟୋଗ କରୁଥିବା ବେଳେ ରାଜ୍ୟରେ ମହଜୁଦ ବ୍ୟବସ୍ଥା ନ ଥିବାରୁ ଶାସନକଳ ବ୍ୟସ୍ତ ଓ ବିବ୍ରତ। ଭାରତ ଖାଦ୍ୟ ନିଗମ ରାଜ୍ୟରୁ ବଳକା ଚାଉଳ ଉଠାଇ ନଥିବାରୁ ତାହାର ସଦୁପଯୋଗ ହୋଇପାରୁନି। ଶେଷରେ ସଂଗୃହୀତ ଚାଉଳ ପଡ଼ି ପଡ଼ି ସଢ଼ିଯିବା ସାର ହେବ। ଡବଲ୍ ଇଞ୍ଜିନ୍ ସରକାରରେ ମଧ୍ୟ ରାଜ୍ୟ ସରକାରଙ୍କ ଚାପ କେନ୍ଦ୍ର ସରକାରଙ୍କ ଉପରେ କୌଣସି ପ୍ରଭାବ ପକାଇ ପାରୁନି। ଏମିତିରେ ଖାଦ୍ୟ ନିଗମ ରାଜ୍ୟରୁ ସଂଗ୍ରହ କରିଥିବା ଚାଉଳ ବାବଦ ଦେୟ ୮ ୦୦୦ କୋଟି ଟଙ୍କା ଦୀର୍ଘ ଦିନ ଧରି ବକେୟା ପକେଇ ରଖିଛି। ବାରମ୍ବାର ଦୃଷ୍ଟି ଆକର୍ଷଣ ସତ୍ତ୍ୱେ ରାଜ୍ୟକୁ ତାହା ମିଳୁନି। ଏଭଳି ଏକ ସଂକଟଜନକ ପରିସ୍ଥିତିରେ ସରକାର ଆଗାମୀ ଖରିଫ ଋତୁରେ ଚାଉଳ ସଂଗ୍ରହକୁ କେତେ ଦୂର ଗୁରୁତ୍ୱ ଦେବେ ସେନେଇ ସନ୍ଦେହ ଉପୁଜିଛି। କେନ୍ଦ୍ରସରକାରଙ୍କ ନିର୍ଦ୍ଦେଶ ଅନୁଯାୟୀ ରାସନ କାର୍ଡଧାରୀଙ୍କୁ ଇ-କେୱାଇସି ଦାଖଲ କରିବାର ବାଧ୍ୟବାଧକତା ରହିଛି। ସେପ୍ଟେମ୍ବର ୩୦ ତାରିଖ ଥିଲା ଏହାର ଶେଷ ଅବଧି। ଏଥିରେ ବ୍ୟତିକ୍ରମ କରିଥିବା ପ୍ରାୟ ୧୫.୬୭ ଲକ୍ଷ ହିତାଧିକାରୀ ଆଗାମୀ ଦିନରେ ମାଗଣା ଚାଉଳ ପାଇବାକୁ କେତେଦୂର ହକ୍‌ଦାର ହେବେ ସେ ନେଇ ସ୍ୱୟଂ ଖାଦ୍ୟ ଓ ଯୋଗାଣ ମନ୍ତ୍ରୀ ପ୍ରଶ୍ନବାଚୀ ସୃଷ୍ଟି କରିଛନ୍ତି। ଏହି ଜଟିଳ ପରିସ୍ଥିତିରେ ସରକାରଙ୍କ ଅସହାୟତା ବାରି ହୋଇପଡୁଛି।

ନଭେମ୍ବର ମାସରୁ ରାଜ୍ୟର ୧୫ ଲକ୍ଷରୁ ଉର୍ଦ୍ଧ୍ୱ ହିତାଧିକାରୀ ମାଗଣା ଚାଉଳ ପାଇବାରୁ ବଞ୍ଚିତ ହେବେ - ଏଭଳି ଏକ ସୂଚନା ଦେଇ ସରକାର ଖାଉଟିଙ୍କ ମନରେ ନିଆଁ ଲଗାଇଦେଇଛନ୍ତି। ଯେତେଯାହା ହେଲେ ମଧ୍ୟ ଏହା କିଛି ଛୋଟିଆ କଥା ନୁହେଁ। ଆମ ସରକାର ଏପ୍ରକାରେ ସୂଚନା ଦେବା ପୂର୍ବରୁ ଇ-କେୱାଇସି ମିଆଦ ବୃଦ୍ଧି ସକାଶେ କେନ୍ଦ୍ର ଉପରେ ଚାପ ପ୍ରୟୋଗ କରିବାର ଥିଲା। ବ୍ୟବସ୍ଥା ଭଲ ଭାବରେ ଜାଣେ ଯେ କେଉଁ ପରିସ୍ଥିତିରେ ପଡ଼ି ହିତାଧିକାରୀ ଇ-କେୱାଇସି ଦାଖଲ କରିପାରୁନାହାନ୍ତି। ସରକାର ମାଗଣା ବ୍ୟବସ୍ଥା ଅନ୍ତରାଳରେ ଥିବା ଉଦ୍ଦେଶ୍ୟ ସଂପର୍କରେ ଅବଗତ ଥିଲେ ସୁଦ୍ଧା କାହିଁକି ସୁଧାରିବା ଦିଗରେ ଅଗ୍ରସର ହେଲେ ନାହିଁ? ଏକ୍ଷେତ୍ରରେ ସ୍ଥାନୀୟ ପ୍ରଶାସନ ଓ ରିଟେଲଙ୍କ ସହାୟତା ନିଆଯାଇ ପାରିଥା'ନ୍ତା। ମାଗଣା ଚାଉଳ ଯୋଗାଣ ବ୍ୟାହତ ହେଲେ ପରିସ୍ଥିତି ଆଗକୁ କେଉଁ ରୂପ ନେବ ତାହା ବିଭାଗୀୟ ମନ୍ତ୍ରୀ ନିଶ୍ଚୟ ବୁଝିସାରିଥିବେ। ତେଣୁ ୨୪ ଘଣ୍ଟା ବ୍ୟବଧାନରେ ରାଜ୍ୟରେ ବଳକା ଥିବା ଚାଉଳରୁ ଅତିରିକ୍ତ ୫ କେଜି ହିତାଧିକାରୀଙ୍କୁ ଦିଆଯିବାର ବ୍ୟବସ୍ଥା ସଂପର୍କରେ ସେ ସୂଚାଇଛନ୍ତି। ହେଲେ ବ୍ୟବସ୍ଥାରୁ ବାଦ ପଡୁଥିବା ୧୫ ଲକ୍ଷରୁ ଉର୍ଦ୍ଧ୍ୱ ହିତାଧିକାରୀଙ୍କ ସଂପର୍କରେ କିଛି ଉଲ୍ଲେଖ କରିନାହାନ୍ତି। ତେଣୁ ଅନିଶ୍ଚିତତା ନିଶ୍ଚୟ ଜାରି ରହିଛି।

ଏକଥା ସତ ଯେ ସରକାର ନିର୍ବାଚନ ପ୍ରତିଶ୍ରୁତି ରକ୍ଷା କରିଛନ୍ତି। ତେଣୁ ଧାନ କ୍ୱିଣ୍ଟାଲ୍ ପିଛା ସର୍ବନିମ୍ନ ସହାୟକ ମୂଲ୍ୟ ୨୩୦୦ ଟଙ୍କା ହୋଇଥିବା ବେଳେ ୮ ଶହ ଟଙ୍କା ସହାୟତା ରାଶି ସଂଯୁକ୍ତ କରି ସରକାର ୩୧୦୦ ଟଙ୍କାରେ ଚାଷୀଙ୍କଠାରୁ ଧାନ ସଂଗ୍ରହ କରୁଛନ୍ତି। ଚାଷୀଙ୍କ ପକ୍ଷରୁ ଦାବି ହେଉଛି ସଂଗ୍ରହ ପ୍ରକ୍ରିୟାକୁ ଅଧିକ ବ୍ୟବସ୍ଥିତ ଓ ସଂପ୍ରସାରିତ କରିବା ପାଇଁ। ସରକାର କ'ଣ ଆଗାମୀ ଦିନରେ ଅଧିକ ଧାନ ସଂଗ୍ରହ କରିବାକୁ ସମର୍ଥ ହେବେ? ଭାରତୀୟ ଖାଦ୍ୟ ନିଗମ ରାଜ୍ୟରୁ ବଳକା ଚାଉଳ ଉଠାଉ ନଥିବାରୁ ଯେଉଁ ସମସ୍ୟା ସୃଷ୍ଟି ହୋଇଛି ତାହାର ସମାଧାନ ପାଇଁ ସରକାର ବାଟଘାଟ ପାଉନାହାନ୍ତି। ବାରମ୍ବାର ଅନୁରୋଧ ସତ୍ତ୍ୱେ କେନ୍ଦ୍ର ସରକାର ଏହି ଦାବିକୁ ଗୁରୁତ୍ୱ ଦେଉନାହାନ୍ତି। କୃଷି ଉତ୍ପାଦନର ସର୍ବନିମ୍ନ ସହାୟକ ମୂଲ୍ୟକୁ ଆଇନଗତ ମାନ୍ୟତା ଦେବା ପାଇଁ ହେଉଥିବା ଦାବିକୁ କେନ୍ଦ୍ର ଏଡ଼ାଇ ଆସିଥିବାବେଳେ ଆମ ରାଜ୍ୟ ଚାଉଳ ସମସ୍ୟାର ସମାଧାନ ହେବା ଆଶା ଊଣା। କହିବାକୁ ଗଲେ ସରକାରଙ୍କ ପାଇଁ ଧାନ ସଂଗ୍ରହ ଏକ ପ୍ରକାର ବୋଝ ହୋଇପଡ଼ିଛି। ●

## ଚାନ୍ଦିର ଚମକ

ଆରୋହଣ ପରେ ଅବରୋହଣ ହେଉଛି ମୌଳିକ ସତ୍ୟ। ଚାହିଦା ଅନୁଯାୟୀ ଯୋଗାଣ ହୋଇପାରୁନଥିବା ଯେକୌଣସି ସାମଗ୍ରୀ ମୂଲ୍ୟ ବୃଦ୍ଧି ଘଟିବା ଅବଧାରିତ। ଚାନ୍ଦି ବା ରୁପାର ବର୍ଦ୍ଧିତ ମୂଲ୍ୟକୁ ନେଇ ବିଶେଷଜ୍ଞଙ୍କ ଏହା ଏକ ଆକଳନ। ସାଂପ୍ରତିକ ବଜାରରେ ସୁନା ଓ ରୁପାର ମୂଲ୍ୟବୃଦ୍ଧିରେ ଯେଉଁ ପ୍ରତିଯୋଗିତାମୂଳକ ସ୍ଥିତି ପରିଲକ୍ଷିତ ହେଉଛି, ତାହା ଯଥାର୍ଥରେ ବିସ୍ମୟକର। ଆମ ଭୁବନେଶ୍ୱର ବଜାରରେ ରୁପା କେଜି ୨ଲକ୍ଷ ଟଙ୍କା ଅତିକ୍ରମ କରିଛି। ସମଗ୍ର ବିଶ୍ୱ ବଜାରରେ ରୁପାର ନିଅଣ୍ଟିଆ ସ୍ଥିତି ଦୃଷ୍ଟିରୁ ଏହି ମୂଲ୍ୟବୃଦ୍ଧି ଆଗାମୀ ଦିନରେ ଏକ ନୂଆ ଶୀର୍ଷରେ ପହଞ୍ଚିବ ବୋଲି ଆକଳନ କରାଯାଇଛି।

ଆଗକୁ ଧନତେରାସ ଓ ଦୀପାବଳୀ। ତେଣୁ ସୁନା କଏନ ବା ମୁଦ୍ରା ଓ ନିର୍ମିତ ମୂର୍ତ୍ତିର ଚାହିଦା ଅଧିକ। ବିଶେଷକରି ସୁନା ଅମୂଲ ମୂଲ ହୋଇପଡ଼ିଥିବାରୁ ସ୍ୱାଭାବିକ ଭାବେ ରୁପାର ଆଦର ବଢ଼ିଛି। ଚଳିତ ମାସ ୬ ତାରିଖରୁ ଏଥିମଧ୍ୟରେ ରୁପା ଦାମ ବଜାରରେ କେଜି ପିଛା ୪୩ ହଜାର ଟଙ୍କା ବଢ଼ିଛି। ଗତ ୧୨ ଓ ୧୩ ତାରିଖରେ ଯଥାକ୍ରମେ ମୂଲ୍ୟ ୭୦୦୦ ଓ ୯୦୦୦ ଟଙ୍କା ବଢ଼ିଥିବାରୁ ରୁପାର କେଜି ପ୍ରତି ମୂଲ୍ୟ ୨ ଲକ୍ଷ ୬ ହଜାର ଟଙ୍କାରେ ପହଞ୍ଚିଛି। ଏହି ବର୍ଦ୍ଧିତ ହାର ଆସନ୍ତା ୫ ବର୍ଷ ପର୍ଯ୍ୟନ୍ତ ବଳବତ୍ତର ରହିବାର ସମ୍ଭାବନାକୁ ଦୃଷ୍ଟିରେ ରଖି ରୁପାରେ ଆଖିବୁଜା ନିବେଶ ବଢ଼ିଚାଲିଛି। ତେବେ ଏହାର ସୀମିତ ଉତ୍ପାଦନ ଅନ୍ୟଏକ କାରଣ। ଆମକୁ ଏଠାରେ କହିବାକୁ ପଡୁଛି ଯେ କେବଳ ଗହଣା, ଦେବଦେବୀଙ୍କ ମୂର୍ତ୍ତି ଓ ବାସନରେ ରୁପାର ଉପଯୋଗ ସୀମିତ ନାହିଁ। ସୌରପ୍ୟାନେଲ, ଇଲେକ୍ଟ୍ରୋନିକ୍ସ ସମଗ୍ରୀ ଏବଂ ବିଦ୍ୟୁତ୍ ଚାଳିତ ଗାଡ଼ିରେ ବ୍ୟବହୃତ ବ୍ୟାଟେରୀରେ ମଧ୍ୟ ରୁପା ବ୍ୟବହାର ହେଉଛି। ମାନବୀୟ ସୌଖୀନ ବାଦ ଦ୍ରୁତ ଶିଳ୍ପାୟନର ଆବଶ୍ୟକତା ମେଣ୍ଟାଇବା ପାଇଁ ଉତ୍ପାଦିତ ରୁପା ଯଥେଷ୍ଟ ନୁହେଁ। ତେଣୁ ଆଗାମୀଦିନରେ ରୁପାର ମୂଲ୍ୟ ଆହୁରି ବଢ଼ିବ। ଅନ୍ୟ ଏକ ଖବରରୁ ପ୍ରକାଶ ଯେ ରାଷ୍ଟ୍ରପତି ଟ୍ରମ୍ପ ଚଢ଼ା ବହିଃଶୁଳ୍କ ଘୋଷଣା କରିବା ପରେ ଲଣ୍ଡନ ମେଟାଲ ଏକ୍ସଚେଞ୍ଜରୁ ବିପୁଳ ପରିମାଣର ରୁପା ଆମେରିକା ପଠାଇଦିଆଯାଇଥିଲା। ତେଣୁ ଚାହିଦା ଅନୁଯାୟୀ ରୁପା ଯୋଗାଇବା ସମ୍ଭବ ହେଉନାହିଁ। ଆଉନ୍ସ ପିଛା ରୁପାର ମୂଲ୍ୟ ୫୨ ଡଲାରରେ ପହଞ୍ଚିଛି। ଏହାକୁ ଏକ ରେକର୍ଡ ବୃଦ୍ଧି ବୋଲି ବିଶେଷଜ୍ଞମାନେ କହୁଛନ୍ତି।

ସର୍ବୋପରି ବୁଲିୟନ ବଜାରରେ ପରିଲକ୍ଷିତ ନିଅଣ୍ଟିଆ ସ୍ଥିତି ଏବଂ ବିତ୍ତୀୟ ଅନିଶ୍ଚିତତା ଏବେ ଲାଗି ରହିଛି। ବିଶେଷକରି ଚୀନ ବିରୋଧରେ ଟ୍ରମ୍ପ ଶହେ ପ୍ରତିଶତ ଟାରିଫ ଘୋଷଣା କରିଥିବାରୁ ସ୍ଥିତି ଅଧିକ ବିଗିଡ଼ିବାରେ ଲାଗିଛି। ତେଣୁ ନିବେଶକଙ୍କ ଆଖି ଏବେ ସୁନା ଓ ରୁପା ଉପରେ। ପରିସ୍ଥିତି ଏପରି ହୋଇଛି ଯେ ରୁପା ନିବେଶ ପାଣ୍ଠି (ଇଟିଏଫ)ରେ ନୂତନ କ୍ରୟକୁ ସାମୟିକ ବନ୍ଦ କରାଯାଇଛି। ଏକଥା ସତ ଯେ ପାର୍ବଣ ପରେ ବିବାହ ଋତୁର ଆଗମନ ହେଉଥିବାରୁ ବଜାରରେ ଚାହିଦା ବର୍ଷତମାମ ଜାରି ରହିବ। ତେଣୁ ରୁପାର ମୂଲ୍ୟ ହ୍ରାସ ଘଟିବା ସମ୍ଭାବନା ପ୍ରାୟତଃ ଊଣା। ପୂର୍ବରୁ ସଞ୍ଚିତ ରୁପା ସାମଗ୍ରୀ ମାଧ୍ୟମରେ ଗହଣା ଦୋକାନୀ ଏବର ସ୍ଥିତିକୁ ସମ୍ମୁଖୀନ ହେଉଥିବାରୁ ହଠାତ୍ ନିଅଣ୍ଟ ବା ଅଭାବ ପରିଲକ୍ଷିତ ହେବ ନାହିଁ। ●

# ନୋବେଲ୍ ପ୍ରତ୍ୟାଶୀ ନଟସମ୍ରାଟଙ୍କ 'ମୋଗଲ୍ ତାମ୍‌ସା'

**ଦୁର୍ଗାପ୍ରସାଦ ଆଚାର୍ଯ୍ୟ**

ପ୍ରାୟ ସାତ କି ଆଠମାସ ଧରି ଅନ୍ତର୍ଜାତୀୟ ମଞ୍ଚରେ ଅଭିନୀତ ହେଉଥିବା ହାସ୍ୟୋଦ୍ଦୀପକ ଅଥଚ ଭିନ୍ନ ଏକ ଦୃଷ୍ଟିରୁ କାରୁଣ୍ୟଭିଜା ନାଟକଟି ଉପରେ ଏବେ ପରଦା ପଡ଼ିଯାଇଛି। ଲୋକମନୋରଞ୍ଜକ 'ମୋଗଲ ତାମସା'ର ମୁଖ୍ୟ ଚରିତ୍ର-ତୁଲ୍ୟ 'କ୍ଷଣ କ୍ଷଣକେ ଆନ ଆଚରଣ, ଆନ ଉଚ୍ଚାରଣ'ରେ ଆମକୁ ପ୍ରଚୁର ହସ, ପ୍ରଚୁର ବିନୋଦରେ ଆପ୍ୟାୟିତ କରିଚାଲିଥିବା ନଟସମ୍ରାଟ ଜଣକ ଏଥର ଅନ୍ୟ ରଙ୍ଗରସର ଅଭିନୟରେ ସମଆଟୋପ ସହ ଉତ୍ତୀର୍ଣ୍ଣ ହେବା ପାଇଁ ମୁହୂର୍ତ୍ତେ ଅବଶ୍ୟ ବିଳମ୍ବ କରିବେ ନାହିଁ, କିନ୍ତୁ ସେ ଅଭିନୟ ଆଉ ଏତେଟା ରୋଚକ, ଏତେଟା ବିରକ୍ତିକର ଭାବରେ ରୋମାଞ୍ଚକ ହେବାର ସମ୍ଭାବନା ନାହିଁ ନିଶ୍ଚୟ। ଏହାର କାରଣ ଅତି ସ୍ୱଷ୍ଟ। ସଦ୍ୟ ସମାପ୍ତ ଏହି ଚର୍ଚ୍ଚିତ ନାଟକରେ ଏ ଅଭିନେତା ଏକାବେଳକେ ତିନି/ଚାରିଟି ଭୂମିକାରେ ଅଭିନୟ କରିବାର ମହାର୍ଘ ସୁଯୋଗ ପାଇଥିଲେ- କେତେବେଳେ ଅଝଟ ଅବୋଧ ବାଳକର ଅଭିନୟ ତ କେତେବେଳେ ଜଣେ ସଲାକୁସ୍ତି-ଯୋଦ୍ଧାର କି ଜଣେ ଦୁର୍ଦ୍ଦାନ୍ତ ଦେହବଳିଆ, ମୋଟାବୁଦ୍ଧିଆର ଅଭିନୟ। କିଏ ହୁଏତ କହିପାରନ୍ତି ଏ ଭୂମିକା ସବୁ ହାସ୍ୟରସ ସହ କିଛିଟା ଲଘୁ ବୀଭତ୍ସରସ ସିନା ସୃଷ୍ଟି କରିଥିବେ, କିନ୍ତୁ କାରୁଣ୍ୟରସ କାହିଁ? କାରୁଣ୍ୟରସ ଅବଶ୍ୟ ଥିଲା, କାରଣ ଏ ପକ୍କା ନାଟୁଆ ମଣିଷ ଜଣକ ମଝିରେ ମଝିରେ 'ଭିକ୍ଷାଂ ଦେହି, ଭିକ୍ଷାଂ ଦେହି' କହି ଭାରି ବିକଳ ସ୍ୱରରେ କାକୁତି ମିନତି ବି କରୁଥିଲେ ଏବଂ ନିରାଶ-ଜର୍ଜର ଭିକ୍ଷୁକଟିଏ ପରି ଅଭିସଂପାତ ବି ଦେଉଥିଲେ।

ଏ ଦୀର୍ଘ ଉପକ୍ରମଣିକାଟି ପଢ଼ିବା ପରେ ଆପଣମାନେ ଜାଣି ସାରିବେଣି ଏ ନଟସମ୍ରାଟ ହେଉଛନ୍ତି ଆମେରିକାର ମଉଡ଼ମଣି ଡୋନାଲଡ୍ ଟ୍ରମ୍ପ ମହୋଦୟ। ନୋବେଲ୍ ଶାନ୍ତି ପୁରସ୍କାର ରୂପକ ଅପରୂପ ସ୍ୱାଦଯୁକ୍ତ ଅମୃତଫଳଟିକୁ ନିଜ ଭିକ୍ଷାଝୁଲିରେ ଯେନତେନ ପ୍ରକାରେ ଖସାଇ ପକାଇବା ପାଇଁ ତାଙ୍କର ଦୁଃସହ ଲିପ୍‌ସାର ଦୃଶ୍ୟଶ୍ରାବ୍ୟ ନାଟକ ଇଏ। ମନେ ହୁଏ ସେ କବି 'ୱାଲଟ୍ ହ୍ୱିଟ୍‌ମ୍ୟାନ'ଙ୍କ 'ସଙ୍ଗ୍ ଅଫ୍ ମାଇସେଲ୍‌ଫ୍' କବିତାର ଏଇ କେତୋଟି ପଂକ୍ତି 'ମୁଁ କ'ଣ ବାରବାର ନିଜକୁ ଖଣ୍ଡନ କରୁଛି? ବେଶ୍ ହେଲା, ଏବେ ଶୁଣ ମୋର ଦୃପ୍ତ ସ୍ୱୀକାରୋକ୍ତି / ହଁ, ମୁଁ ଖଣ୍ଡନ କରୁଛି ନିଜକୁ ବାରବାର / ମୁଁ ବିରାଟ, ବିପୁଳ / ମୁଁ ଏକ ନୁହେଁ, ଅନେକ / ମୋ ଭିତରେ ଅଗଣିତ ଭିନ୍ନ ଭିନ୍ନ ସତ୍ତା ବିଦ୍ୟମାନ' ରେ ନିହିତ ଗୂଢ଼ ଭାବନାର କଦର୍ଥ କରି ପକାଇଛନ୍ତି ଆପଣାର ସେ ବିଲକ୍ଷଣ ସ୍ଥୂଳ ବୁଦ୍ଧିରେ। ସେ ଭାବିନେଇଛନ୍ତି ଯେ ସେ ସତରେ ଜଣେ ବିରାଟ ପୁରୁଷ ଏବଂ ସେଥିପାଇଁ ନିଜକୁ, ନିଜର ମତ ମନ୍ତବ୍ୟ, ଆଚରଣ ବା ଉଚ୍ଚାରଣ ସବୁକୁ ବାରବାର ଖଣ୍ଡନ କରିବା ତାଙ୍କର ଦୈବାଧିକାର। ସ୍ଥୂଳ ବୁଦ୍ଧି ଓ ଅଳ୍ପ ବିଦ୍ୟା କି ଭୟଙ୍କର ସତେ!

ଆମ୍ବଗର୍ବ, ଆମ୍ବରତି, ଔଦ୍ଧତ୍ୟ ଓ ଓଲାପଣିଆର ବିଚିତ୍ର କକ୍‌ଟେଲ୍ ଡୋନାଲଡ ଟ୍ରମ୍ପ-ଏହା ଅବଶ୍ୟ ଅକାଟ୍ୟ ସତ୍ୟ। ମାତ୍ର ବିଚିତ୍ରତମ ହେଉଛି ନୋବେଲ୍ ଶାନ୍ତି ପୁରସ୍କାରଟି ପାଇଁ ତାଙ୍କର ଏ ଜ୍ୱରାକ୍ରାନ୍ତ ପ୍ରଳାପ, ଏ ଅଳିଅର୍ଦ୍ଦଳି, ଏ ରେରେକାର ଚିତ୍କାର ଓ ତମ୍ବିତୋଫାନ। କିନ୍ତୁ ସବୁ ଦୋଷ କ'ଣ ବିଚରା ଟ୍ରମ୍ପଙ୍କର? ତାଙ୍କରି ଦେଶର କୁଟିଳମନା ଯୁଦ୍ଧଖୋର କୂଟନୀତିଜ୍ଞ ହେନ୍‌ରୀ କିସିଂଜରଙ୍କୁ ନରୱେ ନୋବେଲ କମିଟି କ'ଣ ଦିନେ 'ବିଶ୍ୱଶାନ୍ତିଦୂତ'ର ମାନ୍ୟତା ଦେଇ ନଥିଲା ନୋବେଲ୍ ଶାନ୍ତି ପଦକଟି ଦୁର୍ବୋଧ ବିନମ୍ରତାର ସହ ପ୍ରଦାନ କରି? ଦିନେ ସେହି ନୋବେଲ୍ ଶାନ୍ତି କମିଟି କ'ଣ ହିଟ୍‌ଲର୍, ଷ୍ଟାଲିନ ଓ ମୁସୋଲିନୀମାନଙ୍କ ପରି ଗଣହତ୍ୟାକାରୀ ଅମଣିଷମାନଙ୍କୁ ନୋବେଲ୍ ଶାନ୍ତି ପୁରସ୍କାର ଦେବା ପାଇଁ ଅସଫଳ ମସୁଧା କରି ନ ଥିଲା? ଏ ପର୍ଯ୍ୟନ୍ତ ଯେଉଁମାନଙ୍କୁ ଏ କମିଟି ଶାନ୍ତି ସମ୍ମାନରେ ଭୂଷିତ କରିସାରିଛି, ସେମାନଙ୍କ ମଧ୍ୟରୁ ବେଶ୍ କେତେଜଣଙ୍କ ଯୋଗ୍ୟତା ଉପରେ ପ୍ରଶ୍ନବାଚୀ ଚିହ୍ନ ଲାଗିନି କି? ଏମିତି ଉଦାହରଣ, ଏମିତି ବିଡ଼ମ୍ବନାମାନ ଯେତେବେଳେ ଡୋନାଲଡ୍ ଟ୍ରମ୍ପଙ୍କ ଗୋଚରୀଭୂତ ହୋଇଥିବ, ସେତେବେଳେ କିପରି ଓ କାହିଁକି ବା ସେ ବିରତ ହୋଇଥା'ନ୍ତେ ଏମନ୍ତ ଏକ ସର୍ବଗ୍ରାସୀ (ଓ ସର୍ବନାଶୀ ବି) କାମନା-ପୋଷଣରୁ? ସେ କ'ଣ ହେନରୀ କିସିଂଜରଙ୍କ ମୁଖନିସୃତ 'ଆମେରିକାର କେହି ନୁହନ୍ତି ଶତ୍ରୁ, କେହି ନୁହନ୍ତି ମିତ୍ର-ସର୍ବାଗ୍ରେ ହିଁ ଆମେରିକାର ସ୍ୱାର୍ଥ' ମହାମନ୍ତ୍ରଟିର ପ୍ରୟୋଗ କରି ଚାଲିନାହାନ୍ତି ତାଙ୍କର ବିଦେଶ ନୀତିରେ? କାମ୍ବୋଡ଼ିଆରେ ବୋମାବର୍ଷଣ, ବଲଭିଆ ଓ ଚିଲିରେ ସାମରିକ ବିଦ୍ରୋହ, ଇଷ୍ଟ ତିମୋର୍ ଉପରେ ଇଣ୍ଡୋନେସିଆର ଆକ୍ରମଣ ଏବଂ ଏମିତି ଆହୁରି କେତେ କେତେ ହିଂସାତ୍ମକ, ଆକ୍ରମଣାତ୍ମକ କାର୍ଯ୍ୟ ଓ ଆଭିମୁଖ୍ୟ ଆମେରିକା ପ୍ରଦର୍ଶନ କରିଚାଲିଥିବା ବେଳେ ସେଥିପାଇଁ ପ୍ରୋତ୍ସାହନ ଦେଇଥିଲେ ହେନେରୀ କିସିଂଜର। ଆଉ କିଏ ବା ନ ଜାଣେ ଏଇ କିସିଂଜରୀୟ କୂଟନୀତି ଭିଏତ୍‌ନାମ, ଇରାକ୍ ଆଦି ଦେଶମାନଙ୍କରେ ଆମେରିକାର ସାମରିକ କାର୍ଯ୍ୟାନୁଷ୍ଠାନର ମୁଖ୍ୟ ଉତ୍‌ପ୍ରେରକ ବୋଲି! ଏମନ୍ତ ମହାନ୍ ଆମେରିକୀୟ ଜଣେ ଯଦି ନୋବେଲ୍ ଶାନ୍ତି ସମ୍ମାନରେ ଭୂଷିତ ହୋଇଥିଲେ, ଟ୍ରମ୍ପ ବା କାହିଁକି ନ ହେବେ, ବିଶେଷ କରି ସେ ସାତ ସାତଟି ଯୁଦ୍ଧ ବିରତିର କାର୍ପଟଦାର ହୋଇଥିବା ବେଳେ? ପାକିସ୍ତାନର ଅସୀମ ମୁନିର୍, ଇସ୍ରାଏଲର ନେତାନ୍ୟାହୁ ଆଦି ଟ୍ରମ୍ପ ହିଁ ନୋବେଲ୍ ଶାନ୍ତି ପୁରସ୍କାରର ହକ୍‌ଦାର ବୋଲି ନୋବେଲ୍ କମିଟିକୁ ଦୃଢ଼ ସୁପାରିସ କରିନାହାନ୍ତି କି? ଅବୋଲକରା ଭାରତ ସେମିତି କଲା ନାହିଁ ବୋଲି ସେ ତା'ଉପରେ ପ୍ରଚଣ୍ଡ 'ଟାରିଫ୍' ପ୍ରହାର କରି ନାହାନ୍ତି କି? 'ମେକ୍ ଆମେରିକା ଗ୍ରେଟ୍ ଏଗେନ୍' (ମାଗା) ସ୍ୱପ୍ନଟିକୁ ଚରିତାର୍ଥ କରିବା ପାଇଁ କି କି ମହତ୍ ପଦକ୍ଷେପମାନ ନେଉନାହାନ୍ତି ସେ? ମାନବତା, ଉଦାରତା, ଭେଦଭାବହୀନତା ପରି ଶାଶ୍ୱତ ମୂଲ୍ୟବୋଧ ସବୁର ପ୍ରତୀକ 'ଷ୍ଟାଚ୍ୟୁ ଅଫ୍ ଲିବର୍ଟି'ର ଦେଶ ଆମେରିକାର ଗଣତାନ୍ତ୍ରିକ, ସାମ୍ବିଧାନିକ ବାତାବରଣକୁ ଧ୍ୱସ୍ତ ବିଧ୍ୱସ୍ତ କରି, ବିଶ୍ୱାୟନ ପରେ ପରେ ଦେଶ ଦେଶ ମଧ୍ୟରେ ମୁକ୍ତ ବାଣିଜ୍ୟ, ଅବାଧ ଯାତାୟତ ଓ ଜ୍ଞାନବିଜ୍ଞାନର ଆଦାନପ୍ରଦାନ ସବୁକୁ ସୁଗମ କରିବା ପାଇଁ ଉନ୍ମୁକ୍ତ ହୋଇଯାଇଥିବା ସବୁ ଦ୍ୱାର, ଗବାକ୍ଷ, ସବୁ ମାର୍ଗ ପୁନଶ୍ଚ ଅବରୁଦ୍ଧ କରି ଆମେରିକାର ସ୍ୱାତନ୍ତ୍ର୍ୟ, ଆମେରିକାର ପ୍ରଭୁତ୍ୱକୁ ନିରଙ୍କୁଶ ରଖିବା ପାଇଁ କି କି ଅଭିନବ ଚିନ୍ତନ-ପ୍ରସୂତ ତତ୍ତ୍ୱ ବାଢ଼ି ଦେଇନାହାନ୍ତି ସେ? ତେଣୁ ନୋବେଲ୍ ଶାନ୍ତି ତାଙ୍କର ପ୍ରାପ୍ୟ, ଶତ ପ୍ରତିଶତ ପ୍ରାପ୍ୟ - ଏମିତି ଭାବିବାରେ କିଛି ଅସ୍ୱାଭାବିକତା ଅଛି ବୋଲି କାହିଁକି ଟ୍ରମ୍ପ ମହୋଦୟ ଚିନ୍ତା କରିବେ?

କିନ୍ତୁ ହାୟ, ସବୁ ଛଳକୌଶଳ, ସବୁ ଧମକଚମକ ଓ ସବୁ କାନ୍ଦଣା, ପ୍ରାର୍ଥନାକୁ ବ୍ୟର୍ଥ କରିଦେଲେ ନରୱେ ନୋବେଲ୍ କମିଟିର ବିଚାରକମାନେ। ବୋଧହୁଏ ଏଇଥର ଖୁବ୍ ତୀବ୍ର ବେଗରେ ସେମାନଙ୍କ ଧମନୀରେ ପ୍ରବାହିତ ହୋଇ ଚାଲିଲା ବେଳେବେଳେ ଧିମେଇ ଯାଉଥିବା ସେ ବୈଶିଷ୍ଟ୍ୟାତ୍ମକ 'ସ୍କାଣ୍ଡିନେଭିଆନ୍' ଟାଣପଣିଆ ଏବଂ ସୁସ୍ଥବିଚାର-ପ୍ରବଣତାର ରସାୟନ। ଶାନ୍ତି, ଶାନ୍ତି ଚିତ୍କାର କରି ଅଶାନ୍ତି ସୃଷ୍ଟି କରି ଚାଲିଥିବା ହୁଙ୍କାପିଟିଆ, ଆଡ଼ବାୟା ଡୋନାଲଡଙ୍କ ପ୍ରତ୍ୟକ୍ଷ ବା ପରୋକ୍ଷ ଚାପ ଆଗରେ ମୁଣ୍ଡ ନ ନୁଆଁଇ ସେମାନେ ଭେନିଜୁଏଲାର ବିରୋଧୀ ଦଳର ନେତ୍ରୀ 'ମାଚାଡୋ'ଙ୍କୁ ନୋବେଲ୍ ଶାନ୍ତି (୨୦୨୫) ପୁରସ୍କାର ବିଜୟିନୀ ଭାବରେ ଘୋଷଣା କଲେ ଏବଂ ଏପରି କରି ସ୍ୱଷ୍ଟ କରିଦେଲେ ଯେ ଶାନ୍ତି ଏକ ଲକ୍ଷ୍ୟ କେବଳ ନୁହେଁ, ଏହା ହେଉଛି ଏକ ନିରନ୍ତର ପ୍ରକ୍ରିୟା ଏବଂ ଗଣତନ୍ତ୍ର, ମାନବତା, ସମତା ଓ ବାକ୍ ସ୍ୱାଧୀନତାର ମାର୍ଗରେ ଏକ ସର୍ତ୍ତବିହୀନ ନିରବଚ୍ଛିନ୍ନ ଯାତ୍ରା। ଏହାସହିତ ମଧ୍ୟ ସ୍ୱଷ୍ଟ କରିଦେଲେ ଯେ ଶାନ୍ତିର ମାର୍ଗ ହେଉଛି ଗାନ୍ଧୀଙ୍କ ମାର୍ଗ, ମାର୍ଟିନ୍ ଲୁଥର କିଙ୍ଗ, ନେଲସନ୍ ମାଣ୍ଡେଲା ଓ ମଦର ଟେରେସାଙ୍କ ମାର୍ଗ। ଡୋନାଲଡ୍ ଟ୍ରମ୍ପଙ୍କ ପରି ଜଣେ ଅସ୍ଥିରଚିତ୍ତ, ପ୍ରଚ୍ଛନ୍ନ ଫାସିବାଦୀ ଚରିତ୍ରର ରାଜନେତା ନୁହନ୍ତି, 'ମାଚାଡୋ'ଙ୍କ ପରି ଜଣେ ଉତ୍ସର୍ଗୀକୃତ ନାରୀନେତ୍ରୀ ଏ ମହତୀ ସମ୍ମାନର ଯୋଗ୍ୟା ବୋଲି ନିର୍ଣ୍ଣାୟକ ନିଷ୍ପତ୍ତି ନେଇ ଆମକୁ ତଥା ଏ ସମଗ୍ର ବିଶ୍ୱକୁ ଆଶ୍ୱସ୍ତ କରିବା ସଙ୍ଗେ ସଙ୍ଗେ ନରୱେ ନୋବେଲ ଶାନ୍ତି କମିଟି ଏଇ ବାର୍ତ୍ତାଟି ମଧ୍ୟ ଦେଇଛନ୍ତି - 'ବର୍ତ୍ତମାନର ବହୁଧା ବିଭକ୍ତ, ବିଭାଜିତ, ବହୁ ଦ୍ୱନ୍ଦ୍ୱ, ବିରୋଧାଭାସପୂର୍ଣ୍ଣ କାଳଖଣ୍ଡରେ ତଥାପି ମାନବତା, ମାନବିକତା, ଗଣତାନ୍ତ୍ରିକ ମୂଲ୍ୟବୋଧ ପ୍ରତି ଅଙ୍ଗୀକାରବଦ୍ଧତାର ଦୀପଶିଖା କେଉଁଠି ନା କେଉଁଠି ପ୍ରଜ୍ୱଳିତ ଅଛି, କେଉଁଠି ନା କେଉଁଠି ସୁସ୍ଥ ବିଚାରବୋଧର ଜାହ୍ନବୀଧାରା ପ୍ରବାହିତ ହୋଇଚାଲିଛି'। ●

(ଅବସରପ୍ରାପ୍ତ ଇଂରାଜୀ ପ୍ରାଧ୍ୟାପକ)
କୋଠିଆଁ ବାରଙ୍ଗ, ମୋ: ୯୮ ୫୩୩୫୫୧୦୭

# ଏମିତି ଖୁସି କାହିଁକି?

**ପ୍ରଣତି ଆଚାର୍ଯ୍ୟ ମିଶ୍ର**



ଖୁସି ପ୍ରକାଶ କରିବାର ଅନେକ ଉପାୟ ଅଛି। ହେଲେ ପ୍ରଶ୍ନ ହେଉଛି କାହିଁକି କିଛି ଲୋକ କେବଳ ବାଣ ଫୁଟାଇ ନିଜ ଖୁସି ପରିପ୍ରକାଶ କରନ୍ତି। ବାଣ କେବଳ ପରିବେଶ ପାଇଁ କ୍ଷତିକାରକ ନୁହେଁ, ବିପଜ୍ଜନକ ମଧ୍ୟ। ଏଥିଯୋଗୁଁ କୋଟି କୋଟି ଟଙ୍କାର ଆର୍ଥିକ କ୍ଷତି ସହିତ ଅନେକ ଲୋକଙ୍କ ମୃତ୍ୟୁ ଘଟେ। ସର୍ବୋଚ୍ଚ ନ୍ୟାୟାଳୟ ପରିବେଶ ପ୍ରଦୂଷଣ ସମ୍ବନ୍ଧୀୟ ଆବେଦନଗୁଡ଼ିକର ଶୁଣାଣି ବେଳେ ପ୍ରଶ୍ନ କରିଥିଲେ କେବଳ ଦିଲ୍ଲୀ-ଏନସିଆରରେ କାହିଁକି ବାଣ ଫୁଟାଇବା ନିଷେଧ ହେବ? ଦେଶର ଅନ୍ୟାନ୍ୟ ସହର ଯେଉଁଠାରେ ପ୍ରଦୂଷଣ ଏକ ଗମ୍ଭୀର ସମସ୍ୟା, ସେଠାରେ ମଧ୍ୟ ବାଣ ଫୁଟାଇବା କାହିଁକି ନିଷେଧ କରାଯିବ ନାହିଁ? ଦିଲ୍ଲୀ ଜନସାଧାରଣଙ୍କର ପରି ସମସ୍ତ ସହରର ଲୋକଙ୍କୁ ସ୍ୱଚ୍ଛ ବାୟୁ ଆହରଣର ସମାନ ଅଧିକାର ଅଛି। ପ୍ରଦୂଷଣ ସମ୍ପର୍କିତ ଯେକୌଣସି ନୀତି ସାରା ଦେଶରେ ସମାନ ହେବା ଉଚିତ।

୨୦୨୫, ମେ' ମାସରେ ସର୍ବୋଚ୍ଚ ନ୍ୟାୟାଳୟ ଉତ୍ତର ପ୍ରଦେଶ, ହରିୟାଣା ଓ ରାଜସ୍ଥାନ ସରକାରଙ୍କୁ ଜାତୀୟ ରାଜଧାନୀ ଅଞ୍ଚଳରେ ବାଣ ଫୁଟାଇବା ଉପରେ ନିଷେଧାଦେଶ ଜାରି କରିଛନ୍ତି। ଚେତାବନୀ ଦେଇଛନ୍ତି ନିର୍ଦ୍ଦେଶର ଅବମାନନା କଲେ କାର୍ଯ୍ୟାନୁଷ୍ଠାନ ହେବ। ସର୍ବୋଚ୍ଚ ନ୍ୟାୟାଳୟ ପୂର୍ବରୁ ଅନେକ ଥର ଏହି ସମ୍ପର୍କରେ ନିର୍ଦ୍ଦେଶ ଜାରି କରିଛନ୍ତି। ଏହି ନିର୍ଦ୍ଦେଶଗୁଡ଼ିକୁ କେତେ ପରିମାଣରେ ପାଳନ କରାଯାଇଛି ତାହା ସର୍ବଜନବିଦିତ। ଯଦିଓ କିଛି ମହଲରେ ସବୁଜ ବାଣ ବିଷୟରେ ଏକ ସକାରାତ୍ମକ ଧାରଣା ରହିଛି, ତଥାପି ବାଣ ବ୍ୟବହାର ବିଭିନ୍ନ ଶାରୀରିକ ଓ ମାନସିକ ସମସ୍ୟା ସୃଷ୍ଟି କରେ। ଏଥିରୁ ନିର୍ଗତ ପ୍ରଦୂଷଣ, ରାସାୟନିକ ପଦାର୍ଥ ଓ ବିଭିନ୍ନ କଠିନ ପଦାର୍ଥର ପରିବେଶ ଉପରେ ପ୍ରଭାବ କମ୍ ନୁହେଁ। ବିଡ଼ମ୍ବନାର ବିଷୟ ହେଉଛି ସାଧାରଣ ଲୋକ ସମସ୍ତ ନିର୍ଦ୍ଦେଶ, ସରକାରୀ କଟକଣା ଓ ପରାମର୍ଶକୁ କ୍ରମାଗତ ଭାବରେ ଅଣଦେଖା କରିଛନ୍ତି। ଦୀପାବଳୀ ସମୟରେ ଏବଂ ଏହାର ପାଖାପାଖି ଗୋଟିଏ କିମ୍ବା ଦୁଇ ଦିନ ପାଇଁ ରାସ୍ତାରେ ଚାଲିବା କଷ୍ଟକର ହୋଇପଡ଼େ। ଅନେକ ଦିନ ପର୍ଯ୍ୟନ୍ତ ବିଷାକ୍ତ ଧୂଆଁ ବାୟୁମଣ୍ଡଳରେ ରହିଥାଏ, ଯାହା ଶ୍ୱାସକ୍ରିୟାରେ ସମସ୍ୟା ସୃଷ୍ଟି କରେ।

ପ୍ରଶ୍ନ ହେଉଛି ଏହା କାହାର ଖୁସି? ଏହି ପର୍ବରେ କିଏ ଭଲ ଭାବରେ ଆତସବାଜି ଫୁଟାଇପାରିବ ତାହା ଦେଖିବା ପାଇଁ ଏକ ପ୍ରତିଯୋଗିତା ହୋଇଥାଏ। ରିପୋର୍ଟ ଅନୁଯାୟୀ ଅନେକ ପରିବାର କିଛି ଘଣ୍ଟା ମଧ୍ୟରେ ୧୦୦୦ ରୁ ୧୦୦୦୦୦ ଟଙ୍କା ପର୍ଯ୍ୟନ୍ତ ମୂଲ୍ୟର ଆତସବାଜି ଜାଳିଥା'ନ୍ତି। ପ୍ରଶ୍ନ ହେଉଛି ଏହା କ'ଣ ପର୍ବ ପାଳନ କରିବାର ଉପାୟ ନା ପ୍ରଦୂଷଣ ସୃଷ୍ଟିକାରୀ ପ୍ରତିଯୋଗିତା? ଆତସବାଜି କେବଳ ବ୍ୟବହାରକାରୀଙ୍କ ପାଇଁ ସମସ୍ୟା ସୃଷ୍ଟି କରେ ନାହିଁ, ବରଂ ନିକଟରେ ଉପସ୍ଥିତ ଥିବା ଅନ୍ୟମାନଙ୍କୁ ମଧ୍ୟ ପ୍ରଭାବିତ କରେ।

ବୈଜ୍ଞାନିକଙ୍କ ମତାନୁଯାୟୀ ଆତସବାଜି ଜାଳିବା ଦ୍ୱାରା ସଲଫର ଡାଇଅକ୍ସାଇଡ୍, କାର୍ବନ ମନୋକ୍ସାଇଡ୍, ନାଇଟ୍ରୋଜେନ୍ ଅକ୍ସାଇଡ୍ ଏବଂ ସୀସା ସମେତ ଅନ୍ୟାନ୍ୟ ରାସାୟନିକ ପଦାର୍ଥ ନିର୍ଗତ ହୁଏ, ଯାହା ବିଭିନ୍ନ ଗମ୍ଭୀର ସମସ୍ୟା ସୃଷ୍ଟି କରେ। ଏସବୁ ଅତ୍ୟନ୍ତ ବିଷାକ୍ତ, ଯାହା ହୃଦୟ, ମସ୍ତିଷ୍କ, ଯକୃତ, ବୃକକ୍, ରକ୍ତ ଏବଂ ହାଡ଼କୁ ଗମ୍ଭୀର ଭାବରେ ପ୍ରଭାବିତ କରିପାରେ। ଶବ୍ଦ ପ୍ରଦୂଷଣ ବ୍ୟତୀତ ଏହା ମାଟି ଓ ଜଳ ପ୍ରଦୂଷଣ ମଧ୍ୟ ସୃଷ୍ଟି କରେ। ଆଜ୍‌ମା, ହୃଦ୍‌ଘାତ, ଚର୍ମ ରୋଗ ଆଦି ମଧ୍ୟ ବୃଦ୍ଧି କରେ। ଗବେଷଣା ଅନୁଯାୟୀ ଆତସବାଜି ସାର୍ବଜନୀନ ଜଳ ଯୋଗାଣ ଓ ଭୂତଳ ଜଳକୁ ମଧ୍ୟ ବିଷାକ୍ତ କରିପାରେ। ଯେଉଁମାନେ ସେହି ପାଣି ବ୍ୟବହାର କରନ୍ତି ସେମାନଙ୍କୁ ବିଭିନ୍ନ ଶାରୀରିକ ଏବଂ ମାନସିକ ରୋଗର ଶିକାର ହେବାକୁ ପଡ଼ିଥାଏ। ଏହା ଉଦ୍ଭିଦ ଉପରେ ପ୍ରତିକୂଳ ପ୍ରଭାବ ପକାଏ।

ଉତ୍ସବ ନାମରେ ଜଳାଯାଉଥିବା ଆତସବାଜି ଥରେ ହିଂସାତ୍ମକ ଓ କୋଳାହଳପୂର୍ଣ୍ଣ ସଂସ୍କୃତିର ଅଂଶ ଥିଲା। ମଧ୍ୟଯୁଗୀୟ ସମୟରେ ଏଗୁଡ଼ିକ ଭାରତରେ ବ୍ୟାପକ ହୋଇଗଲା ଏବଂ ଦେଖୁ ଦେଖୁ ଭାରତୀୟ ସମାଜର ପ୍ରତ୍ୟେକ ବର୍ଗରେ ଆନନ୍ଦ ପ୍ରକାଶ କରିବାର ଏକ ମାଧ୍ୟମ ହୋଇଗଲା। ଆମ ଦେଶରେ ଏଗୁଡ଼ିକ କୌଣସି ଉତ୍ସବ କିମ୍ବା ପର୍ବର ଅଂଶ ନଥିଲେ। କାରଣ ଏଗୁଡ଼ିକ ଏଠାରେ ନିର୍ମିତ ହୋଇନଥିଲା। ଶାନ୍ତି, ପ୍ରେମ, ସଦ୍ଭାବ ଏବଂ ସହିଷ୍ଣୁତାର ଭାରତୀୟ ସଂସ୍କୃତିରେ ନୃତ୍ୟ, ସଂଗୀତ କାର୍ଯ୍ୟକ୍ରମ, ଆମ୍ବ ପତ୍ରରେ ଘର ସଜାଇବା, ଚିତ୍ରକଳା କରିବା ଏବଂ ଖୁସି ପ୍ରକାଶ କରିବା ପାଇଁ ବିଭିନ୍ନ ପ୍ରତୀକ ବ୍ୟବହାର କରିବାର ପରମ୍ପରା ରହିଆସିଛି।

ରାଜ୍ୟ ପ୍ରଶାସନ ବାଣ ଫୁଟାଇବା ଉପରେ ସରକାରୀ ନିଷେଧ ଏବଂ ସର୍ବୋଚ୍ଚ ନ୍ୟାୟାଳୟଙ୍କ ନିର୍ଦ୍ଦେଶକୁ କେତେଦୂର କାର୍ଯ୍ୟକାରୀ କରିପାରିବେ ତାହା କେବଳ ଦୀପାବଳି ଏବଂ ଅନ୍ୟାନ୍ୟ ପର୍ବପର୍ବାଣି ସମୟରେ ଜଣାପଡ଼ିବ। ତଥାପି ଜନସଚେତନତା ବ୍ୟାପକ ଭାବରେ କରାଯିବା ଉଚିତ, ଯାହା ଦ୍ୱାରା ଭବିଷ୍ୟତରେ କୌଣସି ପ୍ରଦୂଷଣଜନିତ ସମସ୍ୟା ସୃଷ୍ଟି ନହୁଏ। ଆଶା କରାଯାଉଛି ଯେ ଭବିଷ୍ୟତରେ କେବଳ ଦିଲ୍ଲୀ-ଜାତୀୟ ରାଜଧାନୀ ଅଞ୍ଚଳରେ ନୁହେଁ, ବରଂ ପ୍ରଦୂଷଣ ସମସ୍ୟା ଲାଗି ରହିଥିବା ପ୍ରତ୍ୟେକ ସହରରେ ବାଣ ଫୁଟାଇବା ଉପରେ ନିଷେଧ ଲାଗୁ କରାଯିବ। ●

ନୟାଗଡ଼, ମୋ: ୯୪୩୭୬୪୨୯୪୭

# ତିବ୍ବତରେ ବୌଦ୍ଧବିହାର

**ପ୍ରବୀର କୁମାର ପଟ୍ଟନାୟକ**



## ଦ୍ୱିତୀୟ-ବୁଦ୍ଧ କଥା

ପୂର୍ବପ୍ରକାଶିତ ଉତ୍ତାରୁ...

ଏଇଟି ଖ୍ରୀ ୧୪୪୫ ରେ ନିର୍ମିତ ହୋଇଥିଲା ସଙ୍ଘ-ଖା-ପାଙ୍କର ବଂଶଧର ତଥା ଗେଲୁଗ୍‌ସ୍‌ପା ସଂପ୍ରଦାୟର ପ୍ରଥମ ମହାଲାମା ଗେ ଡୁନ୍ ଡବ୍ ଙ୍କ ଦ୍ୱାରା। ଏହି ମହାବିହାରଟି ବୌଦ୍ଧଶିକ୍ଷାର ପ୍ରଧାନ କେନ୍ଦ୍ର। ତାସୀ-ଲୁନ୍-ପୋ ବିଶ୍ୱବିଦ୍ୟାଳୟଟି ମହାଲାମାଙ୍କ ଅଧ୍ୟକ୍ଷତାରେ ହିଁ ପରିଚାଳିତ। ଏହି ମହାଲାମା ପଞ୍ଚେନ ରିନ୍ ପୋ ଚେ ନାମରେ ପରିଚିତ। ମହାବିହାରଟି ଗୋଟିଏ କ୍ଷୁଦ୍ର ସହର ଏବଂ ଏଠାରେ ତିନି ହଜାର ଭିକ୍ଷୁ ରହିଥା'ନ୍ତି। (୬) ରା-ଡାଙ୍ଗ - ଏହି ମହାବିହାରଟି କଦମ୍‌ପା ସଂପ୍ରଦାୟର। ଏହା ଲାସାର ଉତ୍ତର ପୂର୍ବକୁ ଅବସ୍ଥିତ। ଏଇଟି ବୌଦ୍ଧ ଗୁରୁ ଅତୀସଙ୍କ ଶିଷ୍ୟ ବ୍ରମ୍-ଟନ୍ ଙ୍କ ଦ୍ୱାରା ଖ୍ରୀ ୧୦୫୫ରେ ପ୍ରତିଷ୍ଠିତ। ଏଠାରେ ଅତୀସଙ୍କ ଦେହାବଶେଷ ଏକ ବିରାଟ ରୌପ୍ୟ ସମାଧିରେ ସଂରକ୍ଷିତ। ଏହିଠାରେ ମଧ୍ୟ ପ୍ରସିଦ୍ଧ ବୌଦ୍ଧ ସାଧୁ ମିଲାରେପାଙ୍କର ସ୍ୱର୍ଣ୍ଣନିର୍ମିତ ପ୍ରତିମୂର୍ତ୍ତି ରଖାଯାଇଛି। ଏହି ସ୍ଥାନଟି ହେଉଛି ତିବ୍ବତରେ ପ୍ରାରମ୍ଭିକ କାଳର ପ୍ରଥମ ଓ ପ୍ରଧାନ ବୌଦ୍ଧ କେନ୍ଦ୍ର। (୭) ସା-ସ୍କ୍ୟ - ଏହି ମହାବିହାର ଖ୍ରୀ ୧୦୭୧ରେ ପ୍ରତିଷ୍ଠିତ। ସା-ସ୍କ୍ୟ ହେଉଛି ତିବ୍ବତୀୟ ବୌଦ୍ଧଧର୍ମର ଏକ ସଂସ୍କାରମୂଳକ ସଂପ୍ରଦାୟ ଏବଂ ଏହି ମହାବିହାରଟି ସେହି ନାମରେ ନାମିତ। ଏହି ମହାବିହାରର କୋଠା ସାତତାଲା ବିଷିଷ୍ଟ। ଏଠାରେ ଏକ ବିଶାଳ ଗ୍ରନ୍ଥାଗାର ରହିଛି। ତିବ୍ବତୀ ଓ ସଂସ୍କୃତ ଭାଷାରେ ଗ୍ରନ୍ଥମାନ ଏଠାରେ ରଖାଯାଇଛି। (୮) ଫୁଣ୍ଟସୋଲିଙ୍ଗ - ଏହି ବିହାରଟିକୁ ପ୍ରସିଦ୍ଧ ତିବ୍ବତୀୟ ଇତିହାସକାର ଲାମା ତାରାନାଥ ପ୍ରତିଷ୍ଠା କରିଥିଲେ। ଶାସକ୍ୟର ଉତ୍ତର ପାଖରେ ଜୋନାଙ୍ଗ ବୌଦ୍ଧବିହାର ପାଖାପାଖି ଏହି ବିହାରଟିରେ ଲାମା ତାରାନାଥ ନିଜେ ଶିକ୍ଷା ଗ୍ରହଣ କରିଥିଲେ। ଏହି ବିହାରଟିରେ ସେ ଅନେକ ବୌଦ୍ଧ ପ୍ରତିମୂର୍ତ୍ତି ଓ ବହୁ ସଂଖ୍ୟକ ଗ୍ରନ୍ଥ ସଂଗ୍ରହ କରି ପୂର୍ଣ୍ଣ କରିଦେଇଥିଲେ। ତାଙ୍କ ଦେହତ୍ୟାଗ ପରେ ପଞ୍ଚମ ମହାଲାମା (ଦଲାଇ ଲାମା) ଜବରଦସ୍ତ ଏହି ବିହାରଟିକୁ ନିଜର ଗେଲୁଗ୍‌ସ୍‌ପା ସଂପ୍ରଦାୟର ଅନୁଷ୍ଠାନ ଭାବେ ପରିଣତ କରି ଦେଇଥିଲେ। (୯) ସାମ-ନିଙ୍ଗ - ଏଇଟି ନିଙ୍ଗମା ସଂପ୍ରଦାୟର ବିହାର। ଏହି ବିହାରରେ ଉଭୟ ବୌଦ୍ଧ ଭିକ୍ଷୁ ଓ ଭିକ୍ଷୁଣୀ ରହିଥା'ନ୍ତି। ମାତ୍ର ଜଣେ ଭିକ୍ଷୁଣୀ ଦେଉଛନ୍ତି ଏହାର ମୁଖ୍ୟ। (୧୦) ଦେ-କୁଙ୍ଗ - ଜଣେ ବିଶିଷ୍ଟ ଶାସକ୍ୟ ଲାମାଙ୍କ ପୁତ୍ର କୋଞ୍ଚୋ-ଯାଲ୍‌ପୋ ଏହି ବିହାରଟିକୁ ଖ୍ରୀ ୧୧୬୬ ରେ ନିର୍ମାଣ କରିଥିଲେ। ଏହା ଲାସାର ଉତ୍ତର ପଶ୍ଚିମକୁ ପ୍ରାୟ ଶହେ ମାଇଲ ଦୂରରେ ଅବସ୍ଥିତ ଏବଂ କାଗ୍ୟପା ସଂପ୍ରଦାୟର ବିଶାଳ ବୌଦ୍ଧ ବିହାର ମଧ୍ୟରୁ ଗୋଟିଏ। (୧୧) ମିଣ୍ଡୋଲିଙ୍ଗ - ଏହା ହେଉଛି ନିଙ୍ଗ୍‌ମା ସଂପ୍ରଦାୟର ବିହାର ଓ ସମୟେ ବିହାରର ଦକ୍ଷିଣକୁ ଲାଗି ରହିଛି। ଏଥିରେ କୋଡ଼ିଏ ଗୋଟି ବୌଦ୍ଧମନ୍ଦିର ରହିଛି। ମୁଖ୍ୟ ମନ୍ଦିରଟି ନଅତାଲା ବିଶିଷ୍ଟ। ଏହି ବିହାରଗୁଡ଼ିକ ତିବ୍ବତର ପ୍ରସିଦ୍ଧ ବିହାର ମଧ୍ୟରୁ କେତୋଟି। ତିବ୍ବତର କୋଣ ଅନୁକୋଣରେ ବିଭିନ୍ନ ସଂପ୍ରଦାୟର ଅନେକ ବିହାର ରହିଛି। ଦକ୍ଷିଣ ଓ ପୂର୍ବ ତିବ୍ବତରେ ବିହାରମାନ ବହୁ ସଂଖ୍ୟାରେ ଅବସ୍ଥିତ। ବିହାରଗୁଡ଼ିକ ମଧ୍ୟରୁ ଅଧିକ ସଂଖ୍ୟକ ହେଉଛନ୍ତି ନିଙ୍ଗମା ସଂପ୍ରଦାୟର। ଏହି ନିଙ୍ଗମା ସଂପ୍ରଦାୟ ସିଧାସଳଖ ଭାବେ ପଦ୍ମସମ୍ଭବଙ୍କ ସହ ସଂଯୁକ୍ତ। (ସମାପ୍ତ) ●

ଭୁବନେଶ୍ୱର, ମୋ: ୭୨୦୫୦୨୨୭ ୯୦

ସକାଳ THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ଏଥର ବ୍ୟବସାୟୀଙ୍କ ଦୀପାବଳି

# କାରବାର ଛୁଇଁବ ୪.୭୫ ଲକ୍ଷ କୋଟି

**ସର୍ବଭାରତୀୟ ବଣିକ ସଂଘର ଆକଳନ**

**କେବଳ ଦିଲ୍ଲୀରେ ହେବ ୭୫ ହଜାର କୋଟିର ବେପାର**

**ଧନ୍‌ତେରସ୍‌ରେ ସୁନା କାରବାର ଟପିବ ୫୦ ହଜାର କୋଟି**



**ନୂଆଦିଲ୍ଲୀ, ୧୭।୧୦ (ଏଜେନ୍ସି):** ନବରାତ୍ରିରୁ ଦୀପାବଳି ଏବଂ ବିବାହ ଋତୁ ପର୍ଯ୍ୟନ୍ତ ସାରା ଦେଶରେ ଉତ୍ସବର ମାହୋଲ ଚାଲିଛି। ସବୁଠି କାରବାର ଉତ୍ସାହଜନକ ରହିଥିବାବେଳେ ବ୍ୟବସାୟୀମାନେ କାରବାରରେ ରେକର୍ଡ ଭାଙ୍ଗିବାକୁ ଯାଉଛନ୍ତି। ଏହି ପରିପ୍ରେକ୍ଷୀରେ ଚଳିତଥର ଦୀପାବଳି ସାରା ଦେଶରେ ୪.୭୫ ଲକ୍ଷ କୋଟି ଟଙ୍କାରେ ପହଞ୍ଚିବ ବୋଲି ଆକଳନ କରିଛି କନ୍‌ଫେଡ଼େରେସନ ଅଫ୍ ଅଲ ଇଣ୍ଡିଆ ଟ୍ରେଡ଼ର୍ସ (କ୍ୟାଟ୍)। ବାସ୍ତବରେ ଯଦି ଏହି ଆକଳନ ସତ୍ୟରେ ପରିଣତ ହୁଏ ତେବେ ଏହା ସର୍ବକାଳୀନ ରେକର୍ଡ ଭାଙ୍ଗିବ। ଏହି ପରିମାଣର କାରବାର ନେପାଳର ଜିଡିପି ୪ ଲକ୍ଷ କୋଟିରୁ ଅଧିକ ଓ ପାକିସ୍ତାନର ବାର୍ଷିକ ପ୍ରତିରକ୍ଷା ବଜେଟ୍‌ର ୬ଗୁଣ ବୋଲି କୁହାଯାଉଛି। ସମାନ ଓ ପାକିସ୍ତାନର ପ୍ରତିରକ୍ଷା ବଜେଟ୍‌ର ୪ ଗୁଣ।

ସୂଚନା ଅନୁସାରେ ୨୦୨୧ ଦୀପାବଳିରେ ଭାରତରେ ପ୍ରାୟ ୧.୨୫ ଲକ୍ଷ କୋଟି ଟଙ୍କା କାରବାର ହୋଇଥିଲା। ୨୦୨୨ରେ ଏହା ପାଖାପାଖି ଦ୍ୱିଗୁଣିତ ହୋଇ ୨.୨୫ ଲକ୍ଷ କୋଟିରେ ପହଞ୍ଚିଥିଲା। ମାତ୍ର ୨୦୨୩ ପରଠାରୁ ଦୀପାବଳି କାରବାର ରକେଟ୍ ବେଗରେ ଉର୍ଦ୍ଧ୍ୱଗାମୀ ହୋଇଛି। ୨୦୨୩ରେ ଭାରତରେ ଦୀପାବଳି କାରବାର ୩.୭୫ ଲକ୍ଷ କୋଟି ଛୁଇଁଥିଲା ଓ ୨୦୨୪ରେ ଏହା ୪.୨୫ ଲକ୍ଷ କୋଟି ହୋଇଥିଲା। ମାତ୍ର ଚଳିତ ବର୍ଷ ଏହା ୪.୭୫ ଲକ୍ଷ କୋଟି ଅତିକ୍ରମ କରିବ ବୋଲି କ୍ୟାଟ୍ ଆକଳନ କରିଛି। କେବଳ ରାଜଧାନୀ ନୂଆଦିଲ୍ଲୀରେ ୭୫ ହଜାର କୋଟି ଟଙ୍କାର କାରବାର ହେବା ଲକ୍ଷ୍ୟ ରଖାଯାଇଛି ଓ ଆସନ୍ତାକାଲି ଧନତେରସରେ ୫୦ ହଜାର କୋଟିର ସୁନା କ୍ରୟ ହୋଇପାରେ ବୋଲି ଆକଳନ କରାଯାଇଛି। ଯାହା ଫଳରେ କାରବାର ଦୃଷ୍ଟିରୁ ଚଳିତବର୍ଷର ଦୀପାବଳି କାରବାର ସର୍ବକାଳୀନ ରେକଡର୍ ଭାଙ୍ଗିବ ବୋଲି ଆଶା କରାଯାଉଛି।

ଦିଲ୍ଲୀ ସମେତ ୩୫ଟି ପ୍ରମୁଖ ସହରରେ ବ୍ୟବସାୟ ଧାରା ସମ୍ପର୍କରେ କ୍ୟାଟ୍ ପକ୍ଷରୁ କରାଯାଇଥିବା ସର୍ଭେକ୍ଷଣରେ ଚମକପ୍ରଦ ତଥ୍ୟ ମିଳିଛି। ଲୋକେ ଘର ସାଜସଜ୍ଜା ସାମଗ୍ରୀ, ଘରୋଇ ଉତ୍ପାଦ, ପୋଷାକପତ୍ର, ଇଲେକ୍‌ଟ୍ରୋନିକ୍ସ ଏବଂ ନିତ୍ୟ ବ୍ୟବହାର୍ଯ୍ୟ ସାମଗ୍ରୀରେ ଭାରତୀୟ ବ୍ରାଣ୍ଡକୁ ଅଧିକ ଗୁରୁତ୍ୱ ଦେଉଥିବା କ୍ୟାଟ୍‌ର ସାଧାରଣ ସମ୍ପାଦକ ପ୍ରବୀଣ ଖଣ୍ଡେଲୱାଲ କହିଛନ୍ତି। ସେ କହିଛନ୍ତିଯେ ଚଳିତ ବର୍ଷ ଦୀପାବଳିରେ ବଜାରରେ ଚୀନ ସାମଗ୍ରୀ ବିଶେଷ ଉପଲବ୍ଧ ନାହିଁ। ଆମଦାନକାରୀମାନେ ଚୀନ୍‌ରୁ ଦୀପାବଳି ସମ୍ବନ୍ଧୀୟ ସାମଗ୍ରୀ ଆଣିବା ବନ୍ଦ କରିଦେଇଛନ୍ତି। ୨୦୨୦ର ଗାଲୱାନ୍ ଘଟଣା ପରଠାରୁ ବ୍ୟବସାୟୀ ଏବଂ ଗ୍ରାହକ ଉଭୟ ସ୍ଥାନୀୟ ଭାବରେ ନିର୍ମିତ ଉତ୍ପାଦ ଆଡ଼କୁ ମୁହାଁଇଛନ୍ତି। ନବରାତ୍ରି ସହିତ ଆରମ୍ଭ ହୋଇଥିବା ପାର୍ବଣ ଋତୁ ଦୀପାବଳି, ଛଠ୍‌ପୂଜା ଏବଂ ବିବାହ ଋତୁ ପର୍ଯ୍ୟନ୍ତ ଜାରି ରହିବ, ଯାହା ବ୍ୟବସାୟର ସୁଯୋଗ ବୃଦ୍ଧି କରିବ। ଚଳିତ ବର୍ଷ ଦୀପାବଳି କେବଳ ଆଲୋକର ପର୍ବ ନୁହେଁ, ବରଂ ଭାରତର ଆର୍ଥିକ ଶକ୍ତିର ଉତ୍ସବ। ସେ କହିଛନ୍ତି ଯେ ଭାରତୀୟ ସାମଗ୍ରୀ ଉପରେ ଖର୍ଚ୍ଚ ହେଉଥିବା ପ୍ରତ୍ୟେକ ଟଙ୍କା ଦେଶର ଅଭିବୃଦ୍ଧିରେ ଯୋଗଦାନ ଦିଏ ଏବଂ ସ୍ଥାନୀୟ କାରିଗର, ନିର୍ମାତା ଏବଂ ବ୍ୟବସାୟୀଙ୍କୁ ସମର୍ଥନ କରେ। ଦିଲ୍ଲୀ ବଜାରର ଦୃଢ଼ ଅଭିବୃଦ୍ଧି ଦେଶବ୍ୟାପୀ ବର୍ଦ୍ଧିତ କାରବାରର ଧାରା ପ୍ରତିଫଳିତ କରେ। ଏହି ପାର୍ବଣ ଋତୁରେ ଦେଶ ସାରା ବିକ୍ରି ୪.୭୫ ଲକ୍ଷ କୋଟି ଟଙ୍କା ଅତିକ୍ରମ କରିବ ବୋଲି ଆଶା କରାଯାଉଛି, ଯାହା ଦେଶର ଖୁଚୁରା ଅର୍ଥନୀତି ପାଇଁ ଏକ ନୂତନ ରେକର୍ଡ ସ୍ଥାପନ କରିବ।

# କେନ୍ଦୁଝରକୁ ଶ୍ରେଷ୍ଠ ଜିଲ୍ଲା ପୁରସ୍କାର

**'ଧରତୀ ଆବା ଜନଭାଗୀଦାରି ଅଭିଯାନ'**

**ଭୁବନେଶ୍ୱର,୧୭।୧୦(ସମିସ):** ଧରତୀ ଆବା ଜନଭାଗୀଦାରି ଅଭିଯାନ ଅଧୀନରେ ଶ୍ରେଷ୍ଠ ପ୍ରଦର୍ଶନକାରୀ ଜିଲ୍ଲା ଭାବେ ଉଲ୍ଲେଖନୀୟ ପ୍ରଦର୍ଶନ ଏବଂ ଅନୁକରଣୀୟ ଅବଦାନ ପାଇଁ କେନ୍ଦୁଝର ଜିଲ୍ଲାକୁ ସ୍ୱୀକୃତି ପ୍ରମାଣପତ୍ର ପ୍ରଦାନ କରାଯାଇଛି। ଶୁକ୍ରବାର ନୂଆଦିଲ୍ଲୀସ୍ଥିତ ବିଜ୍ଞାନ ଭବନରେ ଭାରତ ସରକାରଙ୍କ ଆଦିବାସୀ ବ୍ୟାପାର ମନ୍ତ୍ରଣାଳୟ ଦ୍ୱାରା ଆୟୋଜିତ ଆଦି କର୍ମଯୋଗୀ ଅଭିଯାନ, ଜାତୀୟ କନକ୍ଲେଭ-୨୦୨୫ରେ ମନ୍ତ୍ରଣାଳୟର ମୁଖ୍ୟଅତିଥି ଭାବେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଯୋଗ ଦେଇଥିଲେ। ଏହି ଅବସରରେ ଆଦିବାସୀ ବ୍ୟାପାର ମନ୍ତ୍ରଣାଳୟ ସଚିବ ବିଭୁ ନାୟାରଙ୍କଠାରୁ ଏହି ସମ୍ମାନ ଗ୍ରହଣ କରିଛନ୍ତି ରାଜ୍ୟ ଏସସିଏସଟି ଡିପାର୍ଟମେଣ୍ଟ କମିଶନର ତଥା ସଚିବ ପି. ପରମେଶ୍ୱରନ୍।

ଏହି ଅବସରରେ କେନ୍ଦୁଝର ଜିଲ୍ଲାପାଳ ବିଶାଲ ସିଂହ କହିଥିଲେ, ଏହି ସମ୍ମାନ ସମଗ୍ର କେନ୍ଦୁଝରବାସୀଙ୍କର। ଏହା ତୃଣମୂଳସ୍ତରରେ କାର୍ଯ୍ୟ କରୁଥିବା ଅଧିକାରୀ ଏବଂ ସ୍ଥାନୀୟ ଅନୁଷ୍ଠାନଗୁଡ଼ିକର ସାମୂହିକ ପ୍ରୟାସର ପ୍ରମାଣ ବୋଲି ସେ କହିଛନ୍ତି। ଆଦିବାସୀ ସମ୍ପ୍ରଦାୟକୁ ସଶକ୍ତ କରିବା ଓ ଯେଉଁମାନେ ଏହାର ସର୍ବାଧିକ ଆବଶ୍ୟକତା ରଖିଛନ୍ତି, ସେମାନଙ୍କୁ କିପରି ଲାଭ ମିଳିବ, ତାହା ଆମର ଲକ୍ଷ୍ୟ ବୋଲି ଶ୍ରୀ ସିଂହ କହିଛନ୍ତି।

ସୂଚନା ଅନୁସାରେ, ଅନ୍ତର୍ଭୁକ୍ତୀକରଣ ଶାସନର ଦୃଷ୍ଟିକୋଣ ସହ ସଂଯୁକ୍ତ ହୋଇ ଆଦିବାସୀ ଅଞ୍ଚଳରେ ସକ୍ରିୟ ସମାବେଶୀ ଅଂଶଗ୍ରହଣ ଏବଂ ବିକାଶର ସ୍ଥାୟୀ ମଡେଲଗୁଡ଼ିକୁ ପ୍ରୋତ୍ସାହିତ କରିବାରେ ଜିଲ୍ଲା ଉଲ୍ଲେଖନୀୟ ପ୍ରଗତି ଦେଖାଇଛି। ସ୍ୱାଧୀନତା ସଂଗ୍ରାମୀ ଭଗବାନ ବିର୍ସା ମୁଣ୍ଡାଙ୍କ ୧୫୦ତମ ଜନ୍ମବାର୍ଷିକୀ ପାଳନ ପାଇଁ ଭାରତ ସରକାରଙ୍କ ପ୍ରୟାସର ଏକ ଅଂଶ ଭାବରେ ଆରମ୍ଭ ହୋଇଥିଲା ଧରତୀ ଆବା ଜନଭାଗୀଦାରୀ ଅଭିଯାନ। ଶିକ୍ଷା, ଜୀବିକା ବୃଦ୍ଧି, ମହିଳା ସଶକ୍ତୀକରଣ ଏବଂ ଡିଜିଟାଲ୍ ଅନ୍ତର୍ଭୁକ୍ତି ମାଧ୍ୟମରେ ଆଦିବାସୀ ଅଞ୍ଚଳରେ ଜୀବନର ଗୁଣବତ୍ତା ଉନ୍ନତ କରିବା ପାଇଁ କେନ୍ଦୁଝର ଜିଲ୍ଲା ପ୍ରଶାସନର ପ୍ରତିବଦ୍ଧତାକୁ ଦର୍ଶାଇ ଜାତୀୟସ୍ତରରେ ଏହି ମାନ୍ୟତା ହାସଲ କରିଛି।

## ମହିଳା ହିଂସାକୁ ନେଇ ରାଜ୍ୟପାଳଙ୍କ ଚିନ୍ତା ପ୍ରକଟ

# 'ଅପରାଧ ନିୟନ୍ତ୍ରଣ ଦାୟିତ୍ୱ ସମସ୍ତଙ୍କର'

**ଓଡ଼ିଶା ଏକ ଅର୍ଥନୈତିକ ସୁସ୍ଥ ରାଜ୍ୟ**

**୩ ମାସ ମଧ୍ୟରେ ୧୩ କୁଳପତି ନିଯୁକ୍ତି ସରିବ**

**ଭୁବନେଶ୍ୱର, ୧୭।୧୦(ସମିସ):** ନିକଟରେ ପଶ୍ଚିମବଙ୍ଗର ଦୁର୍ଗାପୁର ଘଟିଥିବା ଗଣଦୁଷ୍କର୍ମ, ବାଲେଶ୍ୱର ଫକୀରମୋହନ ଘଟଣା ଓ ଗୋପାଳପୁର ସମୁଦ୍ରକୂଳ ଗଣଦୁଷ୍କର୍ମ ଆଦି ଘଟଣା ଆଦି ଚିନ୍ତାଜନକ। ଏଭଳି ଅପରାଧ କୌଣସି ସଭ୍ୟ ସମାଜରେ ଗ୍ରହଣୀୟ ନୁହେଁ। ବିଶେଷକରି ଶିକ୍ଷାନୁଷ୍ଠାନମାନଙ୍କରେ ଯେପରି ଏଭଳି କୌଣସି ଘଟଣା ନ ଘଟେ, ସେଥିପାଇଁ ସମସ୍ତ ବ୍ୟବସ୍ଥାକୁ କଡ଼ାକଡ଼ି କରିବା ଉପରେ ରାଜ୍ୟପାଳ ଡଃ ହରିବାବୁ କମ୍ଭମପାଟି ଗୁରୁତ୍ୱାରୋପ କରିଛନ୍ତି। ଶୁକ୍ରବାର ଡଃ କମ୍ଭମପାଟି ରାଜଭବନର ନ୍ୟୁ ଅଭିଷେକ ହଲ୍‌ଠାରେ ରାଜ୍ୟର ବିଭିନ୍ନ ଗଣମାଧ୍ୟମ ପ୍ରତିନିଧିମାନଙ୍କ ସହ ଏକାଧିକ ପ୍ରସଙ୍ଗରେ ଆଲୋଚନା ଅବସରରେ ଉପରୋକ୍ତ ଘଟଣାମାନଙ୍କୁ ନେଇ ଚିନ୍ତା ପ୍ରକଟ କରିଛନ୍ତି। ଏହାସହ ଶିକ୍ଷାନୁଷ୍ଠାନଗୁଡ଼ିକରେ ଏଭଳି ଘଟଣା ଘଟିଲେ, ତୁରନ୍ତ ଆଇସିସିର ଦୃଷ୍ଟି ଆକର୍ଷଣ କରିବାକୁ ରାଜ୍ୟପାଳ ପରାମର୍ଶ ଦେଇଛନ୍ତି। ରାଜ୍ୟରେ ଅପରାଧ ନିୟନ୍ତ୍ରଣ ପାଇଁ ସମସ୍ତଙ୍କର ଦାୟିତ୍ୱ ରହିଛି ବୋଲି ରାଜ୍ୟପାଳ କହିବା ସହିତ ସମାଜକୁ ସଚେତନ ହେବାକୁ ଆହ୍ୱାନ ଦେଇଛନ୍ତି। ଏଭଳି ଘଟଣାରେ ତୁରନ୍ତ ପୁଲିସ ସହାୟତା ନେବା ସହ ମହିଳାଙ୍କ ସୁରକ୍ଷାକୁ ସୁନିଶ୍ଚିତ କରିବା ଉପରେ ରାଜ୍ୟପାଳ ଗୁରୁତ୍ୱ ଦେଇଛନ୍ତି।

ସେହିପରି ୨୦୩୬ ସୁଦ୍ଧା ରାଜ୍ୟର ସ୍ଥିତି ସମ୍ପର୍କରେ ସୂଚନା ଦେଇ ରାଜ୍ୟପାଳ କହିଛନ୍ତି ଯେ ଓଡ଼ିଶା ଏକ ଅର୍ଥନୈତିକ ସୁସ୍ଥ ରାଜ୍ୟ। ଦେଶ ବିକାଶରେ ଓଡ଼ିଶା ଅନେକ ଅବଦାନ ରହିଛି। ରାଜ୍ୟର ପ୍ରାକୃତିକ ଖଣିଜ ସମ୍ପଦସାଙ୍ଗକୁ ଓଡ଼ିଶା ଲୋକଙ୍କ ଆଶାବାଦୀ ଚିନ୍ତାଧାରା ରାଜ୍ୟକୁ ଆଗକୁ ବଢ଼ାଇନେବ। ତେଣୁ,୨୦୩୬ ଓଡ଼ିଶା ନିଶ୍ଚିତ ଭାବେ ଏକ ବିକଶିତ ରାଜ୍ୟରେ ପରିଣତ ହୋଇପାରିବ। ସେହିପରି କୁଳାଧିପତି ଭାବେ ରାଜ୍ୟର ବିଶ୍ୱବିଦ୍ୟାଳୟଗୁଡ଼ିକରେ ଫାଙ୍କାଥିବା କୁଳପତି ଓ ଅନ୍ୟ ପଦବୀ ପୂରଣ ଉପରେ ଗୁରୁତ୍ୱ ଦେଇଛନ୍ତି। ରାଜ୍ୟପାଳ କହିଛନ୍ତି ଯେ ବର୍ତ୍ତମାନ ୧୩ ଟି ବିଶ୍ୱବିଦ୍ୟାଳୟରେ ସ୍ଥାୟୀ କୁଳପତି ନାହାନ୍ତି। ଏହି ପଦ ପୂରଣ ପାଇଁ ପ୍ରକ୍ରିୟା ଜାରି ରହିଛି। ଆସନ୍ତା ୨-୩ ମାସ ମଧ୍ୟରେ ଏହା ପୂରଣ ହୋଇଯିବା ନେଇ ରାଜ୍ୟପାଳ ଆଶା ପ୍ରକଟ କରିଛନ୍ତି।

ସେହିପରି ଅନ୍ୟପ୍ରସଙ୍ଗଗୁଡ଼ିକ ମଧ୍ୟରେ ମହାନଦୀ ଜଳ ବିବାଦ, ଯୁବବର୍ଗଙ୍କ ଦକ୍ଷତା ବିକାଶ, ପେସା ଆଇନ୍, ପାନୀୟ ଜଳ, ଜାତୀୟ ରାଜପଥ, ରେଳ ଯୋଗାଯୋଗ ଆଦି ସମ୍ପର୍କିତ ବିଭିନ୍ନ ପ୍ରଶ୍ନର ଉତ୍ତର ରଖିଥିଲେ। ଅନ୍ୟାନ୍ୟ ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗ ସମେତ ରାଜ୍ୟ ତଥା କେନ୍ଦ୍ର ସରକାରଙ୍କ ପ୍ରମୁଖ ଜନକଲ୍ୟାଣକାରୀ ଯୋଜନାଗୁଡ଼ିକ ବାବଦରେ ଅଧିକ ସଚେତନତା ସୃଷ୍ଟି କରିବାକୁ ଗଣମାଧ୍ୟମ ପ୍ରତିନିଧିମାନଙ୍କୁ ରାଜ୍ୟପାଳ ପରାମର୍ଶ ଦେଇଛନ୍ତି।

# ଅବଶିଷ୍ଟାଂଶ...

## ଏସ୍‌ସିବି ଏମ୍‌ସ...

ଏବେ ଅଚଳ ହୋଇ ପଡ଼ିଥିବା ଖୋଦ୍ ଏସ୍‌ସିବି କର୍ତ୍ତୃପକ୍ଷ ସ୍ୱୀକାର କରିଛନ୍ତି। ସୂଚନା ଅଧିକାର ଆଇନରେ ମିଳିଥିବା ତଥ୍ୟ ଅନୁସାରେ ଏସ୍‌ସିବିରେ କାଜୁଆଲିଟିଠାରୁ ଆରମ୍ଭ କରି ଆଇସିୟୁ ପର୍ଯ୍ୟନ୍ତ ସବୁଠି ଅଚଳ ମେସିନ୍ ପଡ଼ି ରହିଛି । ବାୟୋକେମେଷ୍ଟ୍ରି ବିଭାଗରେ ୨ଟି ମେସିନ୍ ଅଚଳ। ବ୍ଲଡ ବ୍ୟାଙ୍କରେ ୫ଟି, ସିଟିଭିଏସ୍‌ରେ ୩ଟି, ହୃଦରୋଗ ବିଭାଗରେ ୩ଟି, କାଜୁଆଲିଟିରେ ୨ଟି, ସେଣ୍ଟ୍ରାଲ ଆଇସିୟୁରେ ୩ଟି, ଯକୃତ ପ୍ରତିରୋପଣ ୟୁନିଟରେ ୭ଟି, ଟ୍ରମା ଆଇସିୟୁରେ ୪ଟି ଯନ୍ତ୍ର କାମ କରୁନାହିଁ। ପେଡିଆଟ୍ରିକ ଆଇସିୟୁରେ ୨ଟି, ସର୍ଜରୀ ବିଭାଗର ଅସ୍ତ୍ରୋପଚାର ଥିଏଟର ୬ଟି ମିଶାଇ ଫିଜିଓଲୋଜି, ରେଡିଓଲୋଜି, ନ୍ୟୁରୋଲୋଜି, ଫାର୍ମାକୋଲୋଜି, ଇଏନଟି, ଚକ୍ଷୁ ବିଭାଗ ଭଳି ଅନେକ ବିଭାଗର ମେସିନ ଅକାମୀ ହୋଇ ପଡ଼ି ରହିଛି। ଅଚଳ ମେସିନ ଗୁଡିକ ମଧ୍ୟରେ ରହିଛି ବିଦେଶରୁ ଆମଦାନୀ ହୋଇଥିବା ବହୁ ଦାମୀ ମେସିନ୍।

ପୂର୍ବ ସରକାର ଅମଳରେ ଆରମ୍ଭ ହୋଇଥିବା ଏସ୍‌ସିବି ସମ୍ପ୍ରସାରଣ ପ୍ରକଳ୍ପ ୨୦୨୪ ସୁଦ୍ଧା ଶେଷ ହେବା ଲକ୍ଷ୍ୟ ରହିଥିଲା। ଏବେ ଏହି ସମ୍ପ୍ରସାରଣ କାର୍ଯ୍ୟ କେବେ ସରିବ ତାହାର କିଛି ଠିକଣା ନାହିଁ। ଅନ୍ୟପକ୍ଷରେ ସ୍ୱାସ୍ଥ୍ୟ ସେବା କ୍ଷେତ୍ରରେ ରାଜ୍ୟର ସବୁଠୁ ବଡ଼ ପ୍ରତିଷ୍ଠାନ ଓ ପ୍ରତିଦିନ ହଜାର ହଜାର ଲୋକ ନିର୍ଭର କରୁଥିବା ଏସ୍‌ସିବିରେ ସ୍ୱାସ୍ଥ୍ୟସେବା ସରକାର ପରିବର୍ତ୍ତନ ପରେ ବିପର୍ଯ୍ୟସ୍ତ ହେବାରେ ଲାଗିଛି । ସେପ୍ଟେମ୍ବର ୧୫ ତାରିଖ ସୁଦ୍ଧା ଏଠାରେ ୮୯ଟି ମେସିନ୍ ଅଚଳ ହୋଇ ପଡ଼ି ରହିଥିଲା। ଏହା ମଧ୍ୟରେ ଆହୁରି କିଛି ମେସିନ ଅଚଳ ହୋଇଥିବା ସୂଚନା ବି ମିଳିଛି । ଅଚଳ ମେସିନ ଗୁଡିକ ଆଇସିୟୁ, କାର୍ଡିଓ ଥୋରାସିସ ଆଣ୍ଡ ଭସ୍କୁଲାର ସର୍ଜରୀ(ସିଟିଭିଏସ୍), ଯକୃତ ପ୍ରତିରୋପଣ ୟୁନିଟ ଭଳି ବହୁ ଗୁରୁତ୍ୱପୂର୍ଣ୍ଣ ବିଭାଗର ରହିଥିବା ଜଣାପଡ଼ିଛି। କେଇମାସ ତଳେ ଖୋଦ ମୁଖ୍ୟମନ୍ତ୍ରୀଙ୍କ ପତ୍ନୀ କଟକ ବଡ଼ଡ଼ାକ୍ତରଖାନାକୁ ଚିକିତ୍ସା ପାଇଁ ଯାଇଥିବାବେଳେ ମେସିନ ଅଚଳ ଯୋଗୁଁ ଆଚାର୍ଯ୍ୟ ହରିହର କର୍କଟ ଗବେଷଣା କେନ୍ଦ୍ରରେ ତାଙ୍କର ପରୀକ୍ଷା କରାଯାଇଥିଲା। ଏହା ପରେ ମଧ୍ୟ ରାଜ୍ୟ ସ୍ୱାସ୍ଥ୍ୟ ବିଭାଗ ଏଥିରେ ଚେତି ନାହାନ୍ତି । ରାଜ୍ୟ ସରକାରଙ୍କ ସ୍ୱାସ୍ଥ୍ୟ ବିଭାଗ ଓ ଡ଼ାକ୍ତରଖାନା କର୍ତ୍ତୃପକ୍ଷ ମିଳିମିଶି ଏସ୍‌ସିବିକୁ ଏକ ମୃତ ସଂସ୍ଥାରେ ପରିଣତ କରିବାକୁ ଷଡ଼ଯନ୍ତ୍ର କରୁଥିବା ଏବେ ଅଭିଯୋଗ ହେବାରେ ଲାଗିଛି ।

## ଦିଲ୍ଲୀରୁ ସିଣ୍ଡିକେଟ୍...

ହଜାର ଟଙ୍କା ଓ ଅନେକ ଦସ୍ତାବିଜ୍ କ୍ରାଇମବ୍ରାଞ୍ଚ ଜବତ କରିଛି। ଏହି ଘଟଣାରେ ଅଭିଯୁକ୍ତ ମୁନାକୁ କ୍ରାଇମବ୍ରାଞ୍ଚ ରିମାଣ୍ଡରେ ଆଣି ପଚରାଉଚରା କରିବ ବୋଲି ଶ୍ରୀ ମିଶ୍ର କହିଛନ୍ତି। ଉପରୋକ୍ତ ଘଟଣାରେ ଗିରଫ ପ୍ରାର୍ଥୀମାନଙ୍କଠାରୁ ଜବତ କରାଯାଇଥିବା ୧୧୦ରୁ ଅଧିକ ମୋବାଇଲର ଫୋରେନ୍‌ସିକ୍ ଯାଞ୍ଚ ପ୍ରକ୍ରିୟା ଦୁଇ ତିନି ମାସ ଲାଗିଯିବ ବୋଲି କୁହାଯାଇଛି।

କ୍ରାଇମବ୍ରାଞ୍ଚ ଡିଜି କହିଛନ୍ତି ଯେ ସମସ୍ତ ଘଟଣାର ମାଷ୍ଟରମାଇଣ୍ଡ ଶଙ୍କର ପୃଷ୍ଟି। ନୂଆଦିଲ୍ଲୀରେ ରହି ସେ ଏହି ଅପରାଧ ସିଣ୍ଡିକେଟ୍ ଚଳାଉଥିଲା। ବିଜୟନଗରମ୍ ଯାଉଥିବା ପ୍ରାର୍ଥୀମାନେ ଗତ ୨୯ ତାରିଖରେ ଧରାପଡ଼ିଯିବା ପରଠାରୁ ଶଙ୍କରଙ୍କ ମୋବାଇଲ ସ୍ୱିଚ୍-ଅଫ୍ ହୋଇଯାଇଥିଲା। ଏପରିକି, ଏହି ସିଣ୍ଡିକେଟ୍‌ରେ କାମ କରୁଥିବା ସମସ୍ତଙ୍କୁ ନିଜ ନିଜ ଜାଗା ଛାଡ଼ିବା ସହ ମୋବାଇଲ ବନ୍ଦ ରଖିବାକୁ କୁହାଯାଇଥିଲା। ବିଜୟନଗରମ୍ ଯାଉଥିବା ବେଳେ ପ୍ରାର୍ଥୀମାନେ ଧରାପଡ଼ିବା ତଥା କଥା ଚାକିରି ବେପାର ସମ୍ପର୍କରେ ଲୋକଲୋଚନକୁ ଆସିବା ପରେ ଆଉ ଦୀଘା ଯୋଜନା କାର୍ଯ୍ୟକାରୀ ହୋଇନଥିଲା।

ଦୀଘାଠାରେ ବି ପ୍ରାର୍ଥୀମାନଙ୍କୁ ଆଗୁଆ ପ୍ରଶ୍ନପତ୍ର ଦେଇ ଅଭ୍ୟାସ କରିବା ପାଇଁ ସମସ୍ତ ବନ୍ଦୋବସ୍ତ ହୋଇସାରିଥିଲା। ଏହି ଘଟଣାରେ ପୂର୍ବରୁ ଗିରଫ ହୋଇଥିବା ଅରବିନ୍ଦ ଦାସକୁ ଦୀଘାଠାରେ ପ୍ରଶ୍ନପତ୍ର ଅଭ୍ୟାସ ପରିଚାଳନା ଦାୟିତ୍ୱ ଦିଆଯାଇଥିଲା। ଉଭୟ ମୁନା ଓ ଅରବିନ୍ଦ ସମସ୍ତ ଘଟଣା ସମ୍ପର୍କରେ ମାଷ୍ଟରମାଇଣ୍ଡ ଶଙ୍କରକୁ ରିପୋର୍ଟ କରିଆସୁଥିଲେ। ଶଙ୍କର ଇତିମଧ୍ୟରେ ୩ଥର ସ୍ଥାନ ପରିବର୍ତ୍ତନ କରିଥିବା ବେଳେ ଖୁବ୍‌ଶୀଘ୍ର ତାକୁ ଗିରଫ କରାଯିବ ବୋଲି କ୍ରାଇମବ୍ରାଞ୍ଚ ଡିଜି ଶ୍ରୀ ମିଶ୍ର କହିଛନ୍ତି। ଏପରିକି, ସେ ନୂଆଦିଲ୍ଲୀ ମଧ୍ୟ ଛାଡ଼ିସାରିଥିବା କୁହାଯାଇଛି।

ଅନ୍ୟପଟରେ ପ୍ରାର୍ଥୀମାନେ ବିଜୟନଗରମ୍ ଯିବା ପାଇଁ ଅଭିଯୁକ୍ତ ମୁନା ମହାନ୍ତି ଗତ ୨୭.୧୦.୨୦୨୫ରେ ଟ୍ରାଭେଲ୍ସ ସଂସ୍ଥାରୁ ତିନୋଟି ବସ୍ ବୁକ୍ କରିଥିଲେ ଏବଂ ତାଙ୍କ ବ୍ୟାଙ୍କ ଆକାଉଣ୍ଟ ଏବଂ ତାଙ୍କ ମାଆଙ୍କ ଆକାଉଣ୍ଟରୁ ୨ଲକ୍ଷ ୩୦ହଜାର ଟଙ୍କା ଦେଇଥିଲେ। ଏହି ପ୍ରମାଣ କ୍ରାଇମବ୍ରାଞ୍ଚର ହସ୍ତଗତ ହୋଇଛି। ମୁନା ଓ ତା'ର ସହଯୋଗୀ ଶ୍ରୀକାନ୍ତ ଏହାର ବ୍ଲୁପ୍ରିଣ୍ଟ ପ୍ରସ୍ତୁତ କରିଥିବା ବେଳେ ଟି. ଅଭିମନ୍ୟୁ ଦୋରା ଉଭୟଙ୍କୁ ଦଶପଲ୍ଲାର ତାଙ୍କ ଫାର୍ମ ହାଉସରେ ଆଶ୍ରୟ ଦେବ ସହ ପୁଲିସର ଗତିବିଧି ସମ୍ପର୍କରେ ଖବର ଦେଉଥିଲେ। ସେହିଭଳି ନିଜର ଜଣେ ଭଉଣୀ ପରିଚୟ ଦେଇ ପ୍ରିୟଦର୍ଶିନୀ ସାମଲ ନାମକ ଜନୈକା ମହିଳାଙ୍କୁ ମୁନା ଏହି ସଂଗଠିତ ଅପରାଧରେ ସାମିଲ କରିଥିଲେ। ପ୍ରିୟଦର୍ଶିନୀ ମାଧ୍ୟମରେ ପ୍ରାର୍ଥୀଙ୍କଠାରୁ ଅର୍ଥ ଆଦାୟ ହୋଇଥିଲା। ପରବର୍ତ୍ତୀ ସମୟରେ ଘଟଣା ଜଣାପଡ଼ିଯିବାରୁ ଗିରଫ ହୋଇଥିବା ପ୍ରାର୍ଥୀମାନଙ୍କର ପିତାମାତାଙ୍କୁ ସେମାନଙ୍କର ପ୍ରମାଣପତ୍ର ଫେରସ୍ତ କରିଥିଲେ। ଉକ୍ତ ପ୍ରମାଣପତ୍ର ଫେରାଇ ଦେଇ କେଳେଙ୍କାରୀ ଘଟଣାରେ ପ୍ରମାଣ ନଷ୍ଟ କରିଥିଲେ ବୋଲି ଡିଜି କହିଛନ୍ତି। ଏବେ ବି କ୍ରାଇମବ୍ରାଞ୍ଚର ୫ଟି ଟିମ ବିଭିନ୍ନ ସ୍ଥାନରେ ଚଢ଼ଉ ଜାରି ରଖିଛି।

## ରିପୋର୍ଟ ମାଗିଲେ...

ଉପରେ ଆଲୋଚନା ପାଇଁ ଇଡି, ସିବିଆଇ ଏବଂ କ୍ରାଇମ୍‌ବ୍ରାଞ୍ଚ ସେମାନଙ୍କର ରିପୋର୍ଟ ପ୍ରଦାନ କରିବେ। ଏହିସବୁ ପ୍ରସଙ୍ଗ ଉପରେ ସବିଶେଷ ଆଲୋଚନା ପରେ ଆସନ୍ତା ନଭେମ୍ବର ୯ ତାରିଖରେ ମୁମ୍ବାଇଠାରେ ଏହି ପ୍ରସଙ୍ଗରେ ଏସ୍‌ଆଇଟିର ପରବର୍ତ୍ତୀ ବୈଠକ ହେବ ବୋଲି ସୂଚନା ମିଳିଛି।


**TRUST FUND DEGREE COLLEGE**
BARGARH - 768 028

**WALK IN INTERVIEW FOR LADY PEON & SWEEPER**

Desirous lady candidates having Non-matric qualification may attend the interview for **Lady Peon (01 Post)** and lady candidates having UP/ME qualification may attend the interview for **Lady Sweeper (01 Post)** to be held on **dt. 27.10.2025 at 10.00 A.M.** in college premises.
**N.B. - No T.A. / D.A. will be provided to the candidate.**

Sd/- Principal in-Charge-cum-Secretary
TRUST FUND DEGREE COLLEGE, BARGARH



**AFFIDAVIT**
I, **Rahul Sagar Behera**, S/o.: Sagar Kumar Behera, resident of Sripadganj, Ward No.: 13, PO.: Baripada, Dist.: Mayurbhanj, Odisha, PIN-757001 declare by this affidavit No.: 21677 dated 02.08.2025 now onwards I shall be known as **Rahul Behera** for all future purposes.



**AFFIDAVIT**
By virtue of an affidavit No-6699 before the Executive Magistrate, Chandbali dtd: 15-10-2025. I, Runurani Majhi, W/O-Shatrughan Mandal, Vill-Narendrapur, P.O.-Karanjamala, P.S.-Bansada, Dist-Bhadrak, Odisha, declare that I have changed my name from **Runurani Mandal to Runurani Majhi**, Henceforth, I will be known as **RUNURANI MAJHI** for all purpose.



**AFFIDAVIT**
By virtue of an affidavit sworn before Executive Magistrate, Bhubaneswar, CF No. 69 dated 14.10.2025, I, Purna Chandra Bisoyi, Vill- Pankalbadi, Po. - Pangadi, Ps.- Buguda, Dist.- Ganjam have changed the name of my minor son from Pravav Bisoyi (old name) to Parnav Bisoyi (new name). Henceforth, he shall be known as **Pranav Bisoyi** for all purposes.
**Sd/- Purna Chandra Bisoyi**



**AFFIDAVIT**
By virtue of an affidavit sworn before Executive Magistrate, Udala, Mayurbhanj No-5388, dated 17.10.2025, I, Gananath Nayak, At- Sarbanaghati, Po-Sarbanaghati, Ps-Kaptipada, Dist- Mayurbhanj, Odisha-757077 declare that I have changed my name from Gananayh Nayak to Gananath Nayak. Henceforth, I will be known as **Gananath Nayak** for all purposes.
**Gananath Nayak**



**PUJA OFFER SALE**
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
**9437015112**



**AFFIDAVIT**
By virtue of an affidavit sworn before Executive Magistrate Jajpur, Dated- 17.10.2025, No-10119, I, Rasmita Acharya, W/o-Niranjan Mohapatra, At-Jalapur, Po- Markandapur, Ps/Dist-Jajpur, Odisha Pin-755007 declare that I have Change my Surname From Rasmita Mohapatra to Rasmita Acharya. Henceforth I shall be known as Rasmita Acharya for all purposes.
**Rasmita Acharya**



**AFFIDAVIT**
I BHUDHADEV PANDA, S/o- Diwakar Panda, resident of Ashok Nagar, Plot No. 12, Unit -2, Bhubaneswar, DT.- Khurda-751009, Odisha declare by this Affidavit No.1554, Dated 12/10/2025, that now onwards I shall be known as **BUDDHADEV PANDA** for all future purpose.



**AFFIDAVIT**
I, Irsad Khan, aged about 37 years, S/o-Nasir Khan resident of At- Raid Bazar, Po-Sunugoradi, Khelar, Dist- Puri, Pin-752114, Odisha declare by this affidavit No. 2112, dtd-17/10/2025, that now onwards I shall be known as **IRSHAD KHAN** for all future purposes.



Phone No.(06854) 241159 /232714
PBX No. 232713 / 232716, Fax: 232718 / 241640
E. mail: ceo@koraputccb.com

**KORAPUT CENTRAL CO-OPERATIVE BANK LTD;**
**HEAD OFFICE: N.K.T.ROAD, JEYPORE – 764003: DIST: KORAPUT (ODISHA)**

**Notification No. 2746/Estt.I/2025-26** **Date: 17.10.2025**

**CONTRACTUAL ENGAGEMENT OF PROFESSIONALS**

Applications in the prescribed format are invited from the interested professionals for the following posts at Koraput Central Cooperative Bank Ltd., Jeypore on contractual basis for a period of three years.

1. Professional 1- General Banking Expert
2. Professional 2- Credit Expert
3. Professional 3- Banking IT Expert

The eligibility criteria, engagement/selection process, the terms and conditions and other related matters of the engagement are available as Annexure-I on our website www.koraputccb.com and the same may be downloaded by the prospective candidates. Interested candidates are advised to download the application forms from the site. Duly completed and signed application along with self-attested documents should reach us on or before 05.11.2025 through Courier / Registered Post / Speed Post inscribing on the Envelope "Application for engagement of Professional 1 / 2 / 3 at Koraput Central Cooperative Bank." at the under noted address:

The Secretary,
Koraput Central Cooperative Bank Ltd.,
Head Office, N.K.T. Road, Jeypore,
Dist-Koraput-764003
ceo@koraputccb.com

Any application received after the stipulated period will not be considered. Applications of ineligible candidates shall be summarily rejected and no correspondences in the matter of rejection shall be entertained on any circumstances.

Secretary
K.C.C. Bank Ltd., Jeypore



**AFFIDAVIT**
I, S.Deptyrani Mohanta, Daughter of Army No 14491576M Hav Madhaba Charan Mohanta (Retd) residing at Vill-Ramachandrapur, PO-Baikala, PS-Turumunga, Dist-Keonjhar, Odisha, have changed my name from Deepty S, DOB-07.10.1991 to S.Deptyrani Mohanta, DOB-01.06.1992 vide affidavit dated 03.10.2025 before The Court of Executive Magistrate, Keonjhar (Odisha). Hence both Deepty S, DOB-07.10.1991 and S.Deptyrani Mohanta, DOB-01.06.1992 is same and one person. Henceforth, I will be known as **S.Deptyrani Mohanta,** DOB 01/06/1992 for all purpose.



**AFFIDAVIT**
I, Pranati Samaniray, aged about 41 years, W/o- Dillip Baliarsingh, resident of At/Po-Sanapadar, Ps- Begunia, Dist- Khurda, PIN-752064, Odisha declared by this affidavit No. 2111, dtd- 17/10/2025 that now onwards I shall be known as **PRANATI SAMANTARAY** for all future purposes.



**AFFIDAVIT**
By virtue of an affidavit sworn before the Executuve Magistrate, Nabarangpur, dated 16.10.2025 I, DHANMATI JANI, W/o- NAKULA JANI, Vill.-Bamanadeiguda, Po.- Cherecheta, Ps.- Papadahandi, Dist.-Nabarangpur, Odisha, Pin - 764071, declare that I have changed the name of my Daughter from **DROUPADI JANI** to **DRUPUTA JANI**. Henceforth, She shall be known as **DRUPUTA JANI** for all purposes.
Sd/- Dhanmati Jani



**AFFIDAVIT**
By virtue of an affidavit sworn before Executive Magistrate, Bhubaneswar dated- 09/10/2025. I, **Ravindra Arjun Nayak,** Address: Plot No. 1060/2146, Mahadev Nagar, Kalinga Nagar, Patrapada, PS- Khandagiri, Bhubaneswar, Dist- Khordha, PIN-751019, Odisha declare that I have changed my minor daughter's name from **Trupti Rani Ravindra Nayak** to **Trupti Rani Nayak.** Henceforth, she shall be known as **Trupti Rani Nayak** (new name) for all purposes.
**Ravindra Arjun Nayak**



**AFFIDAVIT**
I ITISHREE, W/o- BUDDHADEV PANDA, resident of Ashok Nagar, Plot No 12, Unit -2, Bhubaneswar, DT.- Khurda-751009, Odisha declare by this Affidavit No.1555, Dated 12/10/2025, that now onwards I shall be known as **ITISHREE PANDA** for all future purpose.



**OFFICE OF THE PRINCIPAL CUM SECRETARY**
**Maa Markama +3 College, Bissamcuttack, Dist: Rayagada, PIN – 765019.**
www.mmplus3college.in / mmdegreecollege@gmail.com

**WALK - IN - INTERVIEW**

A walk in Interview will be held in the college premises as per the date and time mentioned in column 6 for the following post of Arts (Management) and Science (Self Finance) on purely temporary basis. Candidates are required to attend the interview with original and photocopies of testimonial for verification. CV may kindly be sent to the college email id in advance.

| Sl. No | Name of the Post | No of Post | Qualification | Age | Date & Time of Interview |
|---|---|---|---|---|---|
| 1 | 2 | 3 | 4 | 5 | 6 |
| **ARTS (MANAGEMENT)** | | | | | |
| 1 | Physical Education Teacher | 01 | Bachelor of Physical Education and Above | As per Govt. norms | 02.11.2025 11 A.M. |
| 2 | Peon (ST Category) | 01 | 10th | | |
| **SCIENCE (SELF FINANCING)** | | | | | |
| 1 | Laboratory Attendant (Biological Science) | 01 | Minimum +2 Science and above | As per Govt. norms | 02.11.2025 11 A.M. |
| 2 | Lect-in-Mathematics, Botany, Zoology. | 01 each | Minimum 55% of Mark at PG level. (M.Phil. NET/PHD will be given preference ) | As per Govt. norms | 09.11.2025 11 A.M. |

**N.B :-** No TA/DA Shall be given for attending the interview.
Registration will be started from 10.00 A.M onwards.

Sd/-
Principal cum Secretary



**AFFIDAVIT**
I ARCHANA MISHRA@ ARCHANA KUMARI MISHRA, W/o- DINESH KUMAR PALLO, resident of Parabeda, Aurobindo Nagar, Po./Ps.- Jeypore, Dist.- Koraput - 764001, Odisha declare by this Affidavit No.1556, Dated 12/10/2025, that now onwards I shall be known as **ARCHANA PALLO** for all future purpose.



**AFFIDAVIT**
By virtue of an affidavit sworn before Executive Magistrate, Bhubaneswar dated- 09/10/2025. I, **Ravindra Nayak,** S/o Arjun Nayak, Address: Plot No.1060/2146, Mahadev Nagar, Kalinga Nagar, Patrapada, PS- Khandagiri, Bhubaneswar, Dist- Khordha, PIN-751019, Odisha declare that I have changed my name from **Ravindra Arjun Nayak to Ravindra Nayak.** Henceforth, I shall be known as **Ravindra Nayak** (new name) for all purposes.
**Ravindra Nayak**

## ଗାଦି ମାଡି ବସିଛନ୍ତି ଯନ୍ତ୍ରୀ, ବଦଳି ହେଉନି

# ଅନ୍ୟ ବିଭାଗର ଯନ୍ତ୍ରୀଙ୍କୁ ବ୍ଲକ୍ ଦାୟିତ୍ୱ ନେଇ ଅସନ୍ତୋଷ



ଖଇରପୁଟ,୧୭।୧୦(ସମିସ): ମାଲକାନଗିରି ଜିଲ୍ଲା ଖଇରପୁଟ ବ୍ଲକ ଗୋବିନ୍ଦପାଲ୍ଲୀ ପଞ୍ଚାୟତରେ ଯନ୍ତ୍ରୀଙ୍କୁ ନେଇ ବର୍ତ୍ତମାନ ଜନ ଅସନ୍ତୋଷ ସାମ୍ନାକୁ ଆସିଛି। ଖଇରପୁଟ ବ୍ଲକର ପାନୀୟ ଜଳ ଯୋଗାଣ ବିଭାଗର ଯନ୍ତ୍ରୀ ହେଉଛନ୍ତି ଖାଣ୍ଟି ମଲ୍ଲିକ। ଏହି ଦାୟିତ୍ୱରେ ସେ ୧୦ ବର୍ଷରୁ ଅଧିକ ଦିନ ହେବ ଗୋଟିଏ ବ୍ଲକରେ ହିଁ ରହି ଆସୁଛନ୍ତି। ଏପଟେ ଖଇରପୁଟ ବ୍ଲକ ପ୍ରଶାସନ ମଧ୍ୟ ତାଙ୍କୁ ଗୋବିନ୍ଦପାଲ୍ଲୀ ପଞ୍ଚାୟତର ଯନ୍ତ୍ରୀ ଭାବେ ଏକ ଅତିରିକ୍ତ ଦାୟିତ୍ୱ ଦେଇଛନ୍ତି। ସେ ଦୀର୍ଘ ୪ ବର୍ଷ ଧରି ଗୋବିନ୍ଦପାଲ୍ଲୀ ପଞ୍ଚାୟତରେ ଯନ୍ତ୍ରୀ ଭାବେ କାର୍ଯ୍ୟ ତୁଲାଉଛନ୍ତି। ଅଭିଯୋଗ ହେଉଛି ଯେ, ସେ ବାହାର ବ୍ଲକ୍‌ର ଠିକାଦାର ମାନଙ୍କୁ ଆଣି ପଞ୍ଚାୟତରେ ଥଇଥାନ କରିବାର ଯୋଜନା କରୁଛନ୍ତି । ଆଉ ଜଣେ ଠିକାଦାର ଅଭିଯୋଗ କରିଛନ୍ତି ଯେ ସେ ଦୀର୍ଘ ଦେଢ଼ ବର୍ଷ ହେବ ଗୋଟିଏ ପାଇଖାନା ନିର୍ମାଣ କାମ କରିଛନ୍ତି । କିନ୍ତୁ ବିଲ ପାଇଁ କହିବାରୁ ଟଙ୍କା ନାହିଁ ବୋଲି କହୁଛନ୍ତି ଯନ୍ତ୍ରୀ ଓ ସହକାରୀ ଯନ୍ତ୍ରୀ । ତେବେ ଯଦି ଟଙ୍କା ନଥିଲା, ତେବେ ଯନ୍ତ୍ରୀ ମହାଶୟ କେମିତି କାମ କରାଉଥିଲେ। ଠିକାଦାରଙ୍କୁ ହଇରାଣ କରାଇବାକୁ ଏହା ଏକ ଚକ୍ରାନ୍ତ ନୁହେଁ ତ । ଏପଟେ ଗୋବିନ୍ଦପାଲୀରେ ଆଉ ଏକ ରାସ୍ତା ଉନ୍ନତିକରଣ କାମ ଚାଲିଥିଲା। ଯାହା ପାଇଁ ୧୦ ଲକ୍ଷ ଟଙ୍କା ଅଟକଳ ମୂଲ୍ୟ ଥିଲା। କିନ୍ତୁ ଠିକାଦାରଙ୍କୁ ପ୍ରଶ୍ରୟ ଦେବା ପାଇଁ ଆଉ ଅଧିକା କାମ କରାଇ ବାହାର ବ୍ଲକର ଠିକାଦାରଙ୍କୁ ୪ ଲକ୍ଷ ଟଙ୍କାର ଆଉ ଅଧିକ ଟଙ୍କା ପ୍ରାବଧାନ ରଖିଛନ୍ତି। ତେବେ ଗୋଟିଏ ଠିକାଦାରଙ୍କୁ ଦେଢ଼ ବର୍ଷ ହେବ ବିଲ କରୁନଥିବା ବେଳେ ଆଉ ଏକ ବାହାର ବ୍ଲକର ଠିକାଦାରଙ୍କୁ ଲାଭ ଦେବା ପାଇଁ କେମିତି ଆର୍ଥିକ ଅନୁଦାନ ରଖାଯାଉଛି, ତାହା ସନ୍ଦେହ ଘେରରେ। ତେଣୁ ଗୋଟିଏ ଅନ୍ୟବିଭାଗର ଯନ୍ତ୍ରୀଙ୍କୁ ବ୍ଲକର ପଞ୍ଚାୟତ ଦାୟିତ୍ୱ ଦେବାର ଉଦ୍ଦେଶ୍ୟ କଣ ବୋଲି ପ୍ରଶ୍ନ ଉଠିଛି। ଏହି ବାବଦରେ ଆମେ ବ୍ଲକର ସହକାରୀ ଯନ୍ତ୍ରୀ ଦୁଷ୍ମନ୍ତ ବେହେରାଙ୍କୁ ଯୋଗାଯୋଗ କରିବାରୁ ସେ ଆଗକୁ ଏହାର ସମାଧାନ କରିବା ସହ ଯନ୍ତ୍ରୀଙ୍କ ବଦଳି ବିଡିଓ ଓ ବ୍ଲକ ଅଧ୍ୟକ୍ଷଙ୍କ ସହମତିରେ ହେବ ବୋଲି ମତ ପ୍ରକାଶ କରିଛନ୍ତି।

## ଉତ୍ତମ ପୋଷଣ ସୁସ୍ଥ ଜୀବନ

ନବରଙ୍ଗପୁର,୧୭।୧୦(ସମିସ): ଓଡିଶା ସରକାର ତଥା ଉଚ୍ଚ ଶିକ୍ଷା ବିଭାଗର ନିର୍ଦ୍ଦେଶ କ୍ରମେ ନବରଙ୍ଗପୁର ମହିଳା ସ୍ନାତକ ମହାବିଦ୍ୟାଳୟରେ ପୋଷଣ ମାସ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ମହାବିଦ୍ୟାଳୟ ଅଧ୍ୟକ୍ଷା ଶ୍ରୀମତୀ ମାଲେଶ୍ୱରୀ ସାହୁଙ୍କ ସଭାପତିତ୍ୱରେ କାର୍ଯ୍ୟକ୍ରମଟି ଆୟୋଜିତ ହୋଇଥିଲା। କାର୍ଯ୍ୟକ୍ରମଟିକୁ ଶିକ୍ଷା ବିଭାଗର ବିଭାଗୀୟ ମୁଖ୍ୟ ଅଧ୍ୟାପିକା ଡ. ସଂଯୁକ୍ତା ପଣ୍ଡା ମହିଳା ମାନଙ୍କ କ୍ଷେତ୍ରରେ ପୋଷଣର ଆବଶ୍ୟକତା ଏବଂ ଏହାର ଅଭାବକୁ କିପରି ଦୂର ହେବ ସେ ବିଷୟରେ ଛାତ୍ରୀଙ୍କୁ ନିଜ ବକ୍ତବ୍ୟ ମାଧ୍ୟମରେ ଉପସ୍ଥାପିତ କରିଥିଲେ। ଇତିହାସ ବିଭାଗର ଅଧ୍ୟାପିକା ସୁନୀତା ପାତ୍ର ବିଭିନ୍ନ ପ୍ରକାର ଖାଦ୍ୟପେୟ କିପରି ଆମ ଶରୀରରେ କ୍ଷତି କରୁଛି ଏବଂ ଏଥିପାଇଁ କଣ କଲେ ଜଣେ କୁପୋଷଣରୁ ବଞ୍ଚିତ ହୋଇପାରିବ ସେ ବିଷୟରେ ବୁଝାଇଥିଲେ। ଏଥିରେ ଛାତ୍ରୀ ମାନେ ମଧ୍ୟ ନିଜ ନିଜ ଅନୁଭୂତିକୁ ଉପସ୍ଥାପନା କରିଥିଲେ। କାର୍ଯ୍ୟକ୍ରମ ପରିଶେଷରେ ଓଡ଼ିଆ ବିଭାଗ ଅଧ୍ୟାପକ ଲକ୍ଷ୍ମୀକାନ୍ତ ସୌରା କିପରି ନିଜ ଯତ୍ନ ନେବା ସହିତ ଅନ୍ୟ ମାନଙ୍କୁ ମଧ୍ୟ ସଚେତନ କରାଇବା ସେ ବିଷୟରେ ଆଲୋଚନା କରିବା ସହିତ ଧନ୍ୟବାଦ ଅର୍ପଣ କରିଥିଲେ।

## ସାଧନ କେନ୍ଦ୍ରସ୍ତରୀୟ ଶିଶୁ ମହୋତ୍ସବ

ତେନ୍ତୁଲିଖୁଣ୍ଟି,୧୭।୧୦ (ସମିସ): ନବରଙ୍ଗପୁର ଜିଲ୍ଲା ତେନ୍ତୁଲିଖୁଣ୍ଟି ବ୍ଲକ ଅନ୍ତର୍ଗତ ପି. ବାରଙ୍ଗପଦର ସାଧନ କେନ୍ଦ୍ର ସ୍ତରୀୟ ଶିଶୁ ମହୋତ୍ସବ ସୁରଭି ଅନୁଷ୍ଠିତ ହୋଇଯାଇଛି। ଖାତିଗୁଡା ପ୍ରକଳ୍ପ ଉଚ୍ଚ ବିଦ୍ୟାଳୟ ପରିସରରେ ଆଞ୍ଚଳିକ ସାଧନ ସଂଯୋଜକ ପ୍ରମଦା ସାମଲଙ୍କ ତତ୍ତ୍ୱାବଧାନରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ବିଦ୍ୟାଳୟ ପ୍ରଧାନ ଶିକ୍ଷକ ସର୍ବେଶ୍ୱର ବେହେରା ସଭାପତିତ୍ୱ କରିଥିଲେ। ମୁଖ୍ୟ ଅତିଥି ଭାବେ ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ ପ୍ରଫୁଲ୍ଲ ପଟ୍ଟନାୟକ ଯୋଗଦେଇ ପ୍ରତିଭା ଅନ୍ୱେଷଣ ସୁରଭି କାର୍ଯ୍ୟକ୍ରମର ମହତ୍ୱତା ପ୍ରକାଶ କରିଥିଲେ। ଅନ୍ୟତମ ସମ୍ମାନିତ ଅତିଥି ଭାବେ ପୂର୍ବତନ ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ ମୋହନ ମଧୁସୂଦନ ବାଘ ଯୋଗଦେଇ ଛାତ୍ରଛାତ୍ରୀଙ୍କୁ ଉତ୍ସାହିତ କରିବା ସହ ପ୍ରତିଟି କାର୍ଯ୍ୟକ୍ରମରେ ଅଂଶ ଗ୍ରହଣ କରିବା ପାଇଁ ଛାତ୍ରଛାତ୍ରୀ ଦୃଢ ସଂକଳ୍ପବୋଧ ହେବା ଆବଶ୍ୟକ ବୋଲି ପ୍ରକାଶ କରିଥିଲେ । ଏହି କାର୍ଯ୍ୟକ୍ରମରେ ପି. ବାରଙ୍ଗପଦର କ୍ଲଷ୍ଟରର ୧୦ ଟି ବିଦ୍ୟାଳୟ ଅଂଶଗ୍ରହଣ କରିଥିଲେ। ସମସ୍ତ ବିଦ୍ୟାଳୟରୁ ଆସିଥିବା ଶିକ୍ଷକ ଶିକ୍ଷୟିତ୍ରୀ କାର୍ଯ୍ୟକ୍ରମ ପରିଚାଳନାରେ ସମ୍ପୂର୍ଣ୍ଣ ସହଯୋଗ କରିଥିଲେ। ସମସ୍ତ ବିଦ୍ୟାଳୟର ଛାତ୍ରଛାତ୍ରୀଙ୍କୁ ନେଇ ନୃତ୍ୟ ସମେତ ଅନ୍ୟାନ୍ୟ ପ୍ରତିଯୋଗିତା ମାନ ଆୟୋଜିତ ହୋଇଥିଲା। ଶେଷରେ ବିଭିନ୍ନ ପ୍ରତିଯୋଗିତା ଏବଂ କଳା ପ୍ରଦର୍ଶନରେ କୃତି ଛାତ୍ରଛାତ୍ରୀଙ୍କୁ ଅତିଥିଙ୍କ ହସ୍ତରେ ପୁରସ୍କାର ବିତରଣ କରାଯାଇଥିଲା। ବ୍ଲକ ସ୍ଥରୀୟ କାର୍ଯ୍ୟକ୍ରମରେ କୃତି ଛାତ୍ରଛାତ୍ରୀ ଅଂଶଗ୍ରହଣ କରିବେ ବୋଲି ସୂଚନା ମିଳିଛି

## ମାଟିକାନ୍ଥ ଭୁଶୁଡ଼ି ଦୁଇ ଗୁରୁତର

ପଦ୍ମପୁର,୧୭।୧୦(ସମିସ): ରାୟଗଡ଼ା ଜିଲ୍ଲାର ପଦ୍ମପୁର ବ୍ଲକ ଅନ୍ତର୍ଗତ ନୂଆଗଡ ପଞ୍ଚାୟତର ଗୋଇବନ୍ଧ ଗ୍ରାମରେ ଏକ ଅଭାବନୀୟ ଘଟଣା ଘଟିଛି। ଆଜି ଅପରାହ୍ନ ୪ଟା ସମୟରେ ମାନଜା ମାଝୀ (୫୦)ର ବ୍ୟକ୍ତି ଓ ରାଜେନ୍ଦ୍ର ମାଝୀ (୩୦) ଦୁଇଜଣ ନିଜଘର ପାଇଁ ଫାଉଣ୍ଡେସନ ଗାତ ଖୋଳିବା ସମୟରେ ପାଖ ଗୃହର ମାଟି କାନ୍ଥ ଭୁଶୁଡି ପଡ଼ିବା ସହ ମାନଜା ମାଝୀଙ୍କ ଗୋଡ଼ ଉପରେ ପଡ଼ିବାରୁ ତାଙ୍କ ବାମ ଗୋଡଟି ସଂପୂର୍ଣ୍ଣ ଭାଙ୍ଗିଯାଇଥିଲା ବେଳେ ରାଜନ୍ଦ୍ର ମାଝୀ ଖଣ୍ଡିଆ ଖାବରା ହୋଇଛନ୍ତି। ତେବେ ସଙ୍ଗେ ସଙ୍ଗେ ଗ୍ରାମବାସୀ ତାଙ୍କୁ ପଦ୍ମପୁର ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର କୁ ଆଣିଥିଲେ। ଡାକ୍ତର ସାନ୍ତୁନୁ ଜେନା ପ୍ରାଥମିକ ଚିକିତ୍ସା କରିଥିଲେ ମଧ ଉଭୟ ଗୁରୁତର ଅବସ୍ଥାରେ ଥିବାରୁ ସେମାନଙ୍କୁ ବ୍ରହ୍ମପୁର ମେଡିକାଲ କୁ ସ୍ଥାନାନ୍ତର କରିଛନ୍ତି। ତେବେ ଉଭୟ ଗରିବ ମୂଲିଆ ଶ୍ରେଣିର ଲୋକ ହୋଇଥିବାରୁ ସରକାରୀ ସହାୟତା ଯୋଗାଇ ଦେବାକୁ ଦାବି ହେଉଛି।

## ସ୍ୱାଭିମାନ ଅଞ୍ଚଳରେ ଛେଳି ମଡକ; ଚିନ୍ତାରେ ଛେଳି ଚାଷୀ



ଚିତ୍ରକୋଣ୍ଡା , ୧୭ ।୧୦(ସମିସ): ମାଲକାନଗିରି ଜିଲ୍ଲା ଚିତ୍ରକୋଣ୍ଡା ବ୍ଲକ ସ୍ୱାଭିମାନ ଅଞ୍ଚଳ ପାପରମେଟଲା ପଞ୍ଚାୟତର ତାଣ୍ଡାଗୁଡ଼ା ଗ୍ରାମରେ ଅଜଣା ରୋଗରେ ଛେଳି ମାରୁଥିବା ଦେଖିବାକୁ ମିଳୁଛି। ନା ପାଖରେ ଅଛନ୍ତି ପଶୁ ଚିକିତ୍ସକ ନା ପାଖରେ ଅଛି ପଶୁ ଚିକିତ୍ସା କେନ୍ଦ୍ର । କାହାକୁ ଡାକି ଛେଳି ମେଣ୍ଢାଙ୍କର ଚିକିତ୍ସା କରିବେ ଚିନ୍ତାରେ ଛେଳି ଚାଷୀ। କିପରି ନିଜ ଗୃହ ପାଳିତ ଛେଳି ମେଣ୍ଢାଙ୍କୁ ମୃତ୍ୟୁମୁଖରୁ ବଞ୍ଚାଇବେ ସେନେଇ ଚିନ୍ତାରେ ଛେଳି ଚାଷୀ। ଛେଳି ଚାଷୀ ପ୍ରହଲ୍ଲାଦ ଖିଲ ମଣିମା ହନ୍ତାଲ ଓ ଅନ୍ୟ ଛେଳି ଚାଷୀଙ୍କ କହିବା ଅନୁସାରେ ପ୍ରଥମେ ଛେଳି ମାନଙ୍କ ପାଟି ଓ ନାକରୁ ଫେଣ ବାହାରେ। ତାପରେ କିଛି ସମୟ ପରେ ପେଟ ଫୁଲାଏ । ତାର କିଛି ସମୟ ପରେ ପତଳା ଝାଡ଼ା ହୁଏ। ଚାଷୀ କିଛି ବୁଝିବା ପୂର୍ବରୁ ଚାରିରୁ ପାଞ୍ଚ ଘଣ୍ଟା ମଧ୍ୟରେ ଛେଳି ଗୁଡ଼ିକ ମରି ଯାଉଛନ୍ତି। ଚାଷୀଙ୍କ କହିବା କଥା ପ୍ରତିଦିନ ୩ରୁ ୪ ଟି ଛେଳି ମରୁଛନ୍ତି। ଏହିପରି ୪ ରୁ ୫ ଦିନ ହେବ ଛେଳି ମଡକ ଲାଗିରହିଛି। ଏହି ନେଇ ଗୋଷ୍ଠୀ ପଶୁ ସମ୍ପଦ ଚିକିତ୍ସକ ଡ଼ା ସୁଜିତ୍ କୁମାର ଦାସଙ୍କୁ ପଚାରିବାରୁ ସେ ଏହି କଥାକୁ ହାଲୁକା ଭାବରେ ନେଇ ସେ କହିଥିଲେ, ପଶୁ ସମ୍ପଦ ନିରୀକ୍ଷକଙ୍କୁ କହି ବିଷୟରେ ବୁଝିବି । ବୁଦ୍ଧିଜୀବୀ ମହଲରେ ଚର୍ଚ୍ଚା ଯେ ଚିତ୍ରକୋଣ୍ଡା ବ୍ଲକ୍ ଘୋଷଣାର ୧୦ ବର୍ଷ ବିତିଯାଇଥିଲେ ମଧ ଚିତ୍ରକୋଣ୍ଡାକୁ ଗୋଷ୍ଠୀ ପ୍ରାଣୀ ସମ୍ପଦଙ୍କ କାର୍ଯ୍ୟାଳୟଟି ସ୍ଥାନାନ୍ତରଣ ହୋଇପାରିଲା ନାହିଁ। ଯାହା ଦ୍ୱାରା ଏହାର ଭରପୁର ଫାଇଦା ଉଠାଉଛନ୍ତି ଗୋଷ୍ଠୀ ପ୍ରାଣୀ ସମ୍ପଦ ଚିକିତ୍ସକ ଶ୍ରୀ ଦାସ। ଏଥି ପ୍ରତି ରାଜ୍ୟ ସରକାର ଓ ଜିଲ୍ଲାପାଳ ଧ୍ୟାନ ଦେଲେ ସ୍ୱାଭିମାନ ଅଞ୍ଚଳର ଗୃହପାଳିତ ଚାଷୀ ମାନେ ପଶୁ ପକ୍ଷୀଙ୍କ ଟିକା କାରଣ , ଉତ୍ତମ ସେବା, ପରାମର୍ଶ ଓ ଚିକିତ୍ସା ସହ ସରକାରଙ୍କ ବୀମା ଯୋଜନା ସହ ସମସ୍ତ ସୁବିଧା ପାଇପାରିବେ।

## କ୍ଲଷ୍ଟର ସ୍ତରୀୟ ସୁରଭି କାର୍ଯ୍ୟକ୍ରମ

**ଖଇରପୁଟ, ୧୭ ।୧୦(ସମିସ):** ମାଲକାନଗିରି ଜିଲ୍ଲା ଗୋବିନ୍ଦପାଲି ପଞ୍ଚାୟତ ସ୍ତରୀୟ ସୁରଭି କାର୍ଯ୍ୟକ୍ରମ ସରକାରୀ ପ୍ରାଥମିକ ବିଦ୍ୟାଳୟ ମାଳିଗୁଡା ଠାରେ ଅନୁଷ୍ଠିତ ହୋଇଯାଇଛି। ଉଦ୍‌ଘାଟନୀ ସମାରୋହରେ ମୁଖ୍ୟ ଅତିଥି ରୂପେ ସ୍ଥାନୀୟ ସରପଞ୍ଚ ଶ୍ରୀନିବାସ ମୁଦୁଲି ଯୋଗ ଦେଇ ପ୍ରଦୀପ ପ୍ରଜ୍ୱଳନ ସହ ଅନୁଷ୍ଠାନିକ ଉଦଘାଟନ କରି ଥିଲେ। ଏହି ଅବସରରେ ବିଦ୍ୟାଳୟ ର ପ୍ରଧାନଶିକ୍ଷକ ସନ୍ତୋଷ କୁମାର ପଣ୍ଡା , ବରିଷ୍ଠ ପ୍ରଧାନଶିକ୍ଷକ ପୂର୍ଣ୍ଣଚନ୍ଦ୍ର ରଥ, ଆଞ୍ଚଳିକ ସାଧନ କେନ୍ଦ୍ର ସଂଯୋଜକ କବିରାଜ ଦେଶୀଆନାୟକ, ପ୍ରଭାକର ରାଓ ପ୍ରମୁଖ ମଞ୍ଚାସୀନ ରହି ଥିଲେ। ଛାତ୍ର ଛାତ୍ରୀ ଙ୍କ ମଧ୍ୟରେ ରହି ଥିବା ଅନ୍ତର୍ନିହିତ ଗୁଣାବଳୀ ର ବିକାଶ ନିମନ୍ତେ ଏହି କାର୍ଯ୍ୟକ୍ରମ ଏକ ପ୍ରକୃଷ୍ଟ ପ୍ଲାଟଫର୍ମ ବୋଲି ଅତିଥି ମାନେ ମତ ପ୍ରକାଶ କରି ଥିଲେ। ଶିକ୍ଷ୍ୟାର୍ଥୀଙ୍କ ମଧ୍ୟରେ ବକ୍ତୃତା, ପ୍ରବନ୍ଧ ଲିଖନ ,ସଙ୍ଗୀତ, ସୃଜନଶୀଳ ଲିଖନ, ଚିତ୍ରାଙ୍କନ, ଶୃତଲିଖନ ଭଳି ଅନେକ ପ୍ରତିଯୋଗିତା ଆୟୋଜନ କରା ଯାଇଥିଲା। ଅପରାହ୍ନରେ ପୁରସ୍କାର ବିତରଣ ସମାରୋହ ଅନୁଷ୍ଠିତ ହୋଇ ଥିଲା। ଏହି ସମାରୋହ ରେ ବରିଷ୍ଠ ପ୍ରଧାନଶିକ୍ଷକ ମାରିନସ ଟେଟେ,ସନ୍ତୋଷ ସିଂ,ନୀଳମାଧବ ସେଠୀ,ରୋଜାଲିନ ହରିଜନ , ସଂଯୁକ୍ତା ପଣ୍ଡା, ପ୍ରମୋଦ ରାଉଳ ପ୍ରମୁଖ ଉପସ୍ଥିତ ରହି କୃତୀ ପ୍ରତିଯୋଗୀ ଙ୍କୁ ପୁରସ୍କାର ପ୍ରଦାନ କରି ଥିଲେ। ସୂଚନାଯୋଗ୍ୟ ଏହି ପୁରସ୍କୃତ ପ୍ରତିଯୋଗୀ ଗୋଷ୍ଠୀ ସ୍ତରୀୟ ପ୍ରତିଯୋଗୀତା ରେ ଅଂଶଗ୍ରହଣ କରିବେ। ଏହି କାର୍ଯ୍ୟକ୍ରମ ଟିକୁ ବିଦ୍ୟାଳୟ ର ପ୍ରଧାନଶିକ୍ଷକ ସନ୍ତୋଷ କୁମାର ପଣ୍ଡା ପରିଚାଳନା କରି ଥିବା ବେଳେ ଶିକ୍ଷକ ପ୍ରଭାସ କୁମାର ନାଥ, ଦୀପାଳି ସେଠୀ, ଗୋରୀ ପ୍ରିୟା ପଟ୍ଟନାୟକ, ଜଗାବଳିଆ ପଟ୍ଟନାୟକ, ରଘୁନାଥ ହନ୍ତାଳ, ତପନ କୁମାର ପାଇକରାୟ, ଶୁଭମ ସାହୁ, ଯୋଗେଶ୍ୱର ଭୋଇ ପ୍ରମୁଖ ସହଯୋଗ କରି ଥିଲେ।

## କ୍ଲଷ୍ଟର ସ୍ତରୀୟ ସୁରଭି କାର୍ଯ୍ୟକ୍ରମ

ପାପଡାହାଣ୍ଡି ୧୭।୧୦(ସମିସ): ନବରଙ୍ଗପୁର ଜିଲ୍ଲା ପାପଡାହାଣ୍ଡି ବ୍ଲକ ସିରିଶି ଗ୍ରାମ ପଞ୍ଚାୟତର କ୍ଲଷ୍ଟର ସ୍ତରୀୟ ସୁରଭି କାର୍ଯ୍ୟକ୍ରମ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ, ଏକରୀ ବିଦ୍ୟାଳୟ ଠାରେ ଅନୁଷ୍ଠିତ ହୋଇଥିଲା। ଆଞ୍ଚଳିକ ସାଧନ କେନ୍ଦ୍ର ସଂଯୋଜକ ଜଗଦିଶ ସାସମଲ ଅଧ୍ୟକ୍ଷତାରେ ମୁଖ୍ୟ ଅତିଥି ରୂପେ ବିଧାୟକ ପ୍ରତିନିଧି ରଜନୀକାନ୍ତ ଶାସମଲ, ସରପଞ୍ଚ ସୁମତି ଭତରା,ପୋଣ୍ଡିକୋଟ ପୂର୍ବତନ ସରପଞ୍ଚ ଶିବ ପ୍ରସାଦ ଅଗ୍ରୱାଲ, ପୂର୍ବତନ ସିରିସୀ ସରପଞ୍ଚ ତୁଳାରାମ ଭତରା, ଏବିଓ ପୁର୍ଣଚନ୍ଦ୍ର ପୂଜାରୀ, ଏବିଓ ବାଳକଦାସ ରନ୍ଧାରୀ ପ୍ରମୁଖ ମଞ୍ଚାସୀନ ହୋଇଥିଲେ। ସିରସୀ କ୍ଲଷ୍ଟର ସ୍ତରୀୟ ସୁରଭି କାର୍ଯ୍ୟକ୍ରମରେ ୧୦ ଗୋଟି ବିଦ୍ୟାଳୟରୁ ପ୍ରାୟ ୨୫୦ ଛାତ୍ରଛାତ୍ରୀ ଉକ୍ତ କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ. ପିଲାଙ୍କ ଶୈକ୍ଷିକ ଶିକ୍ଷକ ସହ ଅନ୍ତର୍ନିହିତ ସହ ଶୈକ୍ଷିକ ଗୁଣାବଳୀ ଗୁଡିକୁ ରାଜ୍ୟ ସ୍ତରୀୟ ପର୍ଯ୍ୟନ୍ତ ପ୍ରଦର୍ଶିତ କରିବା ଏହି କାର୍ଯ୍ୟକ୍ରମର ମୁଖ୍ୟ ଲକ୍ଷ୍ୟ। ଏଥିରେ ପ୍ରତ୍ୟେକ ବିଦ୍ୟାଳୟରୁ ପ୍ରଥମ ସ୍ଥାନ ଅଧିକାର କରିଥିବା ଛାତ୍ରଛାତ୍ରୀ, କ୍ଲଷ୍ଟର ସ୍ତରରେ ପ୍ରବନ୍ଧ ଲିଖନ, ବକ୍ତୃତା, ଚିତ୍ରାଙ୍କନ, ପୋଷଣ, ସାଧାରଣ ଜ୍ଞାନ, ସଙ୍ଗୀତ, ଲୋକ ନୃତ୍ୟ ଇତ୍ୟାଦି ପ୍ରତିଯୋଗିତାରେ ଅଂଶ ଗ୍ରହଣ କରି କୃତି ଅର୍ଜନ କରିଥିଲେ। କୃତି ଛାତ୍ରଛାତ୍ରୀ ବ୍ଲକ ସ୍ତରୀୟ ସୁରଭି କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିବେ ସୂଚନା ମିଳିଛ। ଶେଷରେ ଏକରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନ ଶିକ୍ଷକ ଶ୍ରୀ ଦେବରାଜ ନାୟକ ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ।

## ନିୟମଗିରିରୁ ଦୁଆରେ ପ୍ରଶାସନ' କାର୍ଯ୍ୟକ୍ରମ ଶୁଭାରମ୍ଭ




ବିଷମ କଟକ,୧୭।୧୦(ସମିସ): କେନ୍ଦ୍ର ସରକାରଙ୍କ ଲୋକମୁଖୀ ଯୋଜନା ପିଏମ ଜନମନର ଲକ୍ଷ୍ୟ ସହ ସମନ୍ୱିତ ଏକ ଅନନ୍ୟ ପ୍ରୟୋଗ ଭାବେ ରାୟଗଡା ଜିଲ୍ଲା ପ୍ରଶାସନ ଓଡ଼ିଶାର ପ୍ରଥମ କରି ବିରଳ ଜନଜାତି ସଂପ୍ରଦାୟର ଲୋକଙ୍କ ନିମନ୍ତେ ଘର ପର୍ଯ୍ୟନ୍ତ ସେବା ପହଞ୍ଚାଇବା ଲକ୍ଷ୍ୟରେ ଆଜି "ଦୁଆରେ ପ୍ରଶାସନ" ଆଜି ରାୟଗଡା ଜିଲ୍ଲା ପ୍ରଶାସନ ତରଫରୁ ଆରମ୍ଭ ହୋଇଛି। ରାୟଗଡା ଜିଲ୍ଲାପାଳ ଆଶୁତୋଷ କୁଲକର୍ଣ୍ଣିଙ୍କ ଦ୍ୱାରା ଏହି କାର୍ଯ୍ୟକ୍ରମ ସଫଳତାର ସହ ବିଷମକଟକ ବ୍ଲକର ଦୁର୍ଗମ ନିୟମଗିରିର କୁର୍ଲି ପଞ୍ଚାୟତ ଠାରେ ଉଦ୍‌ଘାଟନ ହୋଇଯାଇଛି। ବିଷମକଟକ ଗୋଷ୍ଠୀ ଉନ୍ନୟନ ଅଧିକାରୀ ଶିବ ପ୍ରସାଦ ପଟ୍ଟନାୟକ ଏବଂ ସହକାରୀ ଯନ୍ତ୍ରୀ ଝରଣା ତ୍ରିପାଠୀଙ୍କ ପ୍ରତ୍ୟେକ୍ଷ ତତ୍ତ୍ୱାବଧାନରେ ନିୟମଗିର ଖମ୍ବେସୀ ଗ୍ରାମ ଠାରୁ "ଦୁଆରେ ପ୍ରଶାସନ" କାର୍ଯ୍ୟକ୍ରମ ଶୁଭାରମ୍ଭ କରାଯାଇଛି। ଲିଫାଫାରେ ଭତ୍ତା ଟଙ୍କା ଭରି ଜିଲ୍ଲାପାଳ ଶ୍ରୀ କୁଲକର୍ଣ୍ଣି ଖମ୍ବେସି ଗ୍ରମାର ଡଙ୍ଗରିଆ ଆଦିବାସୀ ଘର ଘରକୁ ଯାଇ ଭତ୍ତା ଲଫାପା ବାଣ୍ଟିଛନ୍ତି। ସେହିପରି ଆଗାମୀ ମାସ ଠାରୁ ଏହି ଗ୍ରାମ ପଞ୍ଚାତରେ ବସବାସ କରୁଥିବା ୧୪୫୫ଜଣ ହିତାଧିକାରୀଙ୍କ ଘରେ ପ୍ରଶାସନିକ ଅଧିକାରୀ ମାନେ ଭତ୍ତା ଟଙ୍କା ପହଞ୍ଚାଇବେ। ଆଉ ଭତ୍ତା ପାଇଁ ସେମାନଙ୍କୁ ପଞ୍ଚାୟତ କାର୍ଯ୍ୟାଳକୁ ଆସିବାକୁ ପଡିବ ନାହିଁ ବୋଲି ଜିଲ୍ଲାପାଳ ସୂଚନା ପ୍ରଦାନ କରିଥିଲେ। ଏଥିପାଇଁ ସରପଞ୍ଚ ସୁଭର୍ଦନୀ ୱାଡକା ଜିଲ୍ଲା ତଥା ବ୍ଲକ ପ୍ରଶାସନକୁ କୃତଜ୍ଞତା ଜ୍ଞାପନ କରିଛନ୍ତି। ଏହି ପ୍ରୟୋଗ ନିୟମଗିରି ପର୍ବତ ଶୃଙ୍ଖଳାର ଦୁର୍ଗମ ଅଞ୍ଚଳରେ ବସବାସ କରୁଥିବା ଅଧିବାସୀଙ୍କ ଜୀବନରେ ନୂଆ ଆଶା ଓ ଉତ୍ସାହ ଆଣିଥିବା କୁହାଯାଉଛି। ଅନ୍ୟତମ ଅତିଥି ଭାବେ ବ୍ଲକ ଉପାଧକ୍ଷା ଯଶୋଦା ହୁଇକା, ଉପାଧକ୍ଷ ଦେବୀ ପ୍ରସାଦ ପଟ୍ଟନାୟକ ଯୋଗ ଦେଇଥିଲେ। କାର୍ଯ୍ୟକ୍ରମରେ ବିଷମକଟକ ସାମାଜିକ ସୁରକ୍ଷା ଅଧିକାରୀ ମୁନା ତାଡିଙ୍ଗି, ଡିଇଓ ସର୍ବଜିତ ପାଢ଼ୀ ସଂଚାଳନା କରିଥିବା ବେଳେ ସମସ୍ତ ବ୍ଲକ ପ୍ରଶାସନ ଉପସ୍ଥିତି ରହିଥିଲେ।

## କ୍ଲଷ୍ଟରସ୍ତରୀୟ ଶିଶୁ ମହୋତ୍ସବ ସୁରଭି

ରାୟଗଡ଼ା,୧୭।୧୦(ସମିସ): ଗୁରୁବାର ଦିନ ରାୟଗଡ଼ା ବ୍ଲକର ତାଡମା କ୍ଲଷ୍ଟର ଅନ୍ତର୍ଗତ ସରକାରୀ (ଏସଏସଡ଼ି ) ଉଚ୍ଚ ବିଦ୍ୟାଳୟ, ତାଡମା ଠାରେ କ୍ଲଷ୍ଟର ସ୍ତରୀୟ ଶିଶୁ ମହୋତ୍ସବ ସୁରଭି -୨୦୨୫ ଅନୁଷ୍ଠିତ ହୋଇଥିଲା। ଏଥିରେ ମୁଖ୍ୟ ଅତିଥି ଶ୍ରୀ ମଣ୍ଡଳ ତଥା ଜିଲ୍ଲା ଶିକ୍ଷା ନିରୀକ୍ଷକ ଶ୍ୟାମ କୁମାର ଭୂୟାଁ ଏବଂ ଏବିଇଓ ଛବିଲାଲ୍ ସିଂ ଯୋଗ ଦେଇଥିଲେ। ବିଦ୍ୟାଳୟର ପ୍ରଧାନଶିକ୍ଷକ ଶିକ୍ଷକ, ଓଡ଼ିଶା ଆଦର୍ଶ ବିଦ୍ୟାଳୟ ତାଡମାର ଅଧ୍ୟକ୍ଷ କ୍ଷୀତକେଶ୍ୱର ପ୍ରଧାନ, ସିଙ୍ଗିପୁଟ ଉଚ୍ଚ ବିଦ୍ୟାଳୟର ପ୍ରଧାନଶିକ୍ଷୟତ୍ରୀ ସନ୍ତୋଷିନୀ ଦାଶ, କ୍ଲଷ୍ଟରର ଆଞ୍ଚଳିକ ସାଧନ ସଂଯୋଜକ ଏମ୍. ଗଣେଶ୍ୱର୍ ରାଓ , ଯୁବ ସମାଜସେବୀ ଚନ୍ଦ୍ରଶେଖର ଖରସେଲିଂଶ ଏବଂ ଅନ୍ୟାନ୍ୟ ଅତିଥି ମଞ୍ଚାସୀନ ଥିଲେ। ଶିକ୍ଷକ ଶ୍ରୀଧର ପଟ୍ଟନାୟକ ଏବଂ ଶିକ୍ଷୟିତ୍ରୀ ତପସ୍ୱନୀ ପାଢ଼ୀ ମଞ୍ଚ ପରିଚାଳନା କରିଥିଲେ। କ୍ଲଷ୍ଟରର ସମସ୍ତ ବିଦ୍ୟାଳୟର ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ କାର୍ଯ୍ୟକ୍ରମରେ ସହଯୋଗ କରିଥିଲେ। ଶେଷରେ ଶିକ୍ଷକ ଶ୍ରୀ ଭୋଇ ସମସ୍ତ ଅତିଥି ଏବଂ ଶିକ୍ଷକ ଶିକ୍ଷୟିତ୍ରୀଙ୍କୁ ଧନ୍ୟବାଦ ଅର୍ପଣ ପୂର୍ବକ ଆଜିର କାର୍ଯ୍ୟକ୍ରମ ଶେଷ କରିଥିଲେ।

## ପୋଡ଼ାପାଡ଼ି ବିଦ୍ୟାଳୟରେ ଶିଶୁ ମହୋତ୍ସବ

ଟିକିରି,୧୭।୧୦(ସମିସ): ଶିଶୁମାନଙ୍କ ନିଜର ଗୁଣ, କଳା ଓ ଦକ୍ଷତାକୁ ମଞ୍ଚ ଦେବା ଉଦ୍ଦେଶ୍ୟରେ ଆୟୋଜିତ ହୋଇଥିବା "ସୁରଭି' ଶିଶୁ ଉତ୍ସବ ଆଜି ପୋଡ଼ାପାଡ଼ି ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପ୍ରାଙ୍ଗଣରେ ଅନୁଷ୍ଠିତ ହୋଇଯାଇଛି। କାଶୀପୁର ବ୍ଲକର ୧୪ଟି ବିଭିନ୍ନ ସ୍କୁଲର ଛାତ୍ରଛାତ୍ରୀମାନେ ଏହି ଅବସରରେ ଯୋଗଦେଇ ନାଚଗୀତ, କବିତା, ନାଟକ ଓ ଅନ୍ୟାନ୍ୟ ସାଂସ୍କୃତିକ କାର୍ଯ୍ୟକ୍ରମରେ ନିଜ ଦକ୍ଷତା ଦେଖାଇ ଦର୍ଶକମାନଙ୍କ ହୃଦୟ ଜିତିଥିଲେ। ଏହି ଅବସରରେ ଆଦିତ୍ୟ ଆଲୁମିନା ରିଫାଇନେରିର ସିଏସଆର ବିଭାଗ ଓ ପ୍ରୋଜେଟ ମାନବ ସମ୍ପଦ ଏଚଆର ବିଭାଗର ପଦାଧିକାରୀମାନେ ବିଶେଷ ଅତିଥି ଭାବେ ଯୋଗ ଦେଇଥିଲେ। ଅତିଥିମାନଙ୍କ ମଧ୍ୟରେ ସିଏସଆର ଆସିଷ୍ଟାଣ୍ଟ ଅଫିସର ବିଶ୍ୱମହେନି ମହାନ୍ତି, ସିଏସଆର ଆସିଷ୍ଟାଣ୍ଟ ମ୍ୟାନେଜର ବସନ୍ତ ପାଣିଗ୍ରାହୀ, ପ୍ରୋଜେଟ ଏଚଆର ପ୍ରଶାନ୍ତ ଗୁପ୍ତାଙ୍କ ସହ ସିଏସଆରର କର୍ମକର୍ତ୍ତା ଉପସ୍ଥିତ ଥିଲେ। ଅନୁଷ୍ଠାନ ଶେଷରେ ଆଦିତ୍ୟ ଆଲୁମିନା ପକ୍ଷରୁ ଦକ୍ଷ ଛାତ୍ରଛାତ୍ରୀମାନଙ୍କୁ ଟ୍ରଫି ଓ ପୁରସ୍କାର ଦେଇ ସମ୍ମାନିତ କରାଯାଇଥିଲା। ସେଥିସହ ଆଦିତ୍ୟ ଆଲୁମିନା ପକ୍ଷରୁ ଶିକ୍ଷା, କଳା ଓ ସଂସ୍କୃତି କ୍ଷେତ୍ରରେ ଆଗାମୀ ଦିନରେ ସ୍କୁଲଗୁଡ଼ିକୁ ସହଯୋଗ ଓ ପ୍ରୋତ୍ସାହନ ଜାରି ରହିବ ବୋଲି ଜଣାଇଥିଲେ। ଅନେକ ଶିକ୍ଷକ ଶିକ୍ଷୟିତ୍ରୀ, ଅଭିଭାବକ ଓ ସ୍ଥାନୀୟ ବାସିନ୍ଦାମାନେ ଉପସ୍ଥିତ ଥିବା ଏହି ଆନନ୍ଦମୟ ଅବସର ଶିଶୁମାନଙ୍କ ପାଇଁ ଅବିସ୍ମରଣୀୟ ଦିନ ହୋଇ ରହିଲା।

## ଡିଏଭି ଭିଏସ୍ ବିଦ୍ୟାଳୟ ପକ୍ଷରୁ ପୁସ୍ତକ ମେଳା


ସୁନାବେଡା,୧୭।୧୦ (ସମିସ): ଡିଏଭ ଭିଏସସ୍ଥଭି. ସୁନାବେଡା ସ୍ଥିତ ଡିଏଭି ଭିଏସ୍ ବିଦ୍ୟାଳୟ ତରଫରୁ କଲ୍ୟାଣ ମଣ୍ଡପରେ ୧୪ ,୧୫, ୧୬ ଏକ ଆକର୍ଷଣୀୟ ପୁସ୍ତକ ମେଳା ଆୟୋଜିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ହାଲ୍ ଟାଉନ୍‌ସିପ୍ ର ପ୍ରଥମ ମହିଳା ସୋପ୍ନା ସୋନାଲିକା ଜେନା ପୁସ୍ତକ ମେଳାର ଉଦ୍‌ଘାଟନ କରି ଏହାର ଉଦ୍ଦେଶ୍ୟ ସ୍ପଷ୍ଟ କରେଇଥିଲେ ଯେ ଛାତ୍ରଛାତ୍ରୀମାନଙ୍କ ମଧ୍ୟରେ ଅଧ୍ୟୟନ ଅଭିରୁଚି ଓ ସାହିତ୍ୟିକ ସଚେତନତା ବିକାଶ କରିବା। ମେଳାରେ ବିଭିନ୍ନ ପ୍ରକାଶକ ଓ ପୁସ୍ତକ ବିକ୍ରେତାଙ୍କ ଦ୍ୱାରା ସାହିତ୍ୟ, ବିଜ୍ଞାନ, ଗଣିତ, ଇତିହାସ, ଗଳ୍ପ-ଉପନ୍ୟାସ ଓ ଶିଶୁ ସାହିତ୍ୟ ସମ୍ପର୍କୀୟ ବିଭିନ୍ନ ପୁସ୍ତକ ଦେଖାଯାଇଥିଲ।। କାର୍ଯ୍ୟକ୍ରମର ଦ୍ୱିତୀୟ ଦିନରେ ବିଦ୍ୟାଳୟର ଅଧ୍ୟକ୍ଷ ଶ୍ରୀଯୁକ୍ତ ବାସୁଦେବ ପାଣିଗ୍ରାହୀ ଆରମ୍ଭରେ ପ୍ରଦୀପ ପ୍ରଜ୍ୱଳନ କରିଥିଲେ। ମୁଖ୍ୟ ଅତିଥି ରୂପେ କୋରାପୁଟ ସରକାରୀ ଡିଏଭି ମହାବିଦ୍ୟାଳୟର ଆସିଷ୍ଟାଣ୍ଟ ପ୍ରଫେସର ଡକ୍ଟର ଲହରୀ ବେହେରା , ପ୍ରଫେସର ଡକ୍ଟର ଡଲି ଚୌଧୁରୀ ,ଏରୋନାଟିକ୍ସ କଲେଜ୍, ସୁନାବେଡ଼ାର ଅଧ୍ୟାପକ ଡକ୍ଟର ରବି ନାରାୟଣ ସାମନ୍ତରାୟ ଏବଂ କୋରାପୁଟ ସରକାରୀ ଡିଏଭି କଲେଜର ଆସିଷ୍ଟାଣ୍ଟ ପ୍ରଫେସର ଡକ୍ଟର ଲହରୀ ବେହେରା କୃତ୍ରିମ ବୁଦ୍ଧିମତ୍ତା (ଏଆଇ ) ଉପରେ ସହାୟତା କାହାଣୀ ଉପରେ ଆଲୋଚନା କରିଥିଲେ।କାର୍ଯ୍ୟକ୍ରମ ଅବସରରେ ଛାତ୍ରଛାତ୍ରୀମାନେ ପୁସ୍ତକ ପରିଚୟ, କଥା କାହାଣୀ, ଓ ସାହିତ୍ୟିକ ପ୍ରଶ୍ନୋତ୍ତର ଭଳି ବିଭିନ୍ନ କାର୍ଯ୍ୟରେ ଅଂଶଗ୍ରହଣ କରିଥିଲେ। ଶିକ୍ଷକମାନଙ୍କ ନେତୃତ୍ୱ ଓ ଲିଟରେଚର୍ କନକ୍ଲେଭ୍ ସଦସ୍ୟମାନଙ୍କ ପରିଶ୍ରମରେ ମେଳା ସଫଳ ଭାବେ ସମାପ୍ତ ହୋଇଥିଲା। ପାଠାଧ୍ୟୟନ ପ୍ରତି ଛାତ୍ରଛାତ୍ରୀମାନଙ୍କ ଆଗ୍ରହ ଦେଖି ସମସ୍ତେ ଖୁସି ବ୍ୟକ୍ତ କରିଥିଲେ।

## ଦକ୍ଷିଣାଞ୍ଚଳ ରାଜସ୍ୱ କମିଶନରଙ୍କ ରାୟଗଡ଼ା ଗସ୍ତ

ରାୟଗଡ଼ା,୧୭।୧୦(ସମିସ): ଦକ୍ଷିଣାଞ୍ଚଳ ରାଜସ୍ୱ କମିଶନର(ଆରଡିସି ) ସଂଗ୍ରାମ ମହାପାତ୍ର ଦୁଇଦିନିଆ ରାୟଗଡା ଜିଲ୍ଲା ପରିଦର୍ଶନ କରିଛନ୍ତି । ରାୟଗଡା ଜିଲ୍ଲାପାଳ ଆଶୁତୋଷ କୁଲକାର୍ଣ୍ଣିଙ୍କ ଉପସ୍ଥିତିରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ବିଭିନ୍ନ ଉନ୍ନୟନ ମୂଳକ ଯୋଜନା ଗୁଡିକ ଉପରେ ଅନୁଧ୍ୟାନ କରିଥିଲେ ଏବଂ ସରକାରଙ୍କ ଦ୍ୱାରା ନିର୍ଦ୍ଧାରିତ ସମୟସୀମା ମଧ୍ୟରେ ସମସ୍ତ ସରକାରୀ କାର୍ଯ୍ୟକ୍ରମ ନାଗରିକଙ୍କ ନିକଟରେ ପହଞ୍ଚାଇବା ଉପରେ ଗୁରୁତ୍ୱାରୋପ କରିଥିଲେ। ଜିଲ୍ଲାର ରେଳବାଇ, ଏନଏଚ, ଏସଏଚ, ଗ୍ୟାସ ପାଇପଲାଇନ, ଶିଳ୍ପ ପ୍ରକଳ୍ପ ସମେତ ସମସ୍ତ ବିକାଶ, ରାଜସ୍ୱ ଯୋଜନାର ସକ୍ରିୟ ପ୍ରେରଣା ପାଇଁ ସେ ଜିଲ୍ଲାପାଳ ଶ୍ରୀ କୁଲକର୍ଣ୍ଣିଙ୍କୁ ପ୍ରଶଂସା କରିଥିଲେ। ସମସ୍ତ ବିଚାରାଧୀନ ପେନସନ, ଶୃଙ୍ଖଳାଗତ କାର୍ଯ୍ୟାନୁଷ୍ଠାନ ମାମଲା ଏବଂ ଜନସାଧାରଣଙ୍କ ଅଭିଯୋଗର ଶୀଘ୍ର ସମାଧାନ ଉପରେ ସେ ଗୁରୁତ୍ୱାରୋପ କରିଥିଲେ। ଶ୍ରୀ ମହାପାତ୍ର ରାଜସ୍ୱ କୋର୍ଟ ମାମଲା ପରିଚାଳନା ପ୍ରଣାଳୀ, ସେବା ପ୍ଲସ୍ ଭଳି ରାଜସ୍ୱ ଅନଲାଇନ୍ ପୋର୍ଟାଲ୍ ସମସ୍ତ ରାଜସ୍ୱ କର୍ତ୍ତୃପକ୍ଷଙ୍କ ଦ୍ୱାରା ଉପଲବ୍ଧ ହେବା ଉଚିତ ଏବଂ ସମସ୍ତ ରାଜସ୍ୱ ମାମଲାର ଶୀଘ୍ର ସମାଧାନ କରାଯିବା, ସରକାର ଦ୍ୱାରା ଘୋଷିତ ସମୟସୀମା ଅନୁଯାୟୀ ବିବାଦିତ ଏବଂ ଅଣପ୍ରତିଦ୍ୱନ୍ଦ୍ୱୀ ମାମଲା ସମେତ ମ୍ୟୁଟେସନ୍ ମାମଲାଗୁଡ଼ିକର ସମାଧାନ କରାଯିବା, ତହସିଲଦାର, ଅତିରିକ୍ତ ତହସିଲଦାର ପୋର୍ଟାଲରେ ରାଜସ୍ୱ କୋର୍ଟ ମାମଲାଗୁଡ଼ିକର ଅନଲାଇନ୍ ଫଇସଲା କରିବା, ଡିଡବ୍ଲୁଓ ରାୟଗଡା ସମସ୍ତ ବିଚାରାଧୀନ ଶୃଙ୍ଖଳାଗତ ମାମଲାଗୁଡ଼ିକର ସମାଧାନ କରିବା, ଯେଉଁଥିରେ ତଦନ୍ତକାରୀ ଅଧିକାରୀଙ୍କ ବିଚାରାଧୀନ ତଦନ୍ତ ରିପୋର୍ଟ ଅନ୍ତର୍ଭୁକ୍ତ ରହିଛି ବୋଲି କହିଥିଲେ ଝ ସେହିପରି ଡାଟା ଏଣ୍ଟ୍ରି ଅପରେଟର ଏବଂ ଅତିରିକ୍ତ କର୍ମଚାରୀଙ୍କ ମଞ୍ଜୁରୀ ପାଇଁ ଭୂମି ଅଧିଗ୍ରହଣ ବିଭାଗକୁ ଅତିରିକ୍ତ କର୍ମଚାରୀ ପ୍ରଦାନ କରାଯିବା ଉଚିତ। ଜିଲ୍ଲାର ଶିଳ୍ପାୟନ ପାଇଁ, ଅତିରିକ୍ତ କର୍ମଚାରୀ, କାଶୀପୁର ବ୍ଲକ ଏବଂ ତହସିଲକୁ ଆଦାନୀ, ବେଦାନ୍ତ ଏବଂ ଆଦିତ୍ୟ ଆଲୁମିନା ବକ୍ସାଇଟ୍ ଖଣି ପ୍ରକଳ୍ପ ଭଳି ବିଶେଷ ଗୁରୁତ୍ୱ ଦେଇ ପୂରଣ କରାଯିବା ଉଚିତ ଏବଂ ସମାଜ କଲ୍ୟାଣ ଯୋଜନାରେ ନିଆଯାଇଥିବା ଉଦାହରଣୀୟ କାର୍ଯ୍ୟ ପାଇଁ ସେ ଜିଲ୍ଲା ପ୍ରଶାସନକୁ ପ୍ରଶଂସା କରିଥିଲେ। ଭୂମି ଅଧିଗ୍ରହଣ ଦିଗଟି ସେ ବିସ୍ତୃତ ଭାବରେ ସମୀକ୍ଷା କରିଥିଲେ ଏବଂ ସେ ନିର୍ଦ୍ଦେଶ ଦେଇଥିଲେ ଯେ ମ୍ୟୁଟେସନ୍, ଓଏଲଆର ୮ ଏ, ଗ୍ରାମକଣ୍ଠ ପାରାମ୍ବୋକେ ଜମି, ଭୁଦରା ଲିଜ୍ ମାମଲା, ସ୍କୁଲ କଲେଜ ନାମରେ ଆରଓଆର ରେକର୍ଡ ସମେତ ସମସ୍ତ ରାଜସ୍ୱ ମାମଲା ତ୍ୱରାନ୍ୱିତ କରିବାକୁ ଓଏସଡବ୍ଲୁଏସ ପ୍ଲାଟଫର୍ମରେ ଫଇସଲା ହେବାକୁ ଥିବା ଇ-ଫାଇଲଗୁଡ଼ିକ ମଧ ତାଙ୍କ ଦ୍ୱାରା ନିର୍ଦ୍ଦେଶିତ ହୋଇଥିଲା ଝ ଓଏସଡବ୍ଲୁଏସ ମାଧ୍ୟମରେ ଫାଇଲଗୁଡ଼ିକ ପ୍ରକ୍ରିୟାକରଣ ଏବଂ ରାଜସ୍ୱ ଅନଲାଇନ୍ ପୋର୍ଟାଲରେ ଥିବା ବାଧା ସମାଧାନ ପାଇଁ ସମସ୍ତ ସମ୍ପୃକ୍ତ ଅଧିକାରୀଙ୍କୁ ତାଲିମ ପ୍ରଦାନ କରିବା ପାଇଁ ତୁରନ୍ତ ପଦକ୍ଷେପ ନେବାକୁ ଜିଲ୍ଲା ପ୍ରଶାସନ ପରିଚାଳକ ଏବଂ ଡିଆଇଓ ,ଏନଆଇସିଙ୍କୁ ନିର୍ଦ୍ଦେଶ ଦିଆଯାଇଥିଲା। ଅଂଶ ପ୍ଲଟ୍ ପଞ୍ଜୀକରଣରେ ସନ୍ଦେହ ଦୂର କରିବା ଏବଂ ରାଜସ୍ୱ ବିଭାଗର ଏସଓପି ଅନୁଯାୟୀ ଏହାକୁ ତ୍ୱରାନ୍ୱିତ କରିବା ପାଇଁ ଜିଲ୍ଲା ସବ ରେଜିଷ୍ଟ୍ରାରଙ୍କୁ ଏହି ସମୀକ୍ଷାରେ ନିର୍ଦ୍ଦେଶ ଦେଇଥିଲେ। ସନ୍ଧ୍ୟାରେ ସେ ମା ମଝିଘରିଆଣୀ ମନ୍ଦିର ପରିଦର୍ଶନ କରିଥିଲେ ଏବଂ ଟ୍ରଷ୍ଟ ବୋର୍ଡ ସଦସ୍ୟଙ୍କ ସହିତ ଆଲୋଚନା କରିଥିଲେ। ଭକ୍ତମାନଙ୍କ ଉତ୍ତମ ସୁବିଧା ପାଇଁ ପର୍ଯ୍ୟାପ୍ତ ବସିବା ବ୍ୟବସ୍ଥା, ଶୌଚାଳୟ ସୁବିଧା ବିକଶିତ କରାଯିବା ଉଚିତ ବୋଲି ସେ ପରାମର୍ଶ ଦେଇଥିଲେ। ରାଜସ୍ୱ କମିଶନରଙ୍କ ଏହି ପରିଦର୍ଶନ ବେଳେ ଅତିରିକ୍ତ ଜିଲ୍ଲାପାଳ ନିହାର ରଞ୍ଜନ କହଁର, ଅତିରିକ୍ତ ଜିଲ୍ଲାପାଳ, ସାଧାରଣ ନବୀନ ଚନ୍ଦ୍ର ନାୟକ, ସମସ୍ତ ଅଧିକାରୀ ଓ କର୍ମଚାରୀ ଉପସ୍ଥିତ ରହିଥିଲେ।

## ଅଭିଶପ୍ତ ଜୀବନ କାଟୁଛନ୍ତି ୪ପ୍ରାଣୀ କୁଟୁମ୍ବ

# ମୁଣ୍ଡକୁ ନାହିଁ ପକ୍କା ଛାତ, ସରକାରୀ ସହାୟତାକୁ ଅପେକ୍ଷା



**ରାୟଗଡ଼ା, ୧୭।୧୦(ସମିସ):** 'ମିଳୁନି ଆବାସ, ମାଟିକାନ୍ଥ କୁଡିଆରେ ବିତୁଛି ଜୀବନ, ଘର ପାଇବା ପାଇଁ ସଂଘର୍ଷ କରୁଛି ସୁରେନ୍ଦ୍ର' ଶୀର୍ଷକ ଏକ ଖବର ଚଳିତ ବର୍ଷ ଗତ ଏପ୍ରିଲ ମାସ ୧୩ ତାରିଖରେ "ସକାଳ'ରେ ପ୍ରକାଶିତ ହୋଇଥିଲା। ଏ ନେଇ କୋଲନରା ବ୍ଲକ୍ ପ୍ରଶାସନ ସୁରେନ୍ଦ୍ରଙ୍କୁ ସରକାରୀ ସହାୟତା ଯୋଗାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ ବୋଲି ପ୍ରତିଶୃତି ଦେଇଥିଲେ। ଆଜିକୁ ୭ମାସ ବିତିଯାଇଥିଲେ ମଧ ଗରିବ ପରିବାରକୁ ସହାୟତା ଯୋଗାଇବା ଯେପରି ଭୁଲି ଯାଇଛି କୋଲନରା ବ୍ଲକ ପ୍ରଶାସନ। ଆଜି ମଧ୍ୟ ପଲିଥିନ ଘୋଡାଯାଇଥିବା ମାଟିକାନ୍ଥ ଘରରେ ସୁରେନ୍ଦ୍ର ବିଡିକାଙ୍କ ୪ପ୍ରାଣୀ କୁଟୁମ୍ବ ଗରୀବ ଅସହାୟ ପରିବାର ଅଭିଶପ୍ତ ଜୀବନ ବିତାଉଛନ୍ତି। ଅପରପକ୍ଷେ ଯୋଗ୍ୟ ହିତାଧିକାରୀଙ୍କୁ ଆବାସ ଯୋଜନାରେ ସାମିଲ କରି ସେମାନଙ୍କର ମୁଣ୍ଡକୁ ଛାତ ଦେବା ପାଇଁ ଡବଲ ଇଂଜିନ ସରକାର ପ୍ରତିଶୃତିବଦ୍ଧ ବୋଲି ପ୍ରଚାର ହେଉଛି। ତେବେ ରାୟଗ?ା ଜିଲ୍ଲାରେ ଅନେକ ଗରୀବ ପରିବାର ଆଜିଯାଏଁ ଆବାସ ଗୃହ ତାଲିକାରେ ତାଙ୍କ ନାମ ଆସିବ ବୋଲି ଅପେକ୍ଷା କରିବସିଛନ୍ତି। ତାଙ୍କର ଜୀବନ ମାଟିକାନ୍ଥ କୁଡିଆରେ, ଅସ୍ଥାୟୀ ଓ ଅସୁବିଧାଜନକ ସ୍ଥାନରେ ବିତୁଛି। ରାୟଗଡ଼ା ଜିଲ୍ଲା କୋଲନରା ବ୍ଲକ ଦୁନ୍ଦିଲି ଗ୍ରାମପଞ୍ଚାୟତ ଅନ୍ତର୍ଗତ ଗୋବରପାଲି ଗ୍ରାମରେ ଗୋଟିଏ କୁଡିଆରେ ସୁରେନ୍ଦ୍ର ବିଡିକା, ସ୍ତ୍ରୀ ବାସନ୍ତି , ଦୁଇ ପୁଅ ଦେବ ଓ କୁନାଲ ରହି ଆସୁଛନ୍ତି। ଦୀର୍ଘ ୨୦ବର୍ଷ ହେଲା ମୁଁ ଓ ମୋ ପରିବାର ଏଭଳି ଅବସ୍ଥାରେ ରହି ଆସୁଥିବା ବେଳେ ପକ୍କା ଘରଟିଏ ନିର୍ମାଣ କରିବାରେ ସରକାରୀ ଆର୍ଥିକ ସହାୟତା ପାଇଁ ତଥା ଆବାସ ଯୋଜନାରେ ମୋତେ ଅନ୍ତର୍ଭୁକ୍ତ କରିବା ପାଇଁ ଆବେଦନ କରିଥିଲେ ମଧ କେହି କର୍ଣ୍ଣପାତ କରୁନାହାନ୍ତି। ମୋର କୁନି କୁନି ଦୁଇଟି ସନ୍ତାନ ଏବଂ ପତ୍ନୀ ବାସନ୍ତିଙ୍କୁ ନେଇ ଏହି କୁଡିଆରେ ଜୀବନ ବିତାଉଛି। ଚଳିତ ବର୍ଷର ଗ୍ରୀଷ୍ମ ପ୍ରବାହ, ଲଗାଣ ବର୍ଷାରେ ତଥା କାଳ ବୈଶାଖୀରେ ଘର ଛପର ଓ ପଲିଥିନ୍ ଉଡିଯାଉଥିଲା ବେଳେ ଘରେ ବର୍ଷା ପାଣି ପଡି କାଦୁଅରେ ବଡ କଷ୍ଟରେ ଦିନ କଟିଛି। ଆଉ ଏବେ ଶୀତ ଆରମ୍ଭ ହୋଇଥିବା ବେଳେ କୁଡିଆରେ ପିଲାମାନେ ଥରି ଉଠୁଛନ୍ତି ବୋଲି କହିଛନ୍ତି। ବର୍ତ୍ତମାନର ବିଜେପି ସରକାର ସମସ୍ତ ଗରୀବ ବାସହୀନ ଲୋକଙ୍କୁ ଘର ମିଳିବ ବୋଲି ଆଶା ଦେଖାଇଥିଲେ। କିନ୍ତୁ ଆଜିଯାଏଁ ତାହା ପୂରଣ ହୋଇପାରୁନି ବୋଲି କହିଛନ୍ତି। ସୁରନ୍ଦ୍ରେ ଜଣେ ବାଇକ ମେକାନିକ ହୋଇଥିବା ବେଳେ ରାୟଗ?ା-କଲ୍ୟାଣସିଙ୍ଗପୁର ରାସ୍ତାର ସ୍ଥାନୀୟ ଦୁନ୍ଦିଲି ଛକ ଠାର ଏକ ଛୋଟ ବାଇକ ଗ୍ୟାରେଜ ଖୋଲିଛନ୍ତି। ଯେଉଁଦିନ କୌଣସି ବାଇକ ଉକ୍ତ ରାସ୍ତା ଦେଇ ଯିବା ସମୟରେ ଖରାପ ହୁଏ ସେ ଦିନ କିଛି ରୋଜଗାର ହୋଇଥାଏ ବୋଲି କହିଛନ୍ତି। ସୁରେନ୍ଦ୍ର ଓ ତାଙ୍କ ପରିବାର ବହୁତ ଗରୀବ ଶ୍ରେଣୀର ହୋଇଥିବା ବେଳେ ସୁରେନ୍ଦ୍ରଙ୍କ ପତ୍ନୀ ବାସନ୍ତି ବହୁଥର ପଂଚାୟତ କାର୍ଯ୍ୟାଳୟକୁ ଆବାସ ଯୋଜନାରେ ମିଳୁଥିବା ଆର୍ଥିକ ସହାୟତା ନିମନ୍ତେ ଆବେଦନ କରିଥିଲେ। ତେବେ ମାସ ମାସ ବିତୁଥିଲେ ମଧ୍ୟ କୌଣସି ସୁଫଳ ମିଳୁ ନ ଥିବା ବେଳେ ସ୍ଥାନୀୟ ପ୍ରଶାସନ ତଥା ରାଜ୍ୟ ସରକାର ଯଥାଶୀଘ୍ର ସରକାରୀ ସହାୟତା କରି ସୁରେନ୍ଦ୍ର ଓ ବାସନ୍ତିଙ୍କ ପରିବାରକୁ ପକ୍କା ଘର ଯୋଗାଇ ଦେବାରେ ସାହାର୍ଯ୍ୟ କରନ୍ତୁ ବୋଲି ଗ୍ରାମବାସୀ ପ୍ରକାଶ କରିଛନ୍ତି। ତେବେ ଏ ନେଇ କୋଲନରା ବିଡିଓଙ୍କ ପ୍ରତିକ୍ରିୟା ମିଳିପାରିନାହିଁ।

■ ସହରର ବିପଦସଙ୍କୁଳ ବିଦ୍ୟୁତ ଖୁଣ୍ଟ

# ସାଉଥ୍‌କୋକୁ ପୌର ଅଧ୍ୟକ୍ଷଙ୍କ ଚିଠି

ଜୟପୁର,୧୭ । ୧୦(ସମିସ): ଜୟପୁର ସହରରେ ବିଦ୍ୟୁତ ବିଭାଗର ବେପରୁଆ କାର୍ଯ୍ୟ ପାଇଁ ସାଧାରଣ ଲୋକ ଅସନ୍ତୁଷ୍ଟ ରହିଥିବା ନେଇ ଗତ କାଉନ୍‌ସିଲ ବୈଠକରେ ବିଧାୟକ, ଅଧ୍ୟକ୍ଷ, ଉପାଧ୍ୟକ୍ଷ ଏବଂ କାଉନସିଲର ମାନେ ବିରକ୍ତି ଭାବ ପ୍ରକାଶ କରିଥିଲେ । ଏହିପରି ସହରର ବିଭିନ୍ନ ମୁଖ୍ୟରାସ୍ତା ସମେତ ସାହି ବସ୍ତିରେ ରହିଥିବା ବିପଦ ସଙ୍କୁଳ ବିଦ୍ୟୁତ ଖୁଣ୍ଟ ଗୁଡିକ ପରିବର୍ତ୍ତନ କରିବାକୁ ବୈଠକରେ ଉପସ୍ଥିତ ଟାଟା ପାୱାର ସାଉଥକୋ ଯନ୍ତ୍ରୀ ମାନଙ୍କୁ ପ୍ରଶ୍ନ କରାଯାଇଥିଲା । ଏହି ସର୍ଭେ ଜାରି ରହିଥିବା ବେଳେ ବିପଦସଙ୍କୁ ବିଦ୍ୟୁତ ଖୁଣ୍ଟର ତୁରନ୍ତ ପରିବର୍ତ୍ତନ କରାଯିବ ବୋଲି ପ୍ରତିଶୃତି ଦେଇଥିଲେ । ବୈଠକ ଆୟୋଜିତର ଦୀର୍ଘ ଏକ ମାସରୁ ଅଧିକ ହୋଇଯାଇଥିଲେ ସୁଦ୍ଧା ସାଉଥକୋ ବିଦ୍ୟୁତ ବିଭାଗ ପକ୍ଷରୁ କୌଣସି ପଦକ୍ଷପ ଗ୍ରହଣ କରାଯାଇନଥିବା ନେଇ ଜୟପୁର ପୌରାଧ୍ୟକ୍ଷ ନରେନ୍ଦ୍ର ମହାନ୍ତି ଆଜି ସ୍ଥାନୀୟ ଟାଟା ପାୱାର ସାଉଥ୍‌କୋ ଅଧିକ୍ଷଣ ଯନ୍ତ୍ରୀଙ୍କୁ ଏକ କଡାପତ୍ର ମାଧ୍ୟମରେ ତୁରନ୍ତ ପୁରାତନ ତଥା ବିପଦସଙ୍କୁଳ ବିଦ୍ୟୁତ ଖୁଣ୍ଟ ପରିବର୍ତ୍ତନ , ଅବ୍ୟବହୃତ ବିଦ୍ୟୁତ ଖୁଣ୍ଟ ଉଠାଯିବ, ସହରରେ ଝୁଲି ରହିଥିବା ଉଚ୍ଚ ସମ୍ପନ୍ନ ବିଦ୍ୟୁତ ତାର, ଘରୋଇ ବିଦ୍ୟୁତ ଯୋଗାଣ ତାର ଏବଂ ବିଦ୍ୟୁତ ଲାଇଟ ଗୁଡିକକୁ ସଜାଡିବା ନେଇ ଦାବି କରିଛନ୍ତି । ସେହିପରି ଦୂରାବସ୍ଥାରେ ରହିଥିବା ବିଦ୍ୟୁତ ଖୁଣ୍ଟ, ତାର ଏବଂ ଘରୋଇ ସଂଯୋଗୀକରଣ ତାର କୌଣସି କାରଣରୁ ଛିଡି ପଡିଲେ ବଡ ଅଘଅଟଣ ଘଟିବାର ସମ୍ଭାବନ ରହିଛି । ତେଣୁ ଏଥିପ୍ରତି ତୁରନ୍ତ ପଦକ୍ଷପ ଗ୍ରହଣ କରିବାକୁ ଅନୁରୋଧ କରିଛନ୍ତି । ପ୍ରକାଶଯେ, ବିଦ୍ୟୁତ ବିଭାଗ ପକ୍ଷରୁ କିଛି ମାତ୍ରାରେ ସହରର ବିଭିନ୍ନ ସ୍ଥାନରେ ନୂତନ ଖୁଣ୍ଟର ସ୍ଥାପନ କରାଯାଇଛି, କିନ୍ତୁ ପୁରାତନ ଖୁଣ୍ଟ ଗୁଡିକକୁ ବାହାର କରାଯାଇନାହିଁ । ଫଳରେ ସହରରେ ଏହି ପୁରାତନ ତଥା ଅବ୍ୟବହୃତ ଖୁଣ୍ଟ ରାସ୍ତା ଉପରେ ରହିଥିବା ଯୋଗୁଁ ଟ୍ରାଫିକ ସମସ୍ୟା ସୃଷ୍ଟି ହେଉଛି ।

● ପୌର ସ୍ୱଚ୍ଛ କର୍ମଚାରୀଙ୍କ କାର୍ଯ୍ୟବନ୍ଦ

# ଦରମା ମିଳିବା ପରେ କାର୍ଯ୍ୟାରମ୍ଭ

ଜୟପୁର,୧୭ ।୧୦(ସମିସ): ଜୟପୁର ସହରରେ ପରିମଳ ବ୍ୟବସ୍ଥା ଦାୟିତ୍ୱ ପୌରସଂସ୍ଥା ପକ୍ଷରୁ ଏକ ଠିକାସଂସ୍ଥାକୁ ଟେଣ୍ଡର ମାଧ୍ୟମରେ ପ୍ରଦାନ କରାଯାଇଛି । ସହରର ପରିମଳ ବ୍ୟବସ୍ଥା ଏବଂ ସଫେଇ କାର୍ଯ୍ୟ କରୁଥିବା ସ୍ୱଚ୍ଛ କର୍ମଚାରୀଙ୍କ ଗତ ମାସର ଦରମା ମିଳିନଥିବା ନେଇ କର୍ମଚାରୀ ମାନେ ପୂର୍ବାହ୍ନରେ କାର୍ଯ୍ୟବନ୍ଦ କରିବା ସହ ପୌରସଂସ୍ଥା ସମ୍ମୁଖରେ ଧାରଣା ଦେଇଥିଲେ । ପ୍ରାୟ ଅସ୍ଥାୟୀ କର୍ମଚାରୀ ଭାବେ ଠିକାସଂସ୍ଥା ପକ୍ଷରୁ ନିଯୁକ୍ତ ୬୦ ଜଣ ସଫେଇ କର୍ମଚାରୀ ଆନ୍ଦୋଳନ ସାମିଲ ହେବା ଯୋଗୁଁ ସକାଳୁ ସହରର ସଫେଇ କାର୍ଯ୍ୟ ହୋଇପାରିନଥିଲା । ଆସନ୍ତା ଦିପାବଳୀ ପର୍ବ ପାଳନ ପାଇଁ ସଫେଇ କର୍ମଚାରୀଙ୍କୁ ଟଙ୍କାର ଆବଶ୍ୟକତା ରହିଥିବା ଯୋଗୁଁ ଦରମା ପ୍ରଦାନ କରିବାକୁ ଦାବି କରିଥିଲେ । ସଫେଇ କର୍ମଚାରୀ ମାନଙ୍କ ସହିତ ୧୦ଟି ଟ୍ରାକ୍ଟରର ୩୦ଜଣ ଓ ୨୦ଟି ଟାଟା ଏସ ଗାଡିର ୪୦ ଜଣ କର୍ମଚାରୀ ସମେତ ମୋଟ ୬୦ ଜଣ କର୍ମଚାରୀ ଆନ୍ଦୋଳନରେ ସାମିଲ ହୋଇ ପୌରପରିଷଦରୁ ଗାଡି ବାହାର କରିନଥିଲେ । ଏନେଇ ଡ୍ରାଇଭର ଓ କର୍ମଚାରୀ ମାନେ କାର୍ଯ୍ୟନିର୍ବାହୀ ଅଧିକାରୀ ଓ ଠିକା ସଂସ୍ଥା କର୍ମଚାରୀଙ୍କୁ ଫୋନ ମାଧ୍ୟମରେ କଥା ହେବା ପରେ ସେମାନେ ଧାରଣାରୁ ଓହରିଥିଲେ । ଅପରାହ୍ନରେ ଠିକା ସଓସ୍ଥା ପକ୍ଷରୁ ସମସ୍ତ କର୍ମଚାରୀଙ୍କୁ ଗୋଟିଏ ମାସର ଦରମା ପ୍ରଦାନ କରାଯିବା ପରେ ସମସ୍ତେ ଧାରଣାରୁ ଓହରିଥିଲେ । ପ୍ରକାଶଯେ, ସରକାରଙ୍କ ସ୍ୱଚ୍ଛ ମିଶନ ସହରରେ ସଠିକ କାର୍ଯ୍ୟକାରୀ ହେଉନାହିଁ । ପୌରାଞ୍ଚଳର ପରିମଳ ବ୍ୟବସ୍ଥା ପାଇଁ ଏଲ୍ ଏଣ୍ଡ କେ ସର୍ଭିସ ପ୍ରାଇଭେଟ ଲିମିଟେଡ ଠିକା ସଂସ୍ଥାକୁ ଦାୟିତ୍ୱ ପ୍ରଦାନ କରାଯାଉଛି । ସହରରେ ୨୮ ଟି ୱାର୍ଡକୁ ୪ଟି ଜୋନରେ ବିଭକ୍ତ କରାଯାଇ ୩୬୧ ଜଣ ସଫେଇ କର୍ମଚାର ଓ ଝାଡୁଦାରଙ୍କୁ ନିଯୁକ୍ତ କରାଯାଇଛି । ଠିକାସଂସ୍ଥା ପକ୍ଷରୁ ସଫେଇ ଓ ପରିମଳ କାର୍ଯ୍ୟ ପାଇଁ ପୌର ସସ୍ଥା ପକ୍ଷରୁ ମାସିକ ୭୬ ଲକ୍ଷ ଟଙ୍କା ପ୍ରଦାନ କରାଯାଉଛି ।

# ଦକ୍ଷିଣାଞ୍ଚଳ ରାଜସ୍ୱ କମିସନରଙ୍କ ଗୁପ୍ତେଶ୍ୱର ଗସ୍ତ



ବୈପାରୀଗୁଡା, ୧୭।୧୦(ସମିସ):

ଦକ୍ଷିଣାଞ୍ଚଳ ରାଜସ୍ୱ କମିସନରଙ୍କ ଗୁପ୍ତେଶ୍ୱର ଗସ୍ତ । ଶୁକ୍ରବାର ବୈପାରିଗୁଡ଼ା ବ୍ଲକ ଅନ୍ତର୍ଗତ ଗୁପ୍ତେଶ୍ୱର ମନ୍ଦିର ପରିଦର୍ଶନ କରି ବିଭିନ୍ନ ଉନ୍ନୟନମୂଳକ କାର୍ଯ୍ୟର ସମୀକ୍ଷା କରିଛନ୍ତି ଦକ୍ଷିଣାଞ୍ଚଳ ରାଜସ୍ୱ କମିସନର ସଂଗ୍ରାମ କେଶରୀ ମାହାପାତ୍ର । ପ୍ରଥମେ ପୀଠରେ ନଡ଼ିଆ ଦୀପ ଧୂପ ଦେଇ ଠାକୁର ଦର୍ଶନ କରିବା ସହ ରାଜ୍ୟ ବାସୀଙ୍କ ମଙ୍ଗଳ କାମନା କରିଥିଲେ । ଏହା ପରେ ମନ୍ଦିରର ଉନ୍ନତି ଦିଗରେ କାର୍ଯ୍ୟ ତଦାରକ କରିଥିଲେ । ଏହାପରେ ଡାକ ବଙ୍ଗଳାରେ ସ୍ୱତନ୍ତ୍ର ବୈଠକ ଅନୁଷ୍ଠିତ ହୋଇଥିଲା । ଗୁପ୍ତେଶ୍ୱର ପୀଠର ଉନ୍ନତୀକରଣ ନିମନ୍ତେ ୨୦ କୋଟି ୨୦ ଲକ୍ଷ ଟଙ୍କା ମଞ୍ଜୁର ହୋଇଥିବା ବେଳେ କିଭଳି ଉନ୍ନତୀକରଣ କାର୍ଯ୍ୟ ଚାଲିଛି ପଚାରି ବୁଝିବା ସହ ଶ୍ରଦ୍ଧାଳୁ ଏବଂ ପର୍ଯ୍ୟଟକମାନଙ୍କ ସୁବିଧା ପାଇଁ ଶୌଚାଳୟ, ପାର୍କିଂ ସ୍ଥାନ, ନଦୀଘାଟରେ ମହିଳାଙ୍କ ପାଇଁ ପୋଷାକ ବଦଳାଇବା ଗୃହ, ସାବେରୀ ନଦୀଘାଟରେ ସୁରକ୍ଷା ପାଚେରି ନିର୍ମାଣ ଭଳି ବିଭିନ୍ନ ଉନ୍ନୟନ ମୂଳକ କାର୍ଯ୍ୟ ତଦାରଖ କରିବା ସହ ସମୀକ୍ଷା କରିଥିଲେ । ଆରଡିସିଙ୍କ ଗସ୍ତ ସମୟରେ ଜୟପୁର ଉପଜିଲ୍ଲାପାଳ ଏ. ଶଶ୍ୟା ରେ‡ୀ, ସିଡିଓ ବେଣୁଧର ଶବର, ଏଡିଏମ୍ ତପନ କୁମାର ନାୟକ, ବୈପାରିଗୁଡା ତହସିଲଦାର ସ୍ନିଗ୍ଧା ଚୌଧୁରୀ, ବୈପାରିଗୁଡ଼ା ଏବିଡିଓ ନିବେଦିତା ଦଣ୍ଡସେନା, ବ୍ଲକ ସାମାଜିକ ସୁରକ୍ଷା ଅଧିକାରୀ କାର୍ତ୍ତିକ ପାଢ଼ୀ ପ୍ରମୁଖ ଉପସ୍ଥିତ ଥିଲେ ।

# ବିଷ୍ଣୁ ହତ୍ୟାକାଣ୍ଡର ପର୍ଦ୍ଦାଫାଶ ; ୩ ଗିରଫ



ମାଥିଲି, ୧୭ ।୧୦(ସମିସ): ମାଲକାନଗିରି ଜିଲ୍ଲା ମାଥିଲି ଥାନା ଅନ୍ତର୍ଗତ କଡାପାଲ୍ଲି ପଞ୍ଚାୟତର ରେଙ୍ଗାବେଡା ଗ୍ରାମର ବିଜୟ ନାୟକଙ୍କ ପୁଅ ବିଷ୍ଣୁ ନାୟକଙ୍କ ମୃତଦେହ ପାଙ୍ଗାମ ପଞ୍ଚାୟତ ବଡାଗୁଡ଼ା ଗ୍ରାମ ନିକଟରେ ଥିବା ବନ୍ଦ ପଡ଼ିଥିବା କ୍ରସର ପାଖରେ ଥିବା ଏକ ପୋଖରୀରୁ ମାଥିଲି ପୋଲିସ ଉଦ୍ଧାର କରିଥିଲା । ଉଦ୍ଧାର ହୋଇଥିବା ମୃତଦେହର ପରିଚୟ ନମିଳିବାରୁ ମାଥିଲି ପୋଲିସ ଶବଟିକୁ ମାଲକାନଗିରି ମୁଖ୍ୟ ଚିକିତ୍ସାଳୟ ଠାରେ ରଖିଥିଲା । ତିନି ଦିନ ପରେ ପରିବାର ଲୋକ ଶବ ଚିହ୍ନଟ କରିଥିଲେ । ଏହା ହତ୍ୟାକାଣ୍ଡ ବୋଲି ମାଥିଲି ଥାନାରେ ଏକ ଲିଖିତ ଅଭିଯୋଗ କରିଥିଲେ । ଏହି ଅଭିଯୋଗକୁ ଭିତ୍ତିକରି ମାଥିଲି ପୋଲିସ ତଦନ୍ତ ଆରମ୍ଭ କରିଥିଲା । ଯେହେତୁ ଏହି ଶବଟି ପଅଥମେ ଅଜଣା ମୃତଦେହ ଥିଲା, ପୋଲିସ କେସ ନମ୍ବର ୨୧୦/୨୫ରେ ମାମଲା ରୁଜୁ କରିଥିଲା । ଏହି ଆଧାରରେ ବିଭିନ୍ନ ଦିଗକୁ ନେଇ ମାଥିଲି ପୋଲିସ ତଦନ୍ତ ଆରମ୍ଭ କରିଥିଲା । କିଛି ଟେକ୍ନୋଲୋଜି ଡାଟା ଏବଂ ପାରିପାର୍ଶିକ ପରିସ୍ଥିତି କୁ ଦେଖି ପୁଲିସ

● ତ୍ରିକୋଣୀୟ ପ୍ରେମ ହତ୍ୟାର କାରଣ!

ତିନି ଆସାମୀଙ୍କୁ ଗିରଫ କରିବା ସହ ଏକ କେଟିଏମ୍ ବାଇକ ଜବତ କରିବାରେ ସକ୍ଷମ ହୋଇଥିଲା । ଏହାର ମୁଖ୍ୟ ଆସାମୀ ହେଲା ଦୀପକ ଓରଫ ବିନୋଦ କୁମାର ଫେରାର ଥିବା ବେଳେ ଶଙ୍କର ଇଣ୍ଡିଆ (୩୫), ସାଗର ସୁନାମ (୨୩) ଓ ମନୋଜ ଗୌଡ଼ (୨୪)ଙ୍କୁ ପୁଲିସ ଗିରଫ କରିଛି । ଅନ୍ୟ ଜଣେ ଆସାମୀ ଫେରାର ରହିଥିବା ମାଥିଲି ଥାନା ଅଧିକାରିଣୀ ଦିପାଞ୍ଜଳି ପ୍ରଧାନ ଗଣମାଧ୍ୟମକୁ ସୂଚନା ଦେଇଛନ୍ତି । ଏମାନଙ୍କ ବିରୋଧରେ ବିଏନଏସ ୧୦୩(୧୧),୩୩୮ ଧାରା ଲଗାଇ ଆଜି କୋର୍ଟ ଚାଲାଣ କରାଯାଇଛି । କିନ୍ତୁ ଅଦାଲତ ଜାମିନ ନାମଞ୍ଜୁର କରିବାରୁ ତିନି ଜଣଙ୍କୁ ବିଚାର ବିଭାଗୀୟ ହଜାତକୁ ପଠାଇ ଦିଆଯାଇଛି । ଏହି ହତ୍ୟାକାଣ୍ଡଟି ସମ୍ପୂର୍ଣ୍ଣ ତ୍ରିକୋଣୀୟ ପ୍ରେମ କାହାଣୀକୁ ନେଇ ହୋଇଥିବା ପୋଲିସ ପ୍ରକାଶ କରିଛି । ଅନ୍ୟ ପକ୍ଷରେ ବିଷ୍ଣୁର ପରିବାର ଲୋକେ ଦୋଷୀ ମାନଙ୍କୁ କୋଠରରୁ କୋଠର ଦଣ୍ଡ ଦେବାକୁ ଦାବି କରିଛନ୍ତି ।

# କ୍ଲଷ୍ଟରସ୍ତରୀୟ ସୁରଭି କାର୍ଯ୍ୟକ୍ରମ

ରାୟଗଡା,୧୭।୧୦(ସମିସ):




ରାୟଗଡା ପୌରାଞ୍ଚଳର ଗାନ୍ଧିନଗର କ୍ଲଷ୍ଟର ସୁରଭି କାର୍ଯ୍ୟକ୍ରମ ଶୁକ୍ରବାର ସ୍ଥାନୀୟ ଇନ୍ଦିରାନଗର ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପରିସରରେ ଅନୁଷ୍ଠିତ ହୋଇଯାଇଛି । ଏଥିରେ ରାୟଗଡ ପୌରାଞ୍ଚଳର ୧୯ ଗୋଟି ବିଦ୍ୟାଳୟ ଭାଗ ନେଇଥିଲେ । ଉଦଘାଟନୀ ଉତ୍ସବରେ ସ୍ଥାନୀୟ କାଉନସିଲର ଶ୍ରୀମତୀ ଶରମିତା ପାଢୀ ମୁଖ୍ୟ ଅତିଥି ତଥା ଗାନ୍ଧିନଗର ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ପ୍ରତାପ ବାତ୍ରିୟା, ସିଆରସିସି ସଦାନନ୍ଦ ନାୟକ ଓ ସଂଗ୍ରାମ ବେହେରା, ପ୍ରଧାନ ଶିକ୍ଷୟିତ୍ରୀ ପ୍ରମିଳା ପଣ୍ଡା, ବରିଷ୍ଠ ଶିକ୍ଷକ ନୀଳାଞ୍ଚଳ ମିଶ୍ର ମଞ୍ଚାସୀନ ଥିଲେ । ଉଦଯାପନୀ ଉତ୍ସବରେ ମୁଖ୍ୟ ଅତିଥି ରୂପେ ଅତିରିକ୍ତ ଗୋଷ୍ଠୀ ଉନ୍ନୟନ ଅଧିକାରୀ କାଳୁ ଚରଣ ନାୟକ ଯୋଗ ଦେଇଥିଲେ । ପିଲାଙ୍କ ଲୁକ୍କାୟିତ ପ୍ରତିଭାମାନଙ୍କୁ ଲୋକ ଲୋଚନକୁ ଆଣିବା ସହ ଅନ୍ୟ ଶିଶୁ ଏହାଦ୍ୱାରା ପ୍ରେରିତ ହେବେ ବୋଲି ସେ କହିଥିଲେ । ଏଥିରେ କୃତି ଶିଶୁ ବ୍ଲକ ସ୍ତରୀୟ ସୁରଭିରେ ଅଂଶଗ୍ରହଣ କରିବେ ବୋଲି ସି ଆରସିସି ଶ୍ରୀ ନାୟକ କହିଛନ୍ତି । କାର୍ଯ୍ୟକ୍ରମକୁ କବୟତ୍ରୀ ସସ୍ମିତା ମିଶ୍ର ସଂଯୋଜନା କରିଥିଲେ ।

# ତମାଖୁ ମୁକ୍ତ ଯୁବ ଅଭିଯାନ ୩.୦ କାର୍ଯ୍ୟକ୍ରମ

ମାଲକାନଗିରି, ୧୭ ।୧୦(ସମିସ):

ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗ, ଭାରତ ସରକାରଙ୍କ ଅଧୀନରେ ଆରମ୍ଭ ହୋଇଥିବା "ତମାକୁ ମୁକ୍ତ ଯୁବ ଅଭିଯାନ ୩.୦ ଅଭିନବ ପଦକ୍ଷେପ ଆଜି ମଲକାନଗିରି ଜିଲ୍ଲାରେ ଆରମ୍ଭ ହୋଇଛି । ଏହି କାର୍ଯ୍ୟକ୍ରମଟି ଜିଲ୍ଲାପାଳ ସୋମେଶ କୁମାର ଉପାଧ୍ୟାୟଙ୍କ ଅଧ୍ୟକ୍ଷତାରେ ଓ ଜିଲ୍ଲାର ବିଭିନ୍ନ ଶାଖାର ଅଧିକାରୀମାନଙ୍କ ଉପସ୍ଥିତିରେ ଆୟୋଜିତ ହୋଇଥିଲା । ଏହି କାର୍ଯ୍ୟକ୍ରମରେ ଅନ୍ୟ ମାନଙ୍କ ମଧ୍ୟରେ ମୁଖ୍ୟ ଜିଲ୍ଲା ଚିକିତ୍ସା ଓ ସାର୍ବଜନିକ ସ୍ୱାସ୍ଥ୍ୟ ଅଧିକାରୀ ଡା. ଦୋଳାମଣି ପ୍ରଧାନ, ଡା. ଏମ୍.ଏମ୍. ଆବିଦ ହୁସେନ, ଡା. ନିହାର ରଞ୍ଜନ ପ୍ରହରାଜ, ମଲକାନଗିରି ଥାନା ଅଧିକାରୀ ରିଗନ କିଣ୍ଡୋ, ଜିଲ୍ଲା ଖାଦ୍ୟ ସୁରକ୍ଷା ଅଧିକାରୀ ପ୍ରଭାସ କୁମାର ସେଠି, ଡି.ଇ.ଓ. ଚିତ୍ରଞ୍ଜନ ପାଣିଗ୍ରାହୀ, ଡି.ଏଲ୍.ଓ. ପୁର୍ଣ୍ଣିମା ଦୁରୁକା, ଡି.ଡବ୍ଲ୍ୟୁ.ଓ. ଶ୍ରୀନିବାସ ଆଚାର୍ଯ୍ୟ, ଡା. ଡି.ପି. ରାଜ ଓ ଅନ୍ୟାନ୍ୟ ସ୍ୱାସ୍ଥ୍ୟ ବିଭାଗର ଅଧିକାରୀମାନେ ଉପସ୍ଥିତ ଥିଲେ । ଏହି ଜାତୀୟ ତମାକୁ ନିୟନ୍ତ୍ରଣ କାର୍ଯ୍ୟକ୍ରମ ଅଭିଯାନକୁ ଶିବ ସୁନ୍ଦର ପାଣିଗ୍ରାହୀ ସଂଚାଳନ କରିଥିଲେ । କାର୍ଯ୍ୟକ୍ରମର ଆରମ୍ଭରେ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଛନ୍ତି ଯେ ଏହି ଅଭିଯାନକୁ ଫଳଦାୟକ ଭାବରେ ଚାଲାଇବା ପାଇଁ ଡିଇଓ , ଡିଡବ୍ଲ୍ୟୁଓ, ଏଫ୍‌ଏସ୍‌ଓ ଓ ପୋଲିସ ବିଭାଗ ସହ ସମନ୍ୱୟ ସୃଷ୍ଟି କରି ଜନସାଧାରଣଙ୍କ ମଧ୍ୟରେ ତମାଖୁର କ୍ଷତିକାରକ ପ୍ରଭାବ ବିଷୟରେ ବିଶେଷ ସଚେତନତା ସୃଷ୍ଟି କରାଯିବ । ସେହିପରି ତମାକୁ ମୁକ୍ତ ଶିକ୍ଷାନୁଷ୍ଠାନର ସଫଳ କାର୍ଯ୍ୟାନୁଷ୍ଠାନ, କୋଟପା ଆଇନକୁ ଅନୁପାଳନ ସୁନିଶ୍ଚିତ କରିବା ସହିତ ଜିଲ୍ଲାରେ ତମାକୁ ମୁକ୍ତ ଗ୍ରାମ ଗଠନ ପାଇଁ ପଦକ୍ଷେପ ଗ୍ରହଣ କରାଯିବ ବୋଲି ସେ ପ୍ରକାଶ କରିଛନ୍ତି ।

# ପଦ୍ମଗିରିରେ ସୁରଭି କାର୍ଯ୍ୟକ୍ରମ



ପଦ୍ମଗିରି, ୧୭ ।୧୦(ସମିସ): ମାଲକାନଗିରି ବ୍ଲକ ଅନ୍ତର୍ଗତ ପଦ୍ମଗିରି ସରକାରୀ ପ୍ରାଥମିକ ବିଦ୍ୟାଳୟ ଠାରେ ଆଞ୍ଚଳିକ ସାଧନ କେନ୍ଦ୍ରସ୍ତରୀୟ ସୁରଭି କାର୍ଯ୍ୟକ୍ରମ ତଥା ଶିଶୁ ମହୋତ୍ସବ ୨୦୨୫ ସିଆରସିସି ଜିତେନ୍ଦ୍ର କୁମାର ତ୍ରିପାଠୀଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ହୋଇଥିଲା । ବିଦ୍ୟାଳୟର ପ୍ରଧାନ ଶିକ୍ଷକ ସନ୍ତୋଷ କୁମାର ପ୍ରଧାନଙ୍କ ସହ ସମସ୍ତ ସମ୍ମାନିତ ଅତିଥି କାର୍ଯ୍ୟକ୍ରମ ଆରମ୍ଭ କରିଥିଲେ । ଏହି ଅବସରରେ ବିଭିନ୍ନ ପ୍ରତିଯୋଗିତା ହୋଇଥିଲା । ଉଦ୍‌ଯାପନ ଉତ୍ସବରେ ପ୍ରକାଶ ନାୟକ ସଭାପତିତ୍ୱ କରିଥିଲେ । ମୁଖ୍ୟ ଅତିଥି ଭାବରେ ସରପଞ୍ଚ ସୁନାଧର ମାଡକାମି, ମୁଖ୍ୟବକ୍ତା ଭାବରେ ବଜରଙ୍ଗ ପରିବାର ସଭାପତି ସୁଜିତ କିର୍ତନିଆ ଏବଂ ସମ୍ମାନିତ ଅତିଥି ଭାବରେ ସୁନିଲ କୁମାର ବିଷୟୀ କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ । ପ୍ରତିଯୋଗିତାରେ କୃତିତ୍ୱ ହାସଲ କରିଥିବା ପ୍ରତିଭାଙ୍କୁ ଉପସ୍ଥିତ ଅତିଥିମାନଙ୍କ ଦ୍ୱାରା ପୁରସ୍କୃତ କରାଯାଇଥିଲା । ତେବେ ରାଜ୍ୟ ସରକାରଙ୍କ ନିର୍ଦ୍ଦେଶ କ୍ରମେ ସୁରଭି ଭଳି କାର୍ଯ୍ୟକ୍ରମକୁ ସାକାର ରୂପଦେଇ ଛାତ୍ର ଛାତ୍ରୀଙ୍କ ଲକାୟିତ ପ୍ରତିଭାକୁ ଉଜାଗର କରିବା ଦିଗରେ ଅଞ୍ଚଳର ସିଆରସିସି, ସହଯୋଗୀ ଶିକ୍ଷକ ସୁନିଲ ସେଠୀଙ୍କ ସହ ଅନ୍ୟାନ୍ୟ ଶିକ୍ଷକ ଶିକ୍ଷୟିତ୍ରୀଙ୍କ ପ୍ରଚେଷ୍ଟା ଦ୍ୱାରା ସମ୍ଭବ ହୋଇପାରିଛି ବୋଲି ଅଞ୍ଚଳବାସୀ ମତପ୍ରକାଶ କରିଛନ୍ତି ।

# ଶିଶୁ ମହୋତ୍ସବ 'ସୁରଭି'



ମାଥିଲି, ୧୭ ।୧୦(ସମିସ): ମାଲକାନଗିରି ଜିଲ୍ଲା ମାଥିଲି ବ୍ଲକ ଅନ୍ତର୍ଗତ ନାୟକଗୁଡ଼ା ପଞ୍ଚାୟତ ଅନ୍ତର୍ଗତ ତଙ୍ଗଗୁଡ଼ା କଲୋନୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପରିସରରେ ଶିଶୁ ମହୋତ୍ସବ ସୁରଭି ଅନୁଷ୍ଠିତ ହୋଇଯାଇଛି । ମାଥିଲି ବ୍ଲକ ଗୋଷ୍ଠୀ ଶିକ୍ଷା ଅଧିକାରୀ ସୁମିତ ବିଶ୍ୱାସଙ୍କ ନିର୍ଦ୍ଦେଶ ଅନୁଯାୟୀ ପଞ୍ଚାୟତ ସିଆରସିସି କୀର୍ତ୍ତି ରଂଜନ ପରିଡ଼ାଙ୍କ ପ୍ରତ୍ୟେକ୍ଷ ତତ୍ତ୍ୱାବଧାନରେ ଏହି ମହୋତ୍ସବ ଅନୁଷ୍ଠିତ ହୋଇଥିଲା । କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥିଭାବେ ପଞ୍ଚାୟତ ସମିତି ଅଧ୍ୟକ୍ଷ ମହେଶ କୁମାର ବାକା ରିବନ କାଟ ଉଦ‡ାଟନ କରିଥିଲେ । ଏହି ଅବସରରେ ଆୟୋଜିତ ସଭାରେ ଶ୍ରୀ ବାକ ଙ୍କ ସହିତ ମୁଖ୍ୟ ବକ୍ତା ଭାବରେ ମାଥିଲି ବିଇଓ ସୁମିତ ବିଶ୍ୱାସ ଯୋଗଦେଇ ଥିବା ବେଳେ ଅନ୍ୟ ମାନଙ୍କ ମଧ୍ୟରେ ସରପଞ୍ଚ ଲକ୍ଷ୍ମୀ ?ାକା ମାଥିଲି ଜିଲ୍ଲା ପରିଷଦ ଜୋନ-୧ ର ସଭ୍ୟ ହିରନ୍ୟ ମୁଦୁଲି,ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ ଛତିଶ ଚନ୍ଦ୍ର ନାୟକ ,ବିଦ୍ୟାଳୟ ସଭାପତି ମଞ୍ଚାସୀନ ଥିଲେ । କାର୍ଯ୍ୟକ୍ରମକୁ ବିଦ୍ୟାଳୟ ପ୍ରଧାନଶିକ୍ଷୟିତ୍ରୀ ସଞ୍ଚାଳନ କରିଥିଲେ । ଏହି ଅବସରରେ ସମସ୍ତ କୃତ୍ତି ଛାତ୍ର ଛାତ୍ରୀ ମାନଙ୍କୁ ଅତିଥି ବୃନ୍ଦ ପୁରସ୍କୃତ କରିଥିଲେ । କୃତ୍ତି ଏଫ୍ ଏଲ୍ ଏନ ଶିକ୍ଷୟିତ୍ରୀ ମୋନାଲିସା ସ୍ୱାଇଁ, କିଚେନ୍ ଗାର୍ଡେନ ପାଇଁ ଖାଇରାପାଲି ବିଦ୍ୟାଳୟ ପୁରସ୍କୃତ ହୋଇଥିଲେ । ସିଆରସିସି କୀର୍ତ୍ତି ରଂଜନ ପରିଡ଼ା କାର୍ଯ୍ୟକ୍ରମକୁ ପରିଚାଳନ କରିଥିଲେ । ବିଦ୍ୟାଳୟ ପରିସରରେ ବ୍ୟାପକ ସାଜସଜ୍ଜା ସହିତ ଆକର୍ଷିତ କରିବା ଭଳି ତୋରଣ ସାଂଗକୁ ଝୋଟି, ଚିତା, କଳସ ସହ ବିଭିନ୍ନ ପ୍ରକାରର ଫୁଲରେ ବିମଣ୍ଡିତ କରାଯାଇଥିଲା । ବରିଷ୍ଠ ଶିକ୍ଷକ ଜୟନ୍ତ କୁମାର ଜେନା, ପୂର୍ଣ୍ଣଚନ୍ଦ୍ର ପଣ୍ଡା, ନିବେଦିତା ସିଂହ, ନରେନ୍ଦ୍ର ନିହାଲ, ଅଶୋକ କୁମାର ପଣ୍ଡା, ମୋନାଲିସା ସ୍ୱାଇଁ, ପୂର୍ବତନ ସିଆରସିସି ଧନୁର୍ଜୟ ଗଦବା, ଏସ ବିଶ୍ୱନାଥ ରେ‡ୀ ଲକ୍ଷ୍ମଣ ବାକା ପ୍ରମୁଖ ଯୋଗ ଦେଇଥିଲେ ।

# ରାୟଗଡ଼ା ରେଳ ଷ୍ଟେସନରେ ଅମୃତ ସମ୍ବାଦ ଅଭିଯାନ



ରାୟଗଡ଼ା,୧୭।୧୦(ସମିସ): ରେଳ ଏବଂ ଦେଶର ସୁବର୍ଣ୍ଣ ଯାତ୍ରାର ସାକ୍ଷୀ ହେବା ପାଇଁ ତଥା ବିକଶିତ ରାଷ୍ଟ୍ରର ଅଧାରକୁ ନେଇ ୱାଲଟିୟର ରେଳବାଇ ଡିଭିଜନ ପକ୍ଷରୁ ରାୟଗଡା ରେଳ ଷ୍ଟେସନ ଠାରେ ଅମୃତ ସମ୍ବାଦ ସ୍ୱତନ୍ତ୍ର ଅଭିଯାନ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । କାର୍ଯ୍ୟକ୍ରମରେ ଏଡିଆରଏମ (ଅପରେସନ୍) କେ.ରାମାରାଓ ଏବଂ ଅନ୍ୟାନ୍ୟ ବରିଷ୍ଠ ଅଧିକାରୀମାନେ ଯାତ୍ରୀ ଏବଂ ରେଳ ବ୍ୟବହାରୀକାରିଙ୍କ ସହ ଆଲୋଚନା କରିଥିଲେ । ଏହି କାର୍ଯ୍ୟକ୍ରମ ବିଶେଷ କରି ଯାତ୍ରୀମାନଙ୍କୁ ରେଳ ସୁବିଧା ଏବଂ ସେବା ସଂପର୍କରେ ମତାମତ,ପରାମର୍ଶ ଏବଂ ଅଭିଜ୍ଞତା ବାଂଟିବା ପାଇଁ ଏକ ଅର୍ଥପୂର୍ଣ୍ଣ ପ୍ଲାଟଫର୍ମ ପ୍ରଦାନ କରିଛି ଏବଂ ଏହି ଅଭିଯାନର ଲକ୍ଷ୍ୟ ଯାତ୍ରୀମାନଙ୍କ ଅଂଶଗ୍ରହଣକୁ ସୁଦୃଢ କରିବା ଏବଂ ଏକ ଆଧୁନିକ,ଅନ୍ତର୍ଭୁକ୍ତ ଏବଂ ସ୍ଥାୟୀ ରେଳ ନେଟୱାର୍କକୁ ପ୍ରୋତ୍ସାହତ କରିବା ବୋଲି ଶ୍ରୀ ରାଓ ପ୍ରକାଶ କରିଥିଲେ । ରାୟଗଡ଼ା ରେଳ ଷ୍ଟେସନରେ ଉନ୍ନତ ସୁବିଧା ପାଇଁ ଅନେକ ଯାତ୍ରୀ ସକ୍ରିୟ ଭାବରେ ଅଂଶଗହଣ କରିଥିଲେ ଏବଂ ଭବିଷ୍ୟତ୍ୟର ଉନ୍ନତି ପାଇଁ ମୂଲ୍ୟବାନ ପରାମର୍ଶ ଦେଇଥିଲେ ।

# ରାଜ୍ୟସ୍ତରୀୟ ବିଦ୍ୟାଳୟ ସମୂହ ବ୍ୟାଡ଼ମିଣ୍ଟନ ଉଦ୍‌ଘାଟିତ






ଉମରକୋଟ ୧୭।୧୦ (ସମିସ): ଉମରକୋଟ ସ୍ଥିତ ବିଜୁ ପଟ୍ଟନାୟକ ଷ୍ଟାଡିଅମ ଠାରେ ୬୯ ତମ ରାଜ୍ୟ ସ୍ତରୀୟ ବିଦ୍ୟାଳୟ ସମୂହ ବ୍ୟାଡ଼ମିଣ୍ଟନ ଓ ସିପାକ ଟାକ୍ରୋ କ୍ରୀଡା ପ୍ରତିଯୋଗିତା ଉଦଘାଟିତ ହୋଇଯାଇଛି । ନବରଙ୍ଗପୁର ଜିଲ୍ଲାପାଳ ଡ଼ ମହେଶ୍ୱର ସ୍ୱାଇଁଙ୍କ ସଭାପତିତ୍ୱରେ ଆୟୋଜିତ ସଭାରେ ବିଦ୍ୟାଳୟ ଓ ଗଣ ଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ଏହି କାର୍ଯ୍ୟକ୍ରମର ଶୁଭାରମ୍ଭ କରିଥିଲେ । ଅତିଥି ଭାବେ ନବରଙ୍ଗପୁର ର ବିଧାୟକ ଗୌରୀ ଶଙ୍କର ମାଝୀ, ଝରିଗାଁ ବିଧାୟକ ନରସିଂହ ଭତ୍ରା, ଉମରକୋଟ ବ୍ଲକ ଅଧକ୍ଷା ସୁଶୀଳା ମାଝୀ, ଅତିଥି ଭାବେ ଜିଲ୍ଲା ଆରକ୍ଷୀ ଅଧୀକ୍ଷକ ଏମ ଏସ ସମ୍ପତ, ଅତିରିକ୍ତ ଜିଲ୍ଲାପାଳ ତପନ ଖୁଣ୍ଟିଆ, ଜିଲ୍ଲା ଶିକ୍ଷା ଅଧିକାରୀ ଛତ୍ରପତି ସାହୁ, ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ପ୍ରକାଶ ମହାଲିକ, ଉମରକୋଟ ଗୋଷ୍ଠୀ ଶିକ୍ଷା ଅଧିକାରୀ ଈଶ୍ୱର ଚନ୍ଦ୍ର ମାଝୀ, ସହକାରୀ ଶାରୀରିକ କ୍ରୀଡା ନିର୍ଦ୍ଦେଶକ ଜ୍ୟୋତି ପ୍ରସାଦ ପରିଡା, ଜିଲ୍ଲା ଶାରୀରିକ ଶିକ୍ଷା ଅଧିକାରୀ ପ୍ରଭାତ ପଟ୍ଟନାୟକ ପ୍ରମୁଖ ମଞ୍ଚାସୀନ ଥିଲେ । ଜିଲ୍ଲା ଶିକ୍ଷା ଅଧିକାରୀ ସାହୁ ସ୍ୱାଗତ ଭାଷଣ ଓ ଅତିଥି ପରିଚୟ ପ୍ରଦାନ କରିଥଲେ । ମୁଖ୍ୟା ଅତିଥି ନିତ୍ୟାନନ୍ଦ ଗଣ୍ଡ କ୍ରୀଡ଼ା ପତାକା ଉତ୍ତୋଳନ କରିବା ସହ କ୍ରୀଡା ଉତ୍ସବ ଆରମ୍ଭର ଘୋଷଣା କରିଥିଲେ । ଏହି କ୍ରୀଡା ର ମହାକୁମ୍ଭ ରେ ସମଗ୍ର ରାଜ୍ୟ ରୁ ୭୦୦ ରୁ ଉର୍ଦ୍ଧ ୧୪ବର୍ଷ ଓ ୧୭ ବର୍ଷରୁ କମ ବାଳକ ଓ ବାଳିକା ଅଂଶ ଗ୍ରହଣ କରୁଛନ୍ତି । କ୍ଷୀରୋଦ କୁମାର ପଟନାୟକ ଓ ବୀରେନ୍ଦ୍ର ପାଢ଼ୀ ପର୍ଯ୍ୟବେକ୍ଷକ ଭାବେ ଉପସ୍ଥିତ ଥିଲେ । ବାଳିକା ଉଚ୍ଚ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ଶ୍ରୀ ଅସୀମ କୁମାର ବିଶ୍ୱାସ ଧନ୍ୟବାଦ ପ୍ରଦାନ କରିଥିଲେ । ନିରଞ୍ଜନ ଶତପଥୀ ଓ ଚନ୍ଦନା ମଲ୍ଲିକ ମଞ୍ଚ ପରିଚାଳନା କରିଥିଲେ । ଏହି ସମସ୍ତ କାର୍ଯ୍ୟକ୍ରମ କୁ ଜିଲ୍ଲା ର ସମସ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ, କ୍ରୀଡା ଶିକ୍ଷକ, ଜିଲ୍ଲା ବିଜ୍ଞାନ ନିରୀକ୍ଷକ ଚିତ୍ତ ରଞ୍ଜନ ପଟ୍ଟନାୟକ, ମନୋରଞ୍ଜନ ପ୍ରହରାଜ,ବିଭାଶିଷ ଦେ, ବ୍ରଜବନ୍ଧୁ କାଣ୍ଡି ଉମରକୋଟ ବ୍ଲକ ର ସମସ୍ତ ସି ଆର ସି ସି,ପ୍ରଧାନ ଶିକ୍ଷକ ଶ୍ରୀ ପ୍ରଫୁଲ ରାଉତ, ବଂଶୀଧର ଭୂୟାଁ, ନରେଶ ଚନ୍ଦ୍ର ପଟ୍ଟନାୟକ, ତ୍ରିପତି ପଟ୍ଟନାୟକ, ସୁନୀଲ ନାୟକ, ଏମ ବିଜୟ କୁମାର , ପ୍ରଦୀପ ବିଶ୍ୱାସ, କିଶୋର ସିଲ ପ୍ରମୁଖ ସହଯୋଗ କରିଥିଲେ ।

# ନବବଧୂର ଆତ୍ମହତ୍ୟା

କୋଷାଗୁମୁଡ଼ା,୧୭।୧୦(ସମିସ): ନବରଙ୍ଗପୁର ଜିଲ୍ଲା କୋଡ଼ିଙ୍ଗା ଥାନା ଅନ୍ତର୍ଗତ ବକ୍ସାଗୁଡା ଗ୍ରାମରେ ଗତ ୫ମାସ ତଳେ ବିବାହ ହୋଇ ଆସିଥିବା ନବବଧୂ ବେକରେ ରଶି ଲଗାଇ ଆତ୍ମହତ୍ୟା କରିଛି । ଘଟଣାରୁ ପ୍ରକାଶ ଯେ ଗତ ୫ ମାସ ତଳେ ଟଇଁଲାଗୁଡା ଗ୍ରାମର ଜଳନ୍ଧର ପୂଜାରୀଙ୍କ ଝିଅ କ୍ଷୀରମଣି ପୂଜାରୀ ବକ୍ସାଗୁଡା ଗ୍ରାମର ଲକ୍ଷ୍ମୀଧର ଜାନୀକୁ ବିବାହ କରିଥିଲେ । ଆଜି ସକାଳୁ ଝିଅର ବାପା ଜଳନ୍ଧର ପୂଜାରୀ ଝିଅର ମୃତ୍ୟୁ ହୋଇଥିବା ଖବର ପାଇ ଆସି ଦେଖିଲା ପରେ କୋଡ଼ିଙ୍ଗା ଥାନାରେ ଏକ ଏତଲା ଦାୟର କରିଥିଲେ । ଏତଲାରେ ପୂର୍ବରୁ ଯୌତୁକ ନିର୍ଯାତନା ଦେଉଥିବା ଏବଂ ଝିଅ କୁ ଗାଳି ଗୁଲଜ କରୁଥିବା କଥା ଉଲ୍ଲେଖ କରାଯାଇଛି । ଏ ନେଇ କୋଡ଼ିଙ୍ଗା ଥାନାରେ କେଶ ନଂ ୧୮୭/୨୫ ଅନୁଯାୟୀ ଏକ ମାମଲା ରୁଜୁ କରି ମୃତଦେହ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇଥିଲେ । ଲକ୍ଷ୍ମୀଧର ଜାନୀକୁ ଥାନାରେ ଅଟକ ରଖି ଅନୁସନ୍ଧାନ ଜାରି ରଖିଥିବା କୋଡ଼ିଙ୍ଗା ଥାନା ପକ୍ଷରୁ ସୂଚନା ମିଳିଛି ।

# କାଳିଆ ମାଳି ପର୍ଯ୍ୟଟନ ସ୍ଥଳର ବିକାଶ ପାଇଁ ଜିଲ୍ଲାପାଳଙ୍କ ଦ୍ୱାରସ୍ଥ ହେଲେ ଗ୍ରାମବାସୀ



କୋରାପୁଟ,୧୭।୧୦(ସମିସ): କୋରାପୁଟ ଜିଲ୍ଲା ନାରାୟଣପାଟଣା ବ୍ଲକର କାଳିଆ ମାଳି ପର୍ଯ୍ୟଟନ କ୍ଷେତ୍ରର ବିକାଶ ସହ ସମସ୍ତ ମୌଳିକ ସମସ୍ୟା ସମାଧାନ ପାଇଁ ଶତାଧିକ ଗ୍ରାମବାସୀ ଜିଲ୍ଲାପାଳଙ୍କୁ ଲିଖିତ ଦାବିପତ୍ର ପ୍ରଦାନ କରିଛନ୍ତି । କାଳିଆମାଳି ଏକ ପର୍ଯ୍ୟଟନ ସ୍ଥଳୀର ମାନ୍ୟତା ପାଇଥିବା ବେଳେ ଉକ୍ତ ସ୍ଥାନକୁ ହଜାର ହଜାର ପର୍ଯ୍ୟଟକ ଯାତାୟତ କରୁଛନ୍ତି । କିନ୍ତୁ ସେଠାରେ କୌଣସି ସୁବିଧା ନଥିବାରୁ ପର୍ଯ୍ୟଟକ ମାନେ ମୁହଁ ଫେରାଉଛନ୍ତି । ପାନୀୟ ଜଳ ସୁବିଧା, ପକ୍କା ରାସ୍ତା ନିର୍ମାଣ , ବିଦ୍ୟୁତ ଯୋଗାଣ ଆଦି କରାଗଲେ ଏହାର ବିକାଶ ହୋଇପାରିବ ବୋଲି ଗ୍ରାମବାସୀ ମାନେ ଦାବି କରିଛନ୍ତି । ଏହି ପାହାଡ଼ଟି ଝଡି ପଦର, ରତାମାଟି, ଦେଉଳି ଜାମୁକୋଳି, ତୁର୍ଲି , ଆମ୍ବିଳି ଅ ।ମ୍ବାଗୁଡା ,ରଙ୍ଗଯୋଡି, ଭାଲିଆଗୁଡା ଭାଲୁପଦର, ବିଜାଘାଟି, କଲମ ଗୁଡା ଏବଂ ତାଳଗୁମାଣ୍ଡି ପଞ୍ଚାୟତ ର ଗୁମଣ୍ଡି , ବଡ଼ିସିଲ , ପିଟୁଲି ଆଦି ୧୫ ଟି ଗ୍ରାମ ଦେଇ କାଳିଆ ମାଳି ପାହାଡଟି ଥିବାରୁ ଏହାର ସ୍ୱଚ୍ଛତା ଓ ସୁରକ୍ଷା ପାଇଁ ଗ୍ରାମବାସୀ ମାନଙ୍କୁ ଦାୟିତ୍ୱ ପ୍ରଦାନ କରାଯିବା ସହ ଉନ୍ନୟନ ମୂଳକ କାର୍ଯ୍ୟ କରିବା ପାଇଁ ଗ୍ରାମବାସୀ ମାନେ ଦାବି କରିଛନ୍ତି । ଏହି ଦାବିପତ୍ର ପ୍ରଦାନ ସମୟରେ ବିନୋଦ ସିରିକା , ବିଷ୍ଣୁ ସିରିକା , କିଶୋର ସାହୁ, ବଇଥ ମାଣ୍ଡିଙ୍ଗା ।, ସିରିମା ବିଙ୍ଗଡ଼ିକା, ଡୁମୁରି ଶିକା ଙ୍କ ସହ ବହୁ ଗ୍ରାମବାସୀ ଉପସ୍ଥିତ ଥିଲେ ।

# ପ୍ରଥମ ଉଡ଼ାଣ ଭରିଲା ସ୍ୱଦେଶୀ ତେଜସ୍



ନାସିକ୍, ୧୭ ।୧୦(ଏଜେନ୍ସି): ସ୍ୱଦେଶୀ ଜ୍ଞାନକୌଶଳରେ ନିର୍ମିତ ଲଢୁଆ ବିମାନ ତେଜସ ମାର୍କ-୧ଏ ଶୁକ୍ରବାର ତା'ର ପ୍ରଥମ ଉଡ଼ାଣ ଭରିଛି। ନାସିକର ଓଝାରରେ ଏହି ବିମାନ ନିର୍ମାଣ କରାଯାଇଛି। ଭାରତୀୟ ବାୟୁସେନାକୁ ଏହି ବିମାନ ଉପଲବ୍ଧ କରାଇବା ପ୍ରକ୍ରିୟାକୁ ତ୍ୱରାନ୍ୱିତ କରିବା ଲକ୍ଷ୍ୟରେ ହିନ୍ଦୁସ୍ଥାନ ଏରୋନେଟିକ୍ସ ଲିମିଟେଡ (ହାଲ୍) ମହାରାଷ୍ଟ୍ରର ନାସିକ୍‌ରେ ତୃତୀୟ ପ୍ରଡକସନ ଲାଇନ୍ ଆରମ୍ଭ କରିଛି। ପ୍ରତିରକ୍ଷା ମନ୍ତ୍ରୀ ରାଜନାଥ ସିଂ ଏହାର ଉଦ୍‌ଘାଟନ କରିଛନ୍ତି। ଏହି ପ୍ରଡକ୍ସନ ଲାଇନ୍ ଜରିଆରେ ବାୟୁସେନାକୁ ୨୦୩୨-୩୩ ସୁଦ୍ଧା ୧୮୦ଟି ତେଜସ୍ ବିମାନ ଉପଲବ୍ଧ କରାଯିବାକୁ ଲକ୍ଷ୍ୟ ରଖାଯାଇଛି। ଏବେ ଏଠାରେ ପ୍ରତି ବର୍ଷ ୮ଟି ଫାଇଟରଜେଟ୍ ନିର୍ମାଣ କରାଯାଉଛି। ଏହାକୁ ବଢ଼ାଇ ୧୦ରେ କରାଯିବ ବୋଲି କୁହାଯାଇଛି। ବାୟୁସେନା ପାଇଁ ତେଜସ୍ ବିମାନ ନିର୍ମାଣ କରୁଥିବା ହାଲ୍‌କୁ ଗତ ସେପ୍ଟେମ୍ବରରେ ଆମେରିକା ଚତୁର୍ଥ ଇଞ୍ଜିନ ପଠାଇଥିଲା। ଏହି ଜେଟ୍ ବିମାନର ଡେଣାରେ ୯ଟି ସ୍ଥାନରେ ମିସାଇଲ ଖଞ୍ଜା ଯାଇପାରିବ ଓ ଏହା ହିଁ ଏହି ବିମାନର ସ୍ୱତନ୍ତ୍ରତା। ପ୍ରତ୍ୟେକ ତେଜସ୍ ମାର୍କ-୧ଏ ବିମାନର ମୂଲ୍ୟ ୬୦୦ କୋଟି ଟଙ୍କା ବୋଲି କୁହାଯାଇଛି। ଏହାର ଘଣ୍ଟାପ୍ରତି ବେଗ ୨୨୦୫ କିମି। ଏହା ଶବ୍ଦର ଗତିଠାରୁ ଦୁଇଗୁଣା ବେଗରେ ଗତି କରିପାରିବ।

# ପାକ୍ ସେନା ଶିବିରରେ ଆକ୍ରମଣ; ୭ ସୈନ୍ୟ ମୃତ



ଇସଲାମାବାଦ୍, ୧୭ ।୧୦(ଏଜେନ୍ସି): ପାକିସ୍ତାନର ନର୍ଥ ୱାଜିରସ୍ଥାନର ମୀର ଅଲି ଅଞ୍ଚଳରେ ଏକ ସେନା ଶିବିର ଉପରେ ଆତ୍ମଘାତୀ ଆକ୍ରମଣ ହୋଇଛି। ଏଥିରେ ୭ ପାକିସ୍ତାନ ସୈନ୍ୟ ମୃତ୍ୟୁବରଣ କରିଥିବା ବେଳେ ୧୩ ଜଣ ସାଧାରଣ ନାଗରିକ ଆହତ ହୋଇଛନ୍ତି। ତେବେ ଏହି ଆକ୍ରମଣରେ ଆମର କୌଣସି ସୈନିକ ମୃତାହତ ହୋଇନାହାନ୍ତି ବୋଲି ଅଧିକାରୀମାନେ ଦାବି କରିଛନ୍ତି। ଆକ୍ରମଣ କରିଥିବା ୪ ଜଣ ଉଗ୍ରବାଦୀ ମୃତ୍ୟୁବରଣ କରିଛନ୍ତି ବୋଲି କୁହାଯାଇଛି। ଜଣେ ଉଗ୍ରବାଦୀ ବିସ୍ଫୋରକ ଭର୍ତ୍ତି ଥିବା ଏକ ଗାଡିକୁ ଆଣି ସେନା ଶିବିର ପାଚେରୀରେ ଧକ୍କା ଦେଇଥିଲା। ଏହାପରେ ଅନ୍ୟ ୩ଜଣ ଶିବିର ମଧ୍ୟକୁ ପ୍ରବେଶ କରିବାକୁ ପ୍ରୟାସ କରିଥିଲେ। କିନ୍ତୁ ଏମାନେ ଜବାବୀ କାର୍ଯ୍ୟାନୁଷ୍ଠାନରେ ମୃତ୍ୟୁବରଣ କରିଥିଲେ। ଉଗ୍ରବାଦୀଙ୍କୁ ସଫଳତାର ସହ ମୁକାବିଲା କରିଥିବାରୁ ପାକିସ୍ତାନ ଗୃହମନ୍ତ୍ରୀ ମୋହସିନ ନକ୍‌ବୀ ସେନାକୁ ପ୍ରଶଂସା କରିଛନ୍ତି। ଗତକିଛି ଦିନ ହେବ ଉତ୍ତର ୱାଜରିସ୍ଥାନରେ ଉଗ୍ରବାଦୀଙ୍କ ଆକ୍ରମଣ ବୃଦ୍ଧି ପାଇଛି। ଫଳରେ ଏହି ଅଞ୍ଚଳରେ ଅଧିକ ସୁରକ୍ଷାବଳକୁ ନିୟୋଜିତ କରାଯାଇଛି। ଏହି ଆକ୍ରମଣ ପଛରେ ତେହରିକ-ଇ-ତାଲିବାନ ପାକିସ୍ତାନ(ଟିଟିପି)ର ହାତ ରହିଛି ବୋଲି କୁହାଯାଇଛି। ଗତ ୩ ମାସ ମଧ୍ୟରେ ପାକିସ୍ତାନରେ ଆତଙ୍କବାଦୀ ଅକ୍ରମଣରେ ଯଥେଷ୍ଟ ବୃଦ୍ଧି ପାଇଛି।

## ପୂର୍ବତନ ଆମେରିକା ଏନ୍‌ଏସ୍‌ଏଙ୍କ ବିରୋଧରେ ୧୮ ମାମଲା

ୱାଶିଂଟନ୍, ୧୭ ।୧୦(ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ପ୍ରଥମ କାର୍ଯ୍ୟକାଳରେ ଜାତୀୟ ସୁରକ୍ଷା ଉପଦେଷ୍ଟା (ଏନ୍‌ଏସ୍‌ଏ) ଭାବେ କାର୍ଯ୍ୟ କରିଥିବା ଜନ୍ ରବର୍ଟ ବୋଲ୍ଟନଙ୍କ ବିରୋଧରେ ଗୋପନୀୟ ସୂଚନାର ଅନୈତିକ ବ୍ୟବହାର ଓ ଏହାକୁ ଲିକ୍ କରିବା ପାଇଁ ମାମଲା ରୁଜୁ ହୋଇଛି। ତାଙ୍କ ବିରୋଧରେ ୧୮ଟି ଅଭିଯୋଗ କରାଯାଇଛି। ବୋଲ୍ଟନ ଟ୍ରମ୍ପ ପ୍ରଶାସନ ପାଇଁ କାର୍ଯ୍ୟ କରୁଥିବା ବେଳେ ନିଜ ଗତିବିଧିର ନୋଟ୍ସ ଓ ଡାଏରୀ ଏଣ୍ଟ୍ରିଜ୍ ଆମେରିକା ଅନ୍‌ଲାଇନ୍ (ଏଓଏଲ୍)ରେ ସେଭ୍ କରିଥିଲେ। ଏଥିରେ ଜାତୀୟ ସୁରକ୍ଷା ସହ ଜଡ଼ିତ ସମ୍ବେଦନଶୀଳ ତଥ୍ୟ ସାମିଲ ରହିଥିଲା। ଏହାକୁ ସେ ନିଜକୁ ଓ ନିଜର ପରିବାର ସଦସ୍ୟଙ୍କୁ ପଠାଇ ଥିଲେ। ଏହି ମାମଲାରେ ଦୋଷୀ ସାବ୍ୟସ୍ତ ହେଲେ ବୋଲ୍ଟନଙ୍କୁ ଆଜୀବନ ଜେଲ୍ ଦଣ୍ଡାଦେଶ ହୋଇପାରେ।

## ଘରୁ ମିଳିଲା ୭.୫ କୋଟି; ଜେଲ୍ ଗଲେ ଡିଆଇଜି

ଚଣ୍ଡିଗଡ଼, ୧୭ ।୧୦(ଏଜେନ୍ସି): ପଞ୍ଜାବ ପୁଲିସ ଡିଆଇଜି ହରଚରଣ ସିଂ ଭୁଲ୍ଲରଙ୍କ ଘରୁ ଆହୁରି ଅଧିକ ଟଙ୍କା ଓ ସୁନା ଜବତ କରାଯାଇଛି। ଚଣ୍ଡିଗଡ଼ସ୍ଥିତ ତାଙ୍କ ବାସଭବନ ଓ ଫାର୍ମ ହାଉସ୍‌ରୁ ୭.୫ କୋଟି ଟଙ୍କା ଏବଂ ଅଢ଼େଇ କେଜି ସୁନା ସହିତ ୨୬ଟି ବିଳାସପୂର୍ଣ୍ଣ ଗାଡ଼ି,ବନ୍ଧୁକ, ବ୍ୟାଙ୍କ ଆକାଉଣ୍ଟର ଡିଟେଲ ଓ ୬୪ରୁ ଊର୍ଦ୍ଧ୍ୱ ସମ୍ପତ୍ତିର କାଗଜପତ୍ର ଜବତ କରାଯାଇଛି ବୋଲି ସିବିଆଇ ପକ୍ଷରୁ କୁହାଯାଇଛି। ସେହିପରି ଲୁଧିଆନାସ୍ଥିତ ତାଙ୍କ ଫାର୍ମହାଉସ୍‌ରେ ୧୦୮ ବୋତଲ ମଦ ସହିତ ୧୭ରୁ ଅଧିକ ଗୁଳି ଓ ଜଣେ ଦଲାଲଙ୍କ ଘରୁ ନଗଦ ୨୧ ଲକ୍ଷ ଟଙ୍କା ଓ କିଛି କାଗଜ ମଧ୍ୟ ଜବତ କରାଯାଇଛି। ସିବିଆଇ କୋର୍ଟ ହରଚରଣ ସିଂଙ୍କୁ ୧୪ ଦିନିଆ ନ୍ୟାୟିକ ହେପାଜତକୁ ପଠାଇଛନ୍ତି। ଅନ୍ୟଏକ ଘଟଣାକ୍ରମରେ ଡିଆଇଜଙ୍କ ବିରୋଧରେ ଅଭିଯୋଗ ଆଣି ତାଙ୍କୁ ଜେଲ ପଠାଇଥିବା ସ୍କ୍ରାପ୍ ବ୍ୟବସାୟୀଙ୍କୁ ସୁରକ୍ଷା ଯୋଗାଇଦେବାକୁ ହାଇକୋର୍ଟ ପଞ୍ଜାବ ସରକାର ଓ ସିବିଆଇକୁ ନିର୍ଦ୍ଦେଶ ଦେଇଛନ୍ତି।

## ସର୍ଭେକୁ ଭୁଲ୍ ବୁଝିଛନ୍ତି ମୂର୍ତ୍ତି ଦମ୍ପତି: ସିଦ୍ଧରମେୟା

ବେଙ୍ଗାଲୁରୁ, ୧୭ ।୧୦(ଏଜେନ୍ସି): କର୍ଣ୍ଣାଟକ ମୁଖ୍ୟମନ୍ତ୍ରୀ ସିଦ୍ଧରମେୟା ଇନ୍‌ଫୋସିସ୍ ପ୍ରତିଷ୍ଠାତା ନାରାୟଣ ମୂର୍ତ୍ତି ଓ ତାଙ୍କ ପତ୍ନୀ ସୁଧା ମୂର୍ତ୍ତି ରାଜ୍ୟରେ ଚାଲିଥିବା ସର୍ଭେରେ ସାମିଲ ହେବାକୁ ମନା କରିବା ପରେ ପ୍ରତିକ୍ରିୟା ଦେଇଛନ୍ତି। ସର୍ଭେକୁ ନେଇ ମୂର୍ତ୍ତି ଦମ୍ପତି ଭୁଲ ବୁଝିଛନ୍ତି ବୋଲି ସେ ଶୁକ୍ରବାର କହିଛନ୍ତି। ରାଜ୍ୟର ୭ କୋଟି ଜନତା ପାଇଁ ଏହି ସର୍ଭେ କରାଯାଉଛି ବୋଲି ୨୦ଥର କହିସାରିଛି। ତଥାପି ଯଦି କେହି ବୁଝି ନ ପାରୁଛନ୍ତି, ତାହେଲେ କିଛି କରିପାରିବନି। କେବଳ ପଛୁଆ ବର୍ଗ ପାଇଁ ଏହି ସର୍ଭେ କରାଯାଉ ନାହିଁ। ଏହା ସମାଜର ସବୁ ବର୍ଗଙ୍କ ପାଇଁ ଉଦ୍ଦିଷ୍ଟ। ଏହା ଏକ ସାମାଜିକ- ଆର୍ଥିକ ଓ ଶୈକ୍ଷଣିକ ସର୍ଭେ। ବାରମ୍ବାର ବୁଝାଇବା ସତ୍ତ୍ୱେ କିଛି ଲୋକ ଏହାକୁ ଭୁଲ୍ ବୁଝୁଛନ୍ତି। ତେଣୁ ମୂର୍ତ୍ତି ଦମ୍ପତି ଏହାକୁ ଭଲ ଭାବେ ହୃଦୟଙ୍ଗମ କରିବା ଉଚିତ।

## ଜୁବିନଙ୍କ ପରିବାର ସଦସ୍ୟଙ୍କୁ ଭେଟିଲେ ରାହୁଲ

ଗୌହାଟୀ, ୧୭ ।୧୦(ଏଜେନ୍ସି): ଲୋକସଭାର ବିରୋଧୀ ଦଳ ନେତା ରାହୁଲ ଗାନ୍ଧୀ ଶୁକ୍ରବାର ଆସାମ ପହଞ୍ଚି ବଲିଉଡ ତଥା ଆସାମ ଗାୟକ ଜୁବିନ ଗର୍ଗଙ୍କ ସ୍ମାରକୀରେ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଛନ୍ତି। ସେ ମଧ୍ୟ ଜୁବିନଙ୍କ ଘରକୁ ଯାଇ ତାଙ୍କ ପରିବାର ଲୋକଙ୍କୁ ଭେଟି ସମବେଦନା ଜଣାଇଥିଲେ। ଜୁବିନଙ୍କ ମୃତ୍ୟୁରହସ୍ୟ ଉନ୍ମୋଚନ ନେଇ ସେ ସରକାରଙ୍କୁ ସ୍ୱଚ୍ଛ ଓ ନିରପେକ୍ଷ ଭାବେ ତଦନ୍ତ ପ୍ରକ୍ରିୟାକୁ ତ୍ୱରାନ୍ୱିତ କରିବାକୁ କହିଛନ୍ତି। ସିଙ୍ଗାପୁରରେ ପ୍ରକୃତରେ କ'ଣ ଘଟିଥିଲା ସେ ନେଇ ଜୁବିନଙ୍କ ପରିବାର ଲୋକଙ୍କୁ ଜାଣିବାର ଅଧିକାର ରହିଛି। ଯେତେଶୀଘ୍ର ତଦନ୍ତ ସରିବ, ଜୁବିନଙ୍କ ପରିବାର ସେତେଶୀଘ୍ର ଆଶ୍ୱସ୍ତ ହେବ ବୋଲି ସେ କହିଥିଲେ।

### ବିହାରରେ ସରିଲା ପ୍ରଥମ ପର୍ଯ୍ୟାୟ ପ୍ରାର୍ଥିପତ୍ର ଦାଖଲ

# ମହାମେଣ୍ଟରେ ହୋଇପାରିଲାନି ଆସନ ବୁଝାମଣା



ନୂଆଦିଲ୍ଲୀ, ୧୭।୧୦ (ଏଜେନ୍ସି): ବିହାର ବିଧାନସଭା ନିର୍ବାଚନର ପ୍ରଥମ ପର୍ଯ୍ୟାୟ ମତଦାନ ପାଇଁ ଶୁକ୍ରବାର ପ୍ରାର୍ଥୀପତ୍ର ଦାଖଲ ଶେଷ ହୋଇଛି। କ୍ଷମତାସୀନ ମେଣ୍ଟ ଏନ୍‌ଡିଏ ଆସନ ବୁଝାମଣା କରି ନିର୍ବାଚନ ପାଇଁ ଜୋରସୋରରେ ପ୍ରସ୍ତୁତି କରୁଥିବାବାଳେ ବିରୋଧୀ ମେଣ୍ଟ ଇଣ୍ଡିଆରେ କେଁ ଲାଗି ରହିଛି। ଏ ପର୍ଯ୍ୟନ୍ତ ଏହି ମହାମେଣ୍ଟର ସହଯୋଗୀଙ୍କ ମଧ୍ୟରେ ଆସନ ଚୂଡ଼ାନ୍ତ ହୋଇପାରିନାହିଁ। ତେବେ ପ୍ରମୁଖ ଦଳ କଂଗ୍ରେସ ଏବଂ ଆରଜେଡି ପରସ୍ପରର ଆସନରେ ନିଜ ପ୍ରାର୍ଥୀଙ୍କୁ ଟିକେଟ ଦେବା ଆରମ୍ଭ କରିଦେଇଛନ୍ତି। ଏହା ମେଣ୍ଟରେ ନୂଆ ବିବାଦ ସୃଷ୍ଟି କରିଛି। ଦଳମାନଙ୍କ ମଧ୍ୟରେ ସବୁ କିଛି ଠିକ୍ ନାହିଁ ବୋଲି ଏଥିରୁ ସ୍ପଷ୍ଟ ହେଉଛି। ଦୀର୍ଘ ଦିନ ହେଲା ଏକାଠି ପ୍ରଚାର କରୁଥିବା ଆରଜେଡି ନେତା ତେଜସ୍ୱୀ ଯାଦବ ଏବଂ କଂଗ୍ରେସ ସାଂସଦ ରାହୁଲ ଗାନ୍ଧୀ ଫାଇନାଲ ମ୍ୟାଚ୍ ପୂର୍ବରୁ ବି ଖେଳାଳି ଧାର୍ଯ୍ୟ କରିପାରିନାହାନ୍ତି। ଏହା ମହାମେଣ୍ଟ ପାଇଁ ଝଟ୍‌କା ସାବ୍ୟସ୍ତ ହୋଇପାରେ ବୋଲି କୁହାଯାଉଛି। ଅନ୍ୟପଟେ ଏନ୍‌ଡିଏ ଆସନ ବଣ୍ଟନ ସାରି ପ୍ରଚାରପ୍ରସାର ଜୋରସୋରରେ ଲାଗିପଡ଼ିଛି। ଏହି କ୍ରମରେ ସ୍ୱରାଷ୍ଟ୍ରମନ୍ତ୍ରୀ ଅମିତ ଶାହା ଆଜି ଆସନ ବଣ୍ଟନକୁ ନେଇ ଅସନ୍ତୁଷ୍ଟ ଥିବା ବିହାର ମୁଖ୍ୟମନ୍ତ୍ରୀ ନୀତୀଶ କୁମାରଙ୍କୁ ତାଙ୍କ ବାସଭବନରେ ଭେଟିଛନ୍ତି। ଏଠାରୁ ବାହାରିବା ପରେ ନୀତୀଶଙ୍କ ନେତୃତ୍ୱରେ ହିଁ ଦଳ ନିର୍ବାଚନ ଲଢିବ ବୋଲି କହିଛନ୍ତି।

ଅନ୍ୟପକ୍ଷରେ ବିରୋଧୀଙ୍କ ମହାମେଣ୍ଟରେ ଆସନ ବଣ୍ଟନକୁ ନେଇ ଏବେ ବି ଟଣାଓଟରା ଜାରି ରହିଛି। କିଏ କେଉଁ ଆସନରୁ ଲଢ଼ିବ ତାହାକୁ ନେଇ ଚାଲିଥିବା କଳି ତୁଟି ପାରୁନି। ଏହି ନିର୍ବାଚନ ପାଇଁ ଦୁଇ ଦଳ କିଛି ଆସନରେ ପ୍ରାର୍ଥୀ ଘୋଷଣା କରି ସାରିଥିଲେ ବି ବୁଝାମଣା ନେଇ ଆଲୋଚନା ଜାରି ରହିଛି। ଶେଷ ସମୟରେ ଦୁଇ ଦଳ ନାମାଙ୍କନ ପ୍ରତ୍ୟାହାର କରି ଜଣେ ଅନ୍ୟ ଜଣଙ୍କୁ ସମର୍ଥନ ଦେଇପାରନ୍ତି ବୋଲି କୁହାଯାଉଛି। ଏହି ବିବାଦ ଏନ୍‌ଡିଏକୁ ବଳ ଯୋଗାଉଛି। ମହାମେଣ୍ଟ ଅଡୁଆକୁ ନେଇ ଦଳୀୟ ନେତାଙ୍କ ସହିତ ଲୋକଙ୍କ ମଧ୍ୟରେ ସଂଶୟ ବଢ଼ିବାରେ ଲାଗିଛି। ଏହି ଆଲୋଚନାରେ ଜଡ଼ିତ କଂଗ୍ରେସ ନେତା କହ୍ନେୟା କୁମାର କହିଛନ୍ତି ଯେ ଦ୍ରୁତ ବେଗ ଅପେକ୍ଷା ସହଯୋଗ ଜରୁରୀ। ବୁଝାମଣା ପାଇଁ ସମୟ ଦରକାର। ଖୁବଶୀଘ୍ର ଆସନ ବଣ୍ଟନ ଘୋଷଣା କରାଯିବ। ସେହପରି ପବନ ଖେଡ଼ା କହିଛନ୍ତି ଯେ ବୁଝାମଣା ନେଇ ଆଲୋଚନା ଜାରି ରହିଛି। ଚିହ୍ନ ବଣ୍ଟା ସରିଯାଇଛି। ପ୍ରାର୍ଥୀମାନେ ପ୍ରାର୍ଥିପତ୍ର ଦାଖଲ କରୁଛନ୍ତି। ଖୁବଶୀଘ୍ର ସ୍ଥିତି ସ୍ପଷ୍ଟ ହୋଇଯିବ ଏବଂ ବିଜୟୀ ହୋଇ ମହାମେଣ୍ଟ ହିଁ ସରକାର ଗଠନ କରିବ। ତେଣୁ ଆସନ ବଣ୍ଟନକୁ ନେଇ ବିଜେପି ଚିନ୍ତା କରିବାର ଆବଶ୍ୟକତା ନାହିଁ।

୨୦୨୦ ଅପେକ୍ଷା ଚଳିତ ଥର ମହାମେଣ୍ଟ ପରିବାର ବଡ଼ ହୋଇଯାଇଛି। ଏଥିରେ ସିପିଆଇ (ଏମଏଲ), ସିପିଆଇ, ସିପିଆଇ (ଏମ) ଏବଂ ମୁକେଶ ସାହାନୀଙ୍କ ଭିଆଇପି ସାମିଲ ହୋଇଛି। ଜେଏମଏମ ସହ ମଧ୍ୟ ଚର୍ଚ୍ଚା ଜାରି ରହିଛି। ଏତେ ଦଳ ସାମିଲ ହୋଇଥିବାରୁ କିଏ କେଉଁଠୁ ଆଉ କେତେ ଆସନରେ ଲଢିବ ତାହାର ନିଷ୍ପତ୍ତି ସହଜରେ ହୋଇପାରୁ ନାହିଁ। ଏହା ସହିତ ଆରଜେଡିର କ୍ଷମତା ବୃଦ୍ଧି କରିବାକୁ କଂଗ୍ରେସ ଚାହୁଁନାହିଁ। ଏହି ଦଳ ତେଜସ୍ୱୀଙ୍କୁ ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ଭାବେ ଦେଖାଇବାକୁ ଅନିଚ୍ଛା ପ୍ରକାଶ କରିସାରିଛି। ଏହାରି ମଧ୍ୟରେ କଂଗ୍ରେସ ଧୈର୍ଯ୍ୟ ଏବଂ ମନୋବଳ ପ୍ରଦର୍ଶନ କରି ୪୮ ଆସନରେ ପ୍ରାର୍ଥୀ ଦେଇଛି। ପ୍ରଦେଶ ଅଧ୍ୟକ୍ଷ ରାଜେଶ ରାମଙ୍କୁ କୁଟୁମ୍ବା, ସିଏଲବି ନେତା ସକିଲ ଅହମ୍ମଦ ଖାନଙ୍କୁ କଡୱା ଏବଂ ଯୁବ କଂଗ୍ରେସ ମୁଖ୍ୟ ଗରିବ ଦାସଙ୍କୁ ବଛୱାରାରୁ ପ୍ରାର୍ଥୀ କରାଯାଇଛି। ତେବେ ସିପିଆଇର ଅବଧେଶ ରୟ ବଛୱାରାରୁ ବି ପ୍ରାର୍ଥିପତ୍ର ଦାଖଲ କରିଛନ୍ତି। ଏହା ମହାମେଣ୍ଟର ଏକତା ପାଇଁ କଣ୍ଟା ସାବ୍ୟସ୍ତ ହୋଇଛି। କିନ୍ତୁ ଆସନ ଚୂଡ଼ାନ୍ତ ହୋଇଗଲା ପରେ ଅନ୍ୟ ଦଳର ପ୍ରାର୍ଥୀ ନାମାଙ୍କନ ପ୍ରତ୍ୟାହାର କରିପାରନ୍ତି। ସୂଚନା ଅନୁଯାୟୀ ଆରଜେଡି କଂଗ୍ରେସକୁ ୬୧ ଆସନ ଦେବା ପାଇଁ ରାଜି ହୋଇଛି। ସେହିପରି ଦ୍ୱିତୀୟ ପର୍ଯ୍ୟାୟ ମତଦାନ ପାଇଁ ଗୁରୁବାର ପ୍ରାର୍ଥିପତ୍ର ଦାଖଲ ଶେଷ ହେବ। ତେଣୁ ଏହା ପୂର୍ବରୁ ମେଣ୍ଟରେ ଆସନ ଚୂଡ଼ାନ୍ତ ହୋଇପାରେ।

### ଗୁଜରାଟରେ ବଦଳିଲା ସମ୍ପୂର୍ଣ୍ଣ କ୍ୟାବିନେଟ

# ରିଭାବାଙ୍କ ସମେତ ଶପଥନେଲେ ୨୬ ମନ୍ତ୍ରୀ

ଗାନ୍ଧୀନଗର, ୧୭।୧୦ (ଏଜେନ୍ସି): ଗୁଜରାଟରେ ମାତ୍ର ତିନି ବର୍ଷ ଭିତରେ ମୁଖ୍ୟମନ୍ତ୍ରୀ ଭୁପେନ୍ଦ୍ର ପଟେଲଙ୍କୁ ଛାଡ଼ି ସମ୍ପୂର୍ଣ୍ଣ ସରକାର ବଦଳି ଯାଇଛି। ଗୁରୁବାର ୧୬ ମନ୍ତ୍ରୀ ଇସ୍ତଫା ଦେଇଥିବାବେଳେ ଶୁକ୍ରବାର ୨୬ ମନ୍ତ୍ରୀ ଶପଥ ଗ୍ରହଣ କରିଛନ୍ତି। କ୍ୟାବିନେଟରେ ୧୯ ନୂଆ ଚେହେରା ସାମିଲ ହୋଇଛନ୍ତି। ଗତ ଥରର ୬ମନ୍ତ୍ରୀ ନିଜ ପଦ ବଜାୟ କରିବାରେ ସଫଳ ହୋଇଛନ୍ତି। ତେବେ ଆଶ୍ଚର୍ଯ୍ୟର ବିଷୟ ଏହି କି ଯେ କୌଣସି ଅଭିଯୋଗ ଏବଂ ଆଇନଗତ ମାମଲା ବିନା ଉକ୍ତ ମନ୍ତ୍ରୀମାନଙ୍କୁ ପଦରୁ ହଟାଇ ଦିଆଗଲା। କ୍ରିକେଟର ରବୀନ୍ଦ୍ର ଜାଡେଜାଙ୍କ ପତ୍ନୀ ରିଭାବାଙ୍କୁ କ୍ୟାବିନେଟ ମନ୍ତ୍ରୀ ପଦ ମିଳିଛି। ଏହି ମନ୍ତ୍ରିମଣ୍ଡଳରେ ୮ ଓବିସି, ୩ ଏସ୍‌ସି, ୪ ଏସ୍‌ଟି ଏବଂ ୩ ମହିଳା ସାମିଲ ଅଛନ୍ତି। ମୁଖ୍ୟମନ୍ତ୍ରୀଙ୍କ ସମେତ ୮ ମନ୍ତ୍ରୀ ପଟେଲ ସମାଜରୁ ଆସୁଛନ୍ତି। ଜାତିଗତ ସମୀକରଣ ପାଇଁ ଏପରି କରାଯାଇଥିବା କୁହାଯାଉଛି।

## ହର୍ଷ ସାଙ୍ଘଭୀ ଉପ-ମୁଖ୍ୟମନ୍ତ୍ରୀ



ଗୁଜରାଟର ନୂଆ ମନ୍ତ୍ରିମଣ୍ଡଳ ଶପଥ ନେବା ପରେ ହର୍ଷ ସାଙ୍ଘଭୀଙ୍କୁ ନେଇ ସବୁଆଡେ ଚର୍ଚ୍ଚା ହୋଇଛି। ହର୍ଷଙ୍କୁ ପଦୋନ୍ନତି ଦେଇ ଉପ-ମୁଖ୍ୟମନ୍ତ୍ରୀ ଭାବେ ଗୁରୁ ଦାୟିତ୍ୱ ପ୍ରଦାନ କରାଯାଇଛି। ହର୍ଷଙ୍କୁ ତାଙ୍କ ଦୃଷ୍ଟାନ୍ତମୂଳକ କାର୍ଯ୍ୟ ପାଇଁ ଭବିଷ୍ୟତର ଅମିତ ଶାହା ବୋଲି ବିବେଚନା କରାଯାଉଛି। ସୁରଟରେ ଜନ୍ମିତ ହର୍ଷ ମାତ୍ର ୪୦ ବର୍ଷ ବୟସରେ ଗୁଜରାଟ ରାଜନୀତିରେ ଧମାକା କରି ସମସ୍ତଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି। ଏହାପୂର୍ବରୁ ସେ ଗୃହ ରାଷ୍ଟ୍ରମନ୍ତ୍ରୀ ଭାବେ ଦାୟିତ୍ୱ ସମ୍ପାଦନ କରି ଚର୍ଚ୍ଚିତ ହୋଇଥିଲେ। ନିଜ ଅସାଧାରଣ କାର୍ଯ୍ୟ ମାଧ୍ୟମରେ ସେ କେନ୍ଦ୍ରୀୟ ନେତୃତ୍ୱଙ୍କ ପ୍ରଭାବିତ କରିବା ସହ ବିଶ୍ୱାସଭାଜନ ହୋଇପାରିଥିଲେ। ବ୍ୟବସାୟରେ ସଫଳତା ହାସଲ କରିଥିବା ହର୍ଷ ଖୁବ୍ କମ୍ ସମୟ ମଧ୍ୟରେ ରାଜ୍ୟ ରାଜନୀତିରେ ନିଜର ପରିଚୟ ସୃଷ୍ଟି କରିବାରେ ସକ୍ଷମ ହୋଇଛନ୍ତି। ଯଦି ୨୦୨୭ରେ ବିଜେପି ପୁଣି କ୍ଷମତାକୁ ଆସେ ତେବେ ହର୍ଷଙ୍କୁ ନେତୃତ୍ୱ ପ୍ରଦାନ କରାଯାଇପାରେ ବୋଲି ଅନୁମାନ କରାଯାଉଛି। ଜୈନ ସମ୍ପ୍ରଦାୟରେ ଜନ୍ମିତ ହର୍ଷ ମାଜୁରା ସିଟ୍‌ରୁ ବିଧାୟକ ଭାବେ ନିର୍ବାଚିତ ହୋଇଛନ୍ତି। ରାଷ୍ଟ୍ରମନ୍ତ୍ରୀ ଭାବେ ସେ ଗୃହ ବିଭାଗ ସମେତ ଉଦ୍ୟୋଗ, ପରିବହନ ଓ କ୍ରୀଡ଼ା ମନ୍ତ୍ରଣାଳୟର ଦାୟିତ୍ୱରେ ରହିଥିଲେ। ସବୁଠାରୁ ଉଲ୍ଲେଖନୀୟ କଥା ହେଉଛି ଯେ, ବାଂଲାଦେଶ ଅନୁପ୍ରବେଶକାରୀଙ୍କ ଠିକଣା ଉପରେ କିଛିଦିନ ତଳେ ଜୋରଦାର ବୁଲ୍‌ଡୋଜର ଚଳାଇ ସେ ସମସ୍ତଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ। ସର୍ବକନିଷ୍ଠ ଗୃହମନ୍ତ୍ରୀ ଭାବେ ସେ ନିଜର ଦାୟିତ୍ୱକୁ ସଫଳତାର ସହ ସମ୍ପାଦନ କରିଥିଲେ।

# ନିଜ ନାମରେ ବିଶାଳ ଦ୍ୱାର ନିର୍ମାଣ କରିବେ ଟ୍ରମ୍ପ

ୱାଶିଂଟନ, ୧୭ ।୧୦(ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଦେଶର ୧୫୦ତମ ସ୍ୱାଧୀନତା ଦିବସ ଅବସରରେ ରାଜଧାନୀ ୱାଶିଂଟନ ଡିସିରେ ନିଜ ନାମରେ ଏକ ବିଶାଳ ଦ୍ୱାର ତଥା ଗେଟ୍ ନିର୍ମାଣ କରିବେ। ଏହି ସ୍ମାରକର ନାମ 'ଆର୍କ ଡି ଟ୍ରମ୍ପ' ରଖାଯିବ। ଏହି ଦ୍ୱାରା ଦେଇ ୱାଶିଂଟନକୁ ଲୋକେ ପ୍ରବେଶ କରିବେ। ଖାସ୍ କରି ଭିର୍ଜିନିଆ ରାଜ୍ୟରୁ ୱାଶିଂଟନ ଡିସିକୁ ଏହି ପ୍ରବେଶ ଦ୍ୱାରା ଦେଇ ଲୋକେ ଆସିବେ। ଏହାର ଡିଜାଇନ୍ ପ୍ୟାରିସର 'ଆର୍କ ଡି ଟ୍ରାଇଓମ୍ପେ' ସହ ମେଳ ଖାଉଛି। ବୁଧବାର ଟ୍ରମ୍ପ ହ୍ୱାଇଟ୍ ହାଉସ୍‌ରେ ଏହାର ୩ଟି ଭିନ୍ନ ଭିନ୍ନ ଆକାରର ମଡେଲ ଦେଖାଇଥିଲେ। ଟ୍ରମ୍ପ ହିଁ ଏହାର ଯୋଜନା ପ୍ରସ୍ତୁତ କରିଥିଲେ ବୋଲି କୁହାଯାଇଛି। ଏହି ଦ୍ୱାର ହ୍ୱାଇଟ୍ ହାଉସ୍‌ଠାରୁ ମାତ୍ର ୪ କିମି ଦୂରରେ ନିର୍ମାଣ କରାଯିବ। ଟ୍ରମ୍ପଙ୍କ ଯୋଜନା ଅନୁସାରେ ଏହି ଗେଟ୍ ପୋଟୋମେକ ନଦୀର ଆରପାରିରେ ଲିଙ୍କନ ମେମୋରିଆଲର ସାମ୍ନାରେ ନିର୍ମାଣ ହେବ। ଏହି ନଦୀର ସେପଟେ ଭିର୍ଜିନିଆର ରାଜ୍ୟର ସୀମା ଆରମ୍ଭ ହୋଇଛି। ଏହାର ନିର୍ମାଣରେ କେତେ ଅର୍ଥ ଖର୍ଚ୍ଚ ହେବ ସେ ନେଇ କିଛି କୁହାଯାଇନାହିଁ। ସାଧରଣତଃ ନୂଆ ସ୍ମାରକ ନିର୍ମାଣ ପାଇଁ କଂଗ୍ରେସର ଅନୁମତି ଜରୁରି ହୋଇଥାଏ ଓ କେତୋଟି ପର୍ଯ୍ୟାୟରେ ପରେ ହିଁ ଏହାର ଅନୁମତି ପ୍ରାପ୍ତ ହୋଇଥାଏ। ଏହାକୁ ନିର୍ମାଣ କରିବାରେ କିଛି ବର୍ଷ ଲାଗି ପାରେ। ଏଥିପାଇଁ ଆସନ୍ତାବର୍ଷ ଆମେରିକାର ୨୫୦ତମ ସ୍ୱାଧୀନତା ପାଳନ ଅବସରରେ ଏହାକୁ ସମ୍ପୂର୍ଣ୍ଣ ଭାବେ ପ୍ରସ୍ତୁତ କରିବା କଷ୍ଟକର। ହ୍ୱାଇଟ୍ ହାଉସ୍‌ରେ ମଧ୍ୟ କିଛି ପରିବର୍ତ୍ତନ କରିବାକୁ ଟ୍ରମ୍ପ ଯୋଜନା କରୁଛନ୍ତି ବୋଲି କୁହାଯାଇଛି।

## ଟ୍ରମ୍ପଙ୍କୁ ଡରନ୍ତିନି ମୋଦୀ: ଆମେରିକା ଗାୟିକା



ଜଣାଶୁଣା ଆମେରିକା ଗାୟିକା ମେରୀ ମିଲ୍‌ବେନ୍ ଲୋକସଭା ବିରୋଧୀ ଦଳ ନେତା ରାହୁଲ ଗାନ୍ଧୀଙ୍କ ମନ୍ତବ୍ୟକୁ ସମାଲୋଚନା କରିବା ସହ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କୁ ଭୂୟସୀ ପ୍ରଶଂସା କରିଛନ୍ତି। ଆମେରିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କୁ ମୋଦୀ ଭୟ କରୁଛନ୍ତି ବୋଲି ରାହୁଲ ମନ୍ତବ୍ୟ ଦେଇଥିଲେ। ରାହୁଲଙ୍କ ଏହି ମନ୍ତବ୍ୟକୁ ସମାଲୋଚନା କରି ମେରୀ ସାମାଜିକ ଗଣମାଧ୍ୟମ ଏକ୍ସରେ ପୋଷ୍ଟ କରିଛନ୍ତି। 'ରାହୁଲ ଗାନ୍ଧୀ ଆପଣ ଭୁଲ୍ କହୁଛନ୍ତି, ମୋଦୀ ଟ୍ରମ୍ପଙ୍କୁ ଡରନ୍ତି ନାହିଁ। ସେ ଭାରତର ବୃହତ୍ତର ସ୍ୱାର୍ଥକୁ ଦୃଷ୍ଟିରେ ରଖି ନିଷ୍ପତ୍ତି ନେଇଥାନ୍ତି। ଟ୍ରମ୍ପ ଯେପରି ଆମେରିକାର ଉନ୍ନତି ପାଇଁ କାର୍ଯ୍ୟ କରିଥାନ୍ତି, ଠିକ୍ ସେହିପରି ଆମେରିକା ସହ ଦୀର୍ଘ ସମୟର ରଣନୀତିକୁ ଦୃଷ୍ଟିରେ ରଖି ମୋଦୀ କାର୍ଯ୍ୟ କରିଥାନ୍ତି। ମୋଦୀଙ୍କ ନେତୃତ୍ୱକୁ ଆପଣ ବୁଝିବାକୁ ସକ୍ଷମ ହେବେ ବୋଲି ଆଶା କରୁଛି। ସବୁଠୁ ଭଲ ହେବ, ଆପଣ ନିଜର 'ଆଇ ହେଟ୍ ଇଣ୍ଡିଆ' ଗସ୍ତକୁ ପ୍ରତ୍ୟାବର୍ତ୍ତନ କରନ୍ତୁ, ଯାହାର ଏକମାତ୍ର ଦର୍ଶକ ହିଁ ଆପଣ' ବୋଲି ସେ ଉଲ୍ଲେଖ କରିଛନ୍ତି।

# 'ଡିଜିଟାଲ ଆରେଷ୍ଟ' ସମ୍ପୂର୍ଣ୍ଣ ନ୍ୟାୟ ବ୍ୟବସ୍ଥା ଉପରେ ଆକ୍ରମଣ: ସୁପ୍ରିମକୋର୍ଟ

ନୂଆଦିଲ୍ଲୀ, ୧୭।୧୦ (ଏଜେନ୍ସି): ଦେଶରେ ଅନ୍‌ଲାଇନ ଠକେଇ ଏବଂ ଡିଜିଟାଲ ଆରେଷ୍ଟ ଭଳି ଘଟଣା ହୁ ହୁ ହୋଇ ବଢ଼ିବାରେ ଲାଗିଛି। ଏହାକୁ ସୁପ୍ରିମକୋର୍ଟ ଚିନ୍ତା ପ୍ରକଟ କରିଛନ୍ତି। ଏହି ମାମଲାରେ ନିଜେ ହସ୍ତକ୍ଷେପ କରି କେନ୍ଦ୍ର ସରକାର ଏବଂ ସିବିଆଇକୁ ଜବାବ ମାଗିଛନ୍ତି। ଜଷ୍ଟିସ ସୂର୍ଯ୍ୟକାନ୍ତ ଏବଂ ଜଷ୍ଟିସ ଜୟମାଲ୍ୟ ବାଗଚୀଙ୍କ ଖଣ୍ଡପୀଠ କହିଛନ୍ତି ଯେ ଏହା କୌଣସି ସାଧାରଣ ଅପରାଧ ନୁହେଁ। କୋର୍ଟଙ୍କ ନାମ, ମୋହର ଏବଂ ନିର୍ଦ୍ଦେଶର ନକଲକୁ ଜାଲିଆତି କରିବା ସମ୍ପୂର୍ଣ୍ଣ ନ୍ୟାୟ ବ୍ୟବସ୍ଥା ଉପରେ ଆକ୍ରମଣ। ବିଚାରପତିଙ୍କ ଜାଲ୍ ସ୍ୱାକ୍ଷର, ନିର୍ଦ୍ଦେଶ ଦେଖାଇ ନିର୍ଦ୍ଦୋଷ ଲୋକଙ୍କୁ, ବିଶେଷକରି ବୃଦ୍ଧଙ୍କୁ ଫସାଇବା ଗମ୍ଭୀର ଅପରାଧ। ଏହା ଆଇନ ବିରୋଧୀ କାମ। ଏହା ଦ୍ୱାରା କୋର୍ଟ ଉପରେ ଲୋକଙ୍କ ଭରସା ହ୍ରାସ ପାଉଛି। ହରିୟାଣାର ଏକ ଠକେଇ ମାମଲାର ଶୁଣାଣି କରି ଖଣ୍ଡପୀଠ ଏହି ଟିପ୍ପଣୀ ଦେଇଛନ୍ତି। ସୂଚନା ଅନୁଯାୟୀ ହରିୟାଣା ଅମ୍ବାଲାରେ ଜଣେ ୭୩ ବର୍ଷୀୟ ବୃଦ୍ଧ ଦମ୍ପତିଙ୍କଠାରୁ ଠକ ୧.୦୫ କୋଟି ଟଙ୍କା ଲୁଟି ନେଇଥିଲେ। ସୁପ୍ରିମକୋର୍ଟ ଏବଂ ଯାଞ୍ଚ ଏଜେନ୍ସିଙ୍କ ନକଲି ନିର୍ଦ୍ଦେଶ, ବିଚାରପତିଙ୍କ ଜାଲ୍ ସ୍ୱାକ୍ଷର ଦେଖାଇ ଉଭୟଙ୍କୁ ଗିରଫ କରିଥିଲେ। ଏହି ମାମଲାକୁ ନେଇ ଗତ ୨୧ ତାରିଖରେ ମହିଳା ପ୍ରଧାନ ବିଚାରପତି ବିଆର ଗଭାଇଙ୍କୁ ଚିଠି ଲେଖି ସମ୍ପୂର୍ଣ୍ଣ ପ୍ରସଙ୍ଗ କହିଥିଲେ। ପରେ ସୁପ୍ରିମକୋର୍ଟ ଏହି ମାମଲାରେ କାର୍ଯ୍ୟାନୁଷ୍ଠାନ ନେଇଥିଲେ। ଦିଲ୍ଲୀ ପୁଲିସର ତଥ୍ୟ ଅନୁଯାୟୀ ୨୦୨୫ରେ ସାଇବର ଅପରାଧୀମାନେ ଲୋକଙ୍କଠାରୁ ପ୍ରାୟ ହଜାରେ କୋଟି ଟଙ୍କା ଠକି ନେଲେଣି। ଚଳିତ ବର୍ଷ ନିବେଶ ଜାଲିଆତି, ଡିଜିଟାଲ ଆରେଷ୍ଟ ଏବଂ ବସ୍ ସ୍କାମ ଠକେଇର ସର୍ବାଧିକ ମାମଲା ସାମ୍‌ନାକୁ ଆସିଛି।

ଅନ୍ୟପକ୍ଷରେ ଅନ୍‌ଲାଇନ ଜୁଆ ଏବଂ ବେଟିଂ ପ୍ଲାଟଫର୍ମ ଉପରେ କଟକଣା ଲଗାଇବା ପାଇଁ ଦାଏର ଆବେଦନ ଉପରେ ସୁପ୍ରମକୋର୍ଟ ଶୁଣାଣି କରିଛନ୍ତ। ଏ ନେଇ କେନ୍ଦ୍ର ସରକାରଙ୍କୁ ନୋଟିସ ଜାରି କରିଛନ୍ତି। ଆବଦେନର ନକଲ ସରକାରୀ ଓକିଲଙ୍କୁ ଦେବା ପାଇଁ ଖଣ୍ଡପୀଠ କହିଥିଲେ। ଏହି ମାମଲାର ଅନୁଧ୍ୟାନ କରି ଶୁଣାଣିରେ ସହାୟତା କରିବାକୁ କୋର୍ଟ ସରକାରୀ ଓକିଲଙ୍କୁ ନିର୍ଦ୍ଦେଶ ଦେଇଥିଲେ।

## ପେରୁରେ ଜେନ୍- ଜେଡ୍ ପ୍ରଦର୍ଶନ; ଜଣେ ମୃତ

ଲିମା, ୧୭ ।୧୦(ଏଜେନ୍ସି): ଲାଟିନ ଆମେରିକୀୟ ଦେଶ ପେରୁରେ ଦୁର୍ନୀତି ବିରୋଧରେ ଜେନ୍- ଜେଡ୍ ଗୋଷ୍ଠୀ ବିକ୍ଷୋଭ ପ୍ରଦର୍ଶନ କରିଛି। ଏଥିରେ ଗୁରୁବାର ଜଣେ ଯୁବକ ମୃତ୍ୟୁବରଣ କରିଥିବାବେଳେ ୧୦୦ରୁ ଊର୍ଦ୍ଧ୍ୱ ଆହତ ହୋଇଛନ୍ତି। ଏମାନଙ୍କ ମଧ୍ୟରେ ୮୦ ପୁଲିସକର୍ମୀ, ୧୦ ସାମ୍ବାଦିକ ସାମିଲ ଅଛନ୍ତି। ହଜାର ହଜାର ଯୁବକ ଆନ୍ଦୋଳନ କରି ନୂଆ ରାଷ୍ଟ୍ରପତି ଜୋଶ ଜେରୀଙ୍କ ଇସ୍ତଫା ଦାବି କରିଥିଲେ। କିନ୍ତୁ ଜେରୀ ଇସ୍ତଫା ଦେବାକୁ ମନା କରିଦେଇଥିଲେ। ଗତ ଅକ୍ଟୋବର ୧୦ରେ ଜୋରୀ ରାଷ୍ଟ୍ରପତି ଭାବେ ଦାୟିତ୍ୱ ଗ୍ରହଣ କରିଥିଲେ। ସଂସଦ ପୂର୍ବତନ ରାଷ୍ଟ୍ରପତି ଡିନା ବୋଲୁଆର୍ତେଙ୍କୁ ପଦରୁ ହଟାଇବାକୁ ନିଷ୍ପତ୍ତି ନେଇଥିଲା। ଗତ ୫ ବର୍ଷ ମଧ୍ୟରେ ଜେରୀ ଷଷ୍ଠ ରାଷ୍ଟ୍ରପତି ଭାବେ ଦାୟିତ୍ୱ ନେଇଛନ୍ତି।

## କରୁର ଦଳାଚକଟାକୁ ନେଇ ହାଇକୋର୍ଟଙ୍କୁ ଜଣାଇଲେ ଇସି

# ବିଜୟଙ୍କ ଦଳକୁ ମାନ୍ୟତା ମିଳିନି

ନୂଆଦିଲ୍ଲୀ, ୧୭।୧୦ (ଏଜେନ୍ସି): ଅଭିନେତାରୁ ରାଜନେତା ପାଲଟି ଥିବା ବିଜୟଙ୍କ ତମିଲଗା ଭେଟ୍ରି କଝଗମ (ଟିଭିକେ) ମାନ୍ୟତା ପ୍ରାପ୍ତ ରାଜନୈତିକ ଦଳ ନୁହେଁ। ଏକ ଆଞ୍ଚଳିକ ଦଳର ମାନ୍ୟତା ପାଇବା ପାଇଁ ଜରୁରୀ ସର୍ତ୍ତକୁ ଏହି ଦଳ ପୂରଣ କରୁନାହିଁ। ଆଞ୍ଚଳିକ ମାନ୍ୟତା ପାଇବା ପାଇଁ କୌଣସି ଦଳକୁ ଅତିକମରେ ୬ ପ୍ରତିଶତ ବୈଧ ଭୋଟ ଏବଂ ୨ଟି ବିଧାନସଭା ସିଟ୍ କିମ୍ବା ଲୋକସଭାର ଗୋଟିଏ ଆସିନ ଜିତିବା ଜରୁରୀ। ମାଡ୍ରାସ ହାଇକୋର୍ଟରେ କରୁର ଦଳାଚକଟା ମାମଲାରେ ଶୁଣାଣି ଚାଲିଥିବାବେଳେ ଶୁକ୍ରବାର ଭାରତୀୟ ନିର୍ବାଚନ କମିଶନ (ଇସି)ଙ୍କ ପକ୍ଷରୁ ଏହି ସୂଚନା ଦିଆଯାଇଛି। ଟିଭିକେକୁ ରଦ୍ଦ କିମ୍ବା ଅଣ-



ମାନ୍ୟତା ପ୍ରାପ୍ତ ଦଳ ଘୋଷଣା ଏବଂ କରୁର ରାଲି ପାଇଁ ବିଜୟଙ୍କ ବିରୋଧୀ ଏତଲାରେ ଅତିରିକ୍ତ ଧାରା ଯୋଡିବା ପାଇଁ ହୋଇଥିବା ଆବେଦନ ଉପରେ ଆଜି ମୁଖ୍ୟ ବିଚାରପତି ମନିନ୍ଦ୍ର ମୋହନ ଶ୍ରୀବାସ୍ତବଙ୍କ ଖଣ୍ଡପୀଠ ଶୁଣାଣି କରିଥିଲେ। ହାଇକୋର୍ଟ କହିଥିଲେ ଯେ ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶ ପରେ ଯାଇ ଏତଲାରେ ପରିବର୍ତ୍ତନ କରିହେବ। ସର୍ବୋଚ୍ଚ ନ୍ୟାୟାଳୟ ଏହି ମାମଲାର ସିବିଆଇ ତଦନ୍ତ ନିର୍ଦ୍ଦେଶ ଦେଇଛନ୍ତି।

ଶୁଣାଣି ସମୟରେ ଆବେଦନକାରୀଙ୍କ ପକ୍ଷରୁ କୁହାଯାଇଥିଲା ଯେ ଜନଗହଳିପୂର୍ଣ୍ଣ ଅଞ୍ଚଳରେ ବିଜୟଙ୍କ ରାଲି ଆୟୋଜନ କରାଯାଇଥିଲା। ଅବହେଳା ଏବଂ ନିୟମ ଉଲ୍ଲଙ୍ଘନ ଯୋଗୁଁ ଏହି ଅଘଟଣ ହୋଇଥିଲା। ଏଥିରେ ୪୧ ଜଣଙ୍କ ମୃତ୍ୟୁ ହୋଇଥିଲା। ଏହି ଆବେଦନରେ ଟିଭିକେର ରାଜନୈତିକ ରାଲି ଆୟୋଜନ ଉପରେ କଟକଣା ଏବଂ ପୀଡ଼ିତ ପରିବାରଙ୍କୁ କୋଟିଏ ଟଙ୍କା ଲେଖାଏଁ ଦେବା ପାଇଁ ବିଜୟଙ୍କୁ ନିର୍ଦ୍ଦେଶ ଦେବାକୁ ଦାବି କରାଯାଇଥିଲା। ବିଜୟ ଏବଂ ଟିଭିକେ ମୁଖ୍ୟଙ୍କୁ ଅଭିଯୁକ୍ତ କରିବା ପାଇଁ ଏକ ଜନସ୍ୱାର୍ଥ ମାମଲା ମଧ୍ୟ ଦାଏର କରାଯାଇଥିଲା। ପୁଲିସ ଜାଣିଶୁଣି ଅଭିନେତାଙ୍କୁ ସୁରକ୍ଷା ଦେଉଥିବା କୁହାଯାଇଥିଲା। ଏହା ଉପରେ ବିଚାର କରି ନିର୍ବାଚନ କମିଶନ, କେନ୍ଦ୍ର ସରକାର ଏବଂ ରାଜ୍ୟ ସରକାରଙ୍କୁ ହାଇକୋର୍ଟ ନୋଟିସ ଜାରି କରିଛନ୍ତି। ଏହି ଅଘଟଣକୁ ନେଇ ଆଗତ ଅନ୍ୟ ମାମଲା ସହ ପିଆଇଏଲର ବିଚାର କରାଯିବ ବୋଲି ଖଣ୍ଡପୀଠ କହିଥିଲେ।

**ମୁଦ୍ରା ବିନିମୟ ମୂଲ୍ୟ**



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୭.୮୪
- ପାଉଣ୍ଡ ୧୧୭.୩୪
- ୟୁରୋ ୧୦୨.୧୭
- ୟେନ୍ ୦.୫୮

**ସୁନା, ରୁପା ଦର (ଟଙ୍କାରେ)**




୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୧,୨୧,୭୦୦ (ନୂଆଦିଲ୍ଲୀ)
- ରୁପା : ୨,୦୩,୦୦୦ (କେଜି)




**ଷ୍ଟକ୍ ମାର୍କେଟ୍**

ବଜାର କାରବାର (ପଏଣ୍ଟରେ)
- ସେନ୍‌ସେକ୍ସ ୮୩,୯୫୨.୦୦
- ନିଫ୍ଟି ୨୫,୭୦୯.୦୦



**ପେଟ୍ରୋଲ-ଡିଜେଲ୍**

ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦



# ଆଜି ଧନ୍‌ତେରାସ୍ — ୨୫ ଟନ୍ ସୁନା, ୧୦୦୦ ଟନ୍ ରୁପା ବିକ୍ରି ଆଶା

## ହେବ ୫୦ ହଜାର କୋଟିର କାରବାର

**ନୂଆଦିଲ୍ଲୀ,୧୭।୧୦(ଏଜେନ୍ସି):** ଦେଶବ୍ୟାପୀ ବଜାରରେ ଦୀପାବଳି ପ୍ରବଳ ଉତ୍ସାହର ସହିତ ପାଳନ କରାଯାଉଛି। ଏଥିପାଇଁ ଗ୍ରାହକମାନେ ବଜାରରେ ଭିଡ଼ ଜମାଇଛନ୍ତି। ଶନିବାର ସାରା ଦେଶରେ ପାଳନ ହେଉଛି ଧନ୍‌ତେରାସ୍। ଧନତେରାସ୍‌କୁ ଲୋକେ ଶୁଭ ବିବେଚନା କରି ସୁନା, ରୂପା, ବାସନକୁସନ ଏବଂ ଘରକରଣା ସାମଗ୍ରୀ କିଣିଥାନ୍ତି। ତେଣୁ କନଫେଡେରେସନ ଅଫ୍ ଅଲ୍ ଇଣ୍ଡିଆ ଟ୍ରେଡର୍ସ (କ୍ୟାଟ୍) ଏବଂ ଏହାର ଅଳଙ୍କାର ଶାଖା, ଅଲ୍ ଇଣ୍ଡିଆ ଜୁଏଲର୍ସ ଆଣ୍ଡ ଗୋଲ୍ଡସ୍ମିଥ୍ସ ଫେଡେରେସନ (ଏଆଇଜେଜିଏଫ୍) ଚଳିତଥର ଧନତେରସରେ ୫୦,୦୦୦ କୋଟି ଟଙ୍କାରୁ ଅଧିକ ମୂଲ୍ୟର ସୁନା ଏବଂ ରୂପା କାରବାର ଆକଳନ କରିଛି। ଏଭଳି ସମୟରେ ଶୁକ୍ରବାର ସୁନା ୧୦ ଗ୍ରାମ ପିଛା ୧.୩୨ ଲକ୍ଷ ଟଙ୍କା ଟପି ପୁଣିଥରେ ସର୍ବକାଳୀନ ରେକର୍ଡ ସ୍ତର ଅତିକ୍ରମ କରିଛି।

ଦୀପାବଳି ଓ ଧନ୍‌ତେରାସ ପୂର୍ବରୁ ଦେଶବ୍ୟାପୀ ସୁନା ବଜାରକୁ ନେଇ କ୍ୟାଟ୍ ଏବଂ ଏଆଇଜେଜିଏଫ୍ ପକ୍ଷରୁ କରାଯାଇଥିବା ଏକ ସର୍ଭେରୁ ଜଣାପଡିଛି ଯେ ଚଳିତବର୍ଷ ସୁନା ଏବଂ ରୁପା ବିକ୍ରିରେ ଉଲ୍ଲେଖନୀୟ ବୃଦ୍ଧି ଘଟିଛି। କ୍ୟାଟ୍‌ର ଜାତୀୟ ସାଧାରଣ ସମ୍ପାଦକ ଏବଂ ଚାନ୍ଦନୀ ଚୌକ ସାଂସଦ ପ୍ରବୀଣ ଖଣ୍ଡେଲୱାଲ ଏବଂ ଏଆଇଜେଜିଏଫ୍‌ର ଜାତୀୟ ସଭାପତି ପଙ୍କଜ ଆରୋରା କହିଛନ୍ତି ଯେ ସୁନା ଏବଂ ରୂପାର ରେକର୍ଡ ଉଚ୍ଚ ମୂଲ୍ୟ ଯୋଗୁଁ ମଧ୍ୟମ ଏବଂ

### ଚାହିଦାରେ ରହିବ ସୁନା କଏନ୍

ଉଚ୍ଚବର୍ଗର ଗ୍ରାହକମାନେ ନିବେଶ ଲକ୍ଷ୍ୟରେ ସ୍ୱର୍ଣ୍ଣ ମୁଦ୍ରାକୁ ଅଧିକ ପ୍ରାଥମିକତା ଦେଉଛନ୍ତି। ବିବାହ ଋତୁରେ କ୍ରେତାମାନେ ମଧ୍ୟ ଭାରୀ ଅଳଙ୍କାର ଅପେକ୍ଷା ହାଲୁକା ଅଳଙ୍କାରକୁ ଗୁରୁତ୍ୱ ଦେଉଛନ୍ତି।

ରିପୋର୍ଟ ଅନୁଯାୟୀ, ଗତ ବର୍ଷ ଦୀପାବଳି ସମୟରେ ସୁନା ମୂଲ୍ୟ ପ୍ରାୟ ୧୦ ଗ୍ରାମ ପିଛା ୮୦,୦୦୦ ଟଙ୍କା ରହିଥିଲା, ଯାହା ଚଳିତ ବର୍ଷ ୧,୩୦,୦୦୦ ଟଙ୍କା ଉପରେ ପହଞ୍ଚିଛି, ଯାହା ଏହି ଧାତୁର ମୂଲ୍ୟରେ ୬୦% ବୃଦ୍ଧିକୁ ଦର୍ଶାଉଛି।କରୁଛି। ସେହିପରି, ୨୦୨୪ ରେ ରୂପା ମୂଲ୍ୟ ପ୍ରତି କିଲୋଗ୍ରାମ ୯୮,୦୦୦ ଟଙ୍କା ଥିଲା ଏବଂ ବର୍ତ୍ତମାନ ଏହା କିଲୋ ପିଛା ୨.୦୬ ଲକ୍ଷ ଟଙ୍କା ଅତିକ୍ରମ କରିଛି, ଯାହା ଏହି ଧାତୁ ମୂଲ୍ୟରେ ପ୍ରାୟ ୭୦% ବୃଦ୍ଧିକୁ ଦର୍ଶାଉଛି। ଖଣ୍ଡେଲୱାଲଙ୍କ ମତରେ, ଧନତେରାସରୁ ଦୀପାବଳି ପର୍ଯ୍ୟନ୍ତ ପର୍ବ ଋତୁରେ ସୁନା ଏବଂ ମୁଦ୍ରାର ଚାହିଦା ସବୁଠାରୁ ଅଧିକ ରହିବ ବୋଲି ଆଶା କରାଯାଉଛି। ଆରୋରାଙ୍କ ମତରେ ସାରା ଦେଶରେ ପ୍ରାୟ ୫ ଲକ୍ଷ ଛୋଟ ଏବଂ ବଡ଼ ଅଳଙ୍କାର ବ୍ୟବସାୟୀ କାର୍ଯ୍ୟ କରୁଛନ୍ତି। ଯଦି ପ୍ରତ୍ୟେକ ଅଳଙ୍କାର ବ୍ୟବସାୟୀ ହାରାହାରି ୫୦ ଗ୍ରାମ ସୁନା ବିକ୍ରି କରନ୍ତି, ତେବେ ମୋଟ ପ୍ରାୟ ୨୫ ଟନ୍ ସୁନା ବିକ୍ରି ହେବ, ଯାହା ବର୍ତ୍ତମାନର ମୂଲ୍ୟରେ ୩୨,୫୦୦ କୋଟି ଟଙ୍କାର ହେବ ବୋଲି ଆକଳନ କରାଯାଇଛି। ସେହିପରି, ଯଦି ପ୍ରତ୍ୟେକ ଅଳଙ୍କାର ବ୍ୟବସାୟୀ ହାରାହାରି ୨ କିଲୋଗ୍ରାମ ରୂପା ବିକ୍ରି କରନ୍ତି, ତେବେ ପ୍ରାୟ ୧୦୦୦ ଟନ୍ ରୂପା ବିକ୍ରି ହେବ, ଯାହା ବର୍ତ୍ତମାନର ମୂଲ୍ୟରେ ପ୍ରାୟ ୧୮,୦୦୦ କୋଟି ଟଙ୍କା ମୂଲ୍ୟର ହେବ ବୋଲି ଆକଳନ କରାଯାଇଛି। ତେଣୁ, ଦେଶବ୍ୟାପୀ ସୁନା ବଜାରରେ ମୋଟ ବ୍ୟବସାୟ ୫୦,୦୦୦ କୋଟିରୁ ଅଧିକ ହେବ ବୋଲି ଆକଳନ କରାଯାଇଛି।



ଖଣ୍ଡେଲୱାଲ ଏବଂ ଆରୋରା ବ୍ୟାଖ୍ୟା କରିଛନ୍ତି ଯେ, ପରିବର୍ତ୍ତିତ ବଜାର ଧାରା ଦେଖି, ଅଳଙ୍କାର ବ୍ୟବସାୟୀମାନେ ଏବେ ପରିବର୍ତ୍ତିତ ଗ୍ରାହକ ଚାହିଦା ସହିତ ବ୍ୟବସାୟକୁ ବୃଦ୍ଧି କରିବା ପାଇଁ ଫ୍ୟାନ୍ସି ଅଳଙ୍କାର ଏବଂ ରୂପା ମୁଦ୍ରା ଭଳି ନୂତନ ବିକଳ୍ପ ଉପରେ ଧ୍ୟାନ ଦେଉଛନ୍ତି। ଗ୍ରାହକମାନେ ସୁନା ଏବଂ ରୁପା ଅଳଙ୍କାର ଅପେକ୍ଷା କଏନ୍ ବେଶୀ ପସନ୍ଦ କରିପାରନ୍ତି।

## ପୁଣି ସୁନା ଦରରେ ସର୍ବକାଳୀନ ରେକର୍ଡ


**ଭୁବନେଶ୍ୱର,୧୭।୧୦(ସମିସ):** ଦୀପାବଳି ଓ ଧନ୍‌ତେରାସ୍ ପୂର୍ବରୁ ଘରୋଇ ବଜାରରେ ହୁ ହୁ ହୋଇ ବଢୁଛି ସୁନା ଦର। ଫଳରେ ଏହି ହଳଦିଆ ଧାତୁର ମୂଲ୍ୟ ଆଜି ସର୍ବକାଳୀନ ରେକର୍ଡ଼ ସ୍ତରରେ ପହଞ୍ଚିଛି। ଶୁକ୍ରବାର ସୁନା ୧୦ ଗ୍ରାମ ପିଛା ୧.୩୨ ଲକ୍ଷ ଟଙ୍କା ସ୍ତର ଅତିକ୍ରମ କରି ନୂଆ ରେକର୍ଡ କରିଛି। ଆଜି ଗୋଟିଏ ଦିନରେ ୩ ହଜାର ଟଙ୍କା ଯାଏ ବଢ଼ିଛି ସୁନା ଦର। ଆଜି ଗୋଟିଏ ରେଟ୍ ତ କାଲି ଆଉ ଗୋଟିଏ ରେଟ୍। ସୁନା ଦର ଏମିତି ହୁ ହୁ ହୋଇ ବଢୁଥିବା ଦେଖି ସୁନା ଗହଣା ଶୋ ରୁମ୍ ରେ ଗ୍ରାହକଙ୍କ ଭିଡ଼ ଦେଖିବାକୁ ମିଳିଛି। ବଡ କଥା ହେଉଛି ଖାଲି ଧନତେରାସ ନୁହେଁ ଭବିଷ୍ୟତ କୁ ନଜର ରେ ରଖି ଗ୍ରାହକ ମାନେ ଏବେଠୁ ସୁନା କିଣି ମହଜୁଦ ରଖିବାକୁ ଚାହୁଁଛନ୍ତି। ଆଗକୁ ସୁନା ଦର ଦେଢ଼ ଲକ୍ଷ ଟଙ୍କା ଛୁଇଁପାରେ ବୋଲି ଅନୁମାନ କରାଯାଉଛି।

ସେପଟେ ଆଜି ଗୋଟିଏ ଦିନରେ ରାଜଧାନୀ ଭୁବନେଶ୍ୱରରେ ସୁନା ମୂଲ୍ୟ ୩ ହଜାର ଟଙ୍କା ବୃଦ୍ଧି ଘଟିଛି। ମାତ୍ର ସପ୍ତାହକ ଭିତରେ ସୁନା ୧୦ ହଜାର ଟଙ୍କା ମହଙ୍ଗା ହୋଇସାରିଛି। ସୁନା ଦର ଏତେ ମାତ୍ରାରେ ବଢୁଛି ଯେ ଲୋକେ ଅଗ୍ରୀମ ବୁକିଂ କରିବାରେ ଲାଗିଛନ୍ତି। ଯଦି ବୁକ୍ କରିଥିବା ମୂଲ୍ୟଠାରୁ ସୁନା ଦର

### ୧୦ ଗ୍ରାମ ୧.୩୨ ଲକ୍ଷ ଟପିଲା
### ଦିନକରେ ୩ ହଜାର ମହଙ୍ଗା

କମିଗଲା ଗ୍ରାହକ କମିଥିବା ମୂଲ୍ୟରେ ସୁନା କିଣିପାରିବା କେତେକ ଶୋ' ରୁମ୍‌ରେ ବ୍ୟବସ୍ଥା ହୋଇଛି। ତେଣୁ ଗ୍ରାହକ ଏବେ ଅଧିକ ମାତ୍ରାରେ ସୁନା ଅଗ୍ରୀମ ବୁକ୍ କରୁଛନ୍ତି। ବର୍ତ୍ତମାନର ଧନତେରସ ମାହୋଲକୁ ଦେଖିଲେ ସୁନା ଦର ଆହୁରି ବଢିବା ସମ୍ଭାବନା ରହିଛି। ଆଜି ଭୁବନେଶ୍ୱରରେ ୧୦ ଗ୍ରାମ ପିଛା ୨୪ କ୍ୟାରେଟ୍ ସୁନା ମୂଲ୍ୟ ୧,୩୨,୬୩୦ ଟଙ୍କା ରହିଥିବାବେଳେ ୨୨ କ୍ୟାରେଟ୍ ସୁନା ଦର ୧,୨୧,୭୦୦ ଟଙ୍କାରେ ପହଞ୍ଚିଛି। ଅପରପକ୍ଷେ ଆଜି ରୁପା ମୂଲ୍ୟରେ କିଲୋ ପିଛା ୩,୦୦୦ ଟଙ୍କା ହ୍ରାସ ଘଟି ଏହା ୧,୦୩,୦୦୦ ଟଙ୍କାକୁ ଖସିଆସିଛି।

## ଅରୁନ୍ଧତୀ ଜୁଏଲର୍ସର ନୂଆ ଟିଭିସି



**ଭୁବନେଶ୍ୱର,୧୭।୧୦(ସମିସ):** ଅରୁନ୍ଧତୀ ସଫଳତା ସହ ପାଳନ କରୁଛି ୨୫ବର୍ଷ ପୂର୍ତ୍ତି। ଓଡିଶାର କଳା ସଂସ୍କୃତି ଓ ପରମ୍ପରା ହେଉଛି ଏହାର ଏକ ଅମୁଲ୍ୟ ପରିଚୟ , ଏହି ନୂତନ ଟିଭି ବିଜ୍ଞାପନର ଉନ୍ମୋଚନ ଅବସରରେ ଅରୁନ୍ଧତୀ ଗ୍ରୁପ୍‌ର ପ୍ରତିଷ୍ଠାତା ବ୍ରହ୍ମାନନ୍ଦ ମେହେର କହିଛନ୍ତି ଯେ ସର୍ବଶ୍ରେଷ୍ଠ ଗ୍ରାହକ ସେବା ସହ ନିରନ୍ତର ଭାବରେ ସେହି ଶୁଦ୍ଧତା ଓ ସ୍ୱଚ୍ଛତାଭରା ସାଲିସବିହୀନ ଯାତ୍ରା କେବଳ ସମ୍ଭବ ହୋଇପାରିଛି। ଓଡିଶା ବାସୀଙ୍କ ଆଶୀର୍ବାଦ ଓ ବିଶ୍ୱାସ ଭରସା ଯୋଗୁ। ଅରୁନ୍ଧତୀ ଜୁଏଲର୍ସ ଓଡ଼ିଶାର ସଂସ୍କୃତିର ଗରିମାକୁ ଏକ ସୁନ୍ଦର ଟିଭି ବିଜ୍ଞାପନ ମାଧ୍ୟମରେ ସମ୍ପୂର୍ଣ୍ଣ ଓଡ଼ିଶାର କଳା ସଂସ୍କୃତି, ପର୍ବପର୍ବାଣି ଏବଂ ଐତିହାସିକ ପରମ୍ପରାକୁ ଦର୍ଶାଇବାକୁ ଚେଷ୍ଟା କରାଯାଇଛି। ଆଜି ଭୁବନେଶ୍ୱରରେ ଏହି ଟିଭି ବିଜ୍ଞାପନର ଶୁଭାରମ୍ଭ କରାଯାଇଥିଲା। ଧନତେରାସ ଅବସରରେ ଅରୁନ୍ଧତୀ ଜୁଏଲର୍ସ ତରଫରୁ ଆକର୍ଷଣୀୟ ନୂତନ ଡିଜାଇନ ପ୍ରସ୍ତୁତ କରାଯିବ ସହ ସର୍ବଶ୍ରେଷ୍ଠ ଅଫର ରଖାଯାଇଛି। ଏହି ଅଫର ମାଧ୍ୟମରେ ୫୧ ଜଣ ଲକ୍ଷପତି ହେବାର ସୁଯୋଗ ରହିଛି, ସୁନା ଗହଣାର ଗଢ଼ା ମଜୁରି ରେ ଅଫଟୁ ଫ୍ଲାଟ ୫୦% ରିଆତି ସହ ପ୍ରତ୍ୟେକ କ୍ରୟରେ ନିଶ୍ଚିତ ପାର୍ବଣ ଉପହାର ଦିଆଯାଉଛି, ହୀରା ଗହଣା କ୍ରୟରେ ୨୦,୦୦୦ ଟଙ୍କା ରିଆତି ପ୍ରତି କ୍ୟାରେଟ ହୀରା ମୂଲ୍ୟ ଉପରେ ପାଇବା ସହ ମାଗଣା ସ୍ୱର୍ଣ ମୁଦ୍ରା ମଧ୍ୟ ପ୍ରଦାନ କରାଯାଉଛି। ଏହା ସହ ଏସ୍‌ବିଆଇ କ୍ରେଡିଟ୍ କାର୍ଡ ଉପରେ ଅପ୍ ଟୁ ୫୦୦୦ ଟଙ୍କା ପର୍ଯ୍ୟନ୍ତ ମଧ୍ୟ କ୍ୟାଶ ବ୍ୟାକ୍ ପାଇପାରିବେ।

## ରିଲାଏନ୍ସ ଡିଜିଟାଲର ଇଲେକ୍ଟ୍ରୋନିକ୍ସ ମହୋତ୍ସବ

**ମୁମ୍ବଇ,୧୭।୧୦(ସମିସ):** ଉତ୍ସବ ଋତୁରେ ରିଲାଏନ୍ସ ଡିଜିଟାଲ ତା'ର ଗ୍ରାହକମାନଙ୍କ ଲାଗି ଆଣିଛି ଇଲେକ୍ଟ୍ରୋନିକ୍ସ ମହୋତ୍ସବ। ଏହି ମହୋତ୍ସବରେ ଗ୍ରାହକ ବେଶ ସଞ୍ଚୟ ମଧ୍ୟ କରିବେ। ଏଥିରେ ନୂତନତମ ଗ୍ୟାଜେଟ୍‌ଠାରୁ ଆରମ୍ଭ କରି ଘରୋଇ ଉପକରଣ ପର୍ଯ୍ୟନ୍ତ, ଆକର୍ଷଣୀୟ ଅଫରଗୁଡ଼ିକର ମଜା ନେବେ। ଗ୍ରାହକ ପ୍ରଯୁଜ୍ୟ ଉତ୍ପାଦଗୁଡ଼ିକ ଉପରେ ଜିଏସଟି-ହ୍ରାସ ମୂଲ୍ୟର ସର୍ବାଧିକ ଲାଭ ଉଠାନ୍ତୁ ଏବଂ ପ୍ରମୁଖ ବ୍ୟାଙ୍କ କାର୍ଡ ଉପରେ ୨୦,୦୦୦ ଟଙ୍କା ପର୍ଯ୍ୟନ୍ତ ତୁରନ୍ତ ରିହାତିଖ ଉପଭୋଗ କରିବେ। ଏହି ରିଆତି ରିଲାଏନ୍ସ ଡିଜିଟାଲ, ମାଇଁ ଜିଓ ଏବଂ

Reliance digital
PERSONALISING TECHNOLOGY

ଜିଓମାର୍ଟ ଡିଜିଟାଲ ଷ୍ଟୋରଗୁଡ଼ିକରେ ଏବଂ www.reliancedigital.inରେ ଅନଲାଇନରେ ଉପଲବ୍ଧ। ଏହି ଉତ୍ସବ ଅଫରଗୁଡ଼ିକ କେବଳ ଅକ୍ଟୋବର ୨୬ ପର୍ଯ୍ୟନ୍ତ ଉପଲବ୍ଧ। ଗ୍ରାହକମାନେ ପେପର ଫାଇନାନ୍ସ ମାଧ୍ୟମରେ ୩୦,୦୦୦ ଟଙ୍କା ପର୍ଯ୍ୟନ୍ତ କ୍ୟାଶବ୍ୟାକ୍‌ର ମଧ୍ୟ ଲାଭ ଉଠାଇପାରିବେ, ଯାହା ଦ୍ୱାରା ଏହି ଦୀପାବଳିରେ ନୂତନତମ ପ୍ରଯୁକ୍ତିବିଦ୍ୟା ଘରକୁ ଆଣିବାର ପୂର୍ବ ପ୍ରତୀକ୍ଷାକୁ ଅଧିକ ସହଜ ହୋଇଯିବ। ଏଥିରେ ବଡ଼ ସ୍କ୍ରିନ୍‌ରେ ବଡ଼ ଡିଲ୍:୧,୧୯,୯୯୦ ଟଙ୍କାରେ ଟିସିଏଲ ୮୫-ଇଞ୍ଚ କ୍ୟୁଏଲଇଡି କିଣିଲେ ୨ ବର୍ଷ ୱାରେଣ୍ଟି ଅଛି। ଆଇଫୋନ୧୬ ସହିତ ଆପେଲ ଇଣ୍ଟେଲିଜେନ୍ସକୁ ଅପଗ୍ରେଡ କରନ୍ତୁ, ଯାହାର ପ୍ରାରମ୍ଭିକ ମୂଲ୍ୟ କେବଳ ୪୪,୯୯୦ ଟଙ୍କା। ସେହିପରି ୬୨,୯୯୦ ଟଙ୍କାରୁ ଆରମ୍ଭ ପ୍ରିମିୟମ୍ ଫ୍ରେଞ୍ଚ୍ ଡୋର୍ ରେଫ୍ରିଜରେଟର୍ ଏବଂ ୪୪,୯୯୦ ଟଙ୍କାରୁ ଆରମ୍ଭ ହେଉଛି ସାଇଡ୍ ବାଇ ସାଇଡ୍ ରେଫ୍ରିଜରେଟର୍। ପ୍ରତ୍ୟେକ କ୍ରୟ ଉପରେ ୯,୦୦୦ ଟଙ୍କା ପର୍ଯ୍ୟନ୍ତ ନିଶ୍ଚିତ ମାଗଣା।

## ଇଣ୍ଡିଆନ୍ ବ୍ୟାଙ୍କର ୧୦୦ ଦିନରେ ୧୦୦ ଦେୟ ଅଭିଯାନ

**ଭୁବନେଶ୍ୱର,୧୭।୧୦(ସମିସ) :** ଇଣ୍ଡିଆନ୍ ବ୍ୟାଙ୍କ ଦେଶବ୍ୟାପୀ ପ୍ରତ୍ୟେକ ଜିଲ୍ଲାର ଦାବିହୀନ ଜମାକାରୀଙ୍କ ନିକଟରେ ପହଞ୍ଚିବା ଏବଂ ସେମାନଙ୍କର ଜମା ପୁନରୁଦ୍ଧାର କରିବା ପାଇଁ ଏକ ଉତ୍ସର୍ଗୀକୃତ ଅଭିଯାନ ଆରମ୍ଭ କରିଛି। ଭୁବନେଶ୍ୱର କ୍ଷେତ୍ର ମହାପ୍ରବନ୍ଧକ ଏମ୍ ଅରୁଣାଙ୍କ ଦ୍ୱାରା କଟକ କ୍ଷେତ୍ରର ଶାଖା ପ୍ରବନ୍ଧକମାନଙ୍କର ସମୀକ୍ଷା ବୈଠକରେ ଉଦବୋଧନ ଦେଇଥିଲେ। ବ୍ୟାଙ୍କ ଦ୍ୱାରା ଆରମ୍ଭ ହୋଇଥିବା ୧୦୦ ଦିନିଆ ଓ ୧୦୦ ପୃଷ୍ଠା ଅଭିଯାନ ଅକ୍ଟୋବର ପହିଲାରୁ ଡିସେମ୍ବର ୩୧ ଯାଏ ଚାଲୁ ରହିବ। କ୍ଷେତ୍ର ମହାପ୍ରବନ୍ଧକ ଶାଖା ପ୍ରବନ୍ଧକମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି ଯେ, ସେମାନେ ନିଜ ନିଜ ଶାଖାର ଉପଭୋକ୍ତାମାନଙ୍କୁ ଯାହାଙ୍କର ଜମା ଖାତା୧୦ ବର୍ଷରୁ ଊର୍ଦ୍ଧ୍ୱ ସମୟ ଧରି ଚାଲୁ ନ ରହିବା ଫଳରେ ଆରବିଆଇ ଡିଫ୍‌କୁ ସ୍ଥାନାନ୍ତର ହୋଇଯାଇଛି ସେମାନଙ୍କ ସହ ସମ୍ପର୍କ କରି ସେମାନଙ୍କର ଜମା ରାଶି ଉପଲବ୍ଧ କରାଇବାରେ ସାହାଯ୍ୟ କରନ୍ତୁ। ଏହି କ୍ୟାମ୍ପେନ ଚାଲୁ ରହିବା ଭିତରେ ନିଜ ନିଜ କ୍ଷେତ୍ରରେ ପ୍ରସାର ଓ ପ୍ରଚାର ଅଧିକ ମାତ୍ରାରେ କରନ୍ତୁ, ଯାହା ଫଳରେ ଅଧିକରୁ ଅଧିକ ଜମାକାରୀ ତାଙ୍କର ଦୀର୍ଘ ଦିନ ଧରି ଅବ୍ୟବହୃତ ଜମାରାଶି ପାଇପାରିବେ।



## ତନିସ୍କର ନୂଆ ଅଳଙ୍କାର କଲେକ୍‌ସନ୍ 'ମୃଗଙ୍କ'




**ଭୁବନେଶ୍ୱର,୧୭।୧୦(ସମିସ):** ପାର୍ବଣ ଋତୁ ପାଇଁ ଅଳଙ୍କାର ରିଟେଲ୍ ବ୍ରାଣ୍ଡ ଟାଟାର ତନିସ୍କ ପକ୍ଷରୁ ଏହାର ଉତ୍ସବ ଅଳଙ୍କାର ସଂଗ୍ରହ 'ମୃଗଙ୍କ' ଉପସ୍ଥାପନ କରାଯାଇଛି, ଯାହା ପୌରାଣିକ ଜଗତ ଏବଂ କଳ୍ପନାତ୍ମକ କାରିଗରି ଦୁନିଆରୁ ଅନୁପ୍ରାଣିତ ହୋଇ ପ୍ରସ୍ତୁତ କରାଯାଇଛି। ଭାରତର ପୁରାତନ କାହାଣୀ ଓ ପ୍ରତୀକରୁ ପ୍ରେରିତ ମୃଗଙ୍କର ପ୍ରତ୍ୟେକ ଅଳଙ୍କାର ପର୍ବପର୍ବାଣୀ ଭାବନା ପ୍ରତି ଏକ କାବ୍ୟ ଶ୍ରଦ୍ଧାଞ୍ଜଳି। ପୂର୍ବତନ ମିସ୍ ୱାର୍ଲ୍ଡ ତଥା ଅଭିନେତ୍ରୀ ମନୁଷୀ ଛିଲ୍ଲାର, ଯିଏ ମୃଗଙ୍କ ଭାବନାକୁ ସାହସୀ, କଳ୍ପନାତ୍ମକ ଏବଂ ଆକର୍ଷଣୀୟ ଅଲୌକିକତାରେ ପରିପୂର୍ଣ୍ଣ ଭାବେ ଉପସ୍ଥାପିତ କରିଛନ୍ତି। ଏହାର ଉଦ୍ଦେଶ୍ୟ ଏକ ଦୃଶ୍ୟମାନ ଜଗତ ସୃଷ୍ଟି କରିବା ଯାହା ଫ୍ୟାଶନ୍ ପ୍ରବୃତିକୁ ଅତିକ୍ରମ କରିବ ଯେଉଁଠାରେ ପ୍ରତ୍ୟେକ ଉପାଦାନ ଏକ ରହସ୍ୟମୟ କିମ୍ବା ଚମକଦାର ଆଶ୍ଚର୍ଯ୍ୟ ଓ ଉପସ୍ଥିତିର ଭାବନା ସୃଷ୍ଟି କରିବ। ପୌରାଣିକ ଜୀବ ଏବଂ କଳ୍ପନାତ୍ମକ ଫୁଲରୁ ପ୍ରେରିତ ମୃଗଙ୍କରେ ଥିବା ଗହଣାଗୁଡ଼ିକ କଳ୍ପନା ପରି ଭବ୍ୟ ଏବଂ ସ୍ୱପ୍ନ ପରି ଶାନ୍ତ ହେବା ପାଇଁ ନିର୍ମାଣ କରାଯାଇଛି। ଉନ୍ନତ କାରୁକାର୍ଯ୍ୟ ଯେପରି ଷ୍ଟୋନ୍-ଅନ୍-ଷ୍ଟୋନ୍ ଜଡାଉ, ବ୍ୟାଡରୁମ, ଚନ୍ଦକ, ରାସ୍ ରବା ଏବଂ ଜଟିଳ ଜାଲି ସ୍ତର ବ୍ୟବହାର କରି ନିର୍ମିତ ଏହି ସଂଗ୍ରହରେ ରଙ୍ଗୀନ କୁନ୍ଦନ, ଏନାମେଲ୍ ବିବରଣୀ ଏବଂ ୩ଡି ନକ୍ସାର ଏକ ବିସ୍ମୟକର ମିଶ୍ରଣ ରହିଛି।

## ୱେବ୍‌ସାଇଟ୍ ଡାଉନ୍; ହୋଇପାରୁନି ରେଳ ଟିକଟ ବୁକିଂ

**ନୂଆଦିଲ୍ଲୀ,୧୭।୧୦(ଏଜେନ୍ସି):** ଦୀପାବଳି ଓ ଧନ୍‌ତେରାସ୍ ପାଇଁ ଟ୍ରେନ୍‌ରେ ଏବେ ନାହିଁ ନ ଥିବା ଭିଡ଼। ବାହାରେ ଥିବା ଲୋକେ ସମସ୍ତେ ନିଜ ନିଜ ଘରକୁ ଫେରିବାକୁ ବ୍ୟାକୁଳ। ଟ୍ରେନ୍ ଟିକଟ ବୁକିଂ ପାଇଁ ଉର୍ଦ୍ଦିଷ୍ଟ ୱେବ୍‌ସାଇଟ୍ ଡାଉନ୍ ରହିଥିବାରୁ ଲୋକେ ରେଳ ଟିକଟ ବୁକିଂ କରିପାରୁନାହାଁନ୍ତି। ଆଜି ଆଇଆର୍‌ସିଟିସିର ୱେବସାଇଟ୍ ଏବଂ ମୋବାଇଲ୍ ଆପ୍ ଡାଉନ୍ ହୋଇଯାଇଥିଲା। ଏହାଫଳରେ ଲୋକମାନେ ସକାଳ ୯ଟାରୁ ଟ୍ରେନ୍ ଟିକେଟ୍ ବୁକିଂ କରିପାରୁନାହାଁନ୍ତି। ଲୋକଙ୍କୁ ଅନ୍ୟାନ୍ୟ ଆଇଆର୍‌ସିଟିସି ସେବା ବ୍ୟବହାର କରିବାରେ ମଧ୍ୟ ସମସ୍ୟା ହେଉଛି। ଆଉଟେଜ୍ ଟ୍ରାକିଂ ପ୍ଲାଟଫର୍ମ ଡାଉନ୍ ଡିଟେକ୍ଟର ଅନୁଯାୟୀ, ଯାତ୍ରୀ ଶୁକ୍ରବାର ସକାଳ ଟାଠାରୁ ସାଇଟ୍ ଏବଂ ଆପ୍ ଡାଉନ୍ ହେବା ବିଷୟରେ ରିପୋର୍ଟ କରିବା ଆରମ୍ଭ କରିଥିଲେ। ସକାଳ ୧୧ ଟା ସୁଦ୍ଧା ଏ ନେଇ ପ୍ରାୟ ୬,୦୦୦ ରିପୋର୍ଟ ପ୍ରାପ୍ତ ହୋଇଥିଲା। ଡାଉନ୍ ଡିଟେକ୍ଟରର ରିପୋର୍ଟ ଅନୁଯାୟୀ, ୪୯% ଅଭିଯୋଗ ୱେବସାଇଟ୍‌ରେ, ୩୭% ଆପ୍‌ରେ ଏବଂ ୧୪% ଅଭିଯୋଗ ଷ୍ଟେସନ୍‌ରେ ଟିକଟ୍ କିଣୁଥିବା ନେଇ ଆସିଥିବା ଜଣାପଡିଛି।

## ବେଦାନ୍ତ ଲାଞ୍ଜିଗଡ଼ର ପ୍ରକଳ୍ପ ସଙ୍ଗମ

**ଭୁବନେଶ୍ୱର, ୧୭।୧୦(ସମିସ):** ଆଲୁମିନିୟମ ଉତ୍ପାଦକ ବେଦାନ୍ତ ଆଲୁମିନିୟମ ସ୍ଥାୟୀ ଜୀବିକାକୁ ପ୍ରୋତ୍ସାହିତ କରିବା ଏବଂ ଗ୍ରାମୀଣ ଅର୍ଥନୀତିକୁ ସୁଦୃଢ଼ କରିବା ଦିଗରେ ଏକ ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ ନେଇ, ଲାଞ୍ଜିଗଡ଼ରେ ଏହାର ପ୍ରମୁଖ ଜଳବିଭାଜିକା ଏବଂ ଜୀବିକା ପଦକ୍ଷେପ - ପ୍ରକଳ୍ପ ସଙ୍ଗମ - ଅଧୀନରେ ଏକ ମାଛ ଚାଷ କାର୍ଯ୍ୟକ୍ରମ ଆରମ୍ଭ କରିଛି। ଏହି ପଦକ୍ଷେପ ବୈଜ୍ଞାନିକ ମାଛ ଚାଷ ମାଧ୍ୟମରେ ଚାଷୀ ଏବଂ ସ୍ୱୟଂ ସହାୟକ ଗୋଷ୍ଠୀ ସଦସ୍ୟଙ୍କ ପାଇଁ ବିକଳ୍ପ ଆୟ ସୁଯୋଗ ସୃଷ୍ଟି କରିବ। କଳାହାଣ୍ଡିର ମତ୍ସ୍ୟ ଏବଂ ପଶୁପାଳନ ବିଭାଗ ସହିତ ମିଳିତ ଭାବରେ କାର୍ଯ୍ୟକାରୀ ହୋଇଥିବା, ଏହି ପଦକ୍ଷେପ ୧୩ଟି ଗ୍ରାମର ପାଞ୍ଚ ଏକର ଜମିରେ କମ୍ପାନୀ ଦ୍ୱାରା ନିର୍ମିତ ୩୨ଟି ଜଳ ସଂରଚନାକୁ ବିସ୍ତାର କରିଛି, ଯାହା ୪୪ ଜଣ ଚାଷୀ ଏବଂ ସ୍ୱୟଂ ସହାୟକ ଗୋଷ୍ଠୀ ସଦସ୍ୟଙ୍କୁ ସିଧାସଳଖ ଲାଭ ପହଞ୍ଚାଇଛି । ଏହା ସେମାନଙ୍କୁ ମାଛ ଚାଷକୁ ଏକ ସ୍ଥାୟୀ ଜୀବିକା କାର୍ଯ୍ୟକଳାପ ଭାବରେ ଗ୍ରହଣ କରିବା ପାଇଁ ଆବଶ୍ୟକ ସମ୍ବଳ, ତାଲିମ ଏବଂ ବୈଷୟିକ ସହାୟତା ପ୍ରଦାନ କରୁଛି। ଏହି ପଦକ୍ଷେପ ବାର୍ଷିକ ୨୦ ଟନ୍ ମାଛ ଅମଳ କରିବ ବୋଲି ଆଶା କରାଯାଉଛି, ଯାହା ସ୍ଥାନୀୟ ଆବଶ୍ୟକତା ଏବଂ ବଜାର ଯୋଗାଣ ଉଭୟରେ ଗୁରୁତ୍ୱପୂର୍ଣ୍ଣ ଯୋଗଦାନ ଦେବ। ଏ ସମ୍ପର୍କରେ ବେଦାନ୍ତ ଆଲୁମିନା ବ୍ୟବସାୟର ସିଇଓ ପ୍ରଣବ କୁମାର ଭଟ୍ଟାଚାର୍ଯ୍ୟ କହିଛନ୍ତି ଯେ, ବେଦାନ୍ତ ଲାଞ୍ଜିଗଡ଼ରେ, ଆମେ ପରିବେଶଗତ ଏବଂ ସାମାଜିକ ଲକ୍ଷ୍ୟ ସହିତ ସମନ୍ୱିତ ସ୍ଥାୟୀ ଜୀବିକା ସୁଯୋଗ ମାଧ୍ୟମରେ ସାମଗ୍ରିକ ସମ୍ପ୍ରଦାୟ ବିକାଶକୁ ଆଗେଇ ନେବା ପାଇଁ ପ୍ରତିବଦ୍ଧ।



## ଦୀପାବଳି ପୂର୍ବରୁ ବୈଦେଶିକ ମୁଦ୍ରା ଭଣ୍ଡାର ଧରାଶାୟୀ

# ୪ ସପ୍ତାହରେ ୫ ବିଲିୟନ୍ ଡଲାର ହ୍ରାସ

**ନୂଆଦିଲ୍ଲୀ,୧୭।୧୦(ଏଜେନ୍ସି):** ଦୀପାବଳି ପୂର୍ବରୁ ଦେଶର ବୈଦେଶିକ ମୁଦ୍ରା ଭଣ୍ଡାର ସମ୍ପର୍କରେ ଲଗାତାର ଚତୁର୍ଥ ସପ୍ତାହ ନକାରାତ୍ମକ ତଥ୍ୟ ମିଳିଛି। ଧରାଶାୟୀ ହେବାରେ ଲାଗିଛି ଦେଶର ବୈଦେଶିକ ମୁଦ୍ରା ଭଣ୍ଡାର। କ୍ରମାଗତ ଭାବେ ଚତୁର୍ଥ ସପ୍ତାହ ଧରି ମୁଦ୍ରା ଭଣ୍ଡାରରେ ହ୍ରାସ ଧାରା ଜାରି ରହିଛି। ଏହାଫଳରେ ବୈଦେଶିକ ମୁଦ୍ରା ଭଣ୍ଡାର ୬୯୭.୭୮ ବିଲିୟନ ଡଲାରକୁ ଖସିଆସିଛି। ତଥ୍ୟ ଦର୍ଶାଉଛି ଏହି ଚାରି ସପ୍ତାହ ମଧ୍ୟରେ ଦେଶର ବୈଦେଶିକ ମୁଦ୍ରା ଭଣ୍ଡାର ୫ ବିଲିୟନ ଡଲାରରୁ ଅଧିକ ହ୍ରାସ ପାଇଛି।

ଦେଶର ବୈଦେଶିକ ମୁଦ୍ରା ଭଣ୍ଡାର ନିରନ୍ତରଭାବେ ହ୍ରାସ ପାଉଛି। ଗତ ମାସ କିମ୍ବା ଚାରି ସପ୍ତାହ ମଧ୍ୟରେ ୫ ବିଲିୟନ ଡଲାରରୁ ଅଧିକ କିମ୍ବା ପ୍ରାୟ ୪୬,୦୦୦ କୋଟି ଟଙ୍କା ସଫା ହୋଇସାରିଛି। ତଥାପି, ଗତ ସପ୍ତାହରେ ଏହି ହ୍ରାସ କେବଳ ସାମାନ୍ୟ ଥିଲା। ବିଶେଷଜ୍ଞମାନେ ବିଶ୍ୱାସ କରନ୍ତି ଯେ ସରକାର ଟଙ୍କାକୁ ସମର୍ଥନ କରିବା ପାଇଁ ବୈଦେଶିକ ମୁଦ୍ରା ବ୍ୟବହାର କରୁଛନ୍ତି, ଯାହା ଫଳରେ ବୈଦେଶିକ ମୁଦ୍ରା ଭଣ୍ଡାର ହ୍ରାସ ପାଇଛି। ତଥାପି, ଆଗାମୀ ଦିନରେ ବୈଦେଶିକ ମୁଦ୍ରା ଭଣ୍ଡାରରେ ବୃଦ୍ଧି ଆଶା କରାଯାଉଛି। ଏହି ସମୟରେ,




**ଗୋଟିଏ ମାସରେ ୪୬,୦୦୦ କୋଟି ସଫା**

ପାକିସ୍ତାନର ବୈଦେଶିକ ମୁଦ୍ରା ଭଣ୍ଡାରରେ ବୃଦ୍ଧି ଦେଖାଯାଇଛି।

ଅକ୍ଟୋବର ୧୦ ତାରିଖରେ ଶେଷ ହୋଇଥିବା ସପ୍ତାହରେ ଦେଶର ବୈଦେଶିକ ମୁଦ୍ରା ସଂରକ୍ଷଣ ୨.୧୮ ବିଲିୟନ ଡଲାର ହ୍ରାସ ପାଇଛି, ଯାହା ଦେଶର ବୈଦେଶିକ ମୁଦ୍ରା ସଂରକ୍ଷଣ ୬୯୭.୭୮ ବିଲିୟନ ଡଲାରକୁ ବୃଦ୍ଧି କରିଛି। ପୂର୍ବରୁ, ଦେଶର ବୈଦେଶିକ ମୁଦ୍ରା ସଂରକ୍ଷଣ ୦.୨୮ ବିଲିୟନ ଡଲାର ହ୍ରାସ ପାଇଥିଲା। ତଥାପି, ଗତ ଚାରି ସପ୍ତାହ ଧରି ବୈଦେଶିକ ମୁଦ୍ରା ସଂରକ୍ଷଣ ହ୍ରାସ ପାଇଛି। ଶେଷ ଥର ପାଇଁ ବୈଦେଶିକ ମୁଦ୍ରା ଭଣ୍ଡାରରେ ହ୍ରାସ ସେପ୍ଟେମ୍ବର ୧୨ରେ ଶେଷ ହୋଇଥିବା ସପ୍ତାହରେ ହୋଇଥିଲା, ଯେତେବେଳେ ବୈଦେଶିକ ମୁଦ୍ରା ସଂରକ୍ଷଣ ୭୦୨.୯୭ ବିଲିୟନ ଡଲାରରେ ପହଞ୍ଚିଥିଲା। ସେବେଠାରୁ, ବୈଦେଶିକ ମୁଦ୍ରା ସଂରକ୍ଷଣ ୫.୧୯ ବିଲିୟନ ଡଲାର କିମ୍ବା ପ୍ରାୟ ୪୬,୦୦୦ କୋଟି ଟଙ୍କା ହ୍ରାସ ପାଇଛି।

ଏହି ସମୟରେ, ବୈଦେଶିକ ମୁଦ୍ରା ସମ୍ପତ୍ତିରେ ମଧ୍ୟ ହ୍ରାସ ଦେଖାଦେଇଛି। ତଥ୍ୟ ଅନୁଯାୟୀ, ଅକ୍ଟୋବର ୧୦ରେ ଶେଷ ହୋଇଥିବା ସପ୍ତାହରେ ଦେଶର ବୈଦେଶିକ ମୁଦ୍ରା ସମ୍ପତ୍ତି ୫.୬୦୫ ବିଲିୟନ ଡଲାର ହ୍ରାସ ପାଇଛି, ଯାହା ମୋଟ ୫୭୨.୧୦୩ ବିଲିୟନ ଡଲାରକୁ ବୃଦ୍ଧି କରିଛି। ଡଲାରରେ ପ୍ରକାଶିତ ବିଦେଶୀ ମୁଦ୍ରା ସମ୍ପତ୍ତି, ବୈଦେଶିକ ମୁଦ୍ରା ଭଣ୍ଡାରରେ ରଖାଯାଇଥିବା ୟୁରୋ, ପାଉଣ୍ଡ ଏବଂ ୟେନ ପରି ଅଣ-ଆମେରିକୀୟ ୟୁନିଟ୍‌ଗୁଡ଼ିକର ମୂଲ୍ୟରେ ବୃଦ୍ଧି କିମ୍ବା ହ୍ରାସକୁ ପ୍ରତିଫଳିତ କରେ।

ତଥାପି, ଗତ କିଛି ସପ୍ତାହ ଧରି ବୈଦେଶିକ ମୁଦ୍ରା ସମ୍ପତ୍ତିରେ ମଧ୍ୟ ଏକ ଗୁରୁତ୍ୱପୂର୍ଣ୍ଣ ହ୍ରାସ ଦେଖାଯାଇଛି। ଏହି ସମୟରେ, ଦେଶର ସୁନା ଭଣ୍ଡାର ନିରନ୍ତର ବୃଦ୍ଧି ପାଇଛି। ତଥ୍ୟ ଅନୁଯାୟୀ, ଏହି ସମୟ ମଧ୍ୟରେ ଦେଶର ସୁନା ଭଣ୍ଡାର ୩.୫୯୫ ବିଲିୟନ ଡଲାର ବୃଦ୍ଧି ପାଇଛି, ଯାହା ମୋଟ ସୁନା ଭଣ୍ଡାର ୧୦୨.୩୬୫ ବିଲିୟନ ଡଲାରକୁ ବୃଦ୍ଧି ପାଇଛି।

■ ସୁଲତାନ ଅଫ୍ ଜୋହର କପ୍

## ରେକର୍ଡ ୮ମ ଥର ଫାଇନାଲ ଖେଳିବ ଭାରତ



ଜୋହର ବହରୁ, ୧୭।୧୦ (ଏଜେନ୍ସି): ମାଲେସିଆରେ ଚାଲିଥିବା ୧୩ତମ ସୁଲତାନ ଅଫ୍ ଜୋହର କପ୍ ଜୁନିଅର (୨୧ ବର୍ଷରୁ କମ୍) ହକି ଟୁର୍ଣ୍ଣାମେଣ୍ଟରେ ଭାରତ ଫାଇନାଲରେ ପ୍ରବେଶ କରିଛି। ଶୁକ୍ରବାର ଭାରତ ଏହାର ଅନ୍ତିମ ପୁଲ୍ ପର୍ଯ୍ୟାୟ ମ୍ୟାଚରେ ୨-୧ ଗୋଲ୍‌ରେ ଆୟୋଜକ ମାଲେସିଆକୁ ପରାସ୍ତ କରିଥିଲା। ଏହି ମ୍ୟାଚରେ ଭାରତର ଗୁର୍‌ଜୋତ୍ ସିଂହ ଓ ସୌରଭ ଆନନ୍ଦ କୁଶୱାହ ଗୋଟିଏ ଲେଖାଏ ଗୋଲ୍ ଦେଇଥିଲେ। ଏଥିସହ ଭାରତ ୫ ମ୍ୟାଚ ଖେଳି ୩ ବିଜୟ ଏବଂ ଗୋଟିଏ ଲେଖାଏ ପରାଜୟ ଓ ଡ୍ର ସହ ୧୦ ପଏଣ୍ଟ ପାଇ ଦ୍ୱିତୀୟ ସ୍ଥାନରେ ରହି ଫାଇନାଲରେ ସ୍ଥାନ ପକ୍କା କରିଛି। ପୂର୍ବରୁ ପ୍ରଥମ ଦଳ ଭାବେ ଅଷ୍ଟ୍ରେଲିଆ ଫାଇନାଲରେ ପ୍ରବେଶ କରିସାରିଥିଲା। ଫଳରେ ଶନିବାର ସନ୍ଧ୍ୟା ୬ଟାରେ ଭାରତ ଓ ଅଷ୍ଟ୍ରେଲିଆ ମଧ୍ୟରେ ଟାଇଟଲ୍ ପାଇଁ ଲଢ଼େଇ ହେବ। ସୁଲତାନ ଅଫ୍ ଜୋହର କପରେ ଭାରତ ୧୨ଥର ଅଂଶଗ୍ରହଣ କରି ରେକର୍ଡ ୮ମଥର ଲାଗି ଫାଇନାଲ ଖେଳିବ। ଭାରତ ୩ଥର ଏହି ଟୁର୍ଣ୍ଣାମେଣ୍ଟରେ ଚାମ୍ପିଅନ ହୋଇଥିବାବେଳେ ୪ଥର ରନର୍ସଅପ୍ ହୋଇଥିଲା।

## ଚାମୁଣ୍ଡେଶ୍ୱରନାଥ ଆଇସିଏ ଖେଳାଳି ପ୍ରତିନିଧି



ମୁମ୍ବଇ, ୧୭।୧୦ (ଏଜେନ୍ସି): ବିସିସିଆଇର ଆଗାମୀ ଆପେକ୍ସ କାଉନସିଲ୍ ବୈଠକରେ ଭି. ଚାମୁଣ୍ଡେଶ୍ୱରନାଥ ଇଣ୍ଡିଆନ କ୍ରିକେଟର୍ସ ଆସୋସିଏସନ (ଆଇସିଏ)ର ଖେଳାଳି ପ୍ରତିନିଧି ଭାବେ ଭାଗନେବେ। ସେ ଦିଲୀପ ଭେଙ୍ଗସରକାରଙ୍କ ସ୍ଥାନରେ ଆପେକ୍ସ କାଉନସିଲ୍ ବୈଠକରେ ଯୋଗଦେବେ। ଭେଙ୍ଗସରକାର ଆଇସିଏର ଖେଳାଳି ପ୍ରତିନିଧି ଭାବେ ୩ ବର୍ଷ ପୂରଣ କରିସାରିଛନ୍ତି। ଗତ ୧୫ ଓ ୧୬ ତାରିଖ ଦୁଇଦିନ ଧରି ଆଇସିଏର ନିର୍ବାଚନ ଅନୁଷ୍ଠିତ ହୋଇଥିଲା। ଯେଉଁଥିରେ ଭାରତୀୟ ଦଳର ପୂର୍ବତନ ଅଧିନାୟିକା ସାନ୍ତା ରଙ୍ଗାସ୍ୱାମୀ ସଭାପତି ଭାବେ ନିର୍ବାଚିତ ହୋଇଥିଲେ। ସେହିଭଳି ଆପେକ୍ସ କାଉନସିଲ ସଦସ୍ୟ ଲାଗି ହୋଇଥିବା ନିର୍ବାଚନରେ ଚାମୁଣ୍ଡେଶ୍ୱରନାଥ ୭୫୫-୮୩ ଭୋଟରେ ଭି. ଜାଡେଜାଙ୍କୁ ହରାଇଥିଲେ। ଚାମୁଣ୍ଡେଶ୍ୱରନାଥ ଆନ୍ଧ୍ରପ୍ରଦେଶ ରଣଜୀ ଟ୍ରଫି ଦଳର ପୂର୍ବତନ ଅଧିନାୟକ। ଏଥିପୂର୍ବରୁ ସେ ଆଇପିଏଲ୍ ଗଭର୍ଣ୍ଣିଂ କାଉନସିଲ୍‌ର ସଦସ୍ୟ ରହିଥିଲେ।

## ଟି-୨୦ ବିଶ୍ୱକପ : ୨୦ତମ ଟିମ୍‌କୁ ଯୋଗ୍ୟତା

ଦୁବାଇ,୧୭।୧୦(ଏଜେନ୍ସି): ଭାରତ ଓ ଶ୍ରୀଲଙ୍କାରେ ୨୦୨୬ ଟି-୨୦ ପୁରୁଷ ବିଶ୍ୱକପ୍ ଖେଳାଯିବ। ଏହି ଟୁର୍ଣ୍ଣାମେଣ୍ଟରେ ୨୦ଟି ଦଳ ଭାଗନେବେ। ମସ୍କାଟରେ ଚାଲିଥିବା ଏସିଆ/ଇଷ୍ଟ ଏସିଆ-ପ୍ୟାସିଫିକ୍ କ୍ୱାଲିଫାୟରରେ ୟୁଏଇ, ଓମାନ ଓ ନେପାଳ ପ୍ରଥମ ୩ଟି ସ୍ଥାନରେ ରହି ଯୋଗ୍ୟତା ଅର୍ଜନ କରିବା ପରେ ଏହି ଟୁର୍ଣ୍ଣାମେଣ୍ଟରେ ଭାଗନେବାକୁ ସମସ୍ତ ୨୦ଟି ଦେଶ ନାମ ଚୂଡାନ୍ତ ହୋଇଛି। ଏହା ମଧ୍ୟରୁ ଭାରତ ଓ ଶ୍ରୀଲଙ୍କା ଆୟୋଜକ ଦେଶ ଭାବେ ପ୍ରଥମେ ଯୋଗ୍ୟତା ଅର୍ଜନ କରିଥିଲେ। ଅଷ୍ଟ୍ରେଲିଆ, ବାଂଲାଦେଶ, ଆଫଗାନିସ୍ତାନ, ଇଂଲଣ୍ଡ, ଦକ୍ଷିଣ ଆଫ୍ରିକା, ଆମେରିକା ଓ ୱେଷ୍ଟଇଣ୍ଡିଜ୍ ୨୦୨୪ରେ ଅନୁଷ୍ଠିତ ବିଶ୍ୱକପ୍‌ରେ ପ୍ରଥମ ୭ଟି ସ୍ଥାନ ଅଧିକାର କରି ସିଧାସଳଖ ଯୋଗ୍ୟତା ଅର୍ଜନ କରିଥିଲେ। ଏମାନଙ୍କ ପରେ ପାକିସ୍ତାନ, ଆୟର୍ଲାଣ୍ଡ, ନ୍ୟୁଜିଲାଣ୍ଡ ଆଇସିସି ର୍‌ୟାଙ୍କିଂରେ ଆଗରେ ଥିବାରୁ ଯୋଗ୍ୟତା ଅର୍ଜନ କରିଛନ୍ତି। କ୍ୱାଲିଫାଇଙ୍ଗ୍ ଟୁର୍ଣ୍ଣାମେଣ୍ଟରେ ସଫଳତା ପାଇ କାନାଡା, ଇଟାଲୀ, ନେଦରଲାଣ୍ଡସ, ନାମିବ୍ୟା, ନେପାଳ, ଓମାନ ଓ ୟୁଏଇ ବିଶ୍ୱକପ୍ ଖେଳିବାକୁ ଯୋଗ୍ୟତା ଅର୍ଜନ କରିଛନ୍ତି। ଆସନ୍ତାବର୍ଷ ଫେବୃଆରୀ- ମାର୍ଚ୍ଚରେ ଏହି ବିଶ୍ୱକପ୍ ଖେଳାଯିବାର କାର୍ଯ୍ୟକ୍ରମ ରହିଛି। ଏଥିରେ ଭାରତ ଡିଫେଣ୍ଡିଂ ଚାମ୍ପିଅନ ଓ ଆୟୋଜକ ଦଳ ଭାବେ ଖେଳିବ।



ଭୁବନେଶ୍ୱରରେ ଶୁକ୍ରବାର ଡିଲୋ ଆଥଲେଟିକ୍ ଆସୋସିଏସନ ପକ୍ଷରୁ ଆୟୋଜିତ କାର୍ଯ୍ୟକ୍ରମ 'ଗେମ୍‌ଚେଞ୍ଜର'ରେ ଅତିଥିମାନେ ଦୂତୀ ଚାନ୍ଦଙ୍କୁ ସମ୍ବର୍ଦ୍ଧିତ କରୁଛନ୍ତି।

ଦିନିକିଆ ସିରିଜ୍ ଟ୍ରଫି ଉନ୍ମୋଚିତ

# ପର୍ଥରେ ଭାରତୀୟ ଦଳର ଜୋର୍‌ଦାର୍ ଅଭ୍ୟାସ

ପର୍ଥ,୧୭।୧୦(ଏଜେନ୍ସି)



ଅଷ୍ଟ୍ରେଲିଆ ବିପକ୍ଷ ୩ ମ୍ୟାଚ୍ ବିଶିଷ୍ଟ ଦିନିକିଆ ସିରିଜ୍ ଲାଗି ଭାରତୀୟ କ୍ରିକେଟ ଦଳର ଜୋରଦାର ଅଭ୍ୟାସ ଆରମ୍ଭ ହୋଇଯାଇଛି। ପର୍ଥରେ ସମସ୍ତ ଖେଳାଳି ଓ ସପୋର୍ଟ ଷ୍ଟାଫ୍ ଏକତ୍ର ହେବା ପରେ ଆଜି ପଡ଼ିଆରେ ଅଭ୍ୟାସ କରିଛନ୍ତି। ଆଜି ମଧ୍ୟ ସିରିଜ୍ ଲାଗି ଆନୁଷ୍ଠାନିକ ଆରମ୍ଭ ହୋଇଛି। ଉଭୟ ଦଳର ଖେଳାଳି ଏକତ୍ର ହୋଇ ସିରିଜ୍ ଶୁଭାରମ୍ଭ କରିଛନ୍ତି। ଖେଳ ପୂର୍ବରୁ ଏହା ଖେଳାଳିଙ୍କ ମଧ୍ୟରେ ବନ୍ଧୁତ୍ୱଭାବ ସୃଷ୍ଟି କରିଥାଏ। ଖେଳ ପଡ଼ିଆରେ ପ୍ରତିଦ୍ୱନ୍ଦ୍ୱିତା ଭିନ୍ନ ଏକ ସ୍ଥିତି ସୃଷ୍ଟି କରିଥାଏ। ଏସବୁକୁ ମୁକାବିଲା କରିବାକୁ ଉଭୟ ଦଳ ଜୋରଦାର ପ୍ରସ୍ତୁତି ଆରମ୍ଭ କରିଛନ୍ତି। ଭାରତୀୟ ଦଳର ଦୁଇ ତାରକା ଖେଳାଳି ବିରାଟ କୋହଲି ଓ ରୋହିତ ଶର୍ମା ଦୀର୍ଘ ୭ମାସ ପରେ ଭାରତ ପକ୍ଷରୁ ଏବଂ ୫ ମାସ ପରେ ପ୍ରଥମଥର ପଡ଼ିଆକୁ ଓହ୍ଲାଇଛନ୍ତି। ଅପଟସ ଷ୍ଟାଡିୟମ୍‌ରେ ଏମାନଙ୍କୁ ଦେଖିବା ଲାଗି ଢ଼େର ସମର୍ଥକ ଉପସ୍ଥିତ ଥିଲେ। ନେଟ୍ସରେ ବିରାଟ କୋହଲି ଭଲ ଭାବେ ଖେଳୁଥିଲେ ମଧ୍ୟ ରୋହିତ ଶର୍ମା ଲୟକୁ ଆସି ପାରି ନ ଥିଲେ।

ଅନ୍ୟ ପକ୍ଷରେ ଉଭୟ ବରିଷ୍ଠ ଓ ଅଭିଜ୍ଞ ଖେଳାଳିଙ୍କ ଉପସ୍ଥିତି ନୂଆ ଅଧିନାୟକ ଶୁବମନ ଗିଲ୍‌ଙ୍କୁ ଅନେକ କିଛି ଶିଖିବାକୁ ସୁଯୋଗ ପାଇବେ। ଉଭୟ ଖେଳାଳି ଉପଦେଶ ଦେବାରେ ଆଦୌ କଞ୍ଜୁସ ହେବେ ନାହିଁ ବୋଲି ସମସ୍ତେ ଜାଣନ୍ତି। ଏଣୁ ଗିଲ୍‌ଙ୍କୁ ଏହି ସିରିଜ୍‌ରେ ବେଶ ଫାଇଦା ମିଳିବ। ଅଷ୍ଟ୍ରେଲିଆ ଭଳି ଶକ୍ତିଶାଳୀ ପ୍ରତିଦ୍ୱନ୍ଦ୍ୱୀ ଦଳ ବିପକ୍ଷରେ ରଣନୀତି ପ୍ରସ୍ତୁତ କରିବା ପୂର୍ବରୁ ମଧ୍ୟ ଏହି ଦୁଇ ଖେଳାଳି ସେମାନଙ୍କ ଅଭିଜ୍ଞତାରୁ ନିଶ୍ଚିତ କିଛି ଖେଳାଳି ତଥା ଅଧିନାୟକ ଗିଲ୍‌ଙ୍କୁ ଉପଦେଶ ଦେବେ। ରୋହିତ ଶର୍ମାଙ୍କ ଅବସର ପରେ ଶୁବମନ ଗିଲଙ୍କ ନେତୃତ୍ୱ ପ୍ରଦାନ କରାଯାଇଛି। ଗିଲ୍‌ଙ୍କ ନେତୃତ୍ୱରେ ଭାରତ ଦୁଇଟି ଟେଷ୍ଟ ସିରିଜ୍ ଖେଳିସାରିଛି। ଏଠାରେ ରବିବାର ଅଷ୍ଟ୍ରେଲିଆ ସହ ସିରିଜ୍‌ର ପ୍ରଥମ ମ୍ୟାଚ୍ ଖେଳାଯିବ। ଏହି ମ୍ୟାଚ୍‌ରେ ଗିଲ ଦିନିକିଆ ନେତୃତ୍ୱରେ ଡେବ୍ୟୁ କରିବେ। ଇଂଲଣ୍ଡରେ ପ୍ରଥମଥର ଅଧିନାୟକ ହୋଇଥିବା ଗିଲ ୭୫୪ ରନ୍ କରି ସମସ୍ତଙ୍କୁ ପଛରେ ପକାଇଦେଇଥିଲେ। ଏବେ ପର୍ଥରେ ସେ ତାଙ୍କର ତଥା ଭାରତୀୟ କ୍ରିକେଟ ଲାଗି ଏକ ନୂଆ ଇନିଂସ ଆରମ୍ଭ କରିବାକୁ ଯାଉଛନ୍ତି।

ଆଜିର ଅଭ୍ୟାସରେ ଉଭୟ ଦଳର ଖେଳାଳି ନେଟ୍ସରେ ଉପସ୍ଥିତ ଥିଲେ। କିନ୍ତୁ ଷ୍ଟାଡିୟମ୍‌ରେ ଉପସ୍ଥିତ ଥିବା ଦର୍ଶକ ଓ ଗଣମାଧ୍ୟମ ପ୍ରତିନିଧିଙ୍କ ନଜରରେ ଥିଲେ ବିରାଟ କୋହଲି। ଏଥିରୁ କୋହଲିଙ୍କ କ୍ରେଜ୍ ଏଯାଏ କମିନାହିଁ ବୋଲି ସ୍ପଷ୍ଟ ହୋଇଯାଇଛି। ପର୍ଥ ପିଚ୍ ଫାଷ୍ଟ ବୋଲରଙ୍କୁ ସୁହାଇଥାଏ। ଏଣୁ ଫାଷ୍ଟ ବୋଲରମାନେ ଏଠାରେ ଅଧିକ ବୋଲିଂ କରିଥିଲେ। ରୋହିତ ଓ ବିରାଟ ମଧ୍ୟ ସମାନ ସମୟ ଅଭ୍ୟାସରେ କଟାଇଥିଲେ। ଅର୍ଶଦୀପ ସିଂହ, ହର୍ଷିତ ରାଣା, ପ୍ରସିଦ୍ଧ କ୍ରିଷ୍ଣା ଓ ମହମ୍ମଦ ସିରାଜ ରିଦମକୁ ଆସିବା ଲାଗି ଉଦ୍ୟମ କରିଥିଲେ। ସ୍ପିନରମାନେ ବୋଲିଂ କରିଥିଲେ ମଧ୍ୟ ସେମାନଙ୍କୁ ବେଶି ସୁଯୋଗ ମିଳି ନ ଥିଲା। ଆସନ୍ତାକାଲି ପିଚ୍ ଦେଖିବା ପରେ ଟିମ୍ ମ୍ୟାନେଜମେଣ୍ଟ କିଛି ସୂଚନା ପାଇବେ। ଏଥିରୁ ଚୂଡାନ୍ତ ଖେଳାଳି ଚୟନ କରାଯିବ।

### ଗ୍ରୀନ୍ ଆଉଟ, ଲାବୁସେନ ଇନ୍

ଅଷ୍ଟ୍ରେଲିଆର ଷ୍ଟାର ଅଲରାଉଣ୍ଡର କାମେରନ ଗ୍ରୀନ୍ ଆହତ ହେବା ଯୋଗୁ ଏହି ସିରିଜ୍‌ରୁ ବାଦ୍ ପଡ଼ିଛନ୍ତି। ଏହା ଫଳରେ ସିରିଜ୍ ଆରମ୍ଭରୁ ଘରୋଇ ଦଳକୁ ଶକ୍ତ ଧକ୍କା ଲାଗିଛି। ଗତବର୍ଷ ଅସ୍ତ୍ରୋପଚାର ପରେ ଗ୍ରୀନ୍ ବୋଲିଂ କରିନାହାନ୍ତି। ଏବେ ସେ ସିରିଜ୍‌ରୁ ବାଦ୍ ପଡ଼ିଛନ୍ତି। ତାଙ୍କ ସ୍ଥାନରେ ବରିଷ୍ଠ ଖେଳାଳି ମାର୍ନସ ଲାବୁସେନଙ୍କୁ ସାମିଲ କରାଯାଇଛି। ଫର୍ମରେ ନ ଥିବା ଲାବୁସେନ ଘରୋଇ କ୍ରିକେଟରେ ୫ଟି ମ୍ୟାଚ୍‌ରୁ ୪ଟି ଶତକ ହାସଲ କରିବା ପରେ ଦଳକୁ ଫେରିଛନ୍ତି। ଗ୍ରୀନ୍‌ଙ୍କ ପୂର୍ବରୁ ୱିକେଟକିପର ବ୍ୟାଟର ଜୋଶ୍ ଇଂଲିଶ ମଧ୍ୟ ଆଘାତ ଜନିତ କାରଣ ଯୋଗୁ ଦଳରୁ ବାଦ୍ ପଡ଼ିଛନ୍ତି। ପତ୍ନୀ ଗର୍ଭବତୀ ଥିବାରୁ ଲେଗ୍ ସ୍ପିନର ଆଦାମ ଜାମ୍ପା ତାଙ୍କ ଘରେ ଅଛନ୍ତି। ସେ ପ୍ରଥମ ଦିନିକିଆ ଖେଳିବେ ନାହିଁ। ସେହିପରି ଶେଫିଲ୍ଡ ସିଲ୍ଡ ମ୍ୟାଚ ଖେଳୁଥିବାରୁ ଅନ୍ୟତମ ୱିକେଟରକ୍ଷକ ଆଲେକ୍ସ କ୍ୟାରୀ ମଧ୍ୟ ପ୍ରଥମ ଦିନିକିଆରେ ଖେଳିବେ ନାହିଁ। ଏଣୁ ଅଷ୍ଟ୍ରେଲିଆ ଆହତ ସମସ୍ୟାକୁ ନେଇ ଅଡୁଆରେ ପଡ଼ିଛି।

## ୯ ବର୍ଷରେ ସବୁଠୁ ନିମ୍ନ ଫିଫା ର୍‌ୟାଙ୍କିଙ୍ଗରେ ଭାରତ

ଜୁରିକ, ୧୭।୧୦ (ଏଜେନ୍ସି): ବିଶ୍ୱ ଫୁଟ୍‌ବଲର ସର୍ବୋଚ୍ଚ ପ୍ରଶାସନିକ ସଂସ୍ଥା ଫିଫା ପକ୍ଷରୁ ସଦ୍ୟ ପ୍ରକାଶିତ ର୍‌ୟାଙ୍କିଙ୍ଗ୍‌ରେ ଭାରତ ଦୁଇଟି ସ୍ଥାନ ହରାଇ ୧୩୬କୁ ଖସିଯାଇଛି। ଫଳରେ ଭାରତୀୟ ପୁରୁଷ ଫୁଟବଲ୍ ଦଳ ଗତ ୯ ବର୍ଷ ମଧ୍ୟରେ ଫିଫା ର୍‌ୟାଙ୍କିଙ୍ଗରେ ସବୁଠୁ ଖରାପ ପ୍ରଦର୍ଶନ କରିଛି। ୨୦୧୬ ନଭେମ୍ବରରେ ପ୍ରକାଶିତ ଫିଫା ମାନ୍ୟତାରେ ଭାରତ ୧୩୭ତମ ସ୍ଥାନରେ ରହିଥିଲା। ଫିଫା ମାନ୍ୟତାରେ ଭାରତ ଏହାର ଶ୍ରେଷ୍ଠ ର୍‌ୟାଙ୍କିଙ୍ଗ ୧୯୯୬ ଫେବୃଆରୀରେ ହାସଲ କରିଥିଲା। ଏଥିରେ ଭାରତ ମାନ୍ୟତାର ୯୪ତମ ସ୍ଥାନରେ ରହିଥିଲା। ସଦ୍ୟ ପ୍ରକାଶିତ ଫିଫା ର୍‌ୟାଙ୍କିଙ୍ଗରେ ସ୍ପେନ ଶୀର୍ଷରେ ସ୍ଥିର ରହିଛି। ବିଶ୍ୱ ଚାମ୍ପିଅନ ଆର୍ଜେଣ୍ଟିନା ଗୋଟିଏ ସ୍ଥାନ ଉପରକୁ ଉଠି ଦ୍ୱିତୀୟରେ ପହଞ୍ଚିଛି। ସେହିଭଳି ଫ୍ରାନ୍ସ ଦ୍ୱିତୀୟରୁ ୩ୟ ସ୍ଥାନକୁ ଖସିଯାଇଛି। ର୍‌ୟାଙ୍କିଙ୍ଗରେ ଇଂଲଣ୍ଡ ୪ର୍ଥ, ପର୍ତ୍ତୁଗାଲ ୫ମ, ନେଦରଲାଣ୍ଡସ ୬ଷ୍ଠ, ବ୍ରାଜିଲ ୭ମ, ବେଲଜିୟମ ୮ମ, ଇଟାଲୀ ୯ମ ଓ ଜର୍ମାନୀ ୧୦ମ ସ୍ଥାନରେ ରହିଛନ୍ତି।

## ମହିଳା ଟି-୨୦ ଦ୍ରୁତତମ ଶତକ ହାସଲ କଲେ କିରଣ



ନାଗପୁର, ୧୭।୧୦ (ଏଜେନ୍ସି): ଭାରତୀୟ ବ୍ୟାଟର୍ କିରଣ ନାଭଗିରେ ମହିଳା ଟି-୨୦ କ୍ରିକେଟ୍‌ରେ ଦ୍ରୁତତମ ଶତକ ହାସଲ କରିବାର ବିଶ୍ୱରେକର୍ଡ କରିଛନ୍ତି। ନାଗପୁରର ଭିସିଏ ଷ୍ଟାଡିୟମରେ ଶୁକ୍ରବାର ଖେଳାଯାଇଥିବା ବିସିସିଆଇ ସିନିଅର ମହିଳା ଟି-୨୦ ଏକ ମ୍ୟାଚରେ ପଞ୍ଜାବ ବିପକ୍ଷରେ ମହାରାଷ୍ଟ୍ର ପକ୍ଷରୁ ଖେଳି କିରଣ ୩୪ ବଲରେ ଶତକ ହାସଲ କରିଥିଲେ। ୩୧ ବର୍ଷୀୟା ଡାହାଣହାତୀ ବ୍ୟାଟର୍ କିରଣ ତାଙ୍କ ୩୫ ବଲ୍ ପାଳିରେ ୧୦୬ ରନ କରି ଶେଷ ପର୍ଯ୍ୟନ୍ତ ଅପରାଜିତ ରହିଥିଲେ। ଏହି ପାଳିରେ ସେ ୧୪ଟି ଚୌକା ଓ ୭ଟି ଛକା ମାରିଥିଲେ। ତାଙ୍କ ଷ୍ଟ୍ରାଇକରେଟ୍ ୩୦୨.୮୬ ରହିଥିଲା। ପଞ୍ଜାବ ପକ୍ଷରୁ ୧୧୧ ରନର ଲକ୍ଷ୍ୟ ଧାର୍ଯ୍ୟ କରାଯାଇଥିବାବେଳେ କିରଣ ଏକାକୀ ୧୦୬ ରନ କରି ମହାରାଷ୍ଟ୍ରକୁ ୧୨ ଓଭର ଓ ୯ ୱିକେଟ୍ ବଳକାଥାଇ ବିଜୟୀ କରାଇଥିଲେ। ଏଥିସହ କିରଣ ମହିଳା ଟି-୨୦ ଇତିହାସରେ ଦ୍ରୁତତମ ଶତକ ହାସଲକାରୀ ବ୍ୟାଟର୍ ହୋଇଛନ୍ତି। ପୂର୍ବରୁ ଏହି ରେକର୍ଡ ନ୍ୟୁଜିଲାଣ୍ଡର ସୋଫି ଡିଭାଇନଙ୍କ ନାମରେ ରହିଥିଲା। ସୋଫି ୨୦୨୧ରେ ୱେଲିଂଟନ ପକ୍ଷରୁ ଖେଳି ଓଟାଗୋ ବିପକ୍ଷରେ ୩୬ ବଲରେ ଶତକ ମାରିଥିଲେ। ଅନ୍ତର୍ଜାତୀୟ ମହିଳା ଟି-୨୦ରେ ୱେଷ୍ଟଇଣ୍ଡିଜର ଡେଣ୍ଡ୍ରା ଡଟ୍ଟିନ ୨୦୧୦ରେ ଦକ୍ଷିଣ ଆଫ୍ରିକା ବିପକ୍ଷରେ ୩୮ ବଲରେ ଶତକ ଅର୍ଜନ କରିଥିଲେ। ସେହିଭଳି ମହିଳା ଟି-୨୦ ଇତିହାସରେ ଶତକ ହାସଲ କରିଥିବା ବ୍ୟାଟର୍‌ଙ୍କ ମଧ୍ୟରେ କେବଳ କିରଣଙ୍କ ଷ୍ଟ୍ରାଇକରେଟ୍ ୩୦୦ରୁ ଊର୍ଦ୍ଧ୍ୱ ରହିଛି।

ୟୁନିଲାଇଟ୍ କପ୍ ଆନ୍ତଃସ୍କୁଲ ଫୁଟବଲ

## ସେମିରେ ଓଡିଏମ୍ ପବ୍ଲିକ୍ ସ୍କୁଲ




ଭୁବନେଶ୍ୱର,୧୭।୧୦(ସମିସ): ଓଡ଼ିଏମ୍ ପବ୍ଲିକ୍ ସ୍କୁଲ ୩-୨ ଗୋଲରେ ଜଟଣୀର କୁଶମାଟି ସ୍କୁଲ୍‌କୁ ପରାସ୍ତ କରି ତୃତୀୟ ଦଳ ଭାବେ ୟୁନିଲାଇଟ୍ କପ୍ ଆନ୍ତଃସ୍କୁଲ ଫୁଟବଲ ଟୁର୍ଣ୍ଣାମେଣ୍ଟର ସେମିଫାଇନାଲରେ ପ୍ରବେଶ କରିଛି। ଗତକାଲି ଓଡିଏମ୍‌ର ଗ୍ଲୋବାଲ ସ୍କୁଲ ସେମିଫାଇନାଲରେ ପ୍ରବେଶ କରିଥିଲା। ଆଜିର ଖେଳରେ ପବ୍ଲିକ୍ ସ୍କୁଲ ପକ୍ଷରୁ ସୁରଜ ଖାଲକୋ, ନିଖିଲ ହେମ୍ବ୍ରମ ଓ ବିଶାଲ ଲୋହାର ଗୋଟିଏ ଲେଖାଏଁ ଗୋଲ ସ୍କୋର କରିଥିଲେ। କୁଶମାଟି ହାଇସ୍କୁଲର ରୁଦ୍ରପ୍ରସାଦ ନାୟକ ୨ଟି ଗୋଲ ଶୁଝାଇଥିଲେ। ରୁଦ୍ରପ୍ରସାଦଙ୍କୁ ମ୍ୟାଚ୍‌ର ଶ୍ରେଷ୍ଠ ଖେଳାଳି ପୁରସ୍କାର ପ୍ରଦାନ କରାଯାଇଥିଲା। ଅଶୋକ କୁମାର ପଟ୍ଟନାୟକ, ବିବେକାନନ୍ଦ ଦାସ, ଚିନ୍ମୟ କୁମାର ଦାସ ଓ ଟୁର୍ଣ୍ଣାମେଣ୍ଟ ଆୟୋଜକ ଭେଟେରାନ ଫୁଟବଲ ସଂଘର ସଭାପତି ନବରଞ୍ଜନ ଦାସ ପ୍ରମୁଖ ଉପସ୍ଥିତ ଥିଲେ। ଆସନ୍ତାକାଲି ବା ଶନିବାର ଖେଳାଯିବାକୁ ଥିବା କ୍ୱାର୍ଟର ଫାଇନାଲରେ ବିକାଶ ରେସିଡେନ୍‌ସିଆଲ ସ୍କୁଲ ସହ ୟୁନିଟ୍-୧ ସରକାରୀ ହାଇସ୍କୁଲ ମଧ୍ୟରେ ଖେଳାଯିବ। ଆଜିର ଖେଳ ପରିଚାଳନା କରିଥିଲେ ରେଫରି ଦିବ୍ୟ ମଙ୍ଗରାଜ, ଅମିତ ନାୟକ, ଚନ୍ଦ୍ରକାନ୍ତ ବାରିକ ଓ ସୁଦୀପ ଦାସ। ଟି ମୋହନ ରାଓ ମ୍ୟାଚ୍ କମିଶନର ଦାୟିତ୍ୱ ତୁଲାଇଥିଲେ।

■ ମହିଳା ବିଶ୍ୱକପ୍ କ୍ରିକେଟ

## ଦକ୍ଷିଣ ଆଫ୍ରିକାର ୪ର୍ଥ ବିଜୟ

କଲମ୍ବୋ,୧୭।୧୦(ଏଜେନ୍ସି): ଏଠାରେ ଶୁକ୍ରବାର ଅନୁଷ୍ଠିତ ବର୍ଷା ବାଧାପ୍ରାପ୍ତ ମହିଳା ବିଶ୍ୱକପ୍‌ର ୧୮ତମ ଲିଗ୍ ମ୍ୟାଚ୍‌ରେ ଦକ୍ଷିଣ ଆଫ୍ରିକା ୧୦ ୱିକେଟରେ ଶ୍ରୀଲଙ୍କାକୁ ପରାସ୍ତ କରି ଏହି ଟୁର୍ଣ୍ଣାମେଣ୍ଟରେ ଚତୁର୍ଥ ବିଜୟ ହାସଲ କରିଛି। ଏହି ବିଜୟ ଫଳରେ ଦଳ ପଏଣ୍ଟ ତାଲିକାରେ ଇଂଲଣ୍ଡକୁ ହଟାଇ ଦ୍ୱିତୀୟ ସ୍ଥାନକୁ ଉନ୍ନିତ ହୋଇଛି। ବର୍ଷା ଯୋଗୁଁ ଖେଳ ୫ ଘଣ୍ଟା ବାଧାପ୍ରାପ୍ତ ହେବା ଫଳରେ ମ୍ୟାଚ୍‌କୁ ୨୦ ଓଭର ବିଶିଷ୍ଟ କରାଯାଇଥିଲା। ବର୍ଷା ପୂର୍ବରୁ ୧୨ ଓଭରରେ ୨ ୱିକେଟ ହରାଇ ୪୬ ରନ୍ କରିଥିବା ଶ୍ରୀଲଙ୍କା ୭ ୱିକେଟରେ ୧୦୫ ରନ୍ କରିଥିଲା। କିନ୍ତୁ ଡିଏଲଏସ୍ ମେଥଡ ଅନୁଯାୟୀ ଦକ୍ଷିଣ ଆଫ୍ରିକା ଆଗରେ ୨୦ ଓଭରରେ ୧୨୧ ରନ୍‌ର ଲକ୍ଷ୍ୟ ରହିଥିଲା। ଜବାବରେ ଦକ୍ଷିଣ ଆଫ୍ରିକା ୧୪.୫ ଓଭରରେ କୌଣସି ୱିକେଟ ନ ହରାଇ ବିଜୟୀ ହୋଇଥିଲା। ବିଜୟୀ ଦଳର ଏନ୍ ମାଲବାଙ୍କୁ ୩ଟି ଓ ମାସାବା କ୍ଲାସ୍‌ଙ୍କୁ ୨ଟି ୱିକେଟ ମିଳିଥିଲା। ବ୍ୟାଟିଂରେ ଲୌରା ୱଲଭାର୍ଟ ୬୦ ଓ ତାଜମିନ ବ୍ରିଟ୍ସ ୫୫ ରନ୍‌ରେ ଅପରାଜିତ ରହିଥିଲେ। ଏଠାରେ ଆସନ୍ତାକାଲି ପାକିସ୍ତାନ ଓ ନ୍ୟୁଜିଲାଣ୍ଡ ମଧ୍ୟରେ ମ୍ୟାଚ୍ ଖେଳାଯିବ।

ରଣଜୀ ଟ୍ରଫି

## ବିଜୟରୁ ବିଦର୍ଭ, ହରିୟାଣାର ଅଭିଯାନ ଆରମ୍ଭ

ବେଙ୍ଗାଲୁରୁ, ୧୭।୧୦ (ଏଜେନ୍ସି)



ଚଳିତ ରଣଜୀ ଟ୍ରଫିର ୯୧ତମ ସଂସ୍କରଣରେ ବିଦର୍ଭ ଓ ହରିୟାଣା ଦମ୍‌ଦାର ବିଜୟରୁ ଅଭିଯାନ ଆରମ୍ଭ କରିଛନ୍ତି। ବେଙ୍ଗାଲୁରୁରେ ଅନୁଷ୍ଠିତ ଏଲିଟ୍ ଗ୍ରୁପ୍-ଏ'ର ଏକ ମ୍ୟାଚରେ ବିଦର୍ଭ ଏକ ଇନିଂସ ଓ ୧୭୯ ରନରେ ନାଗାଲାଣ୍ଡକୁ ପରାସ୍ତ କରିଛି। ସେହିଭଳି ସୁରଟରେ ଖେଳାଯାଇଥିବା ଏଲିଟ୍ ଗ୍ରୁପ୍-ସି'ର ଅନ୍ୟ ଏକ ମୁକାବିଲାରେ ହରିୟାଣା ୯୬ ରନରେ ରେଳବାଇକୁ ହରାଇଦେଇଛି। ଇନିଂସ ବିଜୟ ଲାଗି ବିଦର୍ଭ ୭ ଓ ହରିୟାଣା ୬ ପଏଣ୍ଟ ଅର୍ଜନ ପାଇଛି।

ନାଗାଲାଣ୍ଡ ବିପକ୍ଷ ମ୍ୟାଚରେ ପ୍ରଥମେ ବ୍ୟାଟିଂ କରିଥିବା ବିଦର୍ଭ ପ୍ରଥମ ଇନିଂସରେ ୪୬୩ ରନରେ ଅଲଆଉଟ୍ ହୋଇଯାଇଥିଲା। ଅମନ ମୋଖାଡେ ସର୍ବାଧିକ ୧୮୩ ରନ କରିଥିଲେ। ଏହାପରେ ବ୍ୟାଟିଂ କରିଥିବା ନାଗାଲାଣ୍ଡ ପ୍ରଥମ ଇନିଂସରେ ୧୭୧ ରନରେ ସୀମିତ ରହିଥିଲା। ୨୯୨ ରନ ପଛରେ ଥାଇ ଫଲୋଅନ ପାଇଥିବା ନାଗାଲାଣ୍ଡ ଦ୍ୱିତୀୟ ଇନିଂସରେ ମଧ୍ୟ ପୁଣିଥରେ ବିପର୍ଯ୍ୟୟର ସମ୍ମୁଖୀନ ହୋଇଥିଲା। ଶୁକ୍ରବାର ତୃତୀୟ ଦିବସରେ ନାଗାଲାଣ୍ଡ ୧୧୩ ରନରେ ସମସ୍ତ ୱିକେଟ୍ ହରାଇଥିଲା। ଅମନ ମ୍ୟାଚର ଶ୍ରେଷ୍ଠ ଖେଳାଳି ହୋଇଥିଲେ।

ସେହିଭଳି ସୁରଟର ପିଠୱାଲା ଷ୍ଟାଡିୟମରେ ହରିୟାଣା ଓ ରେଳବାଇ ମଧ୍ୟରେ ଏଠାରେ ଅନୁଷ୍ଠିତ ମ୍ୟାଚରେ ବୋଲରଙ୍କ ପ୍ରଭାବ ଦେଖିବାକୁ ମିଳିଛି। ଫଳରେ ୩ ଦିନରେ ୪୦ ୱିକେଟ ପତନ ଘଟିବା ସହ ଫଳାଫଳ ବାହାରିଯାଇଥିଲା। ପ୍ରଥମେ ବ୍ୟାଟିଂ କରି ହରିୟାଣା ୧୭୧ ରନ କରିଥିବାବେଳେ ରେଳବାଇ ୧୨୮ରେ ସୀମିତ ରହିଥିଲା। ୪୩ ରନରେ ଆଗୁଆ ରହିଥିବା ଦ୍ୱିତୀୟ ଇନିଂସରେ ୨୦୫ ରନ କରିଥିଲା। ଫଳରେ ରେଳବାଇ ସାମ୍ନାରେ ୨୪୯ ରନ ଲକ୍ଷ୍ୟ ରହିଥିଲା। ଏହାକୁ ପିଛା କରିଥିବା ରେଳବାଇ ଶୁକ୍ରବାର ୩ୟ ଦିବସରେ ୧୫୨ ରନରେ ଦ୍ୱିତୀୟ ପାଳିରେ ଅଲ୍‌ଆଉଟ୍ ହୋଇଯାଇଥିଲା।

### ରଜତ ପାଟିଦାରଙ୍କ ଦ୍ୱିଶତକ

ଅପରପକ୍ଷରେ ରଜତ ପାଟିଦାର ପ୍ରଥମଶ୍ରେଣୀ କ୍ୟାରିୟରର ପ୍ରଥମ ଦ୍ୱିଶତକ ହାସଲ କରିଛନ୍ତି। ମଧ୍ୟପ୍ରଦେଶର ନେତୃତ୍ୱ ନେଉଥିବା ପାଟିଦାର ୨୦୫ ରନ କରି ଅପରାଜିତ ରହିବା ଫଳରେ ତାଙ୍କ ଦଳ ପ୍ରଥମ ଇନିଂସରେ ୮ ୱିକେଟରେ ୫୧୯ ରନର ବିଶାଳ ସ୍କୋର କରିଛି। ପଞ୍ଜାବ ପ୍ରଥମ ପାଳିରେ ୨୩୨ ରନ କରିଥିଲା। ଫଳରେ ମଧ୍ୟପ୍ରଦେଶ ୨୮୭ ରନର ମହତ୍ତ୍ୱପୂର୍ଣ୍ଣ ଅଗ୍ରଣୀ ହାସଲ କରିଛି।

ଏଆଇଟିଏ-ଓଟିଏ ଚାମ୍ପିଅନସିପ୍ ସିରିଜ୍-୭

## ଓଡ଼ିଶାର ସୁତବ୍ୟ ରନର୍ସ ଅପ୍




ଭୁବନେଶ୍ୱର,୧୭।୧୦(ସମିସ): ଓଡ଼ିଶାର ପ୍ରତିଭାବାନ ଜୁନିଅର ଖେଳାଳି ସୁତବ୍ୟ କର୍ମକାର ମିସନ ଅଲିମ୍ପିକ୍ସ ସ୍ପୋର୍ଟ୍ସ ଫାଉଣ୍ଡେସନ ଆନୁକୂଲ୍ୟରେ ଅନୁଷ୍ଠିତ ଏଆଇଟିଏ-ଓଟିଏ ଚାମ୍ପିଅନସିପ୍ ସିରିଜ୭ ଟେନିସ ଟୁର୍ଣ୍ଣାମେଣ୍ଟରେ ରନର୍ସ ଅପ୍ ହୋଇଛନ୍ତି। ଓଡ଼ିଶା ଟେନିସ ସଂଘ ବ୍ୟାନରରେ ଆୟୋଜିତ ଏହି ଟୁର୍ଣ୍ଣାମେଣ୍ଟର ଶୁକ୍ରବାର ଖେଳାଯାଇଥିବା ଫାଇନାଲ ମୁକାବିଲାରେ ମହାରାଷ୍ଟ୍ରର ଅର୍ଜୁନ ଅତୁଲ ପରଦେଶୀ ୬-୩, ୬-୧ ସିଧାସଳଖ ସେଟ୍‌ରେ ସୁତବ୍ୟଙ୍କୁ ପରାସ୍ତ କରି ଟାଇଟଲ ବିଜୟୀ ହୋଇଥିଲେ। ଖେଳ ଶେଷରେ ତାମିଲନାଡୁର ଅନ୍ୟତମ ପ୍ରତିଭାବାନ ଖେଳାଳି ଓଜେସ ଥେୟଜୋ ଜୟପ୍ରକାଶ ଅତିଥିଭାବେ ଯୋଗଦେଇ ପୁରସ୍କାର ପ୍ରଦାନ କରିଥିଲେ। ଏହି ଟୁର୍ଣ୍ଣାମେଣ୍ଟରେ ଓଡ଼ିଶା ତଥା ଦେଶର ଅନେକ ୧୮ ବର୍ଷରୁ କମ୍ ଶୀର୍ଷ ଖେଳାଳି ଅଂଶଗ୍ରହଣ କରିଥିଲେ।

# ଶାଢ଼ି ସମ୍ଭାର



**ଶାଢ଼ି ଭାରତୀୟ ସଂସ୍କୃତି ଓ ପରମ୍ପରାର ଏକ ଅଭିନ୍ନ ଅଂଶ । ଏହା କେବଳ ଏକ ପରିଧାନ ନୁହେଁ, ସଂସ୍କୃତି, ଐତିହ୍ୟ ଓ ଶିଳ୍ପକଳାର ପରିଚୟ ଭାବେ ଜଣାଯାଏ । ବର୍ତ୍ତମାନ ଫେଶନ ଦୁନିଆରେ ବହୁ ଆଧୁନିକ ପୋଷାକ ମିଳୁଥିଲେ ହେଁ, ଶାଢ଼ିର ଲୋକପ୍ରିୟତା ସବୁବେଳେ ରହିଛି । ଏହି ପାରମ୍ପରିକ ଶାଢ଼ି ବିଭିନ୍ନ ରାଜ୍ୟରେ ଭିନ୍ନ ଭିନ୍ନ ରହିଥାଏ । ପ୍ରତ୍ୟେକ ଶାଢ଼ି ନିଜସ୍ୱ ସ୍ୱତନ୍ତ୍ରତା ତଥା ବିଶେଷତା ପାଇଁ ଜଣାଯାଏ । ତେବେ ଭାରତରେ ପ୍ରସିଦ୍ଧି ଲାଭ କରିଥିବା ସେହିଭଳି କେତେକ ପାରମ୍ପରିକ ଶାଢ଼ିକୁ ନେଇ ଏହି ଆଲେଖ୍ୟ ।**

### ପଟୋଲା

ଶାଢ଼ି କଥା କହିଲେ, ପଟୋଲା ଚିତ୍ର ସାମ୍ନାକୁ ଆସିଥାଏ । ଗୁଜୁରାଟ ପାଟନରେ ପ୍ରସ୍ତୁତ ହେଉଥିବା ଏହି ଶାଢ଼ି ପାରମ୍ପରିକ ଶାଢ଼ି ଭାବେ ପରିଚିତ । ଏଥିରେ ଭାରତର ଉତ୍କୃଷ୍ଟ ଶିଳ୍ପକଳା ଦେଖିବାକୁ ମିଳିଥାଏ । ଏହି ଶାଢ଼ି ପ୍ରସ୍ତୁତ କରିବା ପାଇଁ ମାସ ମାସ ସମୟ ଲାଗିଥାଏ । ଏଥିପାଇଁ ଡବଲ୍ ଇକତ୍ ଟେକ୍‌ନିକ୍ ବ୍ୟବହାର ହୋଇଥାଏ । ପ୍ରତ୍ୟେକ ଶାଢ଼ି ଜଟିଳ ଜ୍ୟାମିତିକ ଡିଜାଇନ୍, ଚମକଯୁକ୍ତ ରଙ୍ଗ ଓ ସୂକ୍ଷ୍ମ କାରିଗରୀ ପାଇଁ ଜଣାଯାଏ ।

### କାଞ୍ଜିବରମ

କାଞ୍ଜିବରମ ଶାଢ଼ି ଭାରତୀୟ ସଂସ୍କୃତି ଓ ଐତିହ୍ୟର ପ୍ରତୀକ । ଭାରତର ପ୍ରାଚୀନ, ସୁନ୍ଦର ଓ ଆକର୍ଷଣୀୟ ଶାଢ଼ି ମଧ୍ୟରୁ ଏହା ଗୋଟିଏ । ତାମିଲନାଡୁ କାଞ୍ଚିପୁରମ୍‌ରେ ଏହି ଶାଢ଼ି ପ୍ରସ୍ତୁତ ହୋଇଥାଏ । ଏହାକୁ ଶୁଦ୍ଧ ରେଶମ ସୂତାରେ ବୁଣାଯାଏ । ଶାଢ଼ିକୁ ଅଧିକ ସୁନ୍ଦର ଓ ଆକର୍ଷଣୀୟ କରିବା ପାଇଁ ଏଥିରେ ଜରି ବ୍ୟବହାର ହୋଇଥାଏ । ଏହି ଶାଢ଼ିର ଇତିହାସ ୪୦୦ ବର୍ଷ ପୁରୁଣା । ଏଥିରେ ମନ୍ଦିର, ପ୍ରାକୃତିକ ଦୃଶ୍ୟ, ହାତୀ, ମୟୂର ଭଳି ଅନ୍ୟାନ୍ୟ କଳାକୃତି ଦେଖିବାକୁ ମିଳିଥାଏ । ବିଶେଷତା ଅନୁଯାୟୀ, ଏହି ଶାଢ଼ିର ପଣତକାନି, ବର୍ଡର ଓ ମଝିଭାଗକୁ ପୃଥକ୍ କରି ବୁଣାଯାଏ । ତେଣୁ ଏହା ଅନ୍ୟ ଶାଢ଼ି ଠାରୁ ସ୍ୱତନ୍ତ୍ର । ଦକ୍ଷିଣ ଭାରତରେ ବିବାହ ଉତ୍ସବରେ ଏହା ମୁଖ୍ୟ ।



### ବନାରସୀ

ଭାରତରେ ପ୍ରସିଦ୍ଧି ଲାଭ କରିଥିବା ଲୋକପ୍ରିୟ ଶାଢ଼ି ମଧ୍ୟରୁ ଗୋଟିଏ ବନାରସୀ ଶାଢ଼ି । ଏହା ଉତ୍ତରପ୍ରଦେଶ ବାରଣସୀରେ ପ୍ରସ୍ତୁତ ହୋଇଥାଏ । ଏହାର ଭବ୍ୟ ଡିଜାଇନ୍, ସୂକ୍ଷ୍ମ କାରୁକାର୍ଯ୍ୟ ଏହାକୁ ସ୍ୱତନ୍ତ୍ର କରିଥାଏ । ଏଥିରେ ସୁନା ଓ ରୂପାର ଜରିକାମ ହୋଇଥାଏ । ଅବଶ୍ୟ ସମୟକ୍ରମେ ଏଥିରେ ନକଲି ଜରିକାମ ଦେଖିବାକୁ ମିଳୁଛି । ଏଥିରେ ଫୁଲ, ପତ୍ର, ମୟୂର, ଓ ଜ୍ୟାମିତିକ ଚିତ୍ର ଭଳି ପାରମ୍ପରିକ ମୋଗଲକାଳର ଡିଜାଇନ୍ ରହିଥାଏ ।

### ମୁଙ୍ଗା ସିଲ୍‌କ

ମୁଙ୍ଗା ସିଲ୍‌କ ଆସାମର ପ୍ରାଚୀନ ଶାଢ଼ି ଭାବେ ପରିଚିତ । ଏହି ଶାଢ଼ି ମୁଗା ସିଲ୍‌କରୁ ପ୍ରସ୍ତୁତ ହୋଇଥାଏ । ଏହା ବିଶ୍ୱର ସବୁଠୁ ନିଆରା ଓ ଦୀର୍ଘସ୍ଥାୟୀ ଶାଢ଼ି ଭାବେ ପରିଚିତ । ତେଣୁ ପିଢ଼ି ପରେ ପିଢ଼ିକୁ ଏହାକୁ ଉପହାର ଭାବେ ଦିଆଯାଇଥାଏ । ଏହା ଦେଖିବାକୁ ଖୁବ୍ ସୁନ୍ଦର ଓ ଆକର୍ଷଣୀୟ ହୋଇଥାଏ । ବିଶେଷତା ଅନୁଯାୟୀ ଏଥିରେ ଯେ କୌଣସି ଏମ୍ବ୍ରୋଡୋରୀ ସହଜରେ କରାଯାଇପାରେ । ଏହାର ମୂଲ୍ୟ ପାଞ୍ଚହଜାରରୁ ନେଇ ଦୁଇ ଲକ୍ଷ ଯାଏ ରହିଛି ।

### ସମ୍ବଲପୁରୀ

ସମ୍ବଲପୁରୀ ଶାଢ଼ି ଓଡ଼ିଶାର ସମୃଦ୍ଧ ଐତିହ୍ୟ ଓ ପରମ୍ପରାର ପ୍ରତୀକ ଭାବେ ପରିଚିତ । ଏହା ବିଶେଷ କରି ସମ୍ବଲପୁର, ସୋନପୁର ଓ ବରଗଡ଼ ଆଦି ସ୍ଥାନରେ ବୁଣାଯାଇଥାଏ । ବୁଣାକାରମାନେ ଖୁବ୍ ଯତ୍ନରେ ଏହା ବୁଣିଥାନ୍ତି । ଏହି ହାତବୁଣା ଶାଢ଼ି ସ୍ୱତନ୍ତ୍ରତା ଓ ଭବ୍ୟତା ପାଇଁ ଜଣାଯାଏ । ଏହା ଇକତ୍ ଟେକ୍‌ନିକ୍‌କୁ ଆପଣାଇ ବୁଣାଯାଇଥାଏ । ଯନ୍ତ୍ର ନିର୍ମିତ ଶାଢ଼ି ତୁଳନାରେ ଏହା ଅଧିକ ସୁନ୍ଦର ଦେଖାଯାଏ । ଏଥିରେ ପାରମ୍ପରିକ ରୂପାଙ୍କନ ଯଥା-ଶଙ୍ଖ, ଚକ୍ର, ଫୁଲ, ସମେତ ଆଦିବାସୀ ଚିତ୍ର ରହିଥାଏ । ଦିନକୁ ଦିନ ଏହି ସମ୍ବଲପୁରୀ ଶାଢ଼ିର ଚାହିଦା ବୃଦ୍ଧିପାଉଛି ।



# ବ୍ରଣ ମୁକ୍ତ ତ୍ୱଚାର ଯତ୍ନ

**ଋତୁ ଅନୁଯାୟୀ ତ୍ୱଚାରେ ନାନା ସମସ୍ୟା ଦେଖିବାକୁ ମିଳିଥାଏ । ପ୍ରତିଥର ପାର୍ଲର ଯାଇ ତ୍ୱଚାର ଯତ୍ନ ନେବା ସମସ୍ତଙ୍କ ପାଇଁ ସମ୍ଭବ ହୋଇ ନ ଥାଏ । ତେଣୁ କୋମଳ ଓ ବ୍ରଣମୁକ୍ତ ତ୍ୱଚା ଚାହୁଁଥିଲେ, ଏଥିପାଇଁ ସ୍କିନ୍‌କେୟାର୍ ରୁଟିନ୍‌ରେ ସାମାନ୍ୟ ପରିବର୍ତ୍ତନ କରିପାରିବେ ।**



### ଦିନରେ ଦ୍ୱିଥର ଫେସ୍‌ୱାସ୍

ଅଧିକାଂଶ ତ୍ୱଚାରେ ଧୂଳି, ମାଟି ଓ ତେଲ ଆଦି ଜମି ରହିଥାଏ । ଏହାକୁ ଅନେକ ଲୋକେ ସଫା କରନ୍ତିନି । ଏହା ତ୍ୱଚାରେ ଜମି ବ୍ରଣ ହୋଇଥାଏ । ଏଥିପାଇଁ ତ୍ୱଚାକୁ ଦିନକୁ ଦୁଇରୁ ତିନି ଥର ସଫା କରନ୍ତୁ । ଏହାଦ୍ୱାରା ତ୍ୱଚାରେ ଜମିଥିବା ଧୂଳିମାଟି ବାହାରିଥାଏ । ତ୍ୱଚାରେ ଅତିରିକ୍ତ ତୈଳ ବାହାରିଯାଏ । ତ୍ୱଚାର ଉଜ୍ଜ୍ୱଳତା ବୃଦ୍ଧି ପାଇଥାଏ ।

### ଡାଏଟର୍ ରଖନ୍ତୁ ଧ୍ୟାନ

ଡାଏଟ୍ ଅନୁସାରେ ଖାଦ୍ୟ ନ ଖାଇଲେ ଅନେକ ତ୍ୱଚାଜନିତ ସମସ୍ୟା ଦେଖାଯାଇଥାଏ । ତେଣୁ ଡାଏଟ୍‌ର ଧ୍ୟାନ ରଖିବା ଜରୁରୀ । ପ୍ରତିଦିନ ଖାଦ୍ୟରେ ସତେଜ ଫଳ, ପନିପରିବା ଓ ଫାଇବର ଯୁକ୍ତ ଖାଦ୍ୟ ମିଶାଇ ଖାଇବା ଭଲ ।

### ଉତ୍ତମ ନିଦ୍ରା

ନିଦ୍ରାଭାବ ଓ ଅଧିକ ଚିନ୍ତା କରିବା ଦ୍ୱାରା ବ୍ରଣ ସମସ୍ୟା ହୋଇଥାଏ । ତେଣୁ ଚିନ୍ତା କମ କରିବା ସହ ସୁସ୍ଥ ନିଦ୍ରା ନେବା ଜରୁରୀ ।

ମୋ ହାଣ୍ଡିଶାଳରୁ...

# ବେସନ ଗୁଡ଼ ବର୍ଫି



### ଆବଶ୍ୟକ ସାମଗ୍ରୀ

ବେସନ – ଏକ କପ୍, ସୁଜି – ଏକ କପ୍, ଗୁଡ଼- ୨୫୦ ଗ୍ରାମ୍, କ୍ଷୀର – ଏକ କପ୍, ଗୁଜୁରାତି ଗୁଣ୍ଡ – ଅଧ ଚାମଚ, ପିସ୍ତାବାଦାମ୍ – ସାତ , ଆଠଟି, କଖାରୁ ମଞ୍ଜି – ଅଳ୍ପ, ଗୁଣ୍ଡ କାଜୁ – ଏକ ଚାମଚ, ଦେଶୀ ଘିଅ – ଆବଶ୍ୟକତା ଅନୁସାରେ ।

### ପ୍ରସ୍ତୁତି ପ୍ରଣାଳି

ଗ୍ୟାସ୍ ଲଗାଇ କଡ଼େଇ ବସାଇ ଘିଅ ଦିଅନ୍ତୁ । ଘିଅ ଗରମ ହୋଇଆସିଲେ ସେଥିରେ ବେସନ ଦେଇ ଭାଜନ୍ତୁ । ଏହାପରେ ଏଥିରେ ଏକ କପ୍ ସୁଜି ମିଶାଇ ଏପାଖସେପାଖ କରନ୍ତୁ । ସୁଜିକୁ ବେସନରେ ଭଲଭାବେ ମିଶାନ୍ତୁ । ଏହା ଭାଜି ହୋଇ ହାଲୁକା ନାଲି ରଙ୍ଗ ହୋଇଆସିଲେ, ସେଥିରେ ଅଳ୍ପ କ୍ଷୀର ଦେଇ ପୁଣି ଥରେ ଭାଜନ୍ତୁ । ବହଳିଆ ହୋଇଗଲେ ଗ୍ୟାସ୍ ବନ୍ଦ କରି ଦିଅନ୍ତୁ । ଏହାପରେ ଏକ ପ୍ୟାନ୍ ବସାଇ ସେଥିରେ ଗୁଡ଼ ଦେଇ ଶିରା ପ୍ରସ୍ତୁତ କରନ୍ତୁ । ଧୀରେ ଧୀରେ ଗୁଡ଼ ତରଳି ଶିରା ହୋଇଯିବା ପରେ ଏହାକୁ ପ୍ରସ୍ତୁତ କରି ରଖିଥିବା ବେସନରେ ମିଶାଇ ଦିଅନ୍ତୁ । ଏଥିରେ ଅଳ୍ପ ଗୁଜୁରାତି ମିଶାନ୍ତୁ । ଏହାକୁ ଭଲରେ ଗୋଳାଇ ଏକ ପାତ୍ରରେ କାଢ଼ି ଚାରିପାଖକୁ ସମାନ କରନ୍ତୁ । ଉପରେ ଡ୍ରାଏରଫ୍ରୁଟ୍ ପକାନ୍ତୁ । ଛୁରୀରେ କାଟି ପରଷନ୍ତୁ 'ବେସନ ଗୁଡ଼ ବର୍ଫି' ।

# ଆକର୍ଷଣୀୟ ଚୁଡ଼ି

**ସାଧାରଣତଃ ଯୁବତୀଙ୍କ ପାଇଁ ଚୁଡ଼ିକୁ ନେଇ ବହୁ ବିକଳ୍ପ ରହିଥାଏ । କିନ୍ତୁ ଶାଢ଼ି ତଥା ଲେହେଙ୍ଗା ସହ କେଉଁ ଚୁଡ଼ି ପିନ୍ଧିଲେ ବେଶୀ ସୁନ୍ଦର ଦେଖାଯାଏ । ଜାଣିବା ସେ ବିଷୟରେ...**



### ପେଷ୍ଟାଲ ଚୁଡ଼ି

ପେଷ୍ଟାଲ ରଙ୍ଗର ଚୁଡ଼ି ହାଲୁକା ଗୋଲାପି ରଙ୍ଗର ଆଉଟ୍‌ଫିଟ୍‌କୁ ଭଲ ମାନିଥାଏ । ଏଥିରେ ମିନାକରୀ କାମ ମଧ୍ୟ ରହିଥାଏ । ଏହାକୁ ଗାଢ଼ ରଙ୍ଗର ଚୁଡ଼ି ସହ ମଧ୍ୟ ପିନ୍ଧିପାରିବେ ।

### ସବୁଜ ଚୁଡ଼ି ଓ ସୁନେଲି କଡ଼ା

ସବୁଜ ରଙ୍ଗର ଚୁଡ଼ି ଦେଖିବାକୁ ଖୁବ୍ ସୁନ୍ଦର ହୋଇଥାଏ । ଏଥିସହ ସୁନେଲି ରଙ୍ଗର କଡ଼ା ସୁନ୍ଦରତାକୁ ଦ୍ୱିଗୁଣିତ କରିଥାଏ । ସେହିପରି ସବୁଜ ଚୁଡ଼ି ସୁହାଗର ପ୍ରତୀକ ଭାବେ ଜଣାଯାଏ ।

### ମେରୁନ୍ ଚୁଡ଼ି ସହ କୁନ୍ଦନ କଡ଼ା

କୁନ୍ଦନ ଚୁଡ଼ି ସବୁ ଆଉଟ୍‌ଫିଟ୍‌କୁ ମାନିଥାଏ । କିନ୍ତୁ ମେରୁନ୍ ରଙ୍ଗ ସବୁଠୁ ଭିନ୍ନ ଓ ନିଆରା ଦିଶିଥାଏ । ଅଧିକାଂଶ ଯୁବତୀ ଲେହେଙ୍ଗା ଓ ଶାଢ଼ିରେ ମେରୁନ ରଙ୍ଗ ଚୁଡ଼ି ପିନ୍ଧିବାକୁ ପସନ୍ଦ କରନ୍ତି ।

# ନିମ୍ବ, ତୁଳସୀ ହେୟାର ସିରମ୍

**ବର୍ତ୍ତମାନ ସମୟରେ କେଶଝଡ଼ା, ରୂପି, ସ୍କାଲ୍‌ପ ସଂକ୍ରମଣ ଆଦି ମୁଖ୍ୟ ସମସ୍ୟା ପାଲଟିଛି । ନାନା ପ୍ରସାଧନ ଲଗାଇଲେ ମଧ୍ୟ ଏହି ସମସ୍ୟା ସହଜରେ ଦୂର ହୁଏ ନାହିଁ । ତେଣୁ ଆୟୁର୍ବେଦ ଅନୁଯାୟୀ ପ୍ରାକୃତିକ ଉପାୟରେ କେଶରେ ସୁନ୍ଦର ଓ ଚମକ ଆଣିବାକୁ ଚାହୁଁଥିଲେ ନିମ୍ବ, ତୁଳସୀ ହେୟାର୍ ସିରମ୍ ଲଗାଇପାରିବେ ।**

### ପ୍ରସ୍ତୁତି


ଏଥିପାଇଁ ଏକ ମୁଠା ନିମ୍ବପତ୍ର, ଏକ ମୁଠା ତୁଳସୀ ପତ୍ର, ନଡ଼ିଆ ତେଲ, ଅଲିଭ୍ ଅଏଲ୍ ଓ ଭିଟାମିନ୍ ଇ କ୍ୟାପ୍‌ସୁଲ ନିଅନ୍ତୁ । ନିମ୍ବ ଓ ତୁଳସୀପତ୍ରକୁ ଭଲରେ ଧୋଇ ଦିଅନ୍ତୁ । ଗୋଟିଏ ପାତ୍ରରେ ପାଣି ଗରମ କରି ସେଥିରେ ନିମ୍ବ ଓ ତୁଳସୀ ପତ୍ର ପକାଇ ଭଲରେ ଫୁଟାନ୍ତୁ । ପାଣି ଅଧା ହୋଇଆସିଲେ ଏହାକୁ ଛାଣି ଦିଅନ୍ତୁ । ଥଣ୍ଡା ହୋଇଗଲେ ସେଥିରେ, ନଡ଼ିଆ ତେଲ, ବାଦାମ ତେଲ ଓ ଭିଟାମିନ୍ ଇ କ୍ୟାପ୍‌ସୁଲ୍ ମିଶାନ୍ତୁ । ଏହାକୁ ଏକ ସ୍ପ୍ରେ ବୋତଲରେ କାଢ଼ି ରଖନ୍ତୁ ।

### ଲଗାଇବା ବିଧି

ପ୍ରଥମେ କେଶକୁ ହାଲୁକା ଓଦା କରି ସିରମ୍‌କୁ କେଶମୂଳ ଓ କେଶଅଗରେ ଭଲ ଭାବେ ଲଗାନ୍ତୁ । ହାତ ସାହାଯ୍ୟ ହାଲୁକା ମସାଜ୍ କରନ୍ତୁ । ଏହାଦ୍ୱାରା ସିରମ୍ ସବୁଆଡ଼େ ଭଲରେ ଲାଗିଥାଏ । ଏହାକୁ ଦୁଇ ତିନି ଘଣ୍ଟା ଛାଡ଼ି ଦିଅନ୍ତୁ । ଚାହିଁଲେ ରାତିସାରା ଲଗାଇ ରଖିପାରିବେ । ଏହାପରେ ହାଲୁକା ସାମ୍ପୁରେ ଧୋଇ ଦିଅନ୍ତୁ । ଏପରି ଦୁଇ ସପ୍ତାହ କଲେ ସୁଫଳ ମିଳିଥାଏ ।

### ଫାଇଦା

- ନିମ୍ବ ଓ ତୁଳସୀରେ ଆଣ୍ଟିଫଙ୍ଗଲ ଓ ଆଣ୍ଟିବ୍ୟାକ୍ଟେରିୟଲ୍ ଗୁଣ ଥାଏ । ଯାହା ରୂପିକୁ ମୂଳରୁ ଦୂର କରିଥାଏ ।
- କେଶକୁ ପୋଷଣ ଦେଇ କେଶଝଡ଼ାକୁ ରୋକିଥାଏ । ନିୟମିତ ବ୍ୟବହାର ଦ୍ୱାରା କେଶ ଘନ ହେବା ସହ ମଜଭୂତ ହୋଇଥାଏ ।
- ଏଥିସହ କେଶମୂଳ କୁଣ୍ଡାଇହେବା, ନାଲିପଡ଼ିବା ଭଳି ସମସ୍ୟା ମଧ୍ୟ ଦୂର କରିଥାଏ ।



# ଦୀପର ସାଜସଜ୍ଜା

**ଆଲୋକର ପର୍ବ ଦୀପାବଳି । ଦୀପାବଳିରେ ଘରେ ଆଲୋକ, ରଙ୍ଗ ଓ ଉତ୍ସବର ମାହୋଲ ଖେଳିଯାଏ । ଏହା ଅନ୍ଧକାରକୁ ଦୂର କରି ଆଲୋକ ପ୍ରଦାନ କରିଥାଏ । ଏଥିପାଇଁ ସମସ୍ତେ ଘରେ ରଙ୍ଗୋଲି, ଲିଚୁଲାଇଟ୍ ଆଦି ଲଗାଇ ସଜାଇଥାନ୍ତି । ସେହିପରି ଦୀପାବଳିରେ ଘରକୁ ନୂଆ ଶୈଳୀରେ ଆଲୋକିତ କରିବାକୁ ଚାହୁଁଥିଲେ, ଏହି ଉପାୟ ଆପଣାନ୍ତୁ ।**





### ଆକ୍ରେଲିକ୍ ରଙ୍ଗ କରନ୍ତୁ

ମାଟିଦୀପକୁ ସୁନ୍ଦର ତଥା ରଙ୍ଗିନ୍ କରିବାକୁ ଚାହୁଁଥିଲେ ଏହାକୁ, ନାଲି, ସୁନେଲି, ସବୁଜ ଓ ହଳଦିଆ ରଙ୍ଗ ଭଳି ଆକ୍ରେଲିକ୍ ରଙ୍ଗ କରିପାରିବେ । ଏହାକୁ ଆକର୍ଷଣୀୟ କରିବା ପାଇଁ ଉପରେ ଗ୍ଲିଟର୍ ଓ ଗୋଲ୍‌ଡେନ୍ ରଙ୍ଗର ବର୍ଡର ତିଆରି କରିପାରିବେ ।

### ମିରର୍ ଓ ଷ୍ଟୋନ୍

ଏହା ଉପରେ ଛୋଟ ମୋତିମାଳି, ରଙ୍ଗିନ୍ ଷ୍ଟୋନ୍ ଆଦି ଅଠାରେ ଲଗାଇପାରିବେ । ଏଥିରେ ଦୀପ ଖୁବ୍ ସୁନ୍ଦର ଦିଶିଥାଏ । ସେହିପରି ଦୀପରେ ଲେସ୍ ଓ ରିବନ ଲଗାନ୍ତୁ । ଏହା ପାରମ୍ପରିକ ସାଜକୁ ଏକ କ୍ଲାସି ଲୁକ୍ ଦେଇଥାଏ ।

### ବାନିଶ ରଙ୍ଗ ଲଗାନ୍ତୁ

ଦୀପ ସଜାଇବା ପରେ ତା ଉପରେ ଏକ ବାନିଶ ପରସ୍ତ ଲଗାନ୍ତୁ । ଏହାଦ୍ୱାରା ରଙ୍ଗ ଓ ସାଜସଜ୍ଜା ଦୀର୍ଘ ସମୟ ରହିଥାଏ ।

### ଭାସମାନ ଦୀପ

ଏଥିପାଇଁ ଦୀପରେ ତେଲ ଭର୍ତ୍ତି କରନ୍ତୁ । ଏହାପରେ ଏକ ରସ ଠିପି କିମ୍ବା ଏକ ଛାଞ୍ଚରେ ସଳିତା ଲଗାନ୍ତୁ । ଏହାକୁ ଦିଆସିଲ୍ ଲଗାଇ ଜଳାଇଲେ ପାଣିରେ ଭାସିଥାଏ । ଏହା ଦେଖିବାକୁ ଖୁବ୍ ସୁନ୍ଦର ହୋଇଥାଏ । ଚାହିଁଲେ ଏଥିରେ ଫୁଲ, ପାଖୁଡ଼ା ସଜାଇପାରିବେ ।

# କ୍ରୀଡ଼ା

ସକାଳ
THE SAKALA
www.sakalaepaper.com

## ବାରବାଟୀ ରଣଜୀ: ଶିବାଳିକ ଶର୍ମା ଓ ମିତେଶ ପଟେଲଙ୍କ ଶତକ

# ଓଡ଼ିଶା ବିପକ୍ଷରେ ବରୋଦା ଇନିଂସ ଅଗ୍ରଣୀ

କଟକ, ୧୭।୧୦ (ସମିସ): ଓପନର ଶିବାଳିକ ଶର୍ମା ଓ ୱିକେଟରକ୍ଷକ ମିତେଶ ପଟେଲଙ୍କ ଶତକ ବଳରେ ଏଠାରେ ଚାଲିଥିବା ଓଡ଼ିଶା ବିପକ୍ଷ ରଣଜୀ ମୁକାବିଲାରେ ଭ୍ରମଣକାରୀ ବରୋଦା ଦଳ ପ୍ରଥମ ଇନିଂସରେ ଅଗ୍ରଣୀ ନେବାରେ ସମର୍ଥ ହୋଇଛି। ବାରବାଟୀର ସ୍ଲୋ ୱିକେଟରେ ଏହି ଅଗ୍ରଣୀ ବରୋଦାକୁ ରଣଜୀ ସିଜନର ପ୍ରଥମ ମ୍ୟାଚ୍‌ରେ ଅଧିକ ପଏଣ୍ଟ ସଂଗ୍ରହ ରାସ୍ତା ପରିଷ୍କାର କରିନେଇଛି। ଏହି ମ୍ୟାଚ୍‌ର ପ୍ରଥମ ଇନିଂସରେ ଓଡ଼ିଶା ୨୭୧ ରନ୍ କରିଥିଲା। ଜବାବରେ ଶିବାଳିକ ୧୨୪ ଓ ମିତେଶ ଅପରାଜିତ ୧୦୦ ରନ୍ କରିବା ଫଳରେ ତୃତୀୟ ଦିନ ଖେଳ ଶେଷସୁଦ୍ଧା ବରୋଦା ୭ ୱିକେଟ ହରାଇ ୪୧୩ ରନ୍ କରିନେଇଛି। ଏହା ଫଳରେ ବରୋଦା ହାତରେ ୩ଟି ପ୍ରଥମ ଇନିଂସ ୱିକେଟ ବାକିଥାଇ ୧୪୨ ରନ୍‌ରେ ଆଗୁଆ ରହିବା ସହ ମ୍ୟାଚ୍‌ରେ ନିଜର ସ୍ଥିତି ମଜଭୁତ କରିନେଇଛି। ଶୁକ୍ରବାର ଷ୍ଟମ୍ପ ଅପସାରଣ ବେଳକୁ ମିତେଶଙ୍କ ସହ ରସିକ ଦାର ସଲାମ ୪୫ ରନ୍‌ରେ ବ୍ୟାଟିଂ କରୁଥିଲେ। ଅନ୍ୟମାନଙ୍କ ମଧ୍ୟରେ ସୁକୀର୍ତ୍ତି ପାଣ୍ଡେ ୭୧ ରନ୍‌ର ଉଲ୍ଲେଖନୀୟ ଇନିଂସ ଖେଳିଥିଲେ। ଓଡ଼ିଶା ପକ୍ଷରୁ ବାମହାତୀ ସ୍ପିନର ସୁମିତ ଶର୍ମା ସର୍ବାଧିକ ୩ଟି ୱିକେଟ ପାଇଛନ୍ତି। ଏହି ମ୍ୟାଚ୍‌ର ଖେଳ ଆଉ ଗୋଟିଏ ଦିନ ବାକିଥିଲାବେଳେ ଓଡ଼ିଶାକୁ ୧ ପଏଣ୍ଟ ହାସଲ କରିବାକୁ ବା ମ୍ୟାଚ୍ ଡ୍ର ରଖିବାକୁ ସଂଘର୍ଷ କରିବାକୁ ପଡ଼ିବ।



ଶୁକ୍ରବାର ସକାଳେ ବରୋଦା ତାହାର ଅସମାପ୍ତ ପ୍ରଥମ ଇନିଂସ ୨ ୱିକେଟରେ ୧୨୭ ରନ୍‌ରୁ ଖେଳ ଆରମ୍ଭ କରି ମନ୍ଥର ଗତିରେ ଖେଳିଥିଲା। ଦୁଇ ଅପରାଜିତ ବ୍ୟାଟର ଶିବାଳିକ୍ ଶର୍ମା ଓ ସୁକୀର୍ତ୍ତି ପାଣ୍ଡେ ତୃତୀୟ ୱିକେଟ ଭାଗୀଦାରିରେ ୧୬୦ ରନ୍ ଯୋଗ କରିବା ପରେ ଡେବ୍ୟୁଟାଣ୍ଟ ବାଦଲ ବିଶ୍ୱାଳ ଏହି ଭାଗୀଦାରିକୁ ଭାଙ୍ଗିଦେଇଥିଲେ। ୨୪୮ ବଲ୍‌ରୁ ୧୦ ଚୌକା ଓ ୨ ଛକା ସହ ୧୨୪ ରନ୍ କରିଥିଲାବେଳେ ଶିବାଳିକ ଓଡ଼ିଶାର ବାଦଲ ବିଶ୍ୱାଳଙ୍କ ଦ୍ୱାରା ଏଲ୍‌ବିଡବ୍ଲ୍ୟୁ ହୋଇଯାଇଥିଲେ। ଏହାର କିଛି ସମୟ ମଧ୍ୟରେ ତାଙ୍କ ସେଞ୍ଚୁରି ପାର୍ଟନର ସୁକୀର୍ତ୍ତି ପାଣ୍ଡେ ମଧ୍ୟ ଆଉଟ ହୋଇଯାଇଥିଲେ। ସୁକୀର୍ତ୍ତି ୨୩୩ ଟି ବଲ୍‌ର ଧୈର୍ଯ୍ୟପୂର୍ଣ୍ଣ ଇନିଂସ ଖେଳି ମାତ୍ର ୪ଟି ଚୌକା ଓ ଗୋଟିଏ ଛକା ସହ ୭୧ ରନ୍‌ରେ ବାଦଲଙ୍କ ଦ୍ୱାରା ବୋଲ୍ଡ ହୋଇଯାଇଥିଲେ। ଏମାନଙ୍କ ଆଉଟ ପରେ ମଧ୍ୟ ବରୋଦା ଦୃଢ଼ତାର ସହ ବ୍ୟାଟିଂ କରିଥିଲା। ୭ମ ୱିକେଟରେ ଅଭିଜ୍ଞ ଅତୀତ ସେଠ୍ ଓ ୱିକେଟ ରକ୍ଷକ ମିତେଶ ପଟେଲ ୫୨ ରନ୍ ଏବଂ ଅବିଭକ୍ତ ୮ମ ୱିକେଟ ଭାଗୀଦାରିରେ ମିତେଶ ଓ ରସିକ ଦାର ସଲାମ ୮୯ ରନ୍ ଉଠାଇ ଓଡ଼ିଶାର ଆଶାକୁ ମହାନଦୀକୁ ଫିଙ୍ଗିଦେଇଥିଲେ। ଏହି ଯୋଡ଼ିଙ୍କ ସଫଳ ବ୍ୟାଟିଂ ଯୋଗୁଁ ଓଡ଼ିଶା ଆଉ ମ୍ୟାଚ୍ ଜିତିବା ଆଶା କରିପାରିବ ନାହିଁ। ଷ୍ଟମ୍ପ ଅପସାରଣ ବେଳକୁ ମିତେଶ ୧୩୯ ବଲ୍‌ରେ ୧୧ ଚୌକା ସହ ଠିକ୍ ୧୦୦ ଓ ରସିକ ୪୬ ବଲ୍‌ରୁ ୩ ଚୌକା ଓ ୨ ଚୌକା ସହ ୪୫ ରନ୍‌ରେ ଅପରାଜିତ ଅଛନ୍ତି। ଅଧିନାୟକ ଅତୀତ ସେଠଙ୍କ ବ୍ୟାଟ୍‌ରୁ ୨୮ ରନ୍ ମିଳିଛି।

ଏଭଳି ଏକ ଧୀମା ୱିକେଟରେ ରନ୍ ସଂଗ୍ରହ କରିବା କଷ୍ଟକର ହୋଇଥିଲା। ଯାହା ଫଳରେ ବରୋଦାର ବ୍ୟାଟରମାନେ ଧୈର୍ଯ୍ୟର ସହ ବ୍ୟାଟିଂ କରି ଦଳକୁ ପ୍ରଥମ ଇନିଂସ ଅଗ୍ରଣୀ କରାଇଥିଲେ। ଘରୋଇ ମାଟିରେ ଓଡ଼ିଶାର ବୋଲରମାନେ ସୁନ୍ଦର ବୋଲିଂ କରିଥିଲେ। କିନ୍ତୁ ୱିକେଟ ନେବାରେ ସେପରି ସଫଳତା ପାଇ ନ ଥିଲେ। ଘରୋଇ ଦଳର ବାମହାତୀ ସ୍ପିନର ସୁମିତ ଶର୍ମା ସର୍ବାଧିକ ୩ଟି ୱିକେଟ ଅକ୍ତିଆର କରିଥିଲେ। ଅନ୍ୟତମ ସ୍ପିନର ବାଦଲ ବିଶ୍ୱାଳ ୨ଟି ଓ ଗୋବିନ୍ଦ ପୋଦ୍ଦାରଙ୍କୁ ଗୋଟିଏ ୱିକେଟ ମିଳିଥିଲା। ବରୋଦାର ଜଣେ ଖେଳାଳି ଓପନର ଜ୍ୟୋତ୍ସ୍ନିଲ ସିଂ ରନ୍‌ଆଉଟ ହୋଇଥିଲେ।

## ଜୁନିଅର ବିଶ୍ୱକପ୍ ବ୍ୟାଡମିଣ୍ଟନ

# ପଦକ ନିଶ୍ଚିତ କଲେ ତନ୍‌ଭୀ



ଗୁଆହାଟୀ, ୧୭।୧୦ (ଏଜେନ୍ସି): ଭାରତର ତନଭି ଶର୍ମା ଏଠାରେ ଚାଲିଥିବା ଜୁନିଅର ବିଶ୍ୱକପ୍ ବ୍ୟାଡମିଣ୍ଟନ ଟୁର୍ଣ୍ଣାମେଣ୍ଟରେ ପଦକ ଜିତିବା ନିଶ୍ଚିତ କରିଛନ୍ତି। ଆଜି ଅନୁଷ୍ଠିତ କ୍ୱାର୍ଟର ଫାଇନାଲ ଖେଳରେ ତନ୍‌ଭି ୧୩-୧୫, ୧୫-୧୯, ୧୫-୧୦ରେ ଜାପାନର ସାକି ମାତ୍‌ସୁମୋଟୋଙ୍କୁ ହରାଇ ସେମିଫାଇନାଲରେ ପ୍ରବେଶ କରିବା ସହ ପଦକ ନିଶ୍ଚିତ କରିଛନ୍ତି। ଟୁର୍ଣ୍ଣାମେଣ୍ଟ ନିୟମ ଅନୁଯାୟୀ ସେମିଫାଇନାଲରେ ପ୍ରବେଶ କରିଥିବା ଖେଳାଳି ପଦକ ଜିତିଥାନ୍ତି। ଏଣୁ ସେମିଫାଇନାଲରେ ହାରିଗଲେ ମଧ୍ୟ ତନ୍‌ଭି ପଦକ ବିଜୟୀ ହେବେ। ଏହି ପ୍ରତିଯୋଗିତାରେ ପଦକ ଜିତିବାରେ ୨୦୦୮ ପରେ ସେ ହେବେ ପ୍ରଥମ ଭାରତୀୟ ଖେଳାଳି। ୨୦୦୮ ପୁଣେରେ ଅନୁଷ୍ଠିତ ଟୁର୍ଣ୍ଣାମେଣ୍ଟରେ ସାଇନା ନେହ୍ୱାଲ ସ୍ୱର୍ଣ୍ଣ ପଦକ ଜିତିଥିଲେ। ଏହା ଥିଲା ଭାରତର ଶେଷ ପଦକ। ତନ୍‌ଭି ଏବେ ପଦକ ବିଜୟୀ ହେବେ। ପୂର୍ବରୁ ୨୦୦୬ ଇଞ୍ଚିଅନ୍ ଟୁର୍ଣ୍ଣାମେଣ୍ଟରେ ସାଇନା ରୌପ୍ୟ ଓ ୧୯୯୬ ସିଲକେବର୍ଗ ଟୁର୍ଣ୍ଣାମେଣ୍ଟରେ ଅପର୍ଣ୍ଣା ପୋପଟ ମଧ୍ୟ ରୌପ୍ୟ ପଦକ ବିଜୟୀ ହୋଇଥିଲେ। ୧୬ ବର୍ଷିୟା ତନ୍‌ଭି କେଉଁ ସଫଳତାକୁ ଦୋହରାଇବେ ତାହା ସମୟ କହିବ।

## ସିକେ ନାଇଡୁ ଟ୍ରଫି

# ଆୟୁଷଙ୍କୁ ୮ ୱିକେଟ୍; ଓଡ଼ିଶାର ଦୃଢ଼ ଜବାବ

କଟକ, ୧୭।୧୦ (ସମିସ): ୨୩ ବର୍ଷରୁ କମ୍ ପୁରୁଷ ବର୍ଗର ଜାତୀୟ କ୍ରିକେଟ ଟୁର୍ଣ୍ଣାମେଣ୍ଟ ସିକେ ନାଇଡୁ ଟ୍ରଫିର ପ୍ରଥମ ଲିଗ୍ ମ୍ୟାଚ୍‌ରେ ଘରୋଇ ହାଇଦ୍ରାବାଦ୍ ଦଳକୁ କଡା ଜବାବ ଦେଇଛି ଭ୍ରମଣକାରୀ ଓଡ଼ିଶା ଦଳ। ରାଜୀବ ଗାନ୍ଧୀ ଅନ୍ତର୍ଜାତୀୟ ଷ୍ଟାଡିୟମରେ ଏହି ମ୍ୟାଚ୍ ଜାରି ରହିଛି। ଓଡ଼ିଶାର ପ୍ରଥମ ପାଳି ୧୫୯ ରନରେ ସୀମିତ ରହିବା ପରେ ହାଇଦ୍ରାବାଦ୍ ୧୯୫ ରନରେ ଅଲଆଉଟ ହୋଇଛି। ଓଡ଼ିଶାର ଆୟୁଷ ବାରିକ ୪୫ ରନ ବିନିମୟରେ ୮ଟି ୱିକେଟ ଅକ୍ତିଆର କରିଛନ୍ତି। ଦ୍ୱିତୀୟ ପାଳି ବ୍ୟାଟିଂ ଆରମ୍ଭ କରିଥିବା ଓଡ଼ିଶା ଶୁକ୍ରବାର ଷ୍ଟମ୍ପ ଅପସାରଣ ସୁଦ୍ଧା ୨ ୱିକେଟ ବିନିମୟରେ ୧୮୧ ରନ କରିଛି।





ଗୁରୁବାର ଖେଳର ପ୍ରଥମ ଦିବସରେ ଓଡ଼ିଶା ବ୍ୟାଟିଂ ବିପର୍ଯ୍ୟୟର ସମ୍ମୁଖୀନ ହେବା ପରେ ହାଇଦ୍ରାବାଦ ୪ ୱିକେଟ ହରାଇ ୧୦୯ ରନ ସଂଗ୍ରହ କରିଥିଲା। ଅମନ ରାଓ ୫୫ ରନ ଏବଂ ନାଇଟ ୱାଚମ୍ୟାନ ଶଶାଙ୍କ ଶୂନରେ ଅପରାଜିତ ଥିଲେ। ଓଡ଼ିଶାର ବାମହାତୀ ସ୍ପିନର ଆୟୁଷ ପ୍ରଥମ ଦିବସରେ ୨ଟି ୱିକେଟ ଦଖଲ କରିଥିଲେ। ଆଜି କ୍ରମାଗତ ଭାବେ ଆୟୁଷ ୱିକେଟ ଅକ୍ତିଆର କରି ଅପ୍ରତ୍ୟାଶିତ ଭାବେ ହାଇଦ୍ରାବାଦକୁ ବ୍ୟାକଫୁଟକୁ ଠେଲି ଦେଇଥିଲେ। ଅମନ ୯୦ ରନରେ ଆୟୁଷଙ୍କ ଶିକାର ହୋଇଥିଲେ। ୩୭ ରନରେ ଦଳ ଶେଷ ୫ ୱିକେଟ ହରାଇଥିଲା। ୨ ୱିକେଟ ବିନିମୟରେ ୧୮୧ ରନ ସଂଗ୍ରହ କରିଥିବା ଓଡ଼ିଶା ୧୪୫ ରନର ଅଗ୍ରଣୀ ହାସଲ କରିଛି। ଓମ ଟି ମୁଣ୍ଡେ ୯୮ ରନ ଏବଂ ଶ୍ରେୟାଂଶ ଭରଦ୍ୱାଜ ୧୭ ରନରେ ଅପରାଜିତ ଅଛନ୍ତି। ଅଧିନାୟକ ସାଇଦୀପ ମହାପାତ୍ର ଏବଂ ଓପନର ପାନକଲ ଶଶାଙ୍କ ଯଥାକ୍ରମେ ୨୬ ରନ ଏବଂ ୩୫ ରନରେ ଆଉଟ ହୋଇଛନ୍ତି। ଖେଳ ଆଉ ଦୁଇ ଦିନ ବାକି ଥିବା ଯୋଗୁଁ ମ୍ୟାଚ୍‌ର ଫଳାଫଳ ନିଶ୍ଚିତ ବୋଲି ଅନୁମାନ କରାଯାଉଛି।

## ବରିଷ୍ଠ ମହିଳା ଟି-୨୦

# ତ୍ରିପୁରାକୁ ହରାଇଲା ଓଡ଼ିଶା

କଟକ, ୧୭।୧୦ (ସମିସ): ଗ୍ୱାଲିୟରର ଶ୍ରୀମନ୍ତ ମାଧବରାଓ ସିନ୍ଧିଆ ଷ୍ଟାଡିୟମରେ ଶୁକ୍ରବାର ଅନୁଷ୍ଠିତ ବରିଷ୍ଠ ମହିଳା ଟି-୨୦ ଲିଗ୍‌ର ଏକ ମ୍ୟାଚରେ ଓଡ଼ିଶା ୯ ୱିକେଟରେ ତ୍ରିପୁରାକୁ ହରାଇଛି। କ୍ରମାଗତ ୫ଟି ମ୍ୟାଚ୍‌ରେ ପରାଜୟ ପରେ ଦଳର ଏହା ପ୍ରଥମ ବିଜୟ। ଆସନ୍ତା ୧୯ ରେ ହରିୟାଣା ବିପକ୍ଷରେ ଓଡ଼ିଶା ଅନ୍ତିମ ଲିଗ୍ ମ୍ୟାଚ୍ ଖେଳିବ। ଆଜିର ମ୍ୟାଚ୍‌ରେ ଟସ୍ ଜିତି ପ୍ରଥମେ ବ୍ୟାଟିଂ କରିଥିବା ତ୍ରିପୁରା ୯୭ ରନରେ ଅଲଆଉଟ ହୋଇଥିଲା। ଇନ୍ଦ୍ର ରାଣୀ ଜମାତିଆ ସର୍ବାଧିକ ୩୦ ରନ କରିଥିଲେ। ଓଡ଼ିଶା ଅଧିନାୟିକା ସୁଶ୍ରୀ ଦିବ୍ୟଦର୍ଶିନୀ ୩ଟି ୱିକେଟ ପାଇଥିଲେ। ମାଧୁରୀ ମେହଟା (୪୦ ରନ) ଓ ସରିତା ମେହର (୪୭ ରନ) ଅପରାଜିତ ପାଳି ଖେଳି ଓଡ଼ିଶାକୁ ସହଜ ବିଜୟ ପ୍ରଦାନ କରିଛନ୍ତି।

# ବିନୁ ମଙ୍କଡ଼ ଟ୍ରଫି: ପ୍ରି-କ୍ୱାର୍ଟର ଫାଇନାଲରେ ଓଡ଼ିଶା

କଟକ, ୧୭।୧୦ (ସମିସ): ୧୯ ବର୍ଷରୁ କମ୍ ବାଳକ ବିନୁ ମଙ୍କଡ ଟ୍ରଫିରେ ଓଡ଼ିଶା ପ୍ରି-କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛି। ହରିୟାଣାର ସେହବାଗ ଅନ୍ତର୍ଜାତୀୟ ସ୍କୁଲ ଗ୍ରାଉଣ୍ଡରେ ଆଜି ଖେଳାଯାଇଥିବା ଶେଷ ଲିଗ୍‌ରେ ଦଳ ୬ ୱିକେଟରେ ବରୋଦାକୁ ହରାଇଛି। ପ୍ରଥମ ଲିଗ୍‌ରେ ପରାଜୟ ସତ୍ତ୍ୱେ କ୍ରମାଗତ ୪ଟି ବିଜୟ ପଏଣ୍ଟ ପାଇ ଓଡ଼ିଶା ଗ୍ରୁପ-ଏ ଟେବଲର ୨ୟ ସ୍ଥାନରେ



ରହିଛି। ଆସନ୍ତା ୨୫ ତାରିଖରେ ପ୍ରିକ୍ୱାର୍ଟର ମୁକାବିଲାରେ ଓଡ଼ିଶା ତାମିଲନାଡୁକୁ ଭେଟିବ। ଆଜିର ମ୍ୟାଚ୍‌ରେ ଟସ୍ ଜିତି ପ୍ରଥମେ ବ୍ୟାଟିଂ କରିଥିବା ବରୋଦା ୧୦୭ ରନରେ ଅଲଆଉଟ ହୋଇଥିଲା। ହେଟ୍ ଜି ପଟେଲ ସର୍ବାଧିକ ୩୪ ରନ କରିଥିବା ବେଳେ ଓଡ଼ିଶାର ପ୍ରିୟାଂଶୁ ମହାନ୍ତି ଏବଂ ରୁଦ୍ର ପ୍ରସାଦ ମଲ୍ଲିକ ୩ଟି ଲେଖାଏ ୱିକେଟ ଅକ୍ତିଆର କରିଥିଲେ। ପ୍ରୟାନ ପ୍ରନ୍ତିକ ସାମଲଙ୍କ ୩୪ ରନ ଏବଂ ବିଶ୍ୱଜିତ ପ୍ରଧାନଙ୍କ ଅପରାଜିତ ୨୭ ରନ ବଳରେ ଓଡ଼ିଶା ୪ ୱିକେଟ ହରାଇ ବିଜୟ ଲକ୍ଷ୍ୟ ହାସଲ କରିଥିଲା।




GST BENEFITS

| PRODUCTS | EX-SHOWROOM PRICE | GST BENEFITS |
|---|---|---|
| DESTINI PRIME | ~~₹80 904~~ ₹74 580# | ₹6 324 |
| PLEASURE+ | ~~₹76 773~~ ₹70 772# | ₹6 001 |

LIMITED PERIOD OFFER

Book now for assured delivery on Dhanteras

+ INSTANT DISCOUNT UP TO ₹10 000^ HDFC BANK CREDIT CARDS FESTIVE TREATS Powered by pine labs
+ PER DAY EMI STARTING FROM ₹79$ | DOWN PAYMENT STARTING FROM ₹1 999$ | EXCLUSIVE CORPORATE OFFERS UP TO ₹2 200~

INDIA'S FIRST 5 YEAR WARRANTY* *Conditions apply

Hero GoodLife Stand a chance to win 100% Cashback | 24 Carat Gold Coin and many more assured benefits*

Additional offers on: Flipkart amazon.in

Hero MotoCorp Ltd. Regd. Office: The Grand Plaza, Plot No.2, Nelson Mandela Road, Vasant Kunj Phase - II, New Delhi - 110070, India. | CIN: L35911DL1984PLC017354 | For further information, contact your nearest Hero MotoCorp authorized outlet or visit us on www.HeroMotoCorp.com. Accessories and features shown may not be a part of standard fitment. Always wear a helmet while riding a two-wheeler. ~Offer amount and combination of offer may vary for model/variant and states and it is applicable on select models only, for a limited time period or till stock lasts. $Finance offer is at the sole discretion of the Financier, subject to its respective T&Cs, Available at select dealerships. ^T&C apply, Offer available only on limited stores. *Limited period offer, T&C apply. As per cumulative dispatch numbers till August 2025. #Ex-showroom price of Xtreme 125R x Pleasure+ in Bhubaneswar.

TOLL FREE 1800 266 0018

**Authorized Dealers: Jeypore:** Supreme Hero - 9289922183, **Raygada:** Ajit Hero - 9289922819, **Authorized HeroSure Dealers: Jeypore:** Supreme Sales - 8144822656, **Associate Dealers: Laxmipur:** Tarini Motors - 7205862853, **Semiliguda:** K P Enterprises - 9437233464, **Nabarangpur:** Arun Sales & Service - 9437174795, **Gunpur:** M/s Sai Sharan Automobiles - 9437234012, **Malkangiri:** Kanishka Automobiles - 9437181980, **Kotpad:** Shai Automobiles - 7205593156, **Umerkote:** Bharat Sales - 9937455659/9777765563, **Kalimela:** Laxminiyati Motors - 9861002055, **Bissam Cuttack:** Patnaik Motors - 7008615208, **Muniguda:** Sandeep Automobiles - 9668388730, **Raighar:** Raj Laxmi Auto - 9777563641, **Koraput:** Santosh Tyres - 9438021999.

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, PLOT NO.125, IRRIGATION COLONY, JEYPORE-764001, DIST: KORAPUT, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS